

୧୮ ବର୍ଷ ପରେ ଏକାଠି
▶ପୃଷ୍ଠା ୧୧ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-127 ♦MONDAY ♦3 NOVEMBER 2025 ♦PAGE-12 ♦₹ 6.00 | JEYPORE | ♦ବର୍ଷ-୪୩ ♦ସଂଖ୍ୟା-୧୨୭ ♦ସୋମବାର ♦୩ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


# ବିଶ୍ୱବିଜୟିନୀ

## ଦ.ଆଫ୍ରିକାକୁ ହରାଇ ଭାରତର ପ୍ରଥମ ଟାଇଟଲ୍ ହାସଲ

■ **ନଭି ମୁମ୍ବଇ, ୨।୧୧ (ଏଜେନ୍ସି):** ଦୀର୍ଘ ୫୨ ବର୍ଷର ପ୍ରତୀକ୍ଷାର ଅନ୍ତ ଘଟିଛି। ଶେଷରେ ଭାରତୀୟ ମହିଳା କ୍ରିକେଟ୍ ଦଳର ବିଶ୍ୱକପ୍ ଜିତିବା ସ୍ୱପ୍ନ ସାକାର ହୋଇଛି। ସ୍ଥାନୀୟ ଡିୱାଇ ପାଟିଲ ଷ୍ଟାଡିୟମରେ ରବିବାର ଖେଳାଯାଇଥିବା ଆଇସିସି ମହିଳା ଦିନିକିଆ ବିଶ୍ୱକପ୍ ତ୍ରୟୋଦଶ ସଂସ୍କରଣର ଗ୍ରାଣ୍ଡ ଫାଇନାଲରେ ଘରୋଇ ଭାରତ ୫୨ ରନରେ ଦକ୍ଷିଣ ଆଫ୍ରିକାକୁ ପରାସ୍ତ କରି ବିଶ୍ୱ ମୁକୁଟ ପିନ୍ଧିଛି। ୨୯୯ ରନର ଟାର୍ଗେଟ୍‌କୁ ପିଛା କରିଥିବା ଦକ୍ଷିଣ ଆଫ୍ରିକା ୪୫.୩ ଓଭରରେ ୨୪୬ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ୪୬ତମ ଓଭର ବୋଲିଂ କରିଥିବା ଦୀପ୍ତି ଶର୍ମାଙ୍କ ୩ୟ ବଲ୍‌କୁ ବଡ଼ ଶଟ୍ ଖେଳିବାକୁ ଯାଇ ଦକ୍ଷିଣ ଆଫ୍ରିକାର ଶେଷ ବ୍ୟାଟର୍ ନାଦିନେ ଡି କ୍ଲେର୍କ କଭର୍ ଅଞ୍ଚଳରେ ଅଧିନାୟିକା ହରମନପ୍ରୀତ୍ କୌରଙ୍କ ହାତରେ କ୍ୟାଚ୍ ଆଉଟ୍ ହୋଇଯାଇଥିଲେ। ହରମନପ୍ରୀତ୍ କ୍ୟାଚ୍ ଧରିବା ସହ ଆରମ୍ଭ ହୋଇଯାଇଥିଲା ଭାରତୀୟ ଦଳ ସେଲିବ୍ରେସନ। ଏଥିସହ ଝୁମିଉଠିଥିଲେ ଷ୍ଟାଡିୟମରେ ଉପସ୍ଥିତ ରହିଥିବା ୪୫ ହଜାରରୁ ଊର୍ଦ୍ଧ୍ୱ ଦର୍ଶକ। ୧୯୭୩ରୁ ମହିଳା ଦିନିକିଆ ବିଶ୍ୱକପ୍ ଆରମ୍ଭ ହୋଇଥିବାବେଳେ ଭାରତ ପ୍ରଥମଥର ଚାମ୍ପିଅନ ହେବାର ସ୍ୱାଦ ଚାଖିଛି। ଅଷ୍ଟ୍ରେଲିଆ ରେକର୍ଡ ୭ଥର ଓ ଇଂଲଣ୍ଡ ୪ଥର ଓ ନ୍ୟୁଜିଲାଣ୍ଡ ଥରେ ଚାମ୍ପିଅନ ହୋଇଛନ୍ତି। ଭାରତ ଏଥର ଟାଇଟଲ୍ ଜିତିବା ସହ ନୂଆ ବିଶ୍ୱବିଜେତା ହୋଇଛି। ଚାମ୍ପିଅନ ହେବା ସହ




ଭାରତୀୟ ମହିଳା ଦଳ ୪.୪୮ ମିଲିୟନ (ଭାରତୀୟ ମୁଦ୍ରାରେ ପ୍ରାୟ ୩୯.୫୫ କୋଟି) ଡଲାର ହାସଲ କରିଛି। ସେହିଭଳି ପ୍ରଥମଥର ଫାଇନାଲ ଖେଳି ରନର୍ସଅପ୍ ହୋଇଥିବା ଦକ୍ଷିଣ ଆଫ୍ରିକା ୨.୨୪ ମିଲିୟନ ଡଲାର (୧୯.୭୭ କୋଟି) ପୁରସ୍କାର ଜିତିଛି।

ଏହି ମ୍ୟାଚରେ ପ୍ରଥମେ ବ୍ୟାଟିଂ କରିଥିବା ଭାରତ ଶେଫାଳି ବର୍ମା (୮୭ ରନ) ଓ ଦୀପ୍ତି ଶର୍ମା (୫୮ ରନ)ଙ୍କ ଅର୍ଦ୍ଧଶତକ ବଳରେ ୫୦ ଓଭରରେ ୭ ୱିକେଟ୍ ହରାଇ ୨୯୮ ରନ କରିଥିଲା। ଜବାବରେ ଦକ୍ଷିଣ ଆଫ୍ରିକା ଅଧିନାୟିକା ତଥା ଓପନର୍ ଲୌରା ୱୋଲଭର୍ଟଙ୍କ ୧୦୧ ରନ ସତ୍ତ୍ୱେ ୪୫.୩ ଓଭରରେ ୨୪୬ ରନରେ ସୀମିତ ରହିଥିଲା। ବୋଲିଂରେ ମଧ୍ୟ ଦୀପ୍ତି ସର୍ବାଧିକ ୫ଟି ୱିକେଟ୍ ନେଇ ଦଳକୁ ଜିତାଇବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ। ଶେଫାଳିଙ୍କୁ ମଧ୍ୟ ୨ଟି ୱିକେଟ୍ ମିଳିଥିଲା। ଦୀପ୍ତି ଶର୍ମା ଟୁର୍ଣ୍ଣାମେଣ୍ଟରେ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଛନ୍ତି।

## ଭାରତ ମାଟିରୁ ସବୁଠୁ ଓଜନିଆ ଉପଗ୍ରହର ସଫଳ ଉତ୍କ୍ଷେପଣ



■ **ଶ୍ରୀହରିକୋଟା, ୨।୧୧ (ଏଜେନ୍ସି): ଇତିହାସ ରଚିଲା** ଭାରତୀୟ ମହାକାଶ ଗବେଷଣା ସଂଗଠନ (ଇସ୍ରୋ)। ରବିବାର ଦିନ ବାହୁବଳୀ ରକେଟ୍ ଦ୍ୱାରା ଦେଶର ସବୁଠାରୁ ଓଜନିଆ ଉପଗ୍ରହ ମହାକାଶରେ ଛାଡିଛି। ଭାରତ ମାଟିରୁ ଉତକ୍ଷେପଣ ହେବାରେ ଏହା ହେଉଛି ସବୁଠାରୁ ଓଜନିଆ ଉପଗ୍ରହ ବୋଲି କୁହାଯାଉଛି। ଏହି ଉପଗ୍ରହର ଓଜନ ୪,୪୦୦ କିଲୋଗ୍ରାମ। ଆନ୍ଧ୍ରପ୍ରଦେଶର ଶ୍ରୀହରିକୋଟାରୁ ରବିବାର ସନ୍ଧ୍ୟା ୫ଟା ୨୬ ମିନିଟରେ ଏହି ଉପଗ୍ରହକୁ ଉତ୍କ୍ଷେପଣ କରାଯାଇଥିଲା। ଉତକ୍ଷେପଣର କିଛି ସମୟ ପରେ ଏହା ଉପଗ୍ରହକୁ ତାର କକ୍ଷ୍ୟପଥରେ ସଫଳତା ସହିତ ସ୍ଥାପିତ କରିଛି।

ଭାରତୀୟ ନୌସେନା ପାଇଁ ସ୍ୱଦେଶୀ କୌଶଳରେ ନିର୍ମିତ ଏହି ଅତ୍ୟାଧୁନିକ ଯୋଗାଯୋଗ ଉପଗ୍ରହର ନାମ ହେଉଛି ଜିସାଟ୍-୭ଆର (ସିଏମ୍‌ଏସ୍-୦୩)। ଇସ୍ରୋର ସବୁଠାରୁ ଶକ୍ତିଶାଳୀ ରକେଟ ଏଲଭିଏମ୍‌୩ ଜରିଆରେ ଏହି ଉପଗ୍ରହକୁ ତାର ନିର୍ଦ୍ଧାରିତ କକ୍ଷପଥରେ ସଫଳତାର ସହ ସ୍ଥାପିତ କରାଯାଇଛି। ▶ପୃଷ୍ଠା-୭

### ନୂଆପଡ଼ା ଉପନିର୍ବାଚନ

## ଆଜି ପ୍ରଚାରକୁ ଓହ୍ଲାଇବେ ନବୀନ

■ **ଭୁବନେଶ୍ୱର, ୨।୧୧ (ସମିସ):** ନୂଆପଡ଼ା ଉପନିର୍ବାଚନ ପରିପ୍ରେକ୍ଷୀରେ ଆସନ୍ତାକାଲି ପ୍ରଚାର ମଇଦାନକୁ ଓହ୍ଲାଇବେ ବିଜେଡି ସଭାପତି ନବୀନ ପଟ୍ଟନାୟକ। କୋମନା ବ୍ଲକ ଅନ୍ତର୍ଗତ ତରବୋଡ ଧାନମଣ୍ଡି ପଡ଼ିଆଠାରେ ଏକ ବିଶାଳ ନିର୍ବାଚନୀ ସଭାକୁ ନବୀନ ସମ୍ବୋଧନ କରିବେ। ଏଥିପାଇଁ ଦଳ ପକ୍ଷରୁ ସମସ୍ତ ପ୍ରସ୍ତୁତି ଶେଷ ହୋଇଛି। ଉଭୟ ରାଜନୈତିକ ତଥା ଭୌଗୋଳିକ ସମୀକରଣ ଦୃଷ୍ଟିରୁ ତରବୋଡ଼ ସମାବେଶ ବେଶ୍ ଗୁରୁତ୍ୱ ବହନ କରୁଛି। ନବୀନଙ୍କ ସଭାକୁ ନେଇ ବିଜେଡି କର୍ମୀଙ୍କ ଉତ୍ସାହ ଶୀର୍ଷରେ ପହଞ୍ଚିଥିବା ବେଳେ ବିଜେପି ଓ କଂଗ୍ରେସ ଏହାକୁ ବେଶ୍ ସତର୍କ ଦୃଷ୍ଟିରେ ଦେଖୁଛନ୍ତି। ନବୀନଙ୍କ ପ୍ରଚାର ସ୍ନେହାଙ୍ଗିନୀଙ୍କ ସପକ୍ଷରେ ବଡ଼ ପ୍ରଭାବ



**ବିଜେଡି କର୍ମୀଙ୍କ ମଧ୍ୟରେ ଉତ୍ସାହ**

**ଅଙ୍କ କଷୁଛନ୍ତି ବିଜେପି ଓ କଂଗ୍ରେସ**

ପକାଇବ ବୋଲି ସ୍ଥାନୀୟ ରାଜନୈତିକ ବିଶେଷଜ୍ଞମାନେ ଆକଳନ କରୁଥିବା ବେଳେ ବିଜେପି ଓ କଂଗ୍ରେସ ଶିବିର ଏହାକୁ ନେଇ ଅଙ୍କ କଷିବାରେ ଲାଗିଛନ୍ତି। ପୂର୍ବରୁ ନବୀନଙ୍କ ସଭାକୁ ସଫଳ କରାଇ ନ ଦେବାକୁ ବିଜେପି ଉଦ୍ୟମ କରୁଥିବା ନେଇ ବିଜେଡି ଅଭିଯୋଗ କରିସାରିଛି। ଏପରିସ୍ଥଳେ ଆସନ୍ତାକାଲିର ସଭା ଉପନିର୍ବାଚନ ଫଳାଫଳକୁ ବେଶ୍ ପ୍ରଭାବିତ କରିବ ବୋଲି ରାଜନୈତିକ ସମୀକ୍ଷକ ମହଲରେ ଆକଳନ ପ୍ରକାଶ ପାଉଛି।

ସ୍ଥାନୀୟ ରାଜନୈତିକ ସମୀକ୍ଷକଙ୍କ ଅନୁଯାୟୀ ତରବୋଡ଼ରେ ସମାବେଶ ନିଷ୍ପତ୍ତି ପଛରେ ୨ଟି କାରଣ ରହିଛି। ଭୌଗୋଳିକ ଦୃଷ୍ଟିକୋଣରୁ ତରବୋଡ଼ ▶ପୃଷ୍ଠା-୭

### ପୁଲିସ ଚାକିରି ବେପାର

## କ୍ରାଇମ୍‌ବ୍ରାଞ୍ଚ୍‌କୁ ଧରା ପକାଇଦେଲା ଶଙ୍କର

■ **ଭୁବନେଶ୍ୱର/କଟକ ୨।୧୧ (ସମିସ):** ପୁଲିସ ଏସ୍‌ଆଇ ଚାକିରି ବିକ୍ରି ମାମଲାର ତଥାକଥିତ ମୁଖ୍ୟ ଅଭିଯୁକ୍ତ ଶଙ୍କର ପୃଷ୍ଟି ଧରା ପଡ଼ିଛି। ଉତ୍ତରାଖଣ୍ଡ-ନେପାଳ ସୀମାନ୍ତବର୍ତ୍ତୀ ଅଞ୍ଚଳରୁ ତାକୁ କ୍ରାଇମବ୍ରାଞ୍ଚ ଗିରଫ କରିଥିବା ଦାବି କରୁଥିବାବେଳେ ଶଙ୍କର ପୁଲିସ ନିକଟରେ ଆତ୍ମସମର୍ପଣ କରିଥିବା ଗଣମାଧ୍ୟମକୁ କହିଛି। ସବୁଠାରୁ କୌତୂହଳ କଥା ହେଉଛି ଯେ ଆତ୍ମଗୋପନ ଓ ଫେରାର ଆଦି କଥାକୁ ଶଙ୍କର ଅସ୍ୱୀକାର କରି କ୍ରାଇମବ୍ରାଞ୍ଚର ଦାବିକୁ ପାଣିଚିଆ କରିଦେଇଛି। ଯାହାକୁ ନେଇ ସାଧାରଣରେ ସନ୍ଦେହ ଘନୀଭୂତ ହୋଇଛି। ତେଣୁ କ୍ରାଇମବ୍ରାଞ୍ଚ ସତ କହୁଛି ନା ଶଙ୍କର ସତ କହୁଛି ତାହା ଏଯାଏ ସ୍ପଷ୍ଟ ହୋଇନାହିଁ।

ଚାକିରି ବିକ୍ରି ମାମଲା ପର୍ଦ୍ଦାଫାସ ହେବା ପରେ ପ୍ରାୟ ୪ ସପ୍ତାହରୁ ଊର୍ଦ୍ଧ୍ୱକାଳ ଧରି ଶଙ୍କର କ୍ରାଇମବ୍ରାଞ୍ଚ ଧରାଛୁଆଁ ବାହାରେ ଥିଲା। ତେଣୁ ଏହି ସମୟ ମଧ୍ୟରେ ସେ ସବୁପ୍ରକାର ପ୍ରମାଣ ନଷ୍ଟ କରିଥିବା ସ୍ୱାଭାବିକ ସନ୍ଦେହ କରାଯାଉଛି।





**"ଗିରଫ ନୁହେଁ; ଆତ୍ମସମର୍ପଣ କରିଛି"**

**ମୁନ୍ନା-ଶଙ୍କରକୁ କ୍ରାଇମ୍‌ବ୍ରାଞ୍ଚ୍‌ର ଜେରା**

ବିମାନବନ୍ଦରରୁ ତାକୁ କ୍ରାଇମ୍‌ବ୍ରାଞ୍ଚ ଟିମ୍ ଆଣୁଥିଲା ବେଳେ ସେ ସ୍ପଷ୍ଟ ଭାବେ ଆତ୍ମଗୋପନ କରି ନ ଥିବା ଓ ବିଭିନ୍ନ କୋର୍ଟରେ ଜାମିନ୍ ପାଇଁ ଆବେଦନ କରିଥିବା ଉଲ୍ଲେଖ କରି ଗିରଫ ଅଭିଯୁକ୍ତମାନଙ୍କ ସହ ତାର ସମ୍ପର୍କ ନ ଥିବା ସ୍ପଷ୍ଟ ଭାବରେ କହିଛି।

ଅନ୍ୟପକ୍ଷରେ ଭୁବନେଶ୍ୱରରେ ପହଞ୍ଚିବା ପରେ କଟକସ୍ଥିତ କ୍ରାଇମବ୍ରାଞ୍ଚ କାର୍ଯ୍ୟାଳୟରେ ଶଙ୍କରକୁ ପ୍ରାୟ ୮ ଘଣ୍ଟା ଜେରା କରାଯାଇଛି। ଏସ୍‌ଆଇ ଚାକିରି ବିକ୍ରିକୁ ପ୍ରସଙ୍ଗରେ ଜେରା ବେଳେ ଶଙ୍କର ଆଦୌ ବ୍ୟସ୍ତ ବିବ୍ରତ ନ ଥିବା ଓ ପୂରା ଦମ୍ଭର ସହ କ୍ରାଇମବ୍ରାଞ୍ଚ ଟିମ୍‌କୁ ଉତ୍ତର ଦେଇଛି। ବିଶ୍ୱସ୍ତ ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ ଜେରା ବେଳେ ଶଙ୍କରକୁ ୨୦ରୁ ଊର୍ଦ୍ଧ୍ୱ ପ୍ରଶ୍ନ ପଚରାଯାଇଥିଲା। ଏସ୍‌ଆଇ ପରୀକ୍ଷା ପରିଚାଳନାରେ ପଞ୍ଚସଫ୍ଟରର ଭୂମିକା କଣ ରହିଥିଲା? ସେ ସିଲିକନ୍ ଠାରୁ କେଉଁ ଆଧାରରେ କାମ ନେଇଥିଲା? ଆଶାୟୀଙ୍କୁ ଆନ୍ଧ୍ରପ୍ରଦେଶର ଶ୍ରୀକାକୁଲମ୍ ଜିଲ୍ଲାକୁ କଣ ପାଇଁ ପଠାଯାଇଥିଲା? ଏଥିରେ ତାର ଭୂମିକା କଣ ଥିଲା? ଏହି ମହା ଘୋଟାଲାରେ ଆଉ କିଏ କିଏ ସାମିଲ ଅଛନ୍ତି? କେଉଁ ଅନ୍ତରାଜ୍ୟ ଗ୍ୟାଙ୍ଗ ସହ ତାର ସମ୍ପର୍କ ରହିଛି? ପ୍ରତ୍ୟେକ ଆଶାୟୀଙ୍କ ଠାରୁ କେତେ ଟଙ୍କା ନିଆଯାଇଥିଲା? ଏହି ଟଙ୍କା କାହା କାହା ମଧ୍ୟରେ ବଣ୍ଟା ଯାଇଛି? କେଉଁ ସରକାରୀ ▶ପୃଷ୍ଠା-୭

### ୧୦୦୦ କୋଟିର ଡିଲ୍: ଶଙ୍କର

ଏସ୍‌ଆଇ ସ୍କାମ୍‌ରେ ୧୦୦୦ କୋଟିର ଡିଲ୍ ହୋଇଥିବା ଗଣମାଧ୍ୟମକୁ କହିଛି ପଞ୍ଚସଫ୍ଟ ମୁଖ୍ୟ ମାଷ୍ଟର୍‌ମାଇଣ୍ଡ ଶଙ୍କର ପୃଷ୍ଟି। ଏୟାରପୋର୍ଟରୁ ତାକୁ କ୍ରାଇମବ୍ରାଞ୍ଚ କାର୍ଯ୍ୟାଳୟ ନିଆଯିବା ବେଳେ ଗଣମାଧ୍ୟମ ପ୍ରଶ୍ନରେ ଶଙ୍କର କହିଛି ଯେ ଏସ୍‌ଆଇ ଚାକିରି ପ୍ରସଙ୍ଗରେ ୧୦୦୦ କୋଟି ଡ଼ିଲ୍ ହୋଇଛି। ତେବେ ଏହି ଡିଲ୍ କାହା ସହ ହୋଇଥିଲା ଓ ଡିଲ୍‌ର ମାଷ୍ଟରମାଇଣ୍ଡ କିଏ ସେ ନେଇ କିଛି କହିନାହିଁ। ତା କଥାରୁ ସ୍ପଷ୍ଟ ଅନୁମାନ କରାଯାଇପାରେ ଯେ ଶଙ୍କର ଏହି ଡିଲ୍ ବିଷୟରେ ସବୁକିଛି ଜାଣିଛି।

## ପରଲୋକରେ ମସଲା ସମ୍ରାଟ ଶରତ ସାହୁ

■ **କଟକ, ୨।୧୧ (ସମିସ):** ଓଡ଼ିଶାର ବିଶିଷ୍ଟ ଶିଳ୍ପୋଦ୍ୟୋଗୀ ତଥା ରୁଚି ମସଲା କମ୍ପାନୀର ପ୍ରତିଷ୍ଠାତା ଡକ୍ଟର ଶରତ କୁମାର ସାହୁଙ୍କର ଆଜି ମୁମ୍ବାଇର ଲୀଳାବତୀ ହସ୍ପିଟାଲରେ ପରଲୋକ ହୋଇଯାଇଛି। ମୃତ୍ୟୁବେଳକୁ ତାଙ୍କୁ ୭୬ ବର୍ଷ ହୋଇଥିଲା। ବୟସାଧିକ୍ୟ କାରଣରୁ ଡ. ସାହୁ ଗତ ଅକ୍ଟୋବର ୩୦ ତାରିଖରେ ଲୀଳାବତୀରେ ଚିକିତ୍ସା ନିମନ୍ତେ ଭର୍ତ୍ତି ହୋଇଥିଲେ। ଡ. ସାହୁଙ୍କ ପରଲୋକ ଓଡ଼ିଶାର ଶିଳ୍ପ ଓ ଉଦ୍ୟୋଗ ଜଗତ ପାଇଁ ଅପୂରଣୀୟ କ୍ଷତି।



**'ରୁଚି' ପ୍ରତିଷ୍ଠାତାଙ୍କ ବିୟୋଗରେ ମୋହନ ଓ ନବୀନଙ୍କ ଶୋକ**

**ସୋମବାର ହେବ ଶେଷକୃତ୍ୟ**

ଅନୁଷ୍ଠାନ ଗଭୀର ଶୋକପ୍ରକାଶ କରିବା ସହିତ ପରିବାରବର୍ଗଙ୍କୁ ସମବେଦନା ଜଣାଇଛନ୍ତି। ମୃତ୍ୟୁଶଯ୍ୟା ନିକଟରେ ଡ. ସାହୁଙ୍କ ପତ୍ନୀ ସଙ୍ଗୀତା ସାହୁ, ପୁତ୍ର ଅରବିନ୍ଦ ସାହୁ, କନ୍ୟା ରଶ୍ମୀ ସାହୁ, ପୁତ୍ରବଧୂ ସଲିନା ସାହୁ ଓ ପରିବାର ସଦସ୍ୟମାନେ ଉପସ୍ଥିତ ଥିଲେ।

୧୯୫୦ ମସିହା ଜୁଲାଇ ୨୨ ତାରିଖରେ କଟକର ରାଣୀହାଟ ତେଲିସାହିରେ ଜନ୍ମଗ୍ରହଣ କରିଥିବା ଶ୍ରୀ ସାହୁ ସେକେଣ୍ଡାରୀ ବୋର୍ଡ ହାଇସ୍କୁଲ ଓ ରାଣୀହାଟ ହାଇସ୍କୁଲରୁ ମାଟ୍ରିକ ପାସ୍ କରିବା ପରେ ଖ୍ରୀଷ୍ଟ କଲେଜରେ

ତାଙ୍କ ବିୟୋଗରେ ବିଭିନ୍ନ ମହଲରେ ଶୋକର ଛାୟା ଖେଳିଯାଇଛି। ରୁଚି ମସଲାକୁ ଘରେ ଘରେ ପରିଚିତ କରାଇଥିବା ଡ. ସାହୁଙ୍କ ବିୟୋଗରେ ବିଶିଷ୍ଟ ବ୍ୟକ୍ତି ଓ ଅଧ୍ୟୟନ କରିଥିଲେ। ପାଠପଢ଼ା ଶେଷ ହେବା ପରେ ସେ ନିଜ ପିତା ବନମାଳୀ ସାହୁଙ୍କ ସହିତ ମିଶି ୧୯୭୬ ମସିହା ପବିତ୍ର ଶ୍ରୀଗୁଣ୍ଡିଚା ଦିନ କଟକର ▶ପୃଷ୍ଠା-୭

## ପହିଲି ପଞ୍ଚୁକରୁ କଳବଳ

### ଶ୍ରୀମନ୍ଦିରରେ ଠେଲାପେଲା; ଏକାଧିକ ଭକ୍ତ ଆହତ





■ **ପୁରୀ, ୨।୧୧ (ସମିସ):** ପଞ୍ଚୁକ ଆରମ୍ଭରୁ କଳବଳ ଭକ୍ତ। ମହାପ୍ରଭୁଙ୍କ ସ୍ୱତନ୍ତ୍ର ବେଶ ଦର୍ଶନ ଲାଗି ଶ୍ରୀମନ୍ଦିରରେ ଆଜି ଭକ୍ତଙ୍କ ପ୍ରବଳ ଭିଡ଼ ହୋଇଥିଲା। କିନ୍ତୁ, ଦର୍ଶନ ଜନିତ ଅବ୍ୟବସ୍ଥା ଯୋଗୁଁ ବହୁ ଶ୍ରଦ୍ଧାଳୁ ତିକ୍ତ ଅନୁଭୂତି ନେଇ ଫେରିଛନ୍ତି। ବଡ଼ ଆଖଡ଼ା ମଠ ସମ୍ମୁଖ ବ୍ୟାରିକେଡ୍ ଭିତରେ ଠେଲାପେଲା ଯୋଗୁଁ ଏକାଧିକ ଭକ୍ତ ଆହତ ହୋଇଥିବା ବେଳେ କିଛି ଧୈର୍ଯ୍ୟହରା ଭକ୍ତ ବ୍ୟାରିକେଡ୍ ଠେଲି ଭାଙ୍ଗିଦେବା ଭଳି ଅପ୍ରୀତିକର ପରିସ୍ଥିତି ସୃଷ୍ଟି ହୋଇଛି।

ଉଦ୍‌ବେଗର ବିଷୟ ହେଲା, ବରିଷ୍ଠ ନାଗରିକଙ୍କ ପାଇଁ କୌଣସି ସ୍ୱତନ୍ତ୍ର ବ୍ୟବସ୍ଥା

**ଘଣ୍ଟାଘଣ୍ଟା ଛିଡ଼ା ହୋଇ ଫେରିଗଲେ**

**ଧୈର୍ଯ୍ୟ ହରାଇ ବ୍ୟାରିକେଡ୍ ଭାଙ୍ଗିଲେ**

**ଆନନ୍ଦ ବଜାରରେ ବି ଚରମ ବିଶୃଙ୍ଖଳା**

**ଦର୍ଶନ କରି ପାରିଲେନି ବରିଷ୍ଠ ନାଗରିକ**

କରାଯାଇ ନଥିବାରୁ ବ୍ୟାରିକେଡ୍‌ରେ ଘଣ୍ଟାଘଣ୍ଟା ଛିଡ଼ା ହୋଇ ଅଣନିଃଶ୍ୱାସୀ ହୋଇପଡ଼ିଛନ୍ତି। ଖାଲି ସେତିକି ନୁହେଁ, ସେମାନେ ଆଉ ଦର୍ଶନ କରିବାକୁ ଭିତରକୁ ନ ଯାଇ ଘରକୁ ଫେରିଛନ୍ତି। କେବଳ ସିଂହଦ୍ୱାରରେ ପ୍ରବେଶ ▶ପୃଷ୍ଠା-୭

### ବିଶ୍ୱସ୍ତରୀୟ ବରମୁଣ୍ଡା ବସ୍ ଟର୍ମିନାଲ୍

## ୧୫ ମାସରେ ନାରଖାର

■ **ଭୁବନେଶ୍ୱର, ୨।୧୧ (ସମିସ):** ଭୁବନେଶ୍ୱର ବରମୁଣ୍ଡାରେ ଥିବା ପୁରୁଣା ବସ୍‌ଷ୍ଟାଣ୍ଡକୁ ୨୦୨୪ ମସିହାରେ କୋଟିକୋଟି ଟଙ୍କା ବ୍ୟୟରେ ନବକଳେବର କରାଯାଇ ଏହାକୁ ବାବା ସାହେବ ଆମ୍ବେଦକର ବସ୍ ଟର୍ମିନାଲ ନାମରେ ନାମିତ କରାଯାଇଥିଲା। ଯାହା ବିଶ୍ୱସ୍ତରୀୟ ବସ୍ ଟର୍ମିନାଲର ମାନ୍ୟତା ହାସଲ କରିଥିଲା। କିନ୍ତୁ ସରକାର ବଦଳିବା ପରେ ବସ୍ ଟର୍ମିନାଲ ପରଚାଳନା ଏବଂ ରକ୍ଷଣାବେକ୍ଷଣ ଠିକ୍ ଭାବେ କରାଯାଇପାରୁ ନାହିଁ। ଟର୍ମିନାଲ୍ ଭିତରେ ଏସି କାମ କରୁ ନ ଥିବା ବେଳେ ପାଣି ଟ୍ୟାପ୍‌ଗୁଡ଼ିକ ଅଚଳ ହୋଇପଡ଼ିଛି। ସେହିଭଳି ଭିତରେ ପଡ଼ିଥିବା ବିଶ୍ରାମ ଚେୟାରଠାରୁ ଆରମ୍ଭ କରି ଅନ୍ୟାନ୍ୟ ସାମଗ୍ରୀ ଭାଙ୍ଗିରୁଜି ଗଲାଣି।

ବରମୁଣ୍ଡାସ୍ଥିତ ବାବାସାହେବ ଆମ୍ବେଦକର ବସ୍ ଟର୍ମିନାଲରୁ ପ୍ରତିଦିନ ଦୈନିକ ୩ ହଜାର ବସ୍‌ରେ ୨୦ ହଜାରରୁ ଅଧିକ ଯାତ୍ରୀ ବିଭିନ୍ନ ଜିଲ୍ଲା ସମେତ ରାଜ୍ୟ ତଥା ରାଜ୍ୟ ବାହାରକୁ ଯାତାୟାତ କରିଥାନ୍ତି। ଟର୍ମିନାଲ ଭିତରେ ଏସି ବ୍ୟବସ୍ଥା ହୋଇଥିଲେ ମଧ୍ୟ ତାହା ଦୀର୍ଘଦିନ ହେଲା ଅଚଳ ହୋଇପଡୁଛି। ଖରାଦିନ ତ ଖରାଦିନ ରାତି ଏବଂ ବର୍ଷା ଦିନେ ମଧ୍ୟ ଭିତରେ ଗୁଳୁଗୁଳି ଅନୁଭୂତ ହେଉଛି। ବିଡିଏ ପକ୍ଷରୁ ବ୍ରିଜ୍ ଆଣ୍ଡ ରୁଫ୍ କମ୍ପାନୀକୁ









୫ ବର୍ଷ ପାଇଁ କଣ୍ଟ୍ରାକ୍ଟ ଦିଆଯାଇଥିଲା। ହେଲେ ଏହି କମ୍ପାନୀ ଅନ୍ୟ ଏକ ଡ଼ାଇକିନ୍ କମ୍ପାନୀକୁ ଏସି ଲଗାଇବା ପାଇଁ ସୁପାରିଶ କରିଥିଲେ। କିନ୍ତୁ ବାହାଘର ପରେ ବେଦି ମୁହଁ ପୋଡ଼ା ଭଳି ଏସିର ୱାରେଣ୍ଟି ସରିବା ପରେ ପ୍ରାୟ ବର୍ଷେ ହୋଇଯିବ ଠିକ୍ ଭାବେ ପରିଚାଳନା କରା ନ ଯିବାରୁ ବାରମ୍ବାର ଏସି ସମସ୍ୟା ଦେଖାଦେଉଛି। ସେହିଭଳି ଟର୍ମିନାଲ ଭିତରେ ପିଲାଙ୍କ ପାଇଁ ଗେମ୍ ଜୋନ୍ ରହିଥିଲେ ମଧ୍ୟ ରକ୍ଷଣାବେକ୍ଷଣ ଅଭାବରୁ ସେଗୁଡ଼ିକ ଭାଙ୍ଗିରୁଜି ଗଲାଣି।

ଟର୍ମିନାଲ ଉଦ୍‌ଘାଟନ ବେଳେ ଏଠାରେ ପ୍ରିପେଡ୍ ଅଟୋ ବ୍ୟବସ୍ଥା କରାଯାଇଥିବା ଘୋଷଣା ହୋଇଥିଲା। ଏହି ପ୍ରିପେଡ୍ ମାଧ୍ୟମରେ ଯାତ୍ରୀ ସ୍ୱତନ୍ତ୍ର କାଉଣ୍ଟର୍‌ରୁ ଅଗ୍ରୀମ ବୁକିଂ କରିବାର ବ୍ୟବସ୍ଥା କରାଯାଇଥିଲା। ଆପ୍ ମାଧ୍ୟରେ ଯାତ୍ରୀ ଅଟୋଚାଳକଙ୍କ ପରିଚୟ ସହିତ ଗନ୍ତବ୍ୟସ୍ଥଳକୁ ଟ୍ରାକ୍ କରିବାର ବ୍ୟବସ୍ଥା ଥିଲା। କିନ୍ତୁ ଏହି ପ୍ରିପେଡ୍ ବ୍ୟବସ୍ଥା ଅଧିକାଂଶ ସମୟରେ ବନ୍ଦ ରହୁଛି। ଫଳରେ ଯାତ୍ରୀମାନେ ବାହାର ଅସାଧୁ ଅଟୋ ଚାଳକଙ୍କ ଶିକାର ହେଉଛନ୍ତି। ବାହାରୁ ଆସୁଥିବା ଯାତ୍ରୀଙ୍କୁ ବିଭିନ୍ନ ଉପାୟରେ ଲୁଟ୍‌ପାଟ୍ କରୁଛନ୍ତି ଅସାଧୁ ଅଟୋ ଚାଳକ।

ବସ୍‌ଷ୍ଟାଣ୍ଡ ପରିସରରେ ଥିବା ଶୌଚାଳୟଗୁଡ଼ିକ କେତେକ ଟ୍ୟାବ୍ ଭାଙ୍ଗି ଯାଇଥିବା ବେଳେ ଅନେକ ଟ୍ୟାପ୍ ଚୋରି ହୋଇଯାଇଛି। ବିଶେଷକରି ପୁରୁଷ ଶୌଚାଳୟ ଏବଂ ବାହାରେ ଥିବା ରିଫ୍ରେସ୍‌ମେଣ୍ଟ ଜୋନ୍‌ରୁ ଟ୍ୟାପ୍ ନ ଥିବାରୁ ଯାତ୍ରୀ ପାଣି ପାଇଁ ଡହକବିକଳ ହେଉଛନ୍ତି। ଏତେ ବଡ଼ ଟର୍ମିନାଲ ଭିତରେ ସିସିଟିଭି ଲାଗିକି ଯଦି ଚୋରି ହୋଇଯାଉଛି ▶ପୃଷ୍ଠା-୭

## ଇଜିପ୍ଟରେ ବିଶ୍ୱର ସର୍ବବୃହତ୍ ମ୍ୟୁଜିୟମ ଖୋଲିଲା



କାଏରୋ,୨।୧୧(ଏଜେନ୍ସି): ଉତ୍ତର ଆଫ୍ରିକୀୟ ଦେଶ ଇଜିପ୍ଟର ଗିଜାର ପିରାମିଡ୍ ନିକଟରେ ବିଶ୍ୱର ସର୍ବବୃହତ୍ ମ୍ୟୁଜିୟମ୍ 'ଗ୍ରାଣ୍ଡ ଇଜିପ୍ଟିଆନ୍ ମ୍ୟୁଜିୟମ' (ଜିଇଏମ୍) ଖୋଲାଯାଇଛି। ଶନିବାର ସର୍ବସାଧାରଣଙ୍କ ପାଇଁ ମ୍ୟୁଜୟମକୁ ଆନୁଷ୍ଠାନିକ ଭାବେ ଖୋଲାଯାଇଛି। ମ୍ୟୁଜିୟମର ଉଦ୍‌ଘାଟନୀ ଉତ୍ସବକୁ ଭବ୍ୟ କରାଯିବା ପାଇଁ ସବୁ ପ୍ରକାର ପ୍ରୟାସ କରାଯାଇଥିଲା। ଏଥିରେ ଇଜିପ୍ଟ ରାଷ୍ଟ୍ରପତି ଅବଡେଲ ଫତା

**ପ୍ରତିବର୍ଷ ଆସିବେ ୮୦ ଲକ୍ଷ ଲୋକ**

ଏଲ-ସିସିଙ୍କ ସମେତ ବିଶ୍ୱର ବିଭିନ୍ନ ଦେଶର ରାଷ୍ଟ୍ରମୁଖ୍ୟ ଯୋଗ ଦେଇଥିଲେ। ଏକ ବିଲିଅନ ଆମେରିକୀୟ ଡଲାର ଅର୍ଥାତ ୮୮, ୭୯ କୋଟି ଟଙ୍କା ଖର୍ଚ୍ଚ କରାଯାଇ ଏହି ମ୍ୟୁଜିୟମ ନିର୍ମାଣ କରାଯାଇଛି। ଏହି ମ୍ୟୁଜିୟମର ସ୍ୱତନ୍ତ୍ରତା ହେଉଛି ଯେ, ଏଠାରେ ବାଳକ ରାଜା ଟୁଟାନଖାମୁନଙ୍କ ସମାଧି ରହିଛି। ବ୍ରିଟିସ୍ ପ୍ରତ୍ନତତ୍ତ୍ୱବିତ୍ ହାୱାର୍ଡ କାର୍ଟର ୧୯୨୨ରେ ଏହି ସମାଧିକୁ ଆବିଷ୍କାର କରିଥିଲେ। ଟୁଟାନଖାମୁନ ମାତ୍ର ୯ ବର୍ଷରେ ଇଜିପ୍ଟର ସିଂହାସନ ଆରୋହଣ କରିଥିଲେ ଓ ୧୮-୧୯ ବର୍ଷରେ ମୃତ୍ୟୁବରଣ କରିଥିଲେ। ଖ୍ରୀଷ୍ଟପୂର୍ବ ୧୩୩୨ରୁ -୧୩୨୩ ପର୍ଯ୍ୟନ୍ତ ସେ ଶାସନ କରିଥିଲେ। ତାଙ୍କର ଏହି କବର ୩,୦୦୦ ପର୍ଯ୍ୟନ୍ତ ଦବି ରହିଥିଲା। ପଥର ଓ ଅବର୍ଜନା କାରଣରୁ ଏହି ସମାଧି ଲୁଚି ରହିଥିଲା। ଏବେ ଏହି ମ୍ୟୁଜିୟମରେ ୫୦ ହଜାରରୁ ଊର୍ଦ୍ଧ୍ୱ ଐତିହାସିକ ବସ୍ତୁ ପ୍ରଦର୍ଶିତ ହୋଇଛି। ଏଠାରେ ୪୫୦୦ ବର୍ଷ ପୁରୁଣା ଖୁପୁଙ୍କ ନୌକା, ୩୨୦୦ ବର୍ଷ ପୁରୁଣା ରାମେସେସ-୨ଙ୍କ ମୂର୍ତ୍ତି ଦେଖିବାକୁ ମିଳିବ। ଏଥିରେ ୫୫୦୦ରୁ ଅଧିକ କଳାକୃତି ମିଳିଥିଲା। ଏବେ ପ୍ରଥମଥର ପାଇଁ ଏସବୁ ସାଧାରଣ ଦର୍ଶକଙ୍କ ପାଇଁ ଗୋଟିଏ ସ୍ଥାନରେ ପ୍ରଦର୍ଶିତ ହେଉଛି। ଏଠାରେ ଏକ ଲକ୍ଷ ପ୍ରାଚୀନ କଳାକୃତି ରହିଛି। ଏହା ଇଜିପ୍ଟର ୭,୦୦୦ ବର୍ଷ ପୁରୁଣା ଇତିହାସକୁ ପ୍ରଦର୍ଶିତ କରୁଛି। ଏହାକୁ ଆଧୁନିକ ଯୁଗର ସର୍ବବୃହତ ସାଂସ୍କୃତିକ ଓ ଗବେଷଣା କେନ୍ଦ୍ର ଭାବେ ବିବେଚନା କରାଯାଉଛି।

## ରାଜସ୍ଥାନରେ ଟ୍ରକ୍-ବସ୍ ଧକ୍କା, ୧୮ ମୃତ

ଯୋଧପୁର,୨।୧୧(ଏଜେନ୍ସି): ରାଜସ୍ଥାନର ଯୋଧପୁର ନିକଟସ୍ଥ ଫାଲେଦି ଜିଲ୍ଲାର ମତୋଡ ଅଞ୍ଚଳରେ ରବିବାର ଭାରତ ମାଲା ରୋଡ୍‌ରେ ଏମ ମର୍ମନ୍ତୁଦ ସଡ଼କ ଦୁର୍ଘଟଣା ଘଟିଛି। ରାସ୍ତା ଉପରେ ଠିଆ ହୋଇଥିବା ଟ୍ରକ୍‌କୁ ଏକ ଟୁରିଷ୍ଟ ବସ୍ ଦ୍ରୁତଗତିରେ ଆସି ଧକ୍କା ଦେଇଥିଲା। ଫଳରେ ୧୮ ଜଣ ଯାତ୍ରୀ ଘଟଣାସ୍ଥଳରେ ମୃତ୍ୟୁବରଣ କରିଥିବା ବେଳେ ୩ରୁ ୪ ଜଣ ଗୁରୁତର ଆହତ ହୋଇ ହସ୍ପିଟାଲରେ ଭର୍ତ୍ତି ହୋଇଛନ୍ତି। ଦୁର୍ଘଟଣା ପରେ ଏହି ଅଞ୍ଚଳରେ ଆତଙ୍କ ଖେଳିଯାଇଥିଲା। ବିକାନେରର କୋଲାୟାଟ ମନ୍ଦିର ଦର୍ଶନ କରି ଶ୍ରଦ୍ଧାଳୁମାନେ ଯୋଧପୁରର ସୁରସାଗରକୁ ଫେରିଥିବା ବେଳେ ଏହି ଦୁର୍ଘଟଣା ଘଟିଛି। ଟ୍ରକ୍‌କୁ ବସ୍ ଏତେଜୋରରେ ଧକ୍କା ଦେଇଥିଲା ଯେ, ବସର ସମ୍ମୁଖ ଭାଗ ସମ୍ପୂର୍ଣ୍ଣ ରୂପେ ଚୂରମାର ହୋଇଯାଇଛି। ସ୍ଥାନୀୟ ଲୋକଙ୍କ ସହାୟତାରେ ପୁଲିସ ଆହତଙ୍କୁ ଉଦ୍ଧାର କରିଥିଲେ। ଏହି ଦୁର୍ଘଟଣା ନେଇ ମୁଖ୍ୟମନ୍ତ୍ରୀ ଶୋକ ପ୍ରକାଶ କରିବା ସହିତ ଏହାର ଯାଞ୍ଚ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି।

## ପତ୍ନୀ-ଝିଅ, ଶାଳୀଙ୍କୁ ହତ୍ୟାକରି ଆତ୍ମହତ୍ୟା

ହାଇଦରାବାଦ୍,୨।୧୧ (ଏଜେନ୍ସି): ତେଲଙ୍ଗାନାର ବିକାରାବାଦ ଜିଲ୍ଲାରେ ପାରିବାରିକ ବିବାଦ କାରଣରୁ ଜଣେ ବ୍ୟକ୍ତି ବିଭତ୍ସ କାଣ୍ଡ ଘଟାଇଛନ୍ତି। ଶନିବାର ରାତିରେ ଜଣେ ୪୦ ବର୍ଷୀୟ ବ୍ୟକ୍ତି ନିଜ ପତ୍ନୀ, ୧୦ ବର୍ଷର ଝିଅ ଓ ଶାଳୀଙ୍କୁ ହତ୍ୟା କରି ଫାସି ଲଗାଇ ଆତ୍ମହତ୍ୟା କରିଛନ୍ତି। ଏହି ଘଟଣା କୁଲକାଚେରଲେ ମଣ୍ଡଳରେ ରାତି ୨ରୁ ୩ଟା ମଧ୍ୟରେ ଘଟିଥିଲା ଓ ପୁଲିସ ଏ ନେଇ ମାମଲା ରୁଜୁ କରି ଯାଞ୍ଚ ଆରମ୍ଭ କରିଛି। ପତି ଓ ପତ୍ନୀଙ୍କ ମଧ୍ୟରେ ଲାଗାତର ପାରିବାରିକ ବିବାଦ ଚାଲୁଥିଲା ଓ ଏଥିପାଇଁ ଏହି ଘଟଣା ଘଟିଛି ବୋଲି କୁହାଯାଇଛି। ଅଭିଯୁକ୍ତ ବଡ଼ ଝିଅ ଉପରେ ମଧ୍ୟ ଆକ୍ରମଣ କରିଥିଲା। କିନ୍ତୁ ସେ ଜୀବନ ବଞ୍ଚାଇବାକୁ ସକ୍ଷମ ହୋଇଛନ୍ତି। ତାକୁ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ଶନିବାର ରାତିରେ ବାପା ଓ ମାଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା ବୋଲି ବଡ଼ ଝିଅ କହିଛି। ଏହାପରେ ମା ଘର ଛାଡି ଚାଲିଯାଇଥିଲେ। କିନ୍ତୁ ମାଉସୀ ସହିତ ମା ଘରକୁ ଫେରିଥିଲେ। ରାତିରେ ସବୁ ଶୋଇଥିବା ବେଳେ ବାପା ଏହି କାଣ୍ଡ ଘଟାଇଥିଲେ। କୌଣସି ମତେ ବାହାରକୁ ଆସି ଜୀବନ ବଞ୍ଚାଇଥିଲି ବୋଲି ସେ କହିଛି। ପୁଲିସ ଆକ୍ରମଣରେ ବ୍ୟବହୃତ ହୋଇଥିବା ଅସ୍ତ୍ର ଜବତ କରିଛି। ଶବବ୍ୟବଚ୍ଛେଦ ରିପୋର୍ଟ ଆସିବାପରେ ଆଗକୁ ପଦକ୍ଷେପ ନିଆଯିବ ବୋଲି ପୁଲିସ କହିଛି।

## ଲାଇଟ୍ ବନ୍ଦ କରିବାକୁ ନେଇ ହତ୍ୟା

ବେଙ୍ଗାଲୁରୁ,୨।୧୧(ଏଜେନ୍ସି): ବେଙ୍ଗାଲୁରୁର ଗୋବିନ୍ଦରାଜ ନଗରରେ ଏକ କାର୍ଯ୍ୟାଳୟରେ ଅଭାବନୀୟ ଘଟଣା ଘଟିଛି। ଜଣେ ସାଧାରଣ କର୍ମଚାରୀ ଡମ୍ବେଲରେ ନିଜ ମ୍ୟାନେଜରଙ୍କୁ ପିଟି ପିଟି ହତ୍ୟା କରିଛି। ଏମ୍‌ସି ଲେଆଉଟ ନିକଟରେ ଥିବା ଏକ ଡିଜିଟାଲ ଭଲ୍ଟ ଓ ଫଟୋ ଏଡିଟିଂ ଫାର୍ମରେ ଏହି ଘଟଣା ଘଟିଛି। ୨୪ ବର୍ଷୀୟ କର୍ମଚାରୀ ସୋମଲା ଭାମ୍‌ସୀ ଲାଇଟ୍ ବନ୍ଦ କରିବା ନେଇ ଏକ ମାମୁଲି କାରଣ ପାଇଁ ନିଜ ମ୍ୟାନେଜର ୪୧ ବର୍ଷୀୟ ଭିମେଶ ବାବୁଙ୍କୁ ପିଟି ପିଟି ହତ୍ୟା କରିଛି। ଅଭିଯୁକ୍ତ ସୋମଲା ଜଣେ ଟେକ୍ନିକାଲ ଏକଜିକ୍ୟୁଟିଭ ଭାବେ କାର୍ଯ୍ୟ କରୁଥିଲା। ପୁଲିସ ଏହି ଘଟଣା ହତ୍ୟା ମାମଲା ରୁଜୁ କରି ଯାଞ୍ଚ ଆରମ୍ଭ କରିଛି। ପୁଲିସ ସୋମଲାକୁ ଗିରଫ କରିଛି। ମିଳିଥିବା ସୂଚନା ଅନୁଯାୟୀ, ମୃତକ ଭିମେଶଙ୍କୁ ଅତ୍ୟଧିକ ଆଲୋକ ନେଇ ସମସ୍ୟା ଥିଲା। ଅତି ଆବଶ୍ୟକ ନହେଲେ ସେ ନିଜ କର୍ମଚାରୀଙ୍କୁ ଲାଇଟ୍ ନ ଜଳାଇ ବନ୍ଦ କରିବାକୁ କହିଥାନ୍ତି। କିନ୍ତୁ ଶୁକ୍ରବାର ରାତି ୧ଟାରେ ସେ ଭିମେଶ ସୋମଲାଙ୍କୁ ଲାଇଟ୍ ବନ୍ଦ କରିବାକୁ କହିଥିଲେ। କିନ୍ତୁ ବିଳମ୍ବିତ ରାତି ପର୍ଯ୍ୟନ୍ତ କାର୍ଯ୍ୟ କରିଥିବାରୁ ସୋମଲାଙ୍କ ସହ ତାଙ୍କ ବିବାଦ ହୋଇଥିଲା। ଏଥିରେ ଉତ୍‌କ୍ଷୀପ୍ତ ହୋଇ ସୋମଲା ଡମ୍ବେଲରେ ଭିମେଶଙ୍କ ଛାତି, ମୁହଁ, ମୁଣ୍ଡ ଉପରେ ଏକାଧିକ ବାର ଆକ୍ରମଣ କରିଥିଲା। ଫଳରେ ଭିମେଶ ବେହୋଶ ହୋଇ ତଳେ ପଡିଯାଇଥିଲେ। ଏହାପରେ ସେମଲା ଡରିଯାଇ ବ୍ୟସ୍ତ ହୋଇଥିଲା। ନିଜ ବନ୍ଧୁମାନଙ୍କୁ ଡାକି ସେ ଆମ୍ବୁଲାନ୍ସ ଡକାଇଥିଲା। କିନ୍ତୁ ଆମ୍ବୁଲାନ୍ସ କର୍ମଚାରୀ ଭିମେସଙ୍କୁ ମୃତ ବୋଲି ଘୋଷିତ କରିଥିଲେ।

## ସ୍କୁଟିକୁ ଧକ୍କା ଦେଲା ଆମ୍ବୁଲାନ୍ସ: ଦମ୍ପତି ମୃତ

ବେଙ୍ଗାଲୁରୁ,୨।୧୧(ଏଜେନ୍ସି): ଦ୍ରୁତଗତିରେ ଯାଉଥିବା ଏକ ଆମ୍ବୁଲାନ୍ସ ନାଲି ବତୀ ପାରକରି ଏକ ସ୍କୁଟିକୁ ଧକ୍କା ଦେବା ଫଳରେ ବେଙ୍ଗାଲୁରୁର ସଡ଼କ ରକ୍ତରଞ୍ଜିତ ହୋଇଛି। ସାଧାରଣ ଲୋକଙ୍କ ଜୀବନ ବଞ୍ଚାଉଥିବା ଆମ୍ବୁଲାନ୍ସ ହିଁ ଏହି ଘଟଣା ଘଟାଇଛି। ଟ୍ରାଫିକ୍ ନିୟମ ମାନି ଏକ ଦମ୍ପତି ସ୍କୁଟିରେ ରେଡ୍ ଲାଇଟ୍‌ରେ ରହିଥିଲେ। କିନ୍ତୁ ପଛପଟୁ ଆମ୍ବୁଲାନ୍ସ ଦ୍ରୁତଗତିରେ ଆସି ନିୟନ୍ତ୍ରଣ ହରାଇ ଅନ୍ୟ ଗାଡିଗୁଡିକୁ ଧକ୍କା ଦେବା ସହ ସ୍କୁଟି ଉପରେ ଚଢ଼ିଯାଇଥିଲା। ଫଳରେ ସ୍କୁଟିରେ ବସିଥିବା ଦମ୍ପତି ଘଟଣାସ୍ଥଳରେ ହିଁ ମୃତ୍ୟୁବରଣ କରିଥିଲେ। ଏହି ଘଟଣାରେ ଆଉ ଦୁଇଜଣ ଆହତ ହୋଇଛନ୍ତି ଓ ସେମାନଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ବେଙ୍ଗାଲୁରୁ ରିଚମଣ୍ଡ ସର୍କଲରେ ଶନିବାର ରାତି ୧୧ଟାରେ ଏହି ଘଟଣା ଘଟିଛି। ଧକ୍କା ଦେଇ ଆମ୍ବୁଲାନ୍ସ କିଛି ବାଟ ଯିବା ପରେ ଏକ ପୁଲିସ ପୋଷ୍ଟରେ ଧକ୍କା ଦେଇ ରହିଯାଇଥିଲା। ଏହି ଘଟଣାର ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହୋଇଛି। ଏହି ଘଟଣା ପରେ ସ୍ଥାନୀୟ ଅଞ୍ଚଳରେ ହଇଚଇ ସୃଷ୍ଟି ହୋଇଛି। ୱିଲସନ ଗାର୍ଡେନ ଟ୍ରାଫିକ ପୁଲିସ ସୂଚନା ପାଇଁ ଘଟଣାସ୍ଥଳରେ ପହଞ୍ଚିଥିଲା। ଏହି ଦୁର୍ଘଟଣା ନେଇ ତଦନ୍ତ ଆରମ୍ଭ ହୋଇଛି।

# ଭାରତୀୟଙ୍କ ପାଇଁ କାଳ ଟ୍ରମ୍ପଙ୍କ ଦ୍ୱିତୀୟ ଇନିଂସ



ୱାସିଂଟନ,୨।୧୧(ଏଜେନ୍ସି):

**ଭାରତୀୟଙ୍କ ପ୍ରତି ହେଟ୍ କ୍ରାଇମ୍ ୯୧ ପ୍ରତିଶତ ବୃଦ୍ଧିପାଇଛି**

**ମନ୍ଦିର ଉପରେ ଆକ୍ରମଣ ବୃଦ୍ଧି ପାଇଛି**

**ଏଚ୍-୧ବି ଭିସା ନେଇ ଧମକ ମିଳୁଛି**

ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଦ୍ୱିତୀୟ କାର୍ଯ୍ୟକାଳରେ ଆମେରିକାର ରହୁଥିବା ଭାରତୀୟଙ୍କ ବିରୋଧରେ ହେଟ୍ କ୍ରାଇମ୍ ଅର୍ଥାତ ଘୃଣାର ଅପରାଧ ୯୧ ପ୍ରତିଶତ ବୃଦ୍ଧି ପାଇଛି। କିନ୍ତୁ ଜୋ ବାଇଡେନଙ୍କ କାର୍ଯ୍ୟକାଳରେ ଦକ୍ଷିଣ ଏସୀୟ ଲୋକଙ୍କ ବିରୋଧରେ ଅନଲାଇନ୍ ଘୃଣା ସୀମିତ ଥିଲା। ୨୦୨୪ ଅକ୍ଟୋବର ପର୍ଯ୍ୟନ୍ତ ୪୬,୦୦୦ ଟ୍ରୋଲିଂ ଓ ୮୮୪ଟି ଧମକ ମିଳିଥିଲା। କିନ୍ତୁ ଟ୍ରମ୍ପଙ୍କ ଦ୍ୱିତୀୟ କାର୍ଯ୍ୟକାଳ ଆରମ୍ଭ ହେବା ମାତ୍ରେ ହିଁ ସ୍ଥିତି ଆହୁରି ବିଗିଡି ଯାଇଛି। ୨୦୨୫ ଅକ୍ଟୋବର ପର୍ଯ୍ୟନ୍ତ ଟ୍ରୋଲିଂ ୮୮,୦୦୦ରେ ପହଞ୍ଚିଛି। ଅର୍ଥାତ ଏଥିରେ ୯୧ ପ୍ରତିଶତ ବୃଦ୍ଧି ହୋଇଛି। ଡିସେମ୍ବରରେ ଟ୍ରମ୍ପ-ମସ୍କ- ରାମାସ୍ୱାମୀ ଯୁକ୍ତିତର୍କ ପରେ ୭୬ ପ୍ରତିଶତ ଧମକ ଚାକିରି ଛାଡିବାକୁ ଦିଆଯାଇଛି। ରାଷ୍ଟ୍ରପତି ଟ୍ରମ୍ପ ଏଚ୍-୧ବି ଭିସାର ଫି' ବଢ଼ାଇବା ଓ ୧୦୪ ଭାରତୀୟଙ୍କୁ ଆମେରିକାକୁ ବିଦା କରିବା ପରେ ସ୍ଥିତି ଆହୁରି ସଙ୍ଗୀନ ହୋଇଥିଲା। ଏହାପରେ ଟେକ୍ସାସ, ଭିର୍ଜିନିଆ ଓ କାଲିଫର୍ଣ୍ଣିଆରେ ମନ୍ଦିର ଉପରେ ଆକ୍ରମଣ ଓ ଗୁଳିମାଡ଼ ଘଟଣା ବୃଦ୍ଧି ପାଇଥିଲା। ୨୦୨୪ ନଭେମ୍ବର ଓ ୨୦୨୫ ଅକ୍ଟୋବର ମଧ୍ୟରେ ଆମେରିକାର ବିଭିନ୍ନ ସହରରେ ଭାରତୀୟଙ୍କ ଉପରେ ଆକ୍ରମଣ ବୃଦ୍ଧି ପାଇଛି। ଆମେରିକାରୁ ଭାରତୀୟଙ୍କୁ ବାହାର କରିବା ନେଇ ସ୍ଲୋଗାନରେ ଯଥେଷ୍ଟ ବୃଦ୍ଧି ଘଟିଛି। ଟ୍ରମ୍ପଙ୍କ କେତୋଟି ବିବାଦୀୟ ନୀତି କାରଣରୁ ଭାରତୀୟଙ୍କ ବିରୋଧରେ ବର୍ଣ୍ଣବୈଷମ୍ୟ ଆକ୍ଷେପ ବୃଦ୍ଧି ପାଇଛି। ଏହିକ୍ରମରେ ସୋସିଆଲ ମିଡିଆରେ ଭାରତୀୟଙ୍କ ବିରୋଧରେ ବର୍ଣ୍ଣବୈଷମ୍ୟ ପୋଷ୍ଟ, ଅନ୍‌ଲାଇନ୍ ଟ୍ରୋଲିଂ ଯଥେଷ୍ଟ ବୃଦ୍ଧିପାଇଛି। କେବଳ ଭାରତୀୟ ନୁହେଁ ପୂରା ଦକ୍ଷିଣ ଏସିଆର ନାଗରିକଙ୍କୁ ମଧ୍ୟ ଜାତି, ଧର୍ମ ଓ ବର୍ଣ୍ଣ ନିର୍ବିଶେଷରେ ଟାର୍ଗେଟ କରାଯାଉଛି।

ଏହି ସମସ୍ୟା ପାଇଁ ମୁଖ୍ୟତଃ ୪ଟି କାରଣ ରହିଛି। ଆମେରିକା ସମେତ ୟୁରୋପ ଓ ଅଷ୍ଟ୍ରେଲିଆରେ ପ୍ରବାସୀଙ୍କ ବିରୋଧରେ ଘୃଣା ବୃଦ୍ଧି ପାଇଥିବା ଲକ୍ଷ୍ୟ କରାଯାଉଛି।। ଏହି ଭାବନା ସାରା ବିଶ୍ୱରେ ଦେଖାଯାଇଛି ଓ ଏହା ଦକ୍ଷିଣପନ୍ଥୀ ରାଜନୀତିର ମୁଖ୍ୟ ଅସ୍ତ୍ର ମଧ୍ୟ ପାଲଟିଛି। ପ୍ରଥମଟି ହେଲା ଏଚ୍-୧ବି ଭିସା ଉପରେ ଅସନ୍ତୋଷ ଓ ରାଗ ଦେଖିବାକୁ ମିଳିଛି। ଏହି ଭିସା ନେଇ ଭାରତୀୟମାନେ ଅପେକ୍ଷାକୃତ କମ୍ ଯୋଗ୍ୟ ହୋଇଥିଲେ ମଧ୍ୟ ଆମେରିକୀୟଙ୍କ ଚାକିରି ନେଉଛନ୍ତି। ପୁଣି ଗୋରା ଲୋକମାନେ ନିଜର ପଡିଆରା ବୃଦ୍ଧି କରିବାକୁ ଚାହୁଁଛନ୍ତି ଓ ଏହା ଏବେ ଚରମ ସୀମାରେ ପହଞ୍ଚିଛି। ସେହିପରି ଭାରତ ଓ ଆମେରିକା ମଧ୍ୟରେ ଟ୍ରେଡ୍ ଡିଲ୍ ନେଇ ସୃଷ୍ଟି ହୋଇଥିବା ବିବାଦ ମଧ୍ୟ ଭାରତୀୟଙ୍କୁ ସମସ୍ୟାରେ ପକାଇଛି। ଏହି ବାଣିଜ୍ୟ ଚୁକ୍ତି ଭାରତୀୟଙ୍କ ବିରୋଧରେ ଘୃଣାକୁ ଦ୍ୱିଗୁଣିତ କରୁଛି। ଫ୍ଲୋରିଡାରେ ଜଣେ ଭାରତୀୟ ଶିଖ ଡ୍ରାଇଭର ଟ୍ରକ୍ ଚଢ଼ାଇଦେବା ଫଳରେ ୩ ଆମେରିକୀୟଙ୍କ ମୃତ୍ୟୁ ହୋଇଥିଲା। ଏହାକୁ ବଢ଼ାଇ ଚଢ଼ାଇ ଉପସ୍ଥାପନ କରାଯିବା ଫଳରେ ଆମେରିକାରେ ଭାରତୀୟଙ୍କ ପ୍ରତି ଘୃଣାଭାବ ବୃଦ୍ଧି ପାଇଛି।

## ନାଇଜେରିଆ ଆକ୍ରମଣ କରିବାକୁ ଟ୍ରମ୍ପଙ୍କ ଧମକ

ୱାସିଂଟନ,୨।୧୧(ଏଜେନ୍ସି): ପଶ୍ଚିମ ଆଫ୍ରିକୀୟ ଦେଶ ନାଇଜେରିଆ ଉପରେ ଆମେରିକା ଆକ୍ରମଣ କରିବ ବୋଲି ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଚେତାବନୀ ଦେଇଛନ୍ତି। ଏହି ଦେଶରେ ଯଦି ଖ୍ରୀଷ୍ଟିଆନ ନାଗରିକଙ୍କ ହତ୍ୟା ତଥା ନରସଂହାର ରୋକା ନଯାଏ ତେବେ ଆମେରିକା ଆକ୍ରମଣ କରିବ ବୋଲି ସେ ଚେତାଇ ଦେଇଛନ୍ତି। ପୁଣି ଆମେରିକା ନାଇଜେରିଆକୁ ଆର୍ଥିକ ତଥା ସୈନ୍ୟ ସହାୟତା ରୋକିବ। ଯଦି ଆବଶ୍ୟକ ପଡେ ଆମେରିକା ବନ୍ଧୁକ ସହ ନାଇଜେରିଆ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବ ବୋଲି ଟ୍ରମ୍ପ ସୋସିଆଲ ମିଡିଆ ଟ୍ରୁଥ୍‌ରେ ପୋଷ୍ଟ କରି ଉଲ୍ଲେଖ କରିଛନ୍ତି। ଖ୍ରୀଷ୍ଟିଆନଙ୍କ ଉପରେ ଆକ୍ରମଣ କରୁଥିବା ଆତଙ୍କବାଦୀଙ୍କୁ ଆମେରିକା ନିପାତ କରିବ ବୋଲି କହିଛନ୍ତି। ଉଲ୍ଲେଖଥାଉ କି, ନାଇଜେରିଆରେ ଗତ ଜାନୁଆରୀରୁ ଅଗଷ୍ଟ ୧୦ ପର୍ଯ୍ୟନ୍ତ ଧାର୍ମିକ ହିଂସା କାରଣରୁ ୭,୦୦୦ରୁ ଊର୍ଦ୍ଧ୍ୱ ଖ୍ରୀଷ୍ଟିଆନ ନାଗରିକଙ୍କୁ ହତ୍ୟା କରାଯାଇଛି ବୋଲି ଏକ ରିପୋର୍ଟରୁ ଜଣାଯାଇଛି। ଏହି ନରସଂହାର ପଛରେ ବୋକୋ ହାରାମ ଓ ଫୁଲାନୀ ଉଗ୍ରବାଦୀ ଭଳି ଆତଙ୍କବାଦୀ ଗୋଷ୍ଠୀକୁ ଦାୟୀ କରାଯାଉଛି। ଯଦି ଆମେରିକା ଆକ୍ରମଣ କରେ ତେବେ ଏହା ଭୟାନକ ଓ କ୍ଷୀପ୍ର ହେବ ବୋଲି ଟ୍ରମ୍ପ ଚେତାଇ ଦେଇଛନ୍ତି। ତେବେ ନାଇଜେରିଆରେ ଧାର୍ମିକ ଅସହିଷ୍ଣୁତା ବୃଦ୍ଧି ପାଉଛି ବୋଲି କହିବା ଭୁଲ ହେବ ବୋଲି ନାଇଜେରିଆ ରାଷ୍ଟ୍ରପତି ଅହମ୍ମଦ ଟୁନିବୁ କହିଛନ୍ତି।

# ଭାଇକୁ ମାରି ଭାଉଜଙ୍କୁ ଦୁଷ୍କର୍ମ ପରେ ହତ୍ୟା

ରାଜକୋଟ, ୨।୧୧ (ଏଜେନ୍ସି): ଗୁଜରାଟର ଜୁନାଗଡ଼ ସହରରୁ ପାଖାପାଖି ୫୦ କିମି ଦୂରରେ ଶୋଭାଭଦଲା ଗାଁର ଖୋଡିଆର ଆଶ୍ରମରେ ଜଣେ ୧୫ ବର୍ଷୀୟ ନାବାଳକ ଅଜବ କାଣ୍ଡ ଘଟାଇଛନ୍ତି। ଏହି ନାବାଳକ ନିଜ ବଡ଼ଭାଇଙ୍କୁ ମାରିବା ପରେ ନିଜ ଗର୍ଭବତୀ ଭାଉଜକୁ ଦୁଷ୍କର୍ମ କରିବା ପରେ ହତ୍ୟା କରିବା ଭଳି ଘଟଣା ସାମ୍ନାକୁ ଆସିଛି। କେବଳ ସେତିକି ନୁହଁ, ନାବାଳକ ଜଣଙ୍କ ଭାଉଜଙ୍କ ପେଟକୁ ଏତେଜୋରରେ ଗୋଇଠା ମାରିଥିଲେ ଯେ, ୬ ମାସର ଶିଶୁ ତାଙ୍କ ଗର୍ଭରୁ ବାହରକୁ ବାହାରି ଆସିଥିଲା। ଅକ୍ଟୋବର ୧୬ରେ ଏହି ଘଟଣା ଘଟିଥିଲା। ତେବେ ୩୧ ତାରିଖ ଶୁକ୍ରବାର ଏହା ସାମ୍ନାକୁ ଆସିଥିଲା। ଭାଇ ଓ ଭାଉଜଙ୍କ ମୃତଦେହକୁ ନଗ୍ନ କରି ନାବାଳକ ଜଣକ ଘରେ ଭିତରେ ହିଁ ପୋତିଦେଇଥିଲା। ଏହାପରେ ଦୁଇଜଣ ପୋଷାକରେ ନିଆଁ ଲଗାଇ ପୋଡି ଦେଇଥିଲା ଓ



ରକ୍ତର ଛିଟାକୁ ପୋଛିଥିଲା। ତା'ର ମା ବଡ଼ ପୁଅ ଓ ବୋହୂର ମୃତଦେହକୁ ପୋତିବାରେ ନାବାଳକଙ୍କୁ ସାହଯ୍ୟ କରିଥିଲେ। ଏହି ଘଟଣା ସ୍ଥାନୀୟ ଅଞ୍ଚଳରେ ହଇଚଇ ସୃଷ୍ଟି କରିଛି। ମୃତକ ହେଉଛନ୍ତି ୨୨ ବର୍ଷୀୟ ଶିବମଗିରି ଓ ତାଙ୍କ ପତ୍ନୀ ହେଉଛନ୍ତି ୧୯ ବର୍ଷୀୟା କାଞ୍ଚନକୁମାରୀ। ଶିବମଗିରି ଜଣେ ଇଲେକଟ୍ରିସିଆନ ଭାବେ କାର୍ଯ୍ୟ କରନ୍ତି। ନାବାଳକ ଜଣକ ଆଶ୍ରମର ଦେଖାଶୁଣା କରିବା ସହ ଗାଈଗୋରୁଙ୍କ ପାଳନ କରନ୍ତି। ଭାଇ ଶୋଇଥିବା ବେଳେ ସେ ଲୁହା ରଡ୍‌ରେ ପିଟି ତାଙ୍କୁ ହତ୍ୟା କରିଥିଲା। ଏହାପରେ ସେ ଭାଉଜଙ୍କୁ ଦୁଷ୍କର୍ମ କରିବା ସହ ହତ୍ୟା କରିଥିଲା। ଅଭିଯୁକ୍ତ ନାବାଳକ ପୁଲିସ ଆଗରେ ନିଜ ଅପରାଧ ସ୍ୱୀକାର କରିଛି। ସେ ନିୟମିତ ମଦ୍ୟପାନ କରୁଥିଲା। ମଦ ଛାଡିବାକୁ ବଡ଼ ଭାଇ ବାରମ୍ବାର କହୁଥିଲେ। ଫଳରେ ସେ ଭାଇକୁ ଘୃଣା କରୁଥିଲା ଓ ଏହି କାରଣରୁ ପରିବାରରେ ଅଶାନ୍ତି ଲାଗି ରହୁଥିଲା। ବିହାରରୁ ଆସି ଏହି ପରିବାର ଗତ ୨୮ ବର୍ଷ ହେବ ଆଶ୍ରମରେ ରହୁଥିଲେ।

## ମେକ୍ସିକୋରେ ବିସ୍ଫୋରଣ; ୨୩ ମୃତ

ମେକ୍ସିକୋ ସିଟି,୨।୧୧(ଏଜେନ୍ସି): ଉତ୍ତର ଆମେରିକୀୟ ଦେଶ ମେକ୍ସିକୋର ସୋନାରା ରାଜ୍ୟରେ ହେର୍ମୋସିଲୋଠାରେ ଥିବା ଏକ ସୁପରମାର୍କେଟ୍‌ରେ ଏକ ଶକ୍ତିଶାଳୀ ବିସ୍ଫୋରଣ ହୋଇଛି। ଏଥିରେ କେତେଜଣ ଛୋଟପିଲାଙ୍କ ସମେତ ୨୩ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୧୧ ଜଣ ଆହତ ହୋଇଛନ୍ତି। ଆହତଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଛି ଓ ସେମାନଙ୍କର ଚିକିତ୍ସା କରାଯାଉଛି। ଶନିବାର ଅପରାହ୍ଣ ୨ଟାରେ ଏହି ବିସ୍ଫୋରଣ ହୋଇଥିଲା ବୋଲି ସ୍ଥାନୀୟ ଲୋକ କହିଛନ୍ତି। ଆଖାପାଖ ଦୋକାନରେ ନିଆଁ ଲାଗିବାର ଆଶଙ୍କା ଥିଲା। ଫଳରେ ଦୋକାନଗୁଡିକୁ ବନ୍ଦ କରିଦିଆଯାଇଥିଲା। ଏହି ବିସ୍ଫୋରଣ ନେଇ ଯାଞ୍ଚ ଆରମ୍ଭ କରାଯାଇଛି ବୋଲି ସୋନାରା ଗଭର୍ନର ଅଲଫୋସୋ ଦୁରାଜ କହିଛନ୍ତି। ତେବେ ଏହାକୁ ଆତଙ୍କବାଦୀ ଘଟଣା କିମ୍ବା ହିଂସକ ଘଟଣା ବୋଲି କହିବାକୁ ସୁରକ୍ଷା ଏଜେନ୍ସିମାନେ ମନା କରିଛନ୍ତି। ମେକ୍ସିକୋରେ 'ଡେ ଅଫ୍ ଦି ଡେଡ୍' ଉତ୍ସବ ପାଳନ କରାଯାଉଥିବା ବେଳେ ଏହି ଘଟଣା ଘଟିଥିଲା। ନିଜର ପୂର୍ବ ପୁରୁଷଙ୍କ ମନେ ପକାଇବା ପାଇଁ ଓ ଶ୍ରଦ୍ଧାଞ୍ଜଳି ଦେବାକୁ ଏହି ଉତ୍ସବ ପାଳନ କରାଯାଇଥାଏ।

**ଦଳାଚକଟା ନେଇ ପୂଜାରୀଙ୍କ ଅଜବ ଯୁକ୍ତି**

# ମୋ ଜମି, ମୋ ମନ୍ଦିର, ପୁଲିସ୍‌କୁ କାହିଁକି ଜଣାଇବି?

ହାଇଦରାବାଦ୍,୨।୧୧(ଏଜେନ୍ସି): ୪ ମାସ ତଳେ ଆନ୍ଧ୍ରପ୍ରଦେଶର ଶ୍ରୀକାକୁଲମ ଜିଲ୍ଲାର କାସବୁଗା ଗାଁରେ ଯେତେବେଳେ ୯୪ ବର୍ଷୀୟ ଭଗବାନ ଭେଙ୍କଟେଶ୍ୱରଙ୍କ ଭକ୍ତ ହରି ମୁକୁନ୍ଦ ପଣ୍ଡା ନିଜ ଜୀବନର ସ୍ୱପ୍ନ ପୂରଣ କରିଥିଲେ, ସେତେବେଳେ କେହି ଭାବି ନଥିଲେ ଯେ ଏଭଳି ମୃତ୍ୟୁର ବିଭୀଷିକା ଘଟିବ। ସେ ଭଗବାନ ଭେଙ୍କଟେଶ୍ୱରଙ୍କ ନାମରେ ଏକ ଛୋଟ ମନ୍ଦିର ନିର୍ମାଣ କରିଥିଲେ। ଏହାକୁ 'ଶ୍ରୀ ଭେଙ୍କଟେଶ୍ୱର ସ୍ୱାମୀ ମନ୍ଦିର'ର ମାନ୍ୟତା ପାଇଥିଲା। ଏହାକୁ ଲୋକ ଶ୍ରଦ୍ଧାରେ 'ଚିନ୍ନା ତିରୁପତୀ' ବା 'ମିନି ତିରୁପତୀ' କହୁଥିଲେ। ତିରୁପତୀଙ୍କ ବୈଭବରେ ପ୍ରେରିତ ହୋଇ ସ୍ଥାନୀୟ ଲୋକ ଏହି ମନ୍ଦିରକୁ ନୂଆ ଅସ୍ଥାର କେନ୍ଦ୍ର ରୂପେ ବିବେଚନା କରିଥିଲେ। ପ୍ରତିଦିନ ବହୁ ସଂଖ୍ୟାରେ ଭକ୍ତ ଦର୍ଶନ ପାଇଁ ଏହି ମନ୍ଦିରକୁ ଆସିଥାନ୍ତି। କିନ୍ତୁ ଶନିବାର ଏକାଦଶୀ ଦିନ ଦଳଚକଟା ଘଟଣା ଘଟିଥିଲା ଓ ଏଥିରେ ୧୨ ଜଣ ମୃତ୍ୟୁବରଣ କରିଥିବା ବେଳେ ୫୦ରୁ ଊର୍ଦ୍ଧ୍ୱ ଲୋକ ଆହତ ହୋଇଥିଲେ।

କିନ୍ତୁ ଏହି ଦୁର୍ଘଟଣା ନେଇ ମନ୍ଦିର ପ୍ରତିଷ୍ଠାତା ହରି ମୁକୁନ୍ଦ ପଣ୍ଡା ଅଜବ ଯୁକ୍ତି ଦେଇଛନ୍ତି। ଏହି ଘଟଣା ପରେ ତାଙ୍କୁ ଯେତେବେଳେ ପ୍ରଶ୍ନ କରାଗଲା ଯେ, ସେ



କାହିଁକି ପ୍ରଶାସନକୁ ସୂଚନା ଦେଇ ନଥିଲେ। ସେ କହିଛନ୍ତି ଯେ, ମୁଁ ମନ୍ଦିର ନିଜ ଜମିରେ ନିର୍ମାଣ କରିଛି। ତେଣୁ ପୁଲିସକୁ କାହିଁକି ସୂଚନା ଦେବି ବୋଲି ସେ ଓଲଟା ପ୍ରଶ୍ନ କରିଛନ୍ତି। ଏହା ମୋର ଅଧିକାର ବୋଲି ସେ ସ୍ପଷ୍ଟ କରିଛନ୍ତି। ମନ୍ଦିର ସାଧାରଣ ଶାନ୍ତ ରହିଥାଏ। କିନ୍ତୁ ଏକାଦଶୀ ଦିନ ଏତେ ଭିଡ଼ ହେବ ବୋଲି ଆଶା କରି ନଥିଲି। ହଠାତ ଭିଡ ବୃଦ୍ଧି ପାଇଥିଲା। ପ୍ରସାଦ ମଧ୍ୟ ଶେଷ ହୋଇଥିଲା। ଦ୍ୱିତୀୟଥର ପାଇଁ ପ୍ରସାଦ ତିଆରି କରିବାକୁ ଭାବୁଥିଲି, କିନ୍ତୁ ସେତେବେଳକୁ ଏହି ଘଟଣା ଘଟି ସାରିଥିଲା ବୋଲି ସେ କହିଛନ୍ତି।

ମୁଖ୍ୟମନ୍ତ୍ରୀ ଏନ୍ ଚନ୍ଦ୍ରବାବୁ ନାଇଡୁ ଏହି ଘଟଣାର ନିନ୍ଦା କରିଛନ୍ତି। ଯଦି ପୁଲିସ୍‌କୁ ପୂର୍ବରୁ ସୂଚନା ଦିଆଯାଇଥାନ୍ତା, ତେବେ ଉଚିତ ବ୍ୟବସ୍ଥା ଗ୍ରହଣ କରାଯାଇଥାନ୍ତା ଓ ଏହି ଘଟଣା ଘଟି ନଥାନ୍ତା। ମୃତକଙ୍କୁ ବଞ୍ଚାଇ ଯାଇ ପାରିଥାନ୍ତା ବୋଲି ସେ କହିଛନ୍ତି। ମୃତକଙ୍କ ପରିବାରକୁ ସହାୟତା ଦେବାକୁ ସେ ଘୋଷଣା କରିଛନ୍ତି। ସେ ମଧ୍ୟ ମନ୍ଦିର ପରିଚାଳନା କମିଟିର ବେପରୁଆ ମନୋଭାବକୁ ନିନ୍ଦା କରିଛନ୍ତି।

**ବିହାର ବାହୁବଳୀ ଅନନ୍ତ ସିଂହ ଗିରଫ**

# ଧଳା ପୋଷାକ ପଛରେ କଳା ସାମ୍ରାଜ୍ୟ

ପାଟନା, ୨।୧୧ (ଏଜେନ୍ସି):

ଅପରାଧୀଙ୍କୁ ରାଜନୀତି ଏକ ସୁରକ୍ଷିତ ସ୍ଥାନ ପ୍ରଦାନ କରୁଛି। ଏହାର ଛତ୍ରଛାୟାରେ ରହି ଅପରାଧୀ ଆପରାଧିକ ସାମ୍ରାଜ୍ୟକୁ ଚଲାଉଛନ୍ତି। ଏମାନଙ୍କ ପାଇଁ ଆଇନ ତା ବାଟରେ ଯାଉଛି। ବିଧାନସଭା ନିର୍ବାଚନକୁ ନେଇ ଚର୍ଚ୍ଚାରେ ଥିବା ବିହାରରୁ ଏହାର ଜ୍ୱଳନ୍ତ ଉଦାହରଣ ସାମ୍ନାକୁ ଆସିଛି। ଧଳା ପୋଷାକ ତଳେ ଅପରାଧର କଳା ସାମ୍ରାଜ୍ୟ ଚଳାଉଥିବା ଏହି ବ୍ୟକ୍ତି ହେଉଛନ୍ତି ଅନନ୍ତ କୁମାର ସିଂହ ଓରଫ ଛୋଟେ ସରକାର। ସେ କ୍ଷମତାସୀନ ଜେଡିୟୁ ଦଳର ଜଣେ କୁଖ୍ୟାତ ବାହୁବଳୀ। ସରକାରୀ ଦଳର ଛତ୍ରଛାୟାରେ ରହି ଅପରାଧ କରୁଥିବା ଏହି ବାହୁବଳୀ ବେଶି ଦିନ ପର୍ଯ୍ୟନ୍ତ ମଧ୍ୟ ଜେଲ୍‌ରେ ରୁହନ୍ତି ନାହିଁ। ତିନି ମାସ ତଳେ ଏକ ମାମଲାରେ ବେଉର ଜେଲ୍‌ରୁ ମୁକୁଳିଥିବା ଏହି ଅନନ୍ତ ସିଂହ ଗ୍ୟାଙ୍ଗଷ୍ଟରରୁ ରାଜନେତା ପାଲଟି ଥିବା ଆରଜେଡି ନେତା ଦୁଲାରଚାନ୍ଦ ଯାଦବଙ୍କୁ ହତ୍ୟା କରିଥିବାର ଅଭିଯୋଗ ହୋଇଛି। ଗତ ଗୁରୁବାର ଦିନ ପ୍ରଶାନ୍ତ କିଶୋରଙ୍କ ପାର୍ଟିର ଜଣେ ପ୍ରାର୍ଥୀଙ୍କ ସପକ୍ଷରେ ଯାଦବ ପ୍ରଚାର କରୁଥିବା ବେଳେ ତାଙ୍କୁ ହତ୍ୟା କରାଯାଇଥିଲା। ଏହି ହତ୍ୟାକାଣ୍ଡରେ ଅନନ୍ତ ସଂପୃକ୍ତ ଥିବା ପୁଲିସ ପକ୍ଷରୁ କୁହାଯାଇଛି। ଏହି ମାମଲାରେ ପୁଲିସ ତାଙ୍କୁ ଗତକାଲି ବିଳମ୍ବିତ ରାତିରେ ଗିରଫ କରିଛି। କୋର୍ଟ ତାଙ୍କୁ ୧୪ ଦିନ ପାଇଁ ନ୍ୟାୟିକ ହେପାଜତକୁ ପଠାଇ ଦେଇଛନ୍ତି।।

ସୂଚନା ଅନୁଯାୟୀ ପାଟନା ଏସଏସପି କାର୍ତ୍ତିକେୟ ଶର୍ମା ୧୫୦ ଜଣ ପୁଲିସ କର୍ମୀଙ୍କୁ ନେଇ ଶନିବାର ବିଳମ୍ବିତ ରାତିରେ ବେଢ଼ନାର କାର୍‌ଗିଲ ଛକ ସ୍ଥିତ ଘରୁ ଅନନ୍ତଙ୍କୁ ଗିରଫ କରିଥିଲେ। ପରେ ତାଙ୍କୁ ପାଟନା ନେଇ ଆସିଥିଲେ। ରାତି ୨ଟାରେ ପାଟନା ଜିଲ୍ଲାପାଳ ଏବଂ ଏସ୍‌ଏସ୍‌ପି ସାମ୍ବାଦିକ ସମ୍ମିଳନୀ କରି ସମ୍ପୂର୍ଣ୍ଣ ମାମଲାର ସୂଚନା ଦେଇଥିଲେ।



ଧଳା ପୋଷାକ ସାଙ୍ଗକୁ କଳା ଚଷମା ପିନ୍ଧୁଥିବା ଅନନ୍ତଙ୍କୁ ଯିଏ ଦେଖିବ ସେ ସ୍ୱଚ୍ଛ ଭାବମୂର୍ତ୍ତିର ଭାବିନେବ। କିନ୍ତୁ ବାସ୍ତବରେ ସେ ସେପରି ନୁହନ୍ତି। ପାଟନାରେ ଥିବା ମୋକାମା ତାଙ୍କ ଗଡ଼ ଭାବେ ପରିଚିତ। ଗତ ଦୁଇ ଦଶନ୍ଧି ହେଲା ଅନନ୍ତ ସିଂହ ମୋକାମାରୁ ରାଜନୀତିକୁ ନିୟନ୍ତ୍ରଣ କରୁଛନ୍ତି। ସେ କୌଣସି ନିର୍ବାଚନୀ ସଙ୍କେତ ଚାହାନ୍ତି ନାହିଁ। ସେ ହିଁ ସଙ୍କେତ ପାଲଟି ଯାଆନ୍ତି। ଜେଡିୟୁ ହେଉ କି ଆରଜେଡି କିମ୍ବା ସ୍ୱାଧୀନ ସେ ଜିତିବା ସୁନିଶ୍ଚିତ ହୋଇଥାଏ। କେବଳ ଏହି ବାହୁବଳୀଙ୍କ ସ୍ଲୋଗାନ ବଦଳି ଯାଇଥାଏ। ଅନନ୍ତ ସିଂହଙ୍କ କଳା ସାମ୍ରାଜ୍ୟ ଏବଂ ଅପରାଧର ତାଲିକା ଯିଏ ଶୁଣେ ସେ ଭୟରେ ଥରି ଉଠାଇଥାଏ। ଦୁଲାରଚାନ୍ଦଙ୍କ ହତ୍ୟା ଏହାର ଏକ ଉଦାହରଣ ମାତ୍ର।

ଅନନ୍ତ ସତ୍ୟପାଠରେ କହିଛନ୍ତି ଯେ ତାଙ୍କ ଉପରେ ରେ ୨୮ଟି ମାମଲା ରହିଛି। ଏଗୁଡିକ ମଧ୍ୟରେ ହତ୍ୟା, ଆପରାଧିକ ଷଡ଼ଯନ୍ତ୍ର, ନିର୍ଯାତନା, ଅପହରଣ ଏବଂ ଆକ୍ରମଣ ଆଦି ସାମିଲ ରହିଛି। ସେହିପରି ଅନନ୍ତଙ୍କ ପାଖରେ ୧୩ କୋଟିର ସ୍ଥାବର ସମ୍ପତ୍ତି ରହିଛି। ସ୍ଥାବର ଏବଂ ଅସ୍ଥାବର ସମ୍ପତ୍ତିକୁ ମିଶାଇ ତାଙ୍କ ପାଖରେ ମୋଟ ୩୭.୮୮ କୋଟି ଟଙ୍କାର ସମ୍ପତ୍ତି ରହିଛି। ଅନନ୍ତଙ୍କ ବିଧାୟିକା ସ୍ତ୍ରୀ ନିଳୀମା ଦେବୀଙ୍କ ପାଖରେ ୬୨.୭୨ କୋଟି ଟଙ୍କାର ସମ୍ପତ୍ତି ମଧ୍ୟ ରହିଛି।

ମୋକାମାର ସରକାର ହେଉଛନ୍ତି ଛୋଟେ ସରକାର। ଏହି ଭୂମିହାର ନେତା ୨୦୦୫ରେ ପ୍ରଥମ ଥର ପାଇଁ ନିର୍ବାଚିତ ହୋଇଥିଲେ। ୨୦୧୦ରେ ପୁନର୍ବାର ଜିତିବା ସତ୍ତ୍ୱେ ୨୦୧୫ରେ ନୀତୀଶ କୁମାରଙ୍କ ଜେଡିୟୁ ଛାଡ଼ି ସେ ଆରଜେଡିରେ ସାମିଲ ହୋଇଥିଲେ। ଏହି ନିର୍ବାଚନରେ ସେ ସ୍ୱାଧୀନ ଭାବେ ଲଢ଼ି ଜେଡିୟୁ ନେତାଙ୍କୁ ହରାଇ ଥିଲେ। ପୁଣି ୨୦୨୦ ନିର୍ବାଚନ ପୂର୍ବରୁ ସେ ଜେଡିୟୁକୁ ଫେରି ବିଜୟୀ ହୋଇଥିଲେ। ତେବେ ୨୦୨୨ରେ ଅସ୍ତ୍ରଶସ୍ତ୍ର ରଖିବା ମାମଲାରେ ଦୋଷୀ ସାବ୍ୟସ୍ତ ହେବାରୁ ଅନନ୍ତଙ୍କ ବିଧାୟକ ପଦ ଚାଲି ଯାଇଥିଲା। ତେଣୁ ଉପ-ନିର୍ବାଚନରେ ସେ ପତ୍ନୀ ନିଳୀମାଙ୍କୁ ଆରଜେଡି ଟିକଟରେ ଛିଡ଼ା କରାଇ ମୋକାମାକୁ ନିଜ ହାତରେ ରଖିଥିଲେ। ଅନନ୍ତ ଗିରଫ ହେବା ଘଟଣାରୁ ସ୍ପଷ୍ଟ ହୋଇଯାଉଛି ଯେ ବିହାରରେ ସେମାନଙ୍କର ହିଁ ରାଜ ରହିଛି।

# ଠିକଣା ବେଳକୁ ବ୍ୟବସ୍ଥା ଫେଲ୍

## ବଡ଼ବଡ଼ିଆଙ୍କୁ ଅନୁକମ୍ପା, ବଳି ପଡ଼ିଲେ ପୁରୀ ବାସିନ୍ଦା / ମୁଖ୍ୟମନ୍ତ୍ରୀ, ଆଇନମନ୍ତ୍ରୀଙ୍କୁ ଚିଠି ଲେଖିଲେ ରାଜେଶ



ପୁରୀ,୨।୧୧(ସମିସ): ପଞ୍ଚୁକରେ ଶ୍ରୀମନ୍ଦିରରେ ପ୍ରବଳ ଭିଡ଼ ହେବ। ଯେହେତୁ ଚଳିତବର୍ଷ ୪ ଦିନିଆ ପଞ୍ଚୁକ ପଡୁଛି, ତେଣୁ ପ୍ରତିଦିନ ଅଧିକ ସଂଖ୍ୟକ ଶ୍ରଦ୍ଧାଳୁଙ୍କ ସମାଗମ ହେବ। ଏଥିପାଇଁ ଜିଲ୍ଲା ପ୍ରଶାସନ, ଶ୍ରୀମନ୍ଦିର ଏବଂ ପୁଲିସ ପ୍ରଶାସନ ସମ୍ପୂର୍ଣ୍ଣ ପ୍ରସ୍ତୁତ ରହିଛି। ଭକ୍ତମାନେ ଯେପରି ଭଲ ଭାବେ ଦର୍ଶନ କରିବେ ଏବଂ ନୀତିକାନ୍ତି ଶୃଙ୍ଖଳିତ ହୋଇପାରିବ, ସେଥିଲାଗି ସମସ୍ତ ବ୍ୟବସ୍ଥା କରାଯାଇଛି। ମନ୍ଦିର ଭିତର ଓ ବାହାର ପାଇଁ ସ୍ୱତନ୍ତ୍ର ବ୍ୟବସ୍ଥା କରାଯାଇଥିବା ବେଳେ ଟ୍ରାଫିକ ଓ ଭିଡ଼ ନିୟନ୍ତ୍ରଣ ପାଇଁ ପର୍ଯ୍ୟାପ୍ତ ସୁରକ୍ଷାକର୍ମୀ ମୁତୟନ ହୋଇଛନ୍ତି। ଏମିତି ବଡ଼ବଡ଼ ଭାଷଣ ଦେଇଥିଲେ ଅଧିକାରୀ। ହେଲେ ଠିକଣା ବେଳକୁ ସବୁ ଫେଲ୍ ମାରିଛି। ଦର୍ଶନ ଅବ୍ୟବସ୍ଥା ନେଇ ବାହାରୁ ଆସୁଥିବା ଭକ୍ତ ଗଣମାଧ୍ୟମ ସମ୍ମୁଖରେ ଯେଉଁଭଳି ଟିକା ଟିପ୍ପଣୀ ଦେଉଛନ୍ତି, ତାହା ସରକାରଙ୍କ ବ୍ୟବସ୍ଥାର ବାସ୍ତବ ଚିତ୍ରକୁ ପଦାରେ ପକାଇ ଦେଇଛି। କେବଳ ବାହାର ଭକ୍ତ ନୁହଁନ୍ତି, ଖୋଦ୍ ପୁରୀବାସିନ୍ଦା ବି ଦର୍ଶନ ଅବ୍ୟବସ୍ଥା ଏବଂ ବଡ଼ବଡ଼ିଆ ପ୍ରତି ଅଧିକାରୀଙ୍କ ଅହେତୁକ ଅନୁକମ୍ପାକୁ ନେଇ ଅସନ୍ତୋଷ ଝାଡ଼ିଛନ୍ତି।

ଦର୍ଶନ ପାଇଁ ଯାଇ ଶ୍ରୀମନ୍ଦିର ନିକଟରୁ ଘରକୁ ଫେରିଥିବା ପୁରୀର ଜଣେ ବିଶିଷ୍ଟ ବ୍ୟକ୍ତି ରାଜେଶ କୁମାର ମହାନ୍ତି ଅସନ୍ତୋଷ ବ୍ୟକ୍ତ କରିବା ସହ ସହରବାସୀଙ୍କ ପାଇଁ ସ୍ୱତନ୍ତ୍ର ଦର୍ଶନ ବ୍ୟବସ୍ଥା କରିବା ନିମନ୍ତେ ନେତାମନ୍ତ୍ରୀ ଓ ଅଧିକାରୀଙ୍କୁ ଚିଠି ଲେଖି ନିବେଦନ କରିଛନ୍ତି।

ମୁଖ୍ୟମନ୍ତ୍ରୀ, ଆଇନ ମନ୍ତ୍ରୀ, ପୁରୀ ସାଂସଦ, ଜିଲ୍ଲାପାଳ, ଏସ୍‌ପିଙ୍କୁ ଲେଖିଥିବା ଚିଠିରେ ଶ୍ରୀ ମହାନ୍ତି ଉଲ୍ଲେଖ କରିଛନ୍ତି ଯେ ପ୍ରତିବର୍ଷ ଭଳି ଚଳିତବର୍ଷ ପଞ୍ଚୁକ ପ୍ରଥମ ଦିନ ପତ୍ନୀଙ୍କୁ ସାଙ୍ଗରେ ନେଇ ମହାପ୍ରଭୁଙ୍କ ଦର୍ଶନ ପାଇଁ ଯାଇଥିଲେ। ଏକାଦଶୀରେ ମହାପ୍ରସାଦ ସେବନ କରି ଘରକୁ ଫେରିଥା'ନ୍ତେ। ହେଲେ ବ୍ୟାରିକେଡ୍‌ରେ ହଜାରହଜାର ଶ୍ରଦ୍ଧାଳୁ ଲମ୍ବା ଲାଇନରେ ଛିଡ଼ା ହୋଇଥିଲେ। ତେଣୁ ଦୋଳବେଦୀ ସମ୍ମୁଖ ପ୍ରୋଟୋକଲ ଗେଟ୍‌ରେ ଯିବାକୁ ଚାହିଁଥିଲେ ମଧ୍ୟ ସେମାନଙ୍କୁ ସୁରକ୍ଷା କର୍ମୀ ଛାଡ଼ିନଥିଲେ। ହେଲେ ବଡ଼ବଡ଼ିଆଙ୍କ ସୁପାରିସରେ ଆସିଥିବା ବ୍ୟକ୍ତିମାନଙ୍କ ପାଇଁ ସେହି ଗେଟ୍ ସଙ୍ଗେସଙ୍ଗେ ଖୋଲି ଦିଆଯାଉଥିଲା। ନେତା, ମନ୍ତ୍ରୀ ଏବଂ ଅଧିକାରୀଙ୍କ ଲୋକଙ୍କୁ ଛଡ଼ା ଯାଉଥିବା ବେଳେ ତାଙ୍କ ଭଳି ପୁରୀର କିଛି ଲୋକ ନିରାଶ ହୋଇ ଠିଆ ହୋଇଥିଲେ। ଏହାପରେ ପତ୍ନୀକୁ ଘରକୁ ପଳାଇଯିବା ପାଇଁ କହିଥିଲେ। କିନ୍ତୁ ଜଣେ ପୁଲିସ ଅଧିକାରୀଙ୍କ ସହଯୋଗରେ ତାଙ୍କ ପତ୍ନୀ ଦର୍ଶନ କରିବାକୁ ଗଲେ, କିନ୍ତୁ ସେ ଦର୍ଶନ ନ ପାଇ ଘରକୁ ଫେରି ଆସିଲେ।

ସେ ଆହୁରି ଉଲ୍ଲେଖ କରିଛନ୍ତି, ସହରବାସୀ ମହାପ୍ରଭୁଙ୍କୁ ଗାଁ ଠାକୁର ଭାବି ବିଭିନ୍ନ ପର୍ବପର୍ବାଣିରେ ଦର୍ଶନ କରିବା ସହ ମହାପ୍ରସାଦ ପାଇଁ ଯାଇଥା'ନ୍ତି। କିନ୍ତୁ ଦିନକୁ ଦିନ ସହରବାସିନ୍ଦା ଏ ସବୁରୁ ବଞ୍ଚିତ ହୋଇଆସୁଛନ୍ତି। ରଥଯାତ୍ରା, ବାହୁଡ଼ା, ସୁନାବେଶ ଓ ନୀଳାଦ୍ରିବିଜେ ସରିବା ଯାଏ ସହରବାସୀ ପ୍ରଶାସନ କଟକଣା ଯୋଗୁଁ ଏକପ୍ରକାର ଗୃହବନ୍ଦୀ ହୋଇ ରହିଥା'ନ୍ତି। ଭାରତବର୍ଷରେ ଯେତେ ବଡ଼ବଡ଼ ମନ୍ଦିର ରହିଛି, ସେଠାରେ ସ୍ଥାନୀୟବାସିନ୍ଦାଙ୍କ ଦର୍ଶନ ପାଇଁ ସ୍ୱତନ୍ତ୍ର ଦର୍ଶନ ବ୍ୟବସ୍ଥା କରାଯାଇଛି। ତେବେ ଏହା ଶ୍ରୀମନ୍ଦିର କ୍ଷେତ୍ରରେ କାହିଁକି ନୁହେଁ ବୋଲି ପ୍ରଶ୍ନ କରି ଏଥିପ୍ରତି ପଦକ୍ଷେପ ନେବା ଲାଗି ମୁଖ୍ୟମନ୍ତ୍ରୀ, ଆଇନ ମନ୍ତ୍ରୀଙ୍କ ସମେତ ସ୍ଥାନୀୟ ଜନ ପ୍ରତିନିଧି ଓ ଅଧିକାରୀଙ୍କୁ ଶ୍ରୀ ମହାନ୍ତି ନିବେଦନ କରିଛନ୍ତି।

### ଲକ୍ଷ୍ମୀନାରାୟଣ ବେଶରେ ଦର୍ଶନ ଦେଲେ ମହାବାହୁ

## ଆଜି ରତ୍ନସିଂହାସନରେ ତ୍ରିବିକ୍ରମ ବେଶ

ପୁରୀ, ୨।୧୧ (ସମିସ): ପବିତ୍ର କାର୍ତ୍ତିକ ଶୁକ୍ଳ ଏକାଦଶୀଠାରୁ ଆରମ୍ଭ ହୋଇଛି ପଞ୍ଚୁକ ବ୍ରତ। ଚଳଚଞ୍ଚଳ ହୋଇପଡ଼ିଛି ଶ୍ରୀକ୍ଷେତ୍ର। ପ୍ରଥମ ଦିନ (ରବିବାର) ମହାପ୍ରଭୁ ରତ୍ନସିଂହାସନରେ ଲକ୍ଷ୍ମୀନାରାୟଣ ବେଶ ତଥା ଠିଆକିଆ ବେଶରେ ଦର୍ଶନ ଦେଇଛନ୍ତି। ମହାପ୍ରଭୁଙ୍କ ବେଶ ଦର୍ଶନ ଲାଗି ଭକ୍ତଙ୍କର ପ୍ରବଳ ଭିଡ଼ ହୋଇଥିଲା। ସୋମବାର କାର୍ତ୍ତିକ ଶୁକ୍ଳ ତ୍ରୟୋଦଶୀ ତିଥିରେ ରତ୍ନସିଂହାସନରେ ଚତୁର୍ଦ୍ଧା ବିଗ୍ରହଙ୍କ ଡାଳିକିଆ ବା ତ୍ରିବିକ୍ରମ ବେଶ ଅନୁଷ୍ଠିତ ହେବ। ଏହି ଦିନ ଗରୁଡ଼ ଉତ୍ଥାପନ ନୀତି ମଧ୍ୟ ରହିଛି। ସେହିପରି, ୪ରେ ଲକ୍ଷ୍ମୀନୃସିଂହ ବେଶ ଏବଂ ପଞ୍ଚକର ଶେଷଦିନ ଅର୍ଥାତ୍ ୫ ତାରିଖରେ ମହାପ୍ରଭୁଙ୍କ ସୁନାବେଶ ତଥା ରାଜାଧିରାଜ ବେଶ ଅନୁଷ୍ଠିତ ହେବ।

ଶନିବାର ରାତିରେ ନୀତିକାନ୍ତିରେ ବିଳମ୍ବ ହୋଇଥିଲା। ରାତ୍ର ୧ଟା ୪୦ରେ ପହୁଡ଼ ହୋଇଥିବା ବେଳେ ରବିବାର ଭୋର୍ ୪ଟା ୧୦ରେ ଦ୍ୱାର ଫିଟି ଶ୍ରୀମନ୍ଦିରରେ ଭିତର ଶୋଧ ଓ ମଙ୍ଗଳ ଆଳତି କରାଯାଇଥିଲା। ପରେ ମଇଲମ ଓ ତଡ଼ପଲାଗି କରାଯାଇ ଅବକାଶ ନୀତି ସମ୍ପନ୍ନ ହୋଇଥିଲା। ପରେ ଲକ୍ଷ୍ମୀନାରାୟଣ ବେଶ କରାଯାଇଥିଲା। ପୁଷ୍ପାଳକମାନେ ତିନି ଠାକୁରଙ୍କୁ ଏହି ବେଶରେ ଭୂଷିତ କରାଇଥିଲେ। ଏଥିରେ ଠାକୁର ବିଭିନ୍ନପ୍ରକାର ସ୍ୱର୍ଣ୍ଣ ଅଳଙ୍କାର ଧାରଣ କରିଥିଲେ। ସୁନାବେଶ ଭଳି ଏହି ବେଶରେ ଠାକୁରମାନଙ୍କ ମସ୍ତକରେ ସ୍ୱର୍ଣ୍ଣ କିରୀଟ ଶୋଭା ପାଇଥିଲା। କୀରିଟ ପଛ ପାର୍ଶ୍ୱରେ ସୁବର୍ଣ୍ଣ କିଆ ଲଗାଯାଇଥିଲା। ମସ୍ତକରେ ସୁବର୍ଣ୍ଣ କିଆ ଠିଆ ହୋଇରହିଥିବାରୁ ଏହି ବେଶର ନାମ ଠିଆକିଆ ବେଶ। ପରମ୍ପରା ଅନୁଯାୟୀ, ବାଳଧୂପ ସରିବା ପରେ ତିନିବାଡ଼ରେ ପଣ୍ଡା, ପତି ଓ ମୁଦିରସ୍ତ ବନ୍ଦାପନା କରିଥିଲେ। ପରେ ଅନ୍ୟାନ୍ୟ ନୀତି ଅନୁଷ୍ଠିତ ହୋଇଥିଲା।

## ଆରମ୍ଭ ହେଲା ଶୁଭକାଳ

ପୁରୀ,୨।୧୧(ସମିସ): ରଥଯାତ୍ରା ପରେ ହରିଶୟନ ଏକାଦଶୀରେ ନିଦ୍ରା ଯାଇଥିଲେ ମହାପ୍ରଭୁ। ଚାରିମାସ ପରେ କାର୍ତ୍ତିକ ଶୁକ୍ଳ ଏକାଦଶୀରେ ମହାପ୍ରଭୁ ନିଦରୁ ଉଠିଛନ୍ତି। ଏହି କାର୍ତ୍ତିକ ଶୁକ୍ଳ ଏକାଦଶୀକୁ ହରି ଉତ୍ଥାପନ ଏକାଦଶୀ କୁହାଯାଏ। ଶ୍ରୀମନ୍ଦିରରେ ରବିବାର ହରି ଉତ୍ଥାପନ ନୀତି ସମ୍ପନ୍ନ ହୋଇଛି। ଠାକୁରଙ୍କ ଏହି ଶୟନ ଚାରିମାସକୁ ଚତୁର୍ମାସ୍ୟା

### ନିଦରୁ ଉଠିଲେ ମହାପ୍ରଭୁ

ବୋଲି କୁହାଯାଏ। ଏହି ସମୟରେ ଶୁଭ କାର୍ଯ୍ୟ କରାଯାଏ ନାହିଁ। ମହାପ୍ରଭୁ ନିଦରୁ ଉଠିବା ପରେ ମଙ୍ଗଳବାରଠାରୁ ଆରମ୍ଭ ହୋଇଛି ଶୁଭ କାଳ ଓ ଶୁଭ କର୍ମ। ମହାପ୍ରଭୁଙ୍କ ପ୍ରତିନିଧି ଭାବେ ଶ୍ରୀନାରାୟଣ, ବଳଭଦ୍ରଙ୍କ ପ୍ରତିନିଧି ଶ୍ରୀବାସୁଦେବ ଏବଂ ଦେବୀ ସୁଭଦ୍ରାଙ୍କ ପ୍ରତିନିଧି ଭାବେ ମା' ଭୁବନେଶ୍ୱରୀ ଶୟନ ଯାଇଥିଲେ।

ଶ୍ରୀଜଗନ୍ନାଥଙ୍କ ଦ୍ୱାଦଶ ଯାତ୍ରା ମଧ୍ୟରେ ହରି ଉତ୍ଥାପନ ଏକାଦଶୀ ଅନ୍ୟତମ। ଶ୍ରୀମନ୍ଦିରରେ ବଡ଼ସିଂହାର ଭୋଗ ସରିବା ପରେ ହରି ଉତ୍ଥାପନ ନୀତି ଆରମ୍ଭ ହୋଇଥିଲା। ରତ୍ନସିଂହାସନ ତଳେ ମହାସ୍ନାନ ପୂଜା ପରେ ମୁଦିରସ୍ତ ଓ ପଣ୍ଡା ତିନିଜଣ ଖଟଶେଯ ଘର ଉପରକୁ ଯାଇ ତଡ଼ାଉ ଶୟନ ପେଡ଼ି ମୁଦ ଭାଙ୍ଗିଥିଲେ। ମୁଦିରସ୍ତ ଶୟନ ପେଡ଼ି ଖୋଲି କର୍ପୂର, ଆଳତି, ଅଞ୍ଜଳି କରାଇ ୩ଟି ରୂପା ଥାଳିରେ ତିନିଦିଅଁଙ୍କୁ ବିଜେ କରାଇ ପଣ୍ଡାଙ୍କୁ ସମର୍ପଣ କରିଥିଲେ। ପୂଜାପଣ୍ଡାମାନେ ତିନିଠାକୁରଙ୍କୁ ଖଟୁଲିରେ ବିଜେ କରାଇ ମହାସ୍ନାନ କରାଇଥିଲେ। ମହାସ୍ନାନ ପରେ ଠାକୁରମାନେ ସିଂହାସନକୁ ବିଜେ କରିଥିଲେ। ପରେ ତିନିଠାକୁରଙ୍କ ସର୍ବାଙ୍ଗ ଲାଗି, ନୂଆ ଲୁଗା, ମାଳ ଫୁଲ ଲାଗି ହେବା ସହ ୬ ମୂର୍ତ୍ତି ଅଳଙ୍କାର ବେଶ ହୋଇଥିଲେ। ବଲ୍ଲଭ ବସିଂହାର ଭୋଗ ପଟୁଆରରେ ଆସିଥିଲା। ପୂଜାପଣ୍ଡା ଷୋଡ଼ଶ ଉପଚାରରେ ମଣୋହି କରିଥିଲେ। ପରେ ଠାକୁରମାନେ ଶୟନ ଘରକୁ ବିଜେ କରିଥିଲେ।

## କାର୍ତ୍ତିକ ପରେ ଶ୍ରୀମନ୍ଦିରରେ ଗଣତିମଣତି: ମନ୍ତ୍ରୀ

ଭୁବନେଶ୍ୱର, ୨।୧୧(ସମିସ): ଆସନ୍ତା ୫ତାରିଖରେ କାର୍ତ୍ତିକ ମାସ କରିବ। ପରେ ରତ୍ନଭଣ୍ଡାରରେ ଗଣତିମଣତି ଏବଂ ଧାଡ଼ିଦର୍ଶନ ପ୍ରକ୍ରିୟା କାର୍ଯ୍ୟକାରୀ କରାଯିବ ବୋଲି ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଛନ୍ତି। ଗଣମାଧ୍ୟମକୁ ସୂଚନା ଦେଇ ଆଇନମନ୍ତ୍ରୀ କହିଛନ୍ତି ଯେ ଗଣତିମଣତି ରତ୍ନଭଣ୍ଡାର ମଧ୍ୟରେ ହେବ। ଏଥିପାଇଁ ଆନୁଷଙ୍ଗିକ ବ୍ୟବସ୍ଥାର ପ୍ରକ୍ରିୟା ଆରମ୍ଭ କରାଯାଇଛି। ଗଣତିମଣତି ପାଇଁ ଏସଓପିର ବର୍ତ୍ତମାନ ଡ୍ରାଫ୍ଟିଂ ଚାଲିଛି। ଖୁବ୍‌ଶୀଘ୍ର ଏସଓପି ଡ୍ରାଫ୍ଟିଂ ପ୍ରକ୍ରିୟା ସରିବ। କାର୍ତ୍ତିକ ମାସରେ ଶ୍ରୀମନ୍ଦିରରେ ଭିଡ଼କୁ ଦୃଷ୍ଟିରେ ରଖି ଉଭୟ ଗଣତିମଣତି ଏବଂ ଧାଡ଼ି ଦର୍ଶନକୁ ବନ୍ଦ ରଖାଯାଇଥିଲା ବୋଲି ସେ କହିଛନ୍ତି। ସେହିପରି ଆଗାମୀ ୧୧ ତାରିଖରେ ଶ୍ରୀମନ୍ଦିର ବିକାଶ ନେଇ ସମୀକ୍ଷା ବୈଠକ ହେବ ବୋଲି ସେ ସୂଚନା ଦେଇଛନ୍ତି। ସୂଚନାଯୋଗ୍ୟ, ଗତ ସେପ୍ଟେମ୍ବରରେ ସଂରକ୍ଷଣ ତଥା ମରାମତି ପରେ ନୂଆରୂପ ପାଇଥିବା ଶ୍ରୀମନ୍ଦିର ରତ୍ନଭଣ୍ଡାରକୁ ସମସ୍ତ ବହୁମୂଲ୍ୟ ଅଳଙ୍କାର ତଥା ସାମଗ୍ରୀ ସ୍ଥାୟୀ ଭାବରେ ନିଆଯାଇଥିଲା। ତେବେ ରତ୍ନଭଣ୍ଡାରରେ ମୂଲ୍ୟବାନ ରତ୍ନ ଓ ଅଳଙ୍କାରର ଗଣତିମଣତି ହେଉ ନଥିବାରୁ ଏନେଇ ସାଧାରଣରେ ଅସନ୍ତୋଷ ବୃଦ୍ଧି ପାଇଥିଲା।

## ୭ରେ ନୂଆପଡ଼ା ଆସିବେ ରେବନ୍ତ ରେଡ୍ଡୀ



ଭୁବନେଶ୍ୱର,୨।୧୧(ସମିସ): ଆସନ୍ତା ୭ ତାରିଖରେ ନୂଆପଡ଼ା ଆସିବେ ତେଲେଙ୍ଗାନା ମୁଖ୍ୟମନ୍ତ୍ରୀ ରେବନ୍ତ ରେଡ୍ଡୀ। ନୂଆପଡ଼ା ଉପନିର୍ବାଚନରେ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝୀଙ୍କ ପାଇଁ ରେବନ୍ତ ଭୋଟ୍ ମାଗିବେ। ପୂର୍ବରୁ ଦଳ ପକ୍ଷରୁ ଜାରି ହୋଇଥିବା ୪୦ ଜଣିଆ ଷ୍ଟାର୍ ପ୍ରଚାରକ ତାଲିକାରେ ରେବନ୍ତଙ୍କ ନାମ ରହିଥିବା ବେଳେ ଆସନ୍ତା ୭ ତାରିଖରେ ତାଙ୍କ ଗସ୍ତ କାର୍ଯ୍ୟକ୍ରମ ସ୍ଥିର ହୋଇଥିବା ନେଇ କଂଗ୍ରେସ ପକ୍ଷରୁ ସୂଚନା ଦିଆଯାଇଛି। ଏହି ଗସ୍ତରେ ନୂଆପଡ଼ା ସାଲେଭଟାଠାରେ କଂଗ୍ରେସ ପକ୍ଷରୁ ବିରାଟର ସମାବେଶ ଆୟୋଜନ କରାଯିବାକୁ ଯୋଜନା ହୋଇଛି। ଏହି ଜନସଭାକୁ ଶ୍ରୀ ରେଡ୍ଡୀ ସମ୍ବୋଧିତ କରିବେ। ଏହା ପୂର୍ବରୁ ରବିବାର ସାଲେଭଟାଠାରେ ଆୟୋଜିତ ହେବାକୁ ଥିବା ସମାବେଶସ୍ଥଳ ପରିଦର୍ଶନ କରି ପିସିସି ସଭାପତି ଭକ୍ତ ଚରଣ ଦାସ ସମସ୍ତ ବିଷୟର ସ୍ଥିତି ସମୀକ୍ଷା କରିଛନ୍ତି। ଏହି ସମୟରେ ନୂଆପଡ଼ା ଉପନିର୍ବାଚନ ପାଇଁ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝୀ, ବିଧାୟକ ଅଶୋକ ଦାସ, ପୂର୍ବତନ ଆଇଏଏସ ତଥା କଂଗ୍ରେସର ଜାତୀୟ ମୁଖପାତ୍ର ଅମିତ ହୁସେନ ଏବଂ ଆଲୋକ ବାବୁ ପ୍ରମୁଖ ଉପସ୍ଥିତ ରହି ସଭା ହେବାକୁ ଥିବା ସ୍ଥାନର ଯାଞ୍ଚ କରିଛନ୍ତି। ନୂଆପଡ଼ା ଉପନିର୍ବାଚନ ପାଇଁ ଏବେ ୩ ଦଳର ପ୍ରଚାର ସରଗରମ ହୋଇଛି। ୭ ତାରିଖରେ ବିଜେଡି ସଭାପତି ନବୀନ ପଟ୍ଟନାୟକଙ୍କର ମଧ୍ୟ ଏକ ବିରାଟ୍ ରୋଡ୍ ଶୋ' କାର୍ଯ୍ୟକ୍ରମ ରହିଛି। ଏହାକୁ ଦୃଷ୍ଟିରେ ରଖି କଂଗ୍ରେସ ମଧ୍ୟ ଏହି ଆସନରେ କିପରି ନିଜର ସମର୍ଥକ ଓ ନୂଆପଡ଼ାବାସୀଙ୍କ ମନ ଜିଣିବ ସେନେଇ ଜୋରଦାର ଉଦ୍ୟମ କରୁଛି।

## ଡିସେମ୍ବର ୩୧ ପର୍ଯ୍ୟନ୍ତ ବଢ଼ିଲା ଇ-କେୱାଇସି ଅବଧି

ଭୁବନେଶ୍ୱର,୨।୧୧(ସମିସ): ରାସନ୍ କାର୍ଡ ଇ-କେୱାଇସି ଅପଡେଟ୍ ଅବଧି ବୃଦ୍ଧି କରିଛନ୍ତି ରାଜ୍ୟ ସରକାର। ଅକ୍ଟୋବର ୩୧ତାରିଖକୁ ଇ-କେୱାଇସି ଅପଡେଟ୍‌ର ଶେଷ ତାରିଖ ଭାବେ ଧାର୍ଯ୍ୟ କରାଯାଇଥିଲା। କିନ୍ତୁ ଏହି ସମୟସୀମା ମଧ୍ୟରେ ଆହୁରି ୧୫ଲକ୍ଷରୁ ଊର୍ଦ୍ଧ୍ୱ ହିତାଧିକାରୀ ଇ-କେୱାଇସି କରି ପାରି ନଥିବାରୁ ରାଜ୍ୟ ସରକାର ଏହି ଅବଧିକୁ ଡିସେମ୍ବର ୩୧ ପର୍ଯ୍ୟନ୍ତ ବୃଦ୍ଧି କରିଛନ୍ତି। ରାଜ୍ୟ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ବିଭାଗର ନିଷ୍ପତ୍ତି ଅନୁଯାୟୀ, ଯେଉଁମାନେ ବର୍ତ୍ତମାନ ପର୍ଯ୍ୟନ୍ତ ଇ-କେୱାଇସି କରିନାହାନ୍ତି, ସେମାନେ ଆସନ୍ତା ଡିସେମ୍ବର ୩୧ତାରିଖ ଯାଏଁ ଇ-କେୱାଇସି ଅପଡେଟ୍ କରିପାରିବେ। ଏଥିପାଇଁ ଜାତୀୟ ଖାଦ୍ୟ ସୁରକ୍ଷା ଆଇନ ଏବଂ ରାଜ୍ୟ ଖାଦ୍ୟ ସୁରକ୍ଷା ଯୋଜନା ଅଧୀନରେ ଥିବା ରାଜ୍ୟର ସମସ୍ତ ପିଡିଏସ୍ ହିତାଧିକାରୀଙ୍କୁ ଖାଉଟି କଲ୍ୟାଣ ବିଭାଗ ପକ୍ଷରୁ ଚିଠି ଲେଖାଯାଇଛି।

ଖାଦ୍ୟ ଯୋଗାଣ ବିଭାଗ ପକ୍ଷରୁ ଜାରି ବିଜ୍ଞପ୍ତିରେ ଦର୍ଶାଯାଇଛି ଯେ ଜାତୀୟ ଖାଦ୍ୟ ସୁରକ୍ଷା ଆଇନ ଏବଂ ରାଜ୍ୟ ଖାଦ୍ୟ ସୁରକ୍ଷା ଯୋଜନା ଅଧୀନରେ ଥିବା ରାଜ୍ୟର ସମସ୍ତ ପିଡିଏସ୍ ହିତାଧିକାରୀଙ୍କ ଆଧାରଭିତ୍ତିକ ଇ-କେୱାଇସି ପ୍ରକ୍ରିୟା ଜାରି ରହିଛି। ଏହା ସମସ୍ତ ୧୧,୮୨୭ଟି ଖାଉଟି ସୁଲଭ ମୂଲ୍ୟ ଦୋକାନ ତଥା ୩୧୪ଟି ବ୍ଲକ୍ ଓ ୬୪ଟି ପୌରାଞ୍ଚଳ କାର୍ଯ୍ୟାଳୟରେ କାର୍ଯ୍ୟରତ ଥିବା ରାସନ୍‌କାର୍ଡ ପରିଚାଳନା କେନ୍ଦ୍ରଗୁଡ଼ିକରେ ଜାରି ରହିଛି। ଏହାସହ ଅଦ୍ୟାବଧି ଇ-କେୱାଇସି କରାଇ ପାରିନଥିବା ହିତାଧିକାରୀମାନଙ୍କୁ ପ୍ରତ୍ୟେକ ମାସର ପିଡିଏସ୍ ସାମଗ୍ରୀ ପୂର୍ବଭଳି ପ୍ରଦାନ କରାଯାଉଛି। ଇ-କେୱାଇସି ହୋଇନଥିବା କୌଣସି ଯୋଗ୍ୟ ହିତାଧିକାରୀଙ୍କୁ ଖାଦ୍ୟ ସୁରକ୍ଷାରୁ ବଞ୍ଚିତ କରାଯାଇନାହିଁ। ଯଦି ଏ ପର୍ଯ୍ୟନ୍ତ କୌଣସି କାରଣରୁ ଯୋଗ୍ୟ ହିତାଧିକାରୀ ଇ-କେୱାଇସି କରିନାହାନ୍ତି, ତାହାଲେ ସେମାନେ ଡିସେମ୍ବର ୩୧ ତାରିଖ ସୁଦ୍ଧା ନିକଟସ୍ଥ ଖାଉଟି ସୁଲଭ ମୂଲ୍ୟ ଦୋକାନ ବା ରାସନ କାର୍ଡ ପରିଚାଳନା କେନ୍ଦ୍ରକୁ ଯାଇ ନିଜ ଇ-କେୱାଇସି କରାଇପାରିବେ ବୋଲି ବିଭାଗ କହିଛି।

ସୂଚନାଥାଉ କି, ଗତ ୧୪ ତାରିଖ ସୁଦ୍ଧା ରାଜ୍ୟରେ ୧୬ଲକ୍ଷ ୩୦ ହଜାର ୩୭୧ ଜଣ ହିତାଧିକାରୀ ଇ-କେୱାଇସି କରିନଥିଲେ। ତେଣୁ ସମସ୍ତ ଜିଲ୍ଲାପାଳଙ୍କୁ ଏହା ତ୍ୱରାନ୍ୱିତ କରିବାକୁ ନିର୍ଦ୍ଦେଶ ଦିଆଯାଇଥିଲା। ହେଲେ ଗତ ୧୫ ଦିନ ଭିତରେ ମାତ୍ର ୭୩ ହଜାର ୧୦୬ ଜଣ ଇ-କେୱାସି କରାଇଛନ୍ତି। ଏହାପରେ ମଧ୍ୟ ଆହୁରି ୧୫ଲକ୍ଷରୁ ଊର୍ଦ୍ଧ୍ୱ ହିତାଧିକାରୀ ଇ-କେୱାଇସି କରାଇନାହାନ୍ତି।

## ୮ କୋଟିର ତରଳ ଗଞ୍ଜେଇ ଜବତ



ମାଲକାନଗିରି, ୨।୧୧ (ସମିସ): ମାଲକାନଗିରି ପୁଲିସ ଆଜି ଏସ.ଆର ଛକ ନିକଟରୁ ୬୦ କେଜିର ତରଳ ଗଞ୍ଜେଇ ଜବତ କରିଛି। ଜବତ ଗଞ୍ଜେଇର ବଜାର ମୂଲ୍ୟ ୮ କୋଟି ଟଙ୍କାରୁ ଊର୍ଦ୍ଧ୍ୱ ହେବ ବୋଲି ପୁଲିସ କହିଛି। ତେବେ ତରଳ ଗଞ୍ଜେଇ ଜବତ ହେବା, ମାଲକାନଗିରି ଜିଲ୍ଲାରେ ପ୍ରଥମ ଘଟଣା ବୋଲି କୁହାଯାଉଛି। ମାଲକାନଗିରି ପୁଲିସ ପାଇଁ ଏହା ଏକ ବଡ଼ ସଫଳତା ବୋଲି ଏସ୍‌ପି ବିନୋଦ ପାଟିଲ କହିଛନ୍ତି। ଏନେଇ ଚିତ୍ରକୋଣ୍ଡା ଥାନାରେ ୨୧୩/୨୫ରେ ଏକ ମାମଲା ରୁଜୁ ହୋଇଛି। ଏହି ଘଟଣାରେ ପୁଲିସ ୮ ଜଣଙ୍କୁ ଅଟକ ରଖି ତଦନ୍ତ କରୁଥିବା ବେଳେ ସେମାନଙ୍କ ନିକଟରୁ ୮ଟି ବାଇକ୍ ଜବତ ହୋଇଛି। ଏହି ଗଞ୍ଜେଇ ମାଲକାନଗିରିରୁ ଆନ୍ଧ୍ର ଅଭିମୁଖେ ଚାଲାଣ ହେଉଥିଲା ବୋଲି ପୁଲିସ କହିଛି।

ସୂଚନାନୁଯାୟୀ, ଗଞ୍ଜେଇ ଚାଲାଣ ପାଇଁ ମାଫିଆମାନେ ନୂଆନୂଆ ଉପାୟ ଖୋଜୁଛନ୍ତି। କେତେବେଳେ ଗାଡ଼ିସିଟ୍ ଭିତରେ ତ କେତେବେଳେ ପରିବା ଗାଡ଼ିରେ ଲୁଚାଇ ଗଞ୍ଜେଇ ଚାଲାଣ କରୁଛନ୍ତି। ତେବେ ଏ ଯୋଜନା ଫେଲ୍ ମାରୁଥିବାରୁ ମାଫିଆମାନେ ନୂଆ ଉପାୟ ଆପଣାଇଛନ୍ତି। ଗଞ୍ଜେଇକୁ ପ୍ରକ୍ରିୟାକରଣ କରି ତାହାକୁ ତରଳଅବସ୍ଥାକୁ ଆଣିବାପରେ ପଲିଥିନ୍‌ରେ ଚାଲାଣ କରୁଛନ୍ତି। ପୁଲିସ ଆଖିରେ ଧୂଳି ଦେବା ସହ ପରିବହନରେ ସୁବିଧା ହେଉଥିବାରୁ ମାଫିଆମାନେ ଏବେ ଏପରି ନୂଆ ପନ୍ଥା ଆପଣାଇଛନ୍ତି। ୩୦ରୁ ୪୦ କେଜି ଗଞ୍ଜେଇ ପ୍ରକ୍ରିୟାକରଣ କଲେ ତାହା ୧ କେଜି ତରଳ ଗଞ୍ଜେଇରେ ପରିଣତ ହୋଇଥାଏ। ଜବତ ହୋଇଥିବା ଗଞ୍ଜେଇ ପଲିଥିନ୍‌ର ମୂଲ୍ୟରୁ ଗୋଟା ପିଛା ୧ଲକ୍ଷରୁ ୧ଲକ୍ଷ ୨୫ ହଜାର ଟଙ୍କା ହେବ ବୋଲି କୁହାଯାଉଛି। ନିକଟରେ ମୁକ୍ତିଲାଭ କରିଥିବା ବଲିଉଡ୍ ଚଳଚ୍ଚିତ୍ର 'ଘାଟି' ପରି ଅଭିଯୁକ୍ତମାନେ ଗଞ୍ଜେଇ ଚାଲାଣ କରୁଥିଲେ। ୮ଟି ବାଇକ୍‌ରେ ସେମାନେ ଏକାଧିକ ପଲିଥିନ୍‌ରେ ଏହି ତରଳ ଗଞ୍ଜେଇ ନେଇ ଆନ୍ଧ୍ର ଅଭିମୁଖେ ଯାଉଥିଲେ। ଏସ.ଆର୍ ଛକ ନିକଟରେ ସେମାନେ ଏକତ୍ରିତ ହୋଇ ଆନ୍ଧ୍ରପ୍ରଦେଶର ଜଣେ ମାଫିଆଙ୍କୁ ଅପେକ୍ଷା କରିଥିବା ବେଳେ ପୁଲିସ ସେମାନଙ୍କୁ ମାଡ଼ି ବସିଥିଲା।

### ■ ସଂସାର ଉଜାଡ଼ିଦେଲା ନିଶା

## ସ୍ୱାମୀର କାଠଫାଳିଆ ମାଡ଼ରେ ସ୍ତ୍ରୀ ମୃତ

ବାରିପଦା, ୨।୧୧(ସମିସ): କାଳ ହେଲା ନିଶା। ନିଶାସକ୍ତ ଅବସ୍ଥାରେ ସ୍ୱାମୀର କାଠଫାଳିଆ ମାଡ଼ରେ ସ୍ତ୍ରୀର ମୃତ୍ୟୁ। ବାରିପଦା ସଦର ଥାନା ଅନ୍ତର୍ଗତ ରାଣୀଭୋଳ ଗ୍ରାମରେ ଏପରି ଏକ ଆପରାଧିକ ଘଟଣା ଘଟିଛି। ମୃତ ମହିଳାଜଣଙ୍କ ହେଲେ, ଉକ୍ତ ଗ୍ରାମର କସ୍ତୁରୀ ଦେହୁରୀ। ବାରିପଦା ସଦର ଥାନା ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଏହି ଘଟଣାରେ ପୁଲିସ ଅଭିଯୁକ୍ତ ସ୍ୱାମୀ ସୁରୁ ଦେହୁରୀଙ୍କୁ ଗିରଫ କରି କୋର୍ଟଚାଲାଣ କରିଛି। ସୂଚନାନୁଯାୟୀ, କସ୍ତୁରୀ ଓ ସୁରୁଙ୍କ ମଧ୍ୟରେ ପାରିବାରିକ କଳହ ହେଉଥିଲା। ଅଧିକାଂଶ ସମୟରେ ସୁରୁ ନିଶାସକ୍ତ ଅବସ୍ଥାରେ ଘରକୁ ଫେରି କସ୍ତୁରୀଙ୍କୁ ବାଡ଼ିଆପିଟା କରୁଥିଲେ। ରବିବାର ପୂର୍ବାହ୍ନରେ ମଧ୍ୟ ସୁରୁ ନିଶାସକ୍ତ ଅବସ୍ଥାରେ ଘରକୁ ଫେରିଥିଲେ। କୌଣସି କାରଣରୁ କସ୍ତୁରୀଙ୍କ ସହ ତାଙ୍କର ଝଗଡ଼ା ହୋଇଥିଲା। ଏଥିରେ ଉତ୍କ୍ଷିପ୍ତ ହୋଇ ପାଖରେ ପଡ଼ିଥିବା ଏକ କାଠଫାଳିଆରେ ସେ କସ୍ତୁରୀଙ୍କ ମୁଣ୍ଡକୁ ପିଟି ଦେଇଥିଲେ। ଘଟଣାସ୍ଥଳରେ ହିଁ କସ୍ତୁରୀ ଟଳି ପଡ଼ିଥିଲେ ଓ ତାଙ୍କର ମୃତ୍ୟୁ ହୋଇଯାଇଥିଲା।

## ଖେଳୁଥିବା ଶିଶୁକୁ ହତ୍ୟା

ରାଇରଙ୍ଗପୁର,୨।୧୧(ସମିସ): ସାଙ୍ଗମାନଙ୍କ ସହ ଖେଳୁଥିବା ବେଳେ ୫ବର୍ଷୀୟ ଏକ ଶିଶୁପୁତ୍ରକୁ ହତ୍ୟା କରାଯିବା ଭଳି ଘଟଣା ଯଶିପୁର ଥାନା ଅଞ୍ଚଳରେ ତୀବ୍ର ଆଲୋଡ଼ନ ସୃଷ୍ଟି କରିଛି। ମୃତ ଶିଶୁପୁତ୍ରଟି ହେଲା, ମାହାରଦା ପାଳସା ଗ୍ରାମର ରାଜେଶ ବେହେରାଙ୍କ ପୁଅ ଆଦି ବେହେରା (୫)। ସେ ଆଜି ଘର ନିକଟରେ ଅନ୍ୟ ପିଲାମାନଙ୍କ ସହ ଖେଳୁଥିବା ବେଳେ କେହି ଦୁର୍ବୃତ୍ତ କିମ୍ବା କାଠଫାଳିଆରେ ତା' ମୁଣ୍ଡକୁ ଜୋର୍‌ରେ ପିଟି ଦେଇଥିଲା। ଏଥିରେ ପ୍ରଚୁର ରକ୍ତସ୍ରାବ ହେବା ସହ ଆଦି ଚେତାଶୂନ୍ୟ ହୋଇ ତଳେ ପଡ଼ିଯାଇଥିଲା। ସେପଟେ, ଦୀର୍ଘ ସମୟ ଧରି ଘରକୁ ନ ଫେରିବାରୁ ପରିବାରଲୋକେ ଖୋଜାଖୋଜି କରିଥିଲେ। ଖେଳ ପଡ଼ିଆ ନିକଟରେ ଆଦି ରକ୍ତ ଜୁଡୁବୁଡୁ ଅବସ୍ଥାରେ ପଡ଼ିଥିବା ଦେଖି ତାକୁ ସ୍ଥାନୀୟ ହସ୍ପିଟାଲରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେତେବେଳକୁ ଡେରି ହୋଇଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଏକ ନିଷ୍ପାପ ଶିଶୁକୁ କିଏ ଓ କାହିଁକି ହତ୍ୟା କଲା, ତାହାକୁ ନେଇ ଅଞ୍ଚଳରେ ଭୟର ବାତାବରଣ ଖେଳି ଯାଇଥିବା ବେଳେ ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଜାରି ରଖିଛି। ପରିବାରର ଶତ୍ରୁତାକୁ କେନ୍ଦ୍ର କରି କେହି ଦୁର୍ବୃତ୍ତ ଏପରି ଅମାନୁଷିକ କାଣ୍ଡ ଘଟାଇଥାଇପାରେ ବୋଲି ସନ୍ଦେହ କରାଯାଉଛି।

### ଟ୍ରେନ୍ ଧକ୍କାରେ ଦନ୍ତାହାତୀ ମୃତ୍ୟୁ ଘଟଣା

## ସମନ୍ୱୟ ଅଭାବରୁ ଜୀବନ ଗଲା

ବାରିପଦା, ୨।୧୧(ସମିସ): ରେଳ ଓ ବନ ବିଭାଗ ମଧ୍ୟରେ ସମନ୍ୱୟ ଅଭାବରୁ ପୁଣି ଗୋଟିଏ ଦନ୍ତା ହାତୀର ଜୀବନ ଗଲା। ଗତକାଲି ବିଳମ୍ବିତ ରାତିରେ ଶାଲିମାର-ଭଞ୍ଜପୁର ଏକ୍ସପ୍ରେସ୍ ଧକ୍କାରେ ଏକ ଦନ୍ତାହାତୀର ମୃତ୍ୟୁ ହେବା ଘଟଣାରେ ଦୁଇ ବିଭାଗର ଅବହେଳା ଜଳଜଳ ବୋଲି ବନ୍ୟଜନ୍ତୁପ୍ରେମୀ ମହଲରେ ଅଭିଯୋଗ ହୋଇଛି। ଏପରିକି, ରେଳ ଫାଟକ ଦାୟିତ୍ୱରେ ଗେଟ୍‌କିପର୍ ଏହି ଅଘଟଣକୁ ବଡ଼ ଆରାମରେ ଏଡ଼ାଇ ଦେଇପାରିଥା'ନ୍ତେ ବୋଲି ସେମାନେ ଯୁକ୍ତି ବାଢ଼ିଛନ୍ତି।

ସୂଚନାଯୋଗ୍ୟ, ବେତନଟୀ ବନାଞ୍ଚଳରେ ବର୍ଷତମାମ ଝାଡ଼ଖଣ୍ଡୀ ଓ ଶିମିଳିପାଳ ହାତୀପଲ ବିଚରଣ କରୁଛନ୍ତି। ବିଭିନ୍ନ ସମୟରେ ଜନବସତି, ରାଜପଥ, ସଡ଼କପଥ ଓ ରେଳପଥ ପାର୍ ହୋଇ ଯାତାୟାତ କରୁଥିବା ବେଳେ ବନ ବିଭାଗର କର୍ମଚାରୀମାନେ ସେମାନଙ୍କ ଗତିବିଧି ଉପରେ ନଜର ରଖିଥା'ନ୍ତି। ଏବେ ଏହି ବନାଞ୍ଚଳରେ ୩୩ରୁ ଊର୍ଦ୍ଧ୍ୱ ହାତୀ ବିଭିନ୍ନ ସଂରକ୍ଷିତ ଜଙ୍ଗଲରେ ଖାଦ୍ୟ ଅନ୍ୱେଷଣରେ ଘୂରି ବୁଲୁଛନ୍ତି। ଗତକାଲି ହାତୀପଲଠାରୁ ଅଲଗା ହୋଇ ଗୋଟିଏ ଦନ୍ତାହାତୀଟି ସର୍ବଣା ଓ ବିଶ୍ରାମପୁର ଅଞ୍ଚଳରେ ବୁଲୁଥିଲା। ରାତିରେ ହାତୀଟି ଆଗ୍ରିଆ ଅଭିମୁଖେ ଆସୁଥିବା ବେଳେ ସ୍ଥାନୀୟ ଲୋକମାନେ ତାକୁ ଦେଖି ପାଟିତୁଣ୍ଡ କରିଥିଲେ। ଟର୍ଚ୍ଚଲାଇଟ୍ ପକାଇବା ସହ ଘଉଡ଼ାଇବାକୁ ଚେଷ୍ଟା କରିବାରୁ ହାତୀଟି ରେଳଧାରଣା ନିକଟକୁ ଚାଲି ଆସିଥିଲା। ରାତି ପ୍ରାୟ ସାଢ଼େ ୧୧ଟାରେ



■ ବନ ଓ ରେଳ ବିଭାଗକୁ ଦାୟୀ କଲେ ବନ୍ୟଜନ୍ତୁପ୍ରେମୀ
■ ବ୍ୟବଚ୍ଛେଦ ପରେ ପୋତା ହେଲା
■ ଦୁଇ ବିଶାଳ ଦାନ୍ତକୁ ଉଦ୍ଧାର କଲା ବନ ବିଭାଗ

ପଶ୍ଚିମବଙ୍ଗରୁ ଶାଲିମାର-ଭଞ୍ଜପୁର ଏକ୍ସପ୍ରେସ୍ ଟ୍ରେନ୍‌ଟି ବାରିପଦା ଅଭିମୁଖେ ଆସୁଥିବା ବେଳେ ଆଗ୍ରିଆ ଫାଟକ ନିକଟରେ ହାତୀଟି ରେଳ ଫାଟକ ପାର୍ ହେବାକୁ ଉଦ୍ୟମ କରୁଥିଲା। ମାତ୍ର ଫାଟକ ବନ୍ଦ ଥିବାରୁ ହାତୀଟି କୁଆଡ଼େ ଯାଇ ନପାରି ରେଳ ଧାରଣା ଉପରେ ଛିଡ଼ା ହୋଇରହିଥିଲା। ଫଳରେ ଦ୍ରୁତଗାମୀ ଟ୍ରେନ୍‌ଟି ଦନ୍ତାକୁ ଧକ୍କା ଦେଇଥିଲା। ତେବେ ଗେଟ୍‌କିପର୍ ସମୟ ପୂର୍ବରୁ ଟ୍ରେନ୍‌କୁ ଏ ସଂପର୍କରେ ସୂଚନା ଦେଇଥିଲେ, ଏକ ଅମୂଲ୍ୟ ଜୀବନ ବଞ୍ଚାଇ ଯାଇପାରିଥା'ନ୍ତା ବୋଲି ବନ୍ୟଜନ୍ତୁପ୍ରେମୀ କହିଛନ୍ତି। ଏପରିକି, ଉପସ୍ଥିତ ବୁଦ୍ଧି ଖଟାଇ ଫାଟକଟି ସେହି ସମୟରେ ଟେକି ଦେଇଥିଲେ ମଧ୍ୟ ହାତୀଟି ସୁରକ୍ଷିତ ଭାବେ ସେଠାରୁ ପଳାଇଥା'ନ୍ତା।


ଏ ସଂକ୍ରାନ୍ତରେ ପୂର୍ବତନ ଅବୈତନିକ ବନ୍ୟପ୍ରାଣୀ ତତ୍ତ୍ୱାବଧାରକ ଭାନୁମିତ୍ର ଆଚାର୍ଯ୍ୟ କହିଛନ୍ତି, ହାତୀ ପଛରେ ଗଜସାଥି କିମ୍ବା ବନ କର୍ମଚାରୀମାନେ ନ ଥିବାରୁ ଏଭଳି ଅଘଟଣ ଘଟିଲା। ହାତୀଟି ରେଳ ଧାରଣା ଉପରକୁ ଉଠିବା ପରେ ସ୍ଥାନୀୟ ଲୋକେ ରେଳ ଫାଟକ କର୍ମଚାରୀଙ୍କୁ ଜଣାଇବା ପରେ ମଧ୍ୟ କୌଣସି ପଦକ୍ଷେପ ଗ୍ରହଣ କରାଯାଇନଥିଲା। ଏପରିକି ଫାଟକ ଟେକିଥିଲେ ହାତୀଟି ବଞ୍ଚିଯାଇ ପାରିଥା'ନ୍ତା। ହାତୀକୁ ନେଇ ରେଳ ବିଭାଗ ଓ ବନ କର୍ମଚାରୀଙ୍କ ମଧ୍ୟରେ ସଠିକ୍ ପଦକ୍ଷେପ ଗ୍ରହଣ କରାଯାଉ ନ ଥିବାରୁ ହାତୀଙ୍କ ଚଲାପଥ ଏବେ ମରଣପଥ ହୋଇପଡ଼ିଛି।

ଏ ସମ୍ପର୍କରେ ବାରିପଦା ବନଖଣ୍ଡ ଅଧିକାରୀ ଗୋବିନ୍ଦ ଚନ୍ଦ୍ର ବିଶ୍ୱାଳ କହିଛନ୍ତି, କର୍ମଚାରୀମାନେ ନିକଟସ୍ଥ ଫୁଲଝରୀ ଗ୍ରାମରେ ଥିବା ହାତୀପଲକୁ ଜଗିଥିଲେ। ପଲ ମଧ୍ୟରୁ ଦନ୍ତା ହାତୀଟି ଖସି ଆସି ରେଳ ଧାରଣା ଉପରକୁ ଯାଇଥିଲା। ମୃତ ହାତୀଟି ଝାଡ଼ଖଣ୍ଡରୁ ଆସିଥିବାରୁ ଗତିବିଧି ଉପରେ ବିଭାଗୀୟ ନଜର ରହିଥିଲା। ତେବେ ଘଟଣାକୁ ନେଇ ତଦନ୍ତ ଜାରି ରହିଛି।

ଅପରପକ୍ଷେ, ଆଜି ଦନ୍ତାଟିର ବ୍ୟବଚ୍ଛେଦ କରାଯିବା ସହ ଅନ୍ତିମ ସଂସ୍କାର କରାଯାଇଛି। ରବିବାର ସକାଳେ ବିଭାଗ ପକ୍ଷରୁ ଦନ୍ତାକୁ ନେଇ ବାରିପଦା ନିକଟସ୍ଥ ମଞ୍ଜାବନ୍ଧା ଜଙ୍ଗଲରେ ବ୍ୟବଚ୍ଛେଦ କରାଯାଇଥିଲା। ପରେ ତାକୁ ସେହିଠାରେ ପୋତି ଦିଆଯାଇଥିଲା। ତା'ର ଦୁଇଟି ବିଶାଳ ଦାନ୍ତକୁ ଆଣି କାର୍ଯ୍ୟାଳୟରେ ରଖାଯାଇଛି। ମୃତ ହାତୀଟିର ବୟସ ୨୫ବର୍ଷରୁ ଊର୍ଦ୍ଧ୍ୱ ହେବ ବୋଲି ବିଭାଗ ପକ୍ଷରୁ ଜଣାପଡ଼ିଛି।

## ଆଖିବୁଜିଲା ଅସୁସ୍ଥ ମାଈହାତୀ

ଜଳେଶ୍ୱର, ୨।୧୧ (ସମିସ): ପାଖାପାଖି ୨୦ଦିନ ଧରି ରାଇବଣିଆରେ ଉପଦ୍ରବ ଚଳାଇଥିବା ୩୦ ଟିକିଆ ଶିମିଳିପାଳ ହାତୀପଲ ମଧ୍ୟରୁ ଆଜି ଗୋଟିଏ ମାଈହାତୀର ମୃତ୍ୟୁ ଘଟିଛି। ୨ଦିନ ତଳେ ହାତୀଟି ସୁକଯୋଡ଼ି ଜଙ୍ଗଲରେ ବିଚରଣ କରୁଥିବା ବେଳେ ଅସୁସ୍ଥ ଥିବା



ଜଣାପଡ଼ିଥିଲା। ବେଶୀ ଚଳପ୍ରଚଳ କରୁନଥିବା ବେଳେ ଖାଦ୍ୟ ମଧ୍ୟ ଖାଉ ନଥିଲା। ବନବିଭାଗ ଶନିବାର ତାକୁ ଠାବ କରି ଚିକିତ୍ସା ଲାଗି ପ୍ରୟାସ ଆରମ୍ଭ କରିଥିଲା। ପ୍ରାଣୀ ଚିକିତ୍ସକ ଗତକାଲି ହାତୀର ଫଟୋ ଉଠାଇ ଚାଲି ଯାଇଥିଲେ। ଆଜି ସକାଳେ ତା'ର ଚିକିତ୍ସା କରାଯାଇଥିଲା। ମାତ୍ର ଆଜି ଅପରାହ୍ଣ ୫ଟାରେ ଶ୍ୟାମନଗର ପଞ୍ଚାୟତର ଧାନଘେରା ନିକଟ ପଞ୍ଚାୟତ ଅଫିସ୍ ନିକଟ ଜଙ୍ଗଲରେ ହାତୀଟି ମରି ପଡ଼ିଥିବା ଦେଖାଯାଇଥିଲା।

ଖବର ପାଇ ଜଳେଶ୍ୱର ରେଞ୍ଜର୍ ଜୟଶ୍ରୀ ମୁର୍ମୁ, ଫରେଷ୍ଟର୍ ପ୍ରହ୍ଲାଦ ନାୟକ, ବନ କର୍ମଚାରୀ, ରାଇବଣିଆ ପୁଲିସ୍ ଘଟଣାସ୍ଥଳରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଥିଲେ। ଆସନ୍ତାକାଲି କୁଲଡିହାରୁ ଟିମ୍ ଆସିବା ପରେ ହାତୀଟିର ବ୍ୟବଚ୍ଛେଦ ହେବ ବୋଲି ଏସିଏଫ୍‌ଓ ଜୟଶ୍ରୀ ମୁର୍ମୁ କହିଛନ୍ତି।

ସୂଚନାଯୋଗ୍ୟ, ଶିମିଳିପାଳର ଏହି ହାତୀପଲ ୩ରୁ ୪ଟି ଦଳରେ ବିଭକ୍ତ ହୋଇ ବିଭିନ୍ନ ଜଙ୍ଗଲରେ ଘୂରି ବୁଲୁଥିଲେ। ଦିନ ବେଳେ ଜଙ୍ଗଲରେ ରହୁଥିବା ବେଳେ ରାତି ହେଲେ ଜନବସତି ଆଡ଼କୁ ମାଡ଼ି ଆସୁଥିଲେ। ଚାଷଜମିରେ ପଶି ଫସଲ ଖାଇବା ସହ ନଷ୍ଟ କରୁଥିଲେ। ବନବିଭାଗ ପକ୍ଷରୁ ସେମାନଙ୍କ ଉପରେ ତୀକ୍ଷ୍ଣ ନଜର ରଖାଯାଇଥିଲା। ହାତୀପଲଙ୍କଠାରୁ ଦୂରେଇ ରହିବା ପାଇଁ ଲୋକଙ୍କୁ ସଚେତନ ମଧ୍ୟ କରାଯାଇଥିଲା।

## କୂଅରେ ପଡ଼ି ମହିଳାଙ୍କ ମୃତ୍ୟୁ

ଜୟପୁର,୨।୧୧(ସମିସ): ଜୟପୁର ସଦରଥାନା ଅନ୍ତର୍ଗତ ରାଣିପୁଟ ଗ୍ରାମର ଏକ କୂଅରେ ପଡି ମହିଳାଙ୍କ ମୃତ୍ୟୁ ହୋଇଥିବା ନେଇ ସଦରଥାନାରେ ଏକ ମାମଲା ରୁଜୁ ହୋଇଛି। ମୃତ ମହିଳା ସ୍ଥାନୀୟ ଗ୍ରାମର ବିରମା ମୁଦୁଲି(୩୩)। ଆଜି ସକାଳୁ ରାଣୀପୁଟ ଗ୍ରାମର କୂଅ ନିକଟରେ ପାଣି ବାହାର କରୁଥିବା ସମୟରେ ହଠାତ୍ ତାଙ୍କ ଗୋଡ ଖସିଯାଇଥିଲା। ଫଳରେ ସେ କୂଅ ଭିତରେ ପଡିଯାଇଥିଲେ। ସ୍ଥାନୀୟ ଗ୍ରାମବାସୀ ମାନେ ତୁରନ୍ତ ଦମକଳ ବିଭାଗକୁ ଫୋନ କରି ଡାକିବା ସମୟରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ଏନେଇ ପରିବାର ଲୋକଙ୍କ ପକ୍ଷରୁ ଥାନାରେ ଏତଲା ଦେବା ପରେ ପୁଲିସ ଘଟଣାର ତଦନ୍ତ କରିବା ସହ ଶବବ୍ୟବଚ୍ଛେଦ କରି ପରିବାର ଲୋକଙ୍କୁ ହସ୍ତାନ୍ତର କରିଥିବା ସଦରଥାନା ଅଧିକାରୀ ସଚ୍ଛିନ୍ଦ୍ର ପ୍ରଧାନ ସୂଚନା ଦେଇଛନ୍ତି।

## ମଦ ସହ ବ୍ୟବସାୟୀଙ୍କୁ ଧରିଲେ ଲୋକେ

ପାପଡାହାଣ୍ଡି, ୨।୧୧(ସମିସ): ପାପଡାହାଣ୍ଡି ବ୍ଲକ ଶିରିଶି ପଞ୍ଚାୟତ ଅନ୍ତର୍ଗତ ପାଲପୂର ଗ୍ରାମ ନିକଟରେ ଆଜି ଜଣେ ବ୍ୟବସାୟୀ ବାଇକ୍‌ରେ ମଦ ନେବା ବେଳେ ଗାଁ ଯୁବକଙ୍କ ହାବୁଡ଼ରେ ପଡ଼ିଥିଲେ। ବ୍ୟାବସାୟୀ ଜଣକ ଏକ ବାଇକ ନମ୍ବର ଓଡି ୨୪ଏଚ ୨୯ ୬୪ରେ ପାପଡାହାଣ୍ଡିରୁ ଏକ ବ୍ୟାଗରେ ପାଉଚ ମଦ ଧରି ନିଜ ଘର ନୂଆଗୁଡା ଯିବା ସମୟରେ ପାଲପୁର ଗାଁର ଯୁବକ ମାନେ ଅଟକାଇଥିଲେ। ପୂର୍ବରୁ ପାଲପୂର ଅଞ୍ଚଳରେ ମଦ ବନ୍ଦ ନେଇ ଅଣ୍ଟା ଭିଡିଛନ୍ତି ଗ୍ରାମବାସୀ। କାହାରିକୁ ମଦ ପିଇବାକୁ ଦେଉନଥିବା ବେଳେ ମଦ ବିକ୍ରି ବନ୍ଦ କରିଛନ୍ତି। ତେଣୁ ନୂଆଗୁଡା ବ୍ୟାବସାୟୀ ବିକ୍ରି ଉଦେଶ୍ୟରେ ନେଉଥିବାରୁ ଅସନ୍ତୋଷ ଜାହିର କରିଥିଲେ ।

## ଦୁର୍ନିତୀ ନିବାରଣ ସଚେତନତା ଶୋଭାଯାତ୍ରା

ଜୟପୁର, ୨।୧୧(ସମିସ): କୋରାପୁଟ ଜିଲ୍ଲା ଜୟପୁର ସ୍ଥିତ ଭିଜିଲାନ୍ସ ବିଭାଗ ଏସ୍‌ପି କାର୍ଯ୍ୟାଳୟ ପକ୍ଷରୁ ଭିଜିଲାନ୍ସ ଦୁର୍ନୀତି ସପ୍ତାହର ଅନ୍ତିମ ଦିବସରେ ଏକ ସଚେତନା ଶୋଭାଯାତ୍ରା ସ୍ଥାନୀୟ ରଥପଡିଆ ଠାରୁ ଶୁଭାରମ୍ଭ ହୋଇ ଭିଜିଲାନ୍ସ ଏସ୍‌ପିଙ୍କ କାର୍ଯ୍ୟାଳୟ ଠାରେ ଶେଷ ହୋଇଥିଲା। ଏହି ଶୋଭାଯାତ୍ରାକୁ ଭିଜିଲାନ୍ସ ଏସ୍‌ପି ରବିନ୍ଦ୍ର କୁମାର ପଣ୍ଡା ପତକା ଦେଖାଇ ଶୁଭାରମ୍ଭ କରିଥିଲେ। ଏଥିରେ ଭିଜିଲାନ୍ସ ବିଭାଗ କର୍ମଚାରୀ, ବିଭିନ୍ନ ବିଦ୍ୟାଳୟ ଓ ମହାବିଦ୍ୟାଳୟର ଛାତ୍ରଛାତ୍ରୀ ମାନେ ଯୋଗଦେଇଥିଲେ। ଏହିପରି ଦେଶରେ ଦୁର୍ନୀତି ନିବାରଣ ପାଇଁ ଦେଶର ପ୍ରତ୍ୟେକ ନାଗରିକଙ୍କ କର୍ତ୍ତବ୍ୟ । ତେଣୁ ସାମୂହିକ ଭାବେ ଏହି ଦାୟିତ୍ୱ ବହନ କରିବା ଉପରେ ଭିଜିଲାନ୍ସ ଏସ୍‌ପି ଶ୍ରୀ ପଣ୍ଡା ପ୍ରକାଶ କରିଥିଲେ। ଏହି ଅବସରରେ ଭିଜିଲାନ୍ସ ଅତିରିକ୍ତ ଏସ୍‌ପି ଅନନ୍ତ ପ୍ରସାଦ ମଲ୍ଲିକ, ଡିଏସପି ସଦାନନ୍ଦ ପାଣି, ଇନ୍ସପେକ୍ଟର ସଞ୍ଜୟ କୁମାର ପ୍ରଧାନ, ସୂର୍ଯ୍ୟ ପ୍ରକାଶ ନାୟକ, ଅନୁଭା ଦାଶ, ସାବିତ୍ରୀ, ପ୍ରଧାନ, ସନ୍ତୋଷୀ ବାରିକ, ଷ୍ଟେନୋ ଅଭୟ ମହାପାତ୍ର କାର୍ଯ୍ୟକ୍ରମ ପରିଚାଳାନାରେ ସହଯୋଗ କରିଥିଲେ।

# ଜିଲ୍ଲା ରକ୍ତଦାତା ଓ ପ୍ରବର୍ତ୍ତକ ଫୋରମର ବୈଠକ



କୋରାପୁଟ,୨।୧୧(ସମିସ): କୋରାପୁଟ ଜିଲ୍ଲା ରକ୍ତଦାତା ଓ ପ୍ରବର୍ତ୍ତକ ଫୋରମର ସାଂଗଠନିକ ବୈଠକ ସଭାପତି ଜି. ସଂଜୀବ କୁମାରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ସଭାପତିଙ୍କ ବାସଭବନରେ ଆୟୋଜିତ ବୈଠକରେ ଫୋରମର ଉପଦେଷ୍ଟା ମନୋଜ କୁମାର ଆଚାର୍ଯ୍ୟ ଓ ଡଃ ଉମା ଶଙ୍କର ପ୍ରସାଦ ପାତ୍ର ଯୋଗ ଦେଇ କୋରାପୁଟ ଜିଲ୍ଲାରେ ରକ୍ତର ଆବଶ୍ୟକତାକୁ ପୂରଣ କରିବା ପାଇଁ ଅଧିକରୁ ଅଧିକ ରକ୍ତଦାନ ଶିବିର ଆୟୋଜନ କରିବା ସହ କୋରାପୁଟ ରକ୍ତ କେନ୍ଦ୍ରରେ ଆଉ ଗୋଟିଏ ରକ୍ତ ପୃଥକିକରଣ ୟୁନିଟ ସ୍ଥାପନ କରିବା ନିମନ୍ତେ ରାଜ୍ୟ ସରକାରଙ୍କୁ ଅନୁରୋଧ କରିବା ପାଇଁ ପରାମର୍ଶ ଦେଇଥିଲେ। ଏଥି ସହ ଜିଲ୍ଲାରେ ସିକେଲସେଲ ସମ୍ପର୍କିତ ଏକ ଜାତୀୟ ସ୍ତରୀୟ ସମ୍ମିଳନୀ ଅୟୋଜନ କରିବା ପାଇଁ ଉପଦେଷ୍ଟା ଶ୍ରୀ ଆଚାର୍ଯ୍ୟ ପ୍ରସ୍ତାବ ଦେଇଥିଲେ। ଫୋରମର ସାଂଗଠନିକ ସମ୍ପାଦକ ନବୀନ ଚନ୍ଦ୍ର ସାହୁ ଜିଲ୍ଲାର ସମସ୍ତ ୧୪ ଟି ବ୍ଲକ ଏବଂ ସହରାଞ୍ଚଳରେ ରକ୍ତଦାନ ଶିବିର ଆୟୋଜନ କରିବା ପାଇଁ ସମସ୍ତଙ୍କ ମିଳିତ ପ୍ରୟାସର ଆବଶ୍ୟକତା ଉପରେ ଜୋର ଦେଇଥିଲେ। ଫୋରମର କର୍ମକର୍ତ୍ତା ସ୍ୱରାଜ କୁମାର ରାୟ ଏବଂ ସନ୍ଦୀପ ପଟ୍ଟନାୟକ ଜିଲ୍ଲାର ଗ୍ରାମାଞ୍ଚଳରେ ସଚେତନତା କାର୍ଯ୍ୟକ୍ରମ ଏବଂ ତାଲିମ ଶିବିର ଆୟୋଜନ କରିବା ଏବଂ ଆଦିବାସୀ ଯୁବ ବର୍ଗଙ୍କୁ ସ୍ୱେଚ୍ଛାକୃତ ରକ୍ତଦାନ ଅଭିଯାନରେ ସାମିଲ କରିବା ସମ୍ପର୍କରେ ଆଲୋକପାତ କରିଥିଲେ। ଫୋରମର କାର୍ଯ୍ୟକଳାପକୁ ଅଧିକ ସକ୍ରିୟ କରିବା ପାଇଁ, ବଦ୍ରି ନାରାୟଣ ଆଚାର୍ଯ୍ୟ, ଗୋବିନ୍ଦ ବଲ୍ଲଭ ପାଢ଼ୀ ଏବଂ ସ୍ୱର୍ଣ୍ଣ ପ୍ରଭା ପଟ୍ଟନାୟକଙ୍କୁ ଉପ ସଭାପତି ଭାବେ ମନୋନୀତ କରାଯାଇଥିବା ବେଳେ ସ୍ୱରାଜ କୁମାର ରାୟ, ପ୍ରମୋଦ କୁମାର ସେଠି, ସନ୍ଦୀପ ପଟ୍ଟନାୟକ, ଆଶା ଶର୍ମା ଏବଂ ବିଲସେନ ସତ୍ୟଙ୍କୁ ଯୁଗ୍ମ ସମ୍ପାଦକ ଏବଂ ପ୍ରଦିପ କୁମାର ରଥ, ତୁଷାର ଭଞ୍ଜ, ବିଶ୍ୱନାଥ ଗୌଡ଼ ଏବଂ ଧନ ମହାନ୍ତିଙ୍କୁ କାର୍ଯ୍ୟକାରୀ କମିଟିର ସଦସ୍ୟ ଭାବେ ମନୋନୀତ କରାଯାଇଛି। ବୈଠକରେ ଫୋରମର ବରିଷ୍ଠ ସଦସ୍ୟ ଅଶ୍ୱନୀ କୁମାର ପଟ୍ଟନାୟକ, ଅରୁଣ କୁମାର ସାହୁ, ନରସିଂହ ପଟ୍ଟନାୟକ, କହ୍ନ ମହାରଣା, ନବୀନ କୁମାର ଚୌଧୁରୀ, ପ୍ରିୟଦର୍ଶୀ ସାହୁ, ନିଖିଲ ପାତ୍ର, ପ୍ରବୀଣ କୁମାର ବେହେରା, ପ୍ରଦୀପ କୁମାର ପାଢ଼ୀ ପ୍ରମୁଖ ଯୋଗଦେଇ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ସାଧାରଣ ସମ୍ପାଦକ ଶେଖ ଇବ୍ରାହିମ କାର୍ଯ୍ୟକ୍ରମ ସଞ୍ଚାଳ କରିଥିବା ବେଳେ କୋଷାଧକ୍ଷା ଶାହେଦା ପରବୀନ ଧନ୍ୟବାଦ ଅର୍ପଣ କରିଥିଲେ।

## ଜଗନ୍ନାଥ ମନ୍ଦିରରେ ପ୍ରବଳ ଭିଡ଼, ମହିଳା ଗୁରୁତର



ରାୟଗଡ଼ା,୨।୧୧(ସମିସ) : ଆଜି ବଡ ଏକାଦଶୀ ଅବସରରେ ରାୟଗଡା ସହର ସ୍ଥିତ ଶ୍ରୀ ଜଗନ୍ନାଥ ମନ୍ଦିରରେ ଭକ୍ତଙ୍କ ପ୍ରବଳ ଭିଡ ଦେଖିବାକୁ ମିଳିଥିଲା ଓ ସନ୍ଧ୍ୟା ଆଳତି ସମୟ ପରେ ମନ୍ଦିର ଉପରେ ପତାକା ଲଗାଇବା କାର୍ଯ୍ୟକ୍ରମ ରହିଥିଲା ଓ ଏଥି ପାଇଁ ମନ୍ଦିରରେ ବହୁ ସଂଖ୍ୟାରେ ଶ୍ରଦ୍ଧାଳୁ ଉପସ୍ଥିତ ଥିଲେ। କିନ୍ତୁ ପ୍ରବଳ ଭିଡ ଯୋଗୁଁ ୨ ଜଣ ମହିଳା ଅଚେତ ହୋଇଯାଇଥିଲେ। ୨ ଜଣଙ୍କ ମଧ୍ୟରୁ ଜଣେ ସୁସ୍ଥ ହୋଇଥିବା ବେଳେ ଆଉ ଜଣେ ଗୁରୁତର ହୋଇଥିବା ଜଣାପଡିଛି। ଗୁରୁତର ହୋଇଥିବା ମହିଳା ଜଣଙ୍କ ହେଲେ ରାୟଗଡା ସହର ସ୍ଥିତ ଉକ୍ରଳମଣୀ ନଗରର ଭବାନୀ ସାହୁ (୪୫)। ସୂଚନାରୁ ଜଣାପଡିଛି ଯେ, ମହିଳା କଣଙ୍କ ପ୍ରବଳ ଭିଡରେ ଅଣନିଶ୍ୱାସୀ ହୋଇ ଅଚେତ ହୋଇ ପଡ଼ିଥିଲେ। ତୁରନ୍ତ ତାଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଥିଲା। ଗୁରୁତର ଅବସ୍ଥାରେ ସେ ଚିକିତ୍ସିତ ହେଉଥିବା ତାଙ୍କ ସ୍ୱାମୀ ଗୌରୀ ସାହୁ ପ୍ରକାଶ କରିଛନ୍ତି ଓ ମନ୍ଦିର ପ୍ରଶାସନ ତରଫରୁ ଭିଡ ନିୟନ୍ତ୍ରଣ ପାଇଁ କୌଣସି ପ୍ରକାର ବ୍ୟବସ୍ଥା କରାଯାଇନଥିଲା। ଜଗନ୍ନାଥ ମନ୍ଦିରର ହାଇମେକ୍ସ ଲାଇଟ କିଛି ଦିନ ହେଲା ଜଳୁନାହିଁ। ଏଥିପାଇଁ ମଧ ଶ୍ରଦ୍ଧାଳୁ ମାନେ ଅନ୍ଧାର ହେଉଥିବା ଯୋଗୁଁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି ବୋଲି ସାମାଜିକ କର୍ମୀ ଗୋପୀନାଥ ଗୌଡ଼ ଅଭିଯୋଗ କରିଛନ୍ତି। କାର୍ତ୍ତିକ ମାସ ପଞ୍ଚୁକ ଯୋଗୁଁ ବିଭିନ୍ନ ମନ୍ଦିରରେ ପ୍ରବଳ ଭିଡ ହେଉଛି ଓ ଭିଡ ନିୟନ୍ତ୍ରଣ ପାଇଁ ବ୍ୟବସ୍ଥା କରିବାକୁ ସାଧାରଣରେ ଦାବି ହୋଇଛି ।

## ଅଷ୍ଟପ୍ରହରୀ ନାମ ଯଜ୍ଞ, ୧ ଲକ୍ଷ ଦୀପ ପ୍ରଜ୍ୱଳନ

ଗୁଣପୁର,୨।୧୨( ସମିସ ): ରାୟଗଡ଼ା ଜିଲ୍ଲା ଗୁଣପୁର ବ୍ଲକ ଅନ୍ତର୍ଗତ ଗାଦିଆଖଲା ଗ୍ରାମ ଶ୍ରୀ ରାଧାକାନ୍ତ ମନ୍ଦିର ପ୍ରାଙ୍ଗଣରେ ଅଷ୍ଟପ୍ରହରୀ ନାମ ଯଜ୍ଞ କାର୍ଯ୍ୟକ୍ରମ ରବିବାର ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଶନିବାର ଅଧିବାସ ଓ କଳସ ଯାତ୍ରା କାର୍ଯ୍ୟକ୍ରମ



ବହୁ ଆଡ଼ମ୍ବରରେ ଗ୍ରାମବାସୀଙ୍କ ଦ୍ୱାରା ଆୟୋଜିତ ହୋଇଥିଲା। ରବିବାର ଅଷ୍ଟ ପ୍ରହର ନାମ ଯଜ୍ଞ ହୋଇଥିଲା। ସନ୍ଧ୍ୟା ସମୟେ ଏକ ୧ ଲକ୍ଷ ଦ୍ୱୀପ ପ୍ରଜ୍ୱଳନ କରିଥିଲେ। କାର୍ଯ୍ୟକ୍ରମରେ ଗୁଣପୁର ଓ ଆଖପାଖ ଅଞ୍ଚଳର ବହୁ ସଂଖ୍ୟାର ଭକ୍ତଙ୍କ ସମାଗମ ହୋଇଥିଲା। ସେହିପରି ହରି ଉଥାନ ଏକାଦଶୀ ପାଇଁ ଗୁଣପୁର ସହର ଚଳଚଞ୍ଚଳ ରହିଥିଲା। ବିଷ୍ଣୁ ମନ୍ଦିର ସହ ଜଗନ୍ନାଥ ମନ୍ଦିର ରେ ଠାକୁରଙ୍କ ଦର୍ଶନ ପାଇଁ ପ୍ରବଳ ଭିଡ଼ ପରିଲକ୍ଷିତ ହୋଇଥିଲା ।

## କାର୍ତ୍ତିକ ବଡ଼ ଏକାଦଶୀ ପାଳନ

କଲ୍ୟାଣସିଂହପୁର,୨।୧୧ (ସମିସ): ରାୟଗଡା ଜିଲ୍ଲା କଲ୍ୟାଣସିଂହପୁର ବ୍ଲକର ନାରାୟଣପୁର ସ୍ଥିତ ଲକ୍ଷ୍ମୀନାରାୟଣ ମନ୍ଦିରରେ ବଡ଼ ଏକାଦଶୀ ପାଳନ କରାଯାଇଛି। ଏହି ଅବସରରେ କାର୍ତ୍ତିକ ବ୍ରତ ପାଳନ କରିବା ସହ ଗୀତା ଯଜ୍ଞ ୭ଶହ ଆହୂତି, ୩୦୫୧ ଦୀପ ଯଜ୍ଞ ଅନୁଷ୍ଠିତ ହୋଇଥିଲା। ରବିବାର ସନ୍ଧ୍ୟା ୬ ଘଣ୍ଟାରୁ ସୋମବାର ୬ଟା ପର୍ଯ୍ୟନ୍ତ ୪ ପ୍ରହର ଚାଲିଥିବା ଦେଖିବାକୁ ମିଳିଛି। କାର୍ତ୍ତିକ ବ୍ରତ ପାଳନ ଅବସରରେ ମନ୍ଦିର ପରିଚାଳନା କମିଟି ଆୟୋଜନ କରାଯାଇଥିବା ବେଳେ ଲକ୍ଷ୍ମୀ ନାରାୟଣ ପାଳ ଓ ପରିବାର ସମ୍ପୂର୍ଣ୍ଣ ସହଯୋଗ କରୁଥିବା ସୂଚନା ଦେଇଛନ୍ତି। ଏକ ମାସଧରି ଓଡ଼ିଶା ରାଜ୍ୟ ସଂକୀର୍ତ୍ତନ ମଣ୍ଡଳୀ ର ସଭାପତି ବାସୁଦେବ ମାର୍ଥାଙ୍କ ନେତୃତ୍ୱରେ କାର୍ତ୍ତିକ ବଡ ଏକାଦଶୀ ବହୁ ଧୂମଦାମରେ ସଂକୀର୍ତ୍ତନ ମଣ୍ଡଳୀ ରାମ ହରି ନାମ ପରିବେଷଣ କରାଯାଇଛି। ବଡଏକାଦଶୀ ବେଳକୁ ୪ପ୍ରହରୀ ହେବା ସହ ୩୦୫୨ ଦ୍ୱୀପ ଯଜ୍ଞ କରାଯାଇଛି। ମନ୍ଦିର ପରିଚାଳନା କମିଟିର ସଭାପତି ଲକ୍ଷ୍ମୀନାରାୟଣ ପୂଜାରୀ କହିଛନ୍ତି। ଭକ୍ତ ମାନଙ୍କୁ ପୂର୍ଣ୍ଣିମା ପର୍ଯ୍ୟନ୍ତ ଅନ୍ନପ୍ରସାଦ ବ୍ୟବସ୍ଥା କରାଯାଇଛି। ବଡ ଏକାଦଶୀ ବେଳକୁ ଅଷ୍ଟକୁଣ୍ଡୀୟ ଯଜ୍ଞ ଏବଂ ୪ ପ୍ରହର କରାଯାଇଛ। ଏଥିରେ ଶିକରପାଇ, ସେରିଗୁମାର କାଣିପାଇ, ଆମ୍ବଦଳା ଏବଂ ବିଭିନ୍ନ ଅଞ୍ଚଳରୁ ସଂକୀର୍ତ୍ତନ ଦଳ ସାମିଲ କରାଯାଇଥିଲା। ପ୍ରସାଦ ସେବନ ବ୍ୟବସ୍ଥା ଶ୍ରୀ ପାଳଙ୍କ ଦ୍ୱାରା କରାଯାଇଛି। ଦୀପ ଯଜ୍ଞରେ ଗୌରୀଶଙ୍କର ପଣ୍ଡା ସହଯୋଗ କରିଥିଲେ।

● ଜଗନ୍ନାଥ ମନ୍ଦିରରେ ପ୍ରବଳ ଭୀଡ

## ରାସ୍ତାରେ ଟ୍ରାଫିକ ନିୟନ୍ତ୍ରଣ ପାଇଁ କେହି ନାହିଁ

ଜୟପୁର,୨।୧୧(ସମିସ): ହିନ୍ଦୁ ଧର୍ମାଲବମ୍ବୀଙ୍କ ପବିତ୍ର କାର୍ତ୍ତିକ ମାସ ବଡ ଏକାଦଶୀ ତଥା ହରି ଉତ୍‌ଥାନ ଦିବସ ଅବସରରେ ଜୟପୁର ଜଗନ୍ନାଥ ମନ୍ଦିର ଠାରେ ଆଜି ଭୋରରୁ ମଧ୍ୟାହ୍ନ ପର୍ଯ୍ୟନ୍ତ ଭକ୍ତଙ୍କ ଭୀଡ ଦେଖିବାକୁ ମିଳିଥିଲା। ଓଡ଼ିଆ ପରମ୍ପରା ଓ ଧାର୍ମିକ ସଂସ୍କୃତି ଅନୁଯାୟୀ ଗତ ଆଷାଢ ମାସ ବାହୁଡା ଯାତ୍ରା ପରେ ଏକାଦଶୀ ତିଥିରେ ଭଗବାନ ଶ୍ରୀହରି ଶୟନ କରିବା ପରେ ଦୀର୍ଘ ୪ ମାସ ପରେ ଆଜି ଉତ୍‌ଥାନ କରିଥାଆନ୍ତି । ତେଣୁ ଭକ୍ତ, ଶ୍ରଦ୍ଧାଳୁ ଏବଂ ଉପାବାସଧାରୀ ମାନେ ଭୋଗରାଗ ନେଇ ମନ୍ଦିରକୁ ଯାଇ ଠାକୁରଙ୍କ ଦର୍ଶନ କରିଥିଲେ। ତିନି ଠାକୁରଙ୍କ ନୂତନ ବସ୍ତ୍ର ପରିଧାନ କରାଯିବା ସହ ପୂର୍ବାହ୍ନରେ ଆଳତୀ କରାଯାଇଥିଲା। ସେହିପରି ସଂଧ୍ୟାରେ ଆଳତୀରେ ମନ୍ଦିର ପରିସରରେ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଭୀଡ ହୋଇଥିଲା। ଉଭୟ ଆଳତୀ ସମୟରେ ଘଣ୍ଟ, ବାଜା ସହ ମହିଳାଙ୍କ ହୁଳହୁଳିରେ ମନ୍ଦିର ପ୍ରକମ୍ପିତ ହୋଇଥିଲା। ହଜାରରୁ ଅଧିକ ଭକ୍ତ ଏହି ଅବସରରେ ଉପସ୍ଥିତ ଥିଲେ। କିନ୍ତୁ ଚଳିତ ବର୍ଷ ପୁଲିସ ପକ୍ଷରୁ କୌଣସି ସୁରକ୍ଷା ବ୍ୟବସ୍ଥା କରାଯାଇନଥିବା ଯୋଗୁଁ ଜଗନ୍ନାଥ ମନ୍ଦିର ସମ୍ମୁଖ ରାସ୍ତାରେ ଚାରି ଚକିଆ ଏବଂ ଅଟୋ ଅବାଧରେ ଯାତାୟାତ କରୁଥିବା ଯୋଗୁଁ ପୂର୍ବାହ୍ନ ଏବଂ ସଂଧ୍ୟା ଠାରୁ ରାତି ୯ଟା ପର୍ଯ୍ୟନ୍ତ ଟ୍ରାଫିକ ସମସ୍ୟା ସୃଷ୍ଟି ହୋଇଥିଲା। ଫଳରେ ଲୋକେ ହନ୍ତସନ୍ତ ହେବା ସହ ଅସନ୍ତୋଷ ପ୍ରକାଶ କରିଥିଲେ।

## ବେଆଇନ୍ ବାଲି ଉଠାଣକୁ ବିରୋଧ

କୁନ୍ଦୁରା,୨।୧୧(ସମିସ): ବେଆଇନ ବାଲି ବୋଝେଇ ଟ୍ରାକ୍ଟର ଅଟକ ରଖି ଖଣି ବିଭାଗକୁ ହସ୍ତାନ୍ତର କଲେ ବାଲି ଲିଜ୍ ଧାରୀ। ଆଜି ଅପରାହ୍ନ ୫ ଟାରେ ଲିମା କୁରଲୁ ନଦୀ ଘାଟରେ ବାଲି ଚୋରା ଚାଲାଣ ହେଉଥିବା ନେଇ ସୂଚନା ପାଇ ଲିଜ୍ ଧାରୀ ପ୍ରଫୁଲ୍ଲ ସ୍ୱାଇଁ ଏବଂ ଶଙ୍କର ପ୍ରଧାନ ନଦୀ ଘାଟରେ ପହଞ୍ଚିଥିଲେ ଓ କୁନ୍ଦୁରା ତହସିଲ ଖଣି ଅଧିକାରୀଙ୍କୁ ସୂଚନା ଦେଇଥିଲେ। ସେମାନେ ପ୍ରତିବର୍ଷ ଲକ୍ଷାଧିକ ଟଙ୍କାରେ ବାଲି ଘାଟ ଲିଜ ଆଣୁଛନ୍ତି । ଏ ଅଞ୍ଚଳର ଟ୍ରାକ୍ଟର ଗୁଡ଼ିକ ବହୁ ମାତ୍ରାରେ ବାଲି ଚୋରା ଚାଲାଣ କରୁଛନ୍ତି। ସରକାରୀ କାମ, ଆବାସ ଗୃହ ଆଦି ପାଇଁ କାର୍ଯ୍ୟାଦେଶ କିମ୍ବା ଟିକସ ରସିଦ୍ ଦେଖାଇଲେ, ସେମାନଙ୍କୁ ବାଲି ଦିଆଯାଉଛି। ମନ୍ଦିର କାମରେ ବି ଦିଆଯାଉଛି ଓ ତେବେ ଏଭଳି ବେନିୟମ ଚୋରା ଚାଲାଣ ପାଇଁ ସେମାନଙ୍କୁ ବହୁ କ୍ଷତି ସହିବାକୁ ପଡୁଛି ବୋଲି କହିଛନ୍ତି। ସୂଚନା ପାଇ ଖଣି ବିଭାଗ ଜୁନିଅର ମାଇନିଂ ଅଫିସର ସୌମ୍ୟ ରଞ୍ଜନ ସାହୁ ନଦୀ ଘାଟରେ ପହଞ୍ଚି ନଦୀ ଭିତରେ ଥିବା ବାଲି ବୋଝେଇ ଟ୍ରାକ୍ଟର ଥାନାରେ ଜିମା ଦିଆଯିବ ଓ ବିନା ଟିକସ ଓ କାର୍ଯ୍ୟାଦେଶରେ ଟେଣ୍ଡର ଦିଆଯାଇଥିବା ବାଲି ଘାଟରୁ ବେଆଇନ ବାଲି ଉଠାଣ ନିମନ୍ତେ ଥିବା ନିୟମ ଅନୁସାରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି କହିଛନ୍ତି। ଟ୍ରାକ୍ଟର ମାଲିକ ଭାସ୍କର ବିଶୋୟୀଙ୍କ ପ୍ରତିକ୍ରିୟା ନେବାରୁ ତାଙ୍କ ଗାଁ ଘିଉରିଆଗୁଡ଼ାରେ ହୁଣ୍ଡି ମନ୍ଦିର ନିର୍ମାଣ ଚାଲିଛି। ପଲସ୍ତରା ପାଇଁ ଭଲ ବାଲି ଆବଶ୍ୟକ ଥିବାରୁ ଖଣି ଅଧିକାରୀଙ୍କୁ ମୌଖିକ ଭାବେ ଜଣାଇ ନେଉଥିଲେ ବୋଲି କହିଛନ୍ତି।

● ଟଙ୍କା ଲୁଟ୍ ଘଟଣାର ଭିଡିଓ ଭାଇରାଲ

## ୪ ଦିନ ପରେ ବି ପୁଲିସ ହାତ ଖାଲି

କୁନ୍ଦୁରା, ୨।୧୧(ସମିସ): କୁନ୍ଦୁରା ଥାନା ଅନ୍ତର୍ଗତ ଖଟଲା ପଦର ବ୍ରିଜ ଉପରେ ଟଙ୍କା ଲୁଟ ଘଟଣର ଲାଇଭି ଭିଡିଓ ଏବେ ଭାଇରଲ ହେଉଛି। ସୂଚନା ଥାଉକି, ଗତ ବୁଧୁବାର ଦିନ ଦିପହରେ କୋରାପୁଟ ଜିଲ୍ଲା କୁନ୍ଦୁରା ଥାନା ଅନ୍ତର୍ଗତ ଖଟଲାପଦର ବ୍ରିଜ ନିକଟରେ ଟଙ୍କା ଲୁଟର ଶିକାର ହୋଇଥିଲେ କିଛି ବ୍ୟବସାୟୀ । କୋଟପାଡ଼ ଅଞ୍ଚଳର ବ୍ୟବସାୟୀ ଦେବାଶିଷ ପଟ୍ଟନାୟକ ଏବଂ ତାଙ୍କ ସାଥଙ୍କ ଠାରୁ ଟଙ୍କା ଲୁଟି ନେଇଥିଲେ କିଛି ମୁଖା ପିନ୍ଧା ଦୁର୍ବୃତ୍ତ। ଏକାଧିକ ଦୁର୍ବୃତ୍ତ ବାଇକ୍‌ରେ ଆସି ରାସ୍ତା ମଝିରେ କାର୍‌କୁ ଅଟକାଇ ବିଭିନ୍ନ ପ୍ରକାର ମାରଣାସ୍ତ୍ର ଦେଖାଇ କାର୍‌ରେ ଥିବା ୫ ଲକ୍ଷ ଟଙ୍କା ଲୁଟି ନେଇ ଥିବା ଅଭିଯୋଗ ହୋଇଥିଲା। ସେ ସମୟରେ ଜଣେ ଟ୍ରକ୍ ଡ୍ରାଇଭର ନିଜ ମୋବାଇଲରେ କଏଦ କରିଥିବା ଲୁଟ ବେଳର ଭିଡିଓ। ସେ ଭିଡିଓ ଏବେ କୁନ୍ଦୁରା ଅଞ୍ଚଳରେ ଭାଇରାଲ ହେଉଛି। ଏହି ନିର୍ଦ୍ଦିଷ୍ଟ ସ୍ଥାନରେ ପୂର୍ବରୁ ମଧ ବହୁବାର ଏଭଳି ଡକାୟତ ହୋଇଥିବା ନଜିର ରହିଛି। ବ୍ୟବସାୟୀ ମାନଙ୍କ ଗାଡ଼ିକୁ ଥାନାରେ ଅଣାଯାଇ ଥିବା ବେଳେ ପୁଲିସ ଘଟଣାର ତଦନ୍ତ କରୁଥିବା ବେଳେ ଆଜିକୁ ୪ ଦିନ ବିତିଲା, ତଥାପି ପୁଲିସ ହାତ ଖାଲି। କିନ୍ତୁ ଅତି ଶୀଘ୍ର ଅଭିଯୁକ୍ତଙ୍କୁ ଗିରଫ କରାଯିବ ବୋଲି ପୁଲିସ ସୂଚନା ଦେଇଛି।

## ବନ୍ଦ ଘରୁ କଳାକନା ବୁଲାଇଲେ ଦୁର୍ବୃତ୍ତ

ରାୟଗଡ଼ା,୨।୧୧(ସମିସ): ରାୟଗଡ଼ା ଜିଲ୍ଲା କୋଲନରା ବ୍ଲକ ଚାନ୍ଦିଲି ଥାନା ଅର୍ନ୍ତଗତ ଖେଦାପଡା ଗ୍ରାମରେ ବନ୍ଦ ଥିବା ଏକ ଘରେ କଳାକନା ବୁଲାଇଲେ ଦୁର୍ବୃତ୍ତ। ଦୀର୍ଘ ୧୦ଦିନ ଧରି ଘରେ ତାଲା ପକାଇ ନିଜ ସମ୍ପର୍କୀୟଙ୍କ ଘରକୁ ପରିବାର ଯାଇଥିବା ବେଳେ ଏହାର ସୁଯୋଗ ନେଇ ସୁନା ଅଳଙ୍କାର ଓ ନଗଦ ଟଙ୍କା ଚୋରି କରି ନେଇଛନ୍ତି ଦୁର୍ବୃତ୍ତ। ଏନେଇ ଚାନ୍ଦିଲି ଥାନା ଅଧିନସ୍ଥ ଥେରୁବାଲି ଫାଣ୍ଡିରେ ଏକ ଚୋରି ମାମଲା ରୁଜୁ ହୋଇଥିବା ବେଳେ ଚାନ୍ଦିଲି ପୋଲିସ ତଦନ୍ତ ଆରମ୍ଭ କରିଥିବା ଜଣାପଡିଛି। ଚୋରି ସମ୍ପର୍କର୍ରେ ଚାନ୍ଦିଲି ଥାନା ଅଧିକାରୀ ଉତମ କୁମାର ସାହୁଙ୍କ ଠାରୁ ମିଳିଥିବା ସୂଚନା ପ୍ରକାରେ ଖେଦାପଡା ଗ୍ରାମର ରବିନାରାୟଣ ସିଂ ନିଜ ପରିବାରଙ୍କ ସହ ଗତ ୧୦ଦିନ ହେବ କୋରାପୁଟ ଜିଲ୍ଲା ପଟାଙ୍ଗିରେ ରହୁଥିବା ନିଜ ସମ୍ପର୍କୀୟଙ୍କ ଘରକୁ ବୁଲିବାକୁ ଯାଇଥିଲେ। ଘର କବାଟ, ଝରକା ସବୁ କିଛି ବନ୍ଦ କରି ଯାଇଥିବା ବେଳେ ଆଜି ସେ ଘରକୁ ଫେରିଥିଲେ। ଘର କବାଟ ତାଲାକୁ ଭାଙ୍ଗି ଦୁର୍ବୃତମାନେ ଘରେ ପଶି ଆଲାମାରୀରେ ଥିବା ନଗଦ ୫ହଜାର ଟଙ୍କା,ଗୋଟିଏ ସୁନା ହାର,କାନଫୁଲ ହଳ,ପାଉଁଜି ହଳକୁ ମିଶାଇ ପ୍ରାୟ ୨ତୁଳାର ସୁନା ଅଳଙ୍କାର ଚୋରି ହୋଇଥିବା ଜାଣିବାକୁ ପାଇଥିଲେ। ଗତକାଲି ବିଳମ୍ବିତ ରାତ୍ରରେ ହିଁ ଏହି ଚୋରି ହୋଇଥିବା ନେଇ ଘର ମାଲିକଙ୍କ ପୁଅ ନବକିଶୋର ସିଂ ସୂଚନା ଦେଇଛନ୍ତି। ତଦନ୍ତ ଜାରି ରହିଛି ଯଥାଶୀଘ୍ର ଦୁର୍ବୃତ୍ତକୁ ଧରାଯିବ ବୋଲି ଆଇଆଇସି ଶ୍ରୀ ସାହୁ କହିଛନ୍ତି।

## ବିଦ୍ୟାଳୟରେ ବାର୍ଷିକ ପ୍ରଦର୍ଶନୀ



ଜୟପୁର, ୨।୧୧ (ସମିସ): ଜୟପୁର ଜୟନଗର, ପାଇକ ସାହି ସ୍ଥିତ ସାରସ୍ୱତ ବାଲ ମନ୍ଦିର ପ୍ରାଙ୍ଗଣରେ ବିଦ୍ୟାଳୟର ବାର୍ଷିକ ପ୍ରଦର୍ଶନୀ ଉତ୍ସବ ପାଳନ ଅନୁଷ୍ଠିତ ହୋଇଥିଲା। ପୂର୍ବାହ୍ନ ବରିଷ୍ଠ ଶିକ୍ଷାବିତ୍ ହରିହର କରସୁଧା ପଟ୍ଟନାୟକଙ୍କ ଦ୍ୱାରା ପ୍ରଦୀପ ପ୍ରଜ୍ୱଳନ ପୂର୍ବରୁ ଉଦଘାଟନ କରାଯାଇଥିଲା। କାର୍ଯ୍ୟକ୍ରମରେ ଗୋଷ୍ଠୀଶିକ୍ଷା ଅଧିକାରୀ ଚନ୍ଦନ କୁମାର ନାୟକ, ସିଆରସିସି ରୁଦ୍ରପ୍ରସନ୍ନ ପାଣିଗ୍ରାହି, ରାମେଶ୍ୱର ପଣ୍ଡା, ବିଜୟଲକ୍ଷ୍ମୀ ସ୍ୱାଇଁ ଯୋଗ ଦେଇଥିଲେ। ଏଥିରେ ବିଜ୍ଞାନ, ସାହିତ୍ୟ, ମହାପୁରୁଷଙ୍କ ଫଟୋ, ଫୁଲ, ଔଷଧୀୟ ବୃକ୍ଷ, କଣ୍ଢେଇ, ଖାଦ୍ୟ, ଅସ୍ତ୍ରଶସ୍ତ୍ର, ଗୃହ ସାଜସଜ୍ଜା ସାମଗ୍ରୀ ବୃକ୍ଷ, ଚିତ୍ରାଙ୍କନ, ଝୋଟି, ଶସ୍ୟ, ମାପ ଉପକରଣ ଏବଂ ହସ୍ତକର୍ମ ଭଳି ବାରଟି ସାମଗ୍ରୀ ପ୍ରଦର୍ଶିତ ହୋଇଥିଲା । ଏଥିରେ ଗୀତ, ନୃତ୍ୟ,ଗପ, କବିତା ଆବୃତ୍ତି, ଅନୁଭୂତି ବର୍ଣ୍ଣନା ପ୍ରଭୃତି ସାଂସ୍କୃତିକ କାର୍ଯ୍ୟକ୍ରମ ଛାତ୍ରଛାତ୍ରୀ ମାନଙ୍କ ଦ୍ୱାରା ପ୍ରସ୍ତୁତ ହୋଇଥିଲା। ଅଭିଭାବକମାନଙ୍କ ଦ୍ୱାରା ମଧ ଗୁପୁଚୁପୁ, ଦହିବରା, ଚଣାମସଲା, ସ୍ୱିଟ କର୍ଣ୍ଣ, ଝାଲ ମୁଢି ଆଦି ଖାଦ୍ୟ ଷ୍ଟଲ ନିର୍ମାଣ କରାଯାଇ ଦର୍ଶକଙ୍କୁ ବିକ୍ରି କରାଯାଉଥିଲା। ଅନ୍ୟମାନଙ୍କ ମଧ୍ୟରେ ମହମ୍ମଦ ସରିଫ, ପଦ୍ମ ଚରଣ ଚୌଧୁରୀ, ପଦ୍ମିନୀ ପାଢ଼ୀ, ସୁଚିସ୍ମିତା ମହାନ୍ତି, ଉଦୟ ଶଙ୍କର ଜାନୀ, ଗୋପାଳ ସାମନ୍ତରାୟ, ରାମନାଥ ତ୍ରିପାଠୀ, କିଶୋର ତ୍ରିପାଠୀ, ରାଧାମହନ ପଣ୍ଡା, ଲାଲୁ ମିଶ୍ର,ପ୍ରମୁଖ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମକୁ ସଭାପତି ଅନୁପ ସାମନ୍ତରାୟ, ସମ୍ପାଦକ ନିରଞ୍ଜନ ପାଣିଗ୍ରାହୀ ପରିଚାଳନା କରିଥିଲେ। ବିଦ୍ୟାଳୟର ଅଧକ୍ଷା ରୀତାଲି ସାହୁ ଏବଂ ଅନ୍ୟାନ୍ୟ ଶିକ୍ଷୟିତ୍ରୀ ସହଯୋଗ କରିଥିଲେ।

## ବିଧାୟକଙ୍କ ପିଏସ୍‌ଓ ଗୁଳି ଚଳାଇବା ଘଟଣାକୁ ନିନ୍ଦା

କୋରାପୁଟ,୨।୧୧ (ସମିସ): ନୂଆପଡ଼ା ଉପନିର୍ବାଚନ ପାଇଁ ପ୍ରମୁଖ ତିନି ଦଳ ପ୍ରଚାର ଜୋରଦାର ଚଳାଇ ଥିବା ବେଳେ କୋରାପୁଟର ବିଜେପି ବିଧାୟକ ରଘୁରାମ ମାଛଙ୍କ ବ୍ୟକ୍ତିଗତ ସୁରକ୍ଷା ଅଧିକାରୀ (ପିଏସଓ) ସର୍ଭିସ ରିଭଲଭରରୁ ଗୁଳି ଫୁଟାଇବା ଘଟଣାକୁ କୋରାପୁଟର ପୂର୍ବତନ ବିଧାୟକ ରଘୁରାମ ପଡ଼ାଲ ଘୋର ନିନ୍ଦା କରିଛନ୍ତି। ବିଧାୟକଙ୍କ ବିନା ନିର୍ଦ୍ଦେଶରେ ପିଏସଓ କେଉଁ ପରିସ୍ଥିତିରେ ଗୁଳି ଚଳାଇ ଥିଲେ ବୋଲି ପ୍ରଶ୍ନ ଉଠାଇ ଡବଲ ଇଞ୍ଜିନ ସରକାରରେ ଶାସକ ଦଳର ବିଧାୟକ କଣ ସୁରକ୍ଷିତ ନାହିଁ କି ବୋଲି ପ୍ରଶ୍ନ କରିଛନ୍ତି। ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶରେ ସେ ନିଜେ ନୂଆପଡ଼ାରେ ଦଳୀୟ ପ୍ରାର୍ଥୀଙ୍କ ପାଇଁ ପ୍ରଚାର କରୁଛନ୍ତି। ଗୁଳି ଚଳାଇବା ଭଳି ସ୍ଥିତି କେଉଁଠି ନାହିଁ । ହେଲେ କୋରାପୁଟ ବିଧାୟକଙ୍କ ପିଏସଓ କାହିଁକି ଗୁଳି ଚଳାଇଥିଲେ ତାର ବିଚାର ବିଭାଗୀୟ ତଦନ୍ତ କରାଯିବା ସହ ବିଧାୟକଙ୍କୁ ମଧ ତଦନ୍ତ ପରିସର କରିବାକୁ ଦାବି କରିଛନ୍ତି।

# ସାଇବର ଅପରାଧ ସୁରକ୍ଷା ସଚେତନତା




ଜୟପୁର,୨।୧୧(ସମିସ): ଜୟପୁର ଟାଉନଥାନା ପକ୍ଷରୁ ଆଜି ସ୍ଥାନୀୟ ବିକ୍ରମଦେବ ବିଶ୍ୱବିଦ୍ୟାଳୟ ପଡିଆଠାରେ ସାଇବର ଅପରାଧ ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ପୂର୍ବାହ୍ନରେ ସାଇବର ଅପରାଧ ପ୍ରତି ସତର୍କତା ଅବଲମ୍ବନ ନେଇ ସଚେତନା ନିମନ୍ତେ ଏକ ୫କିଲୋମିଟିର ଗଣଦୌଡ ଅନୁଷ୍ଠିତ ହୋଇଯାଇଛି। ଏଥିରେ ବିକ୍ରମଦେବ ମହାବିଦ୍ୟାଳୟ ପଡିଆ ଠାରୁ ବିଭିନ୍ନ ବର୍ଗର ଲୋକମାନେ ଯୋଗଦେଇ ମୁଖ୍ୟରାସ୍ତା, ଜଗନ୍ନାଥ ମନ୍ଦିର ପଛରାସ୍ତା, ତାରିଣି ଛକ, ପଞ୍ଚାନନ ମନ୍ଦିର ଛକ, ବାଇପାସ ରୋଡ, ଖ୍ରୀଷ୍ଟିଆନ ସାହି ଛକ ଦେଇ ପୁଣି ବିକ୍ରମଦେବ ବିଶ୍ୱବିଦ୍ୟାଳୟ ପଡିଆକୁ ଗଣଦୌଡରେ ସାମିଲ ଖେଳାଳିମାନେ ଫେରିଥିଲେ। ଏହି ଅବସରରେ ଏସଡିପିଓ ପାର୍ଥ କାଶ୍ୟପ, ଟାଉନଥାନା ଅଧିକାରି ଉଲ୍ଲାସ ଚନ୍ଦ୍ର ରାଉତ, ସଦରଥାନା ଅଧିକାରୀ ସଚ୍ଛିନ୍ଦ୍ର ପ୍ରଧାନ ଉପସ୍ଥିତ ରହି ପତାକା ଦେଖାଇ ଗଣଦୌଡର ଶୁଭାରମ୍ଭ କରିଥିଲେ। ଏଥିରେ ୨୦୦ରୁ ଅଧିକ ପ୍ରତିଯୋଗୀ ୩ ବର୍ଗରେ ସାମିଲ ହୋଇଥିଲେ। ପୁରୁଷ ବର୍ଗରେ ଦିଲୀପ ଖରା ପ୍ରଥମ, ଗୋପାଳ ଗଣ ଦ୍ୱିତୀୟ, ଫିଲିପ ଭତ୍ରା ତୃତୀୟ ସ୍ଥାନ ଅଧିକାର କରିଥିବା ବେଳେ ମହିଳା ବର୍ଗରେ ଦୟାମଣୀ ହରିଜନ ପ୍ରଥମ, ପୂର୍ଣ୍ଣିମା ମଲ୍ଲିକ ଦ୍ୱିତୀୟ ଓ ସଞ୍ଜନା ମାଝି ତୃତୀୟ ସ୍ଥାନ ଅଧିକାର କରିଥିଲେ। ସେହିପରି ବରିଷ୍ଠ ନାଗରିକ ବର୍ଗରେ କୃଷ୍ଣ ଚନ୍ଦ୍ର ହୋତା ପ୍ରଥମ, ସୁରେଶ ହୋତା ଦ୍ୱିତୀୟ ଓ ଲକ୍ଷ୍ମୀକାନ୍ତ ପାଢୀ ତୃତୀୟ ସ୍ଥାନ ଅଧିକାର କରିଥିଲେ। ବିଜେତା ମାନଙ୍କୁ ମୁଖ୍ୟ ଅତିଥି ଉପଜିଲ୍ଲାପାଳ ଏ.ଶଶ୍ୟା ରେ‡ୀ, ସମ୍ମାନିତ ଅତିଥି ଏସ୍‌ଡିପିଓ ପାର୍ଥ କଶ୍ୟପ ଟ୍ରଫି ସହ ମାନପତ୍ର ପ୍ରଦାନ କରିଥିଲେ। ଅପରାହ୍ନରେ ସାରା ରାଜ୍ୟରେ ପରିକ୍ରମା କରୁଥିବା ସଚେତନାତ ରଥକୁ ଟାଉନ ଥାନା ପକ୍ଷରୁ ସାଇବର ରଥକୁ ବିକ୍ରମଦେବ ବିଶ୍ୱବିଦ୍ୟାଳୟ ପଡିଆ ଠାରେ ସ୍ୱାଗତ କରାଯାଇ ସନ୍ଧ୍ୟାରେ ରଥ ପଡିଆ ନିକଟରେ ସାଇବର ଠକେଇ ଉପରେ ଭିଡିଓ ପ୍ରଦର୍ଶନ କରାଯାଇଥିଲା। ଆଜିର ଡିଜିଟାଲ ଯୁଗରେ ସାଇବର ସୁରକ୍ଷା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବିଷୟ ହୋଇଛି। ଏହା କେବଳ ସରକାର କିମ୍ବା ପୁଲିସର ଦାୟୀତ୍ୱ ନୁହେଁ ପ୍ରତ୍ୟେକ ନାଗରିକ ମଧ ସଚେତନ ରହିବା ଓ ଅନଲାଇନ ତଥ୍ୟ ସୁରକ୍ଷିତ ଉପରେ ଗୁରୁତ୍ୱାରୋପ କରିଥିଲେ। ସାଇବର ଅପରାଧୀ ମାନେ ବିଭିନ୍ନ ନୂତନ ଉପାୟରେ ଲାଳସା ଦେଖାଇ ସାଧାରଣ ଲୋକଙ୍କୁ ଠକାମୀର ଶୀକାର କରୁଛନ୍ତି। ତେଣୁ ବ୍ୟାଙ୍କ ଖାତା, ଆଧାର ନମ୍ବର , ଓଟିପି ନମ୍ବର, ପାସୱାର୍ଡ ଭଳି ଗୁପ୍ତ ତଥ୍ୟ କାହାକୁ ପ୍ରଦାନ ନ କରିବାକୁ ଏସଡିପିଓ ଶ୍ରୀ କାଶ୍ୟପ ପରାମର୍ଶ ଦେଇଥିଲେ।

# ଆରମ୍ଭ ହେଲା ରାୟଗଡ଼ା ଓଭରବ୍ରିଜ୍ ମରାମତି କାମ

ରାୟଗଡ଼ା,୨।୧୧(ସମିସ): ଦୀର୍ଘ ବର୍ଷର ଦାବି ପରେ ତଥା ୪ଟି ଟେଣ୍ଡର ଆହ୍ୱାନ ପରେ ଆରମ୍ଭ ହେବାକୁ ଯାଉଛି ରାୟଗଡ଼ାର ଲାଇଫଲାଇନ କୁହାଯାଉଥିବା ଓଭରବ୍ରିଜର ସ୍ଥାୟୀ ମରାମତି କାମ। ଆଜିଠାରୁ ଟେଣ୍ଡର ପାଇଥିବା ନିର୍ମାଣକାରୀ ସଂସ୍ଥା ପକ୍ଷରୁ ସିମେଣ୍ଟ ରେଲିଂ ଗୁଡିକ ବ୍ରିଜ ଉପରେ ସ୍ଥାନ ସ୍ଥାନରେ ମହଜୁଦ ରଖାଯାଇଥିବା ଦେଖିବାକୁ ମିଳିଛି। ଯାହାକୁ ନେଇ ସହରବାସୀ ଏକ ପ୍ରକାର ଆଶ୍ୱସ୍ତି ପାଇଛନ୍ତି। ଦୀର୍ଘ ବର୍ଷ ଧରି ଓଭରବ୍ରିଜର ଜରାଜୀର୍ଣ୍ଣ ତଥା ଶୋଚନୀୟ ଅବସ୍ଥାକୁ ନେଇ ବିଭିନ୍ନ ମହଲରୁ ଦାବି ଉଠିଥିବା ବେଳେ ଏହାର ସ୍ଥାୟୀ ମରାମତି ନିମନ୍ତେ ଜାତୀୟ ରାଜପଥ ବିଭାଗ,ସୁନାବେଡା ଡିଭିଜନ କାର୍ଯ୍ୟାଳୟ ପକ୍ଷରୁ ଟେଣ୍ଡର ଆହ୍ୱାନ କରାଯାଇଥିଲା। ଆଜି ରବିବାର ଠାରୁ ଆରମ୍ଭ ହୋଇଥିବା କାମ ଆସନ୍ତା ଦୁଇମାସ ଯାଏଁ ଚାଲିବାକୁ ଥିବା ବେଳେ ଡିସେମ୍ବର ମାସରେ ରାୟଗଡ଼ା ଲୋକ ମହୋତ୍ସବ ଚଇତି ପାଳନ ହେତୁ ବ୍ରିଜର ସଂପୂର୍ଣ୍ଣ କାମ ତା'ପରେ ଆରମ୍ଭ ହେବ ବୋଲି ଠିକା ସଂସ୍ଥା ପକ୍ଷରୁ ସୂଚନା ମିଳିଛି। ରାୟଗଡ଼ାର ଏହି ଓଭରବ୍ରିଜ ମାତ୍ର ୯୩ମିଟର ଲମ୍ବ ଥିବା ବେଳେ ଏଥିରେ ୨ରୁ ୮ଇଂଚ ଯାଏଁ ବଡ ବଡ ଗାତ ହେବା ସକାଶେ ବ୍ରିଜର ଲୁହା ଛଡ ବାହାରି ୯୦ରୁ ଅଧିକ ସ୍ଥାନରେ ଫାଟ ସୃଷ୍ଟି ହୋଇଥିଲା। ବ୍ରିଜର ସୁରକ୍ଷା ପାଚେରୀଗୁଡିକ ଭାଙ୍ଗି ପଡିଥିବା ବେଳେ ଫୁଟପାଥରେ ଚାଲିବା ମଧ ସମ୍ଭବ ହୋଇପାରୁ ନ ଥିଲା। ବିଭାଗ ପକ୍ଷରୁ ୩ଥର ଟେଣ୍ଡର ଆହ୍ୱାନ କରାଯାଇଥିଲେ ମଧ କେହି ଠିକା ସଂସ୍ଥା ଆବେଦନ କରି ନ ଥିବାରୁ ଓଭରବ୍ରିଜର ସ୍ଥାୟୀ ମରାମତି ପରିବର୍ତେ କେବଳ ତଳିପକା କାମ ପର୍ଯ୍ୟାୟ କ୍ରମେ କରାଯାଉଥିଲା। ବର୍ତମାନ ଟେଣ୍ଡର ପାଇଥିବା ଠିକା ସଂସ୍ଥା ମରାମତି କାମ ଆରମ୍ଭ ପୂର୍ବରୁ ଓଭରବ୍ରିଜ ତଳେ ବ୍ୟବସାୟ କରୁଥିବା ଉଠା ପରିବା ବ୍ୟବସାୟୀଙ୍କୁ ଅନ୍ୟତ୍ର ସ୍ଥାନାନ୍ତର ପାଇଁ ଜାତୀୟ ରାଜପଥ ବିଭାଗ ସୁନାବେଡା ପକ୍ଷରୁ ପୌର ପରିଷଦ ରାୟଗଡ଼ାଙ୍କୁ ଚିଠି କରାଯାଇଥିଲା। ଯାହାକୁ ନେଇ ଜିଲ୍ଲାପାଳଙ୍କ ନିର୍ଦ୍ଦେଶ କ୍ରମେ ସହରରେ ନୂତନ ପରିବା ବଜାର ସ୍ଥାନ ଚିହ୍ନଟ କରାଯାଇ ସମସ୍ତଙ୍କୁ ସ୍ଥାନ ଦିଆଯାଇଥିଲା। ତେବେ ବିଭିନ୍ନ କାରଣକୁ ନେଇ ଉକ୍ତ ନୂତନ ପରିବା ବଜାର କାର୍ଯ୍ୟକ୍ଷମ ହୋଇ ପାରି ନ ଥିବା ବେଳେ ପୁଣି ବ୍ରିଜ ତଳେ ପରିବା ବଜାର ଆରମ୍ଭ ହୋଇଥିଲା। ତେବେ ଗତ ଦୀପାବଳୀ ପର୍ଯ୍ୟନ୍ତ ବ୍ରିଜ ତଳେ ବ୍ୟବସାୟ କରିବା ପାଇଁ ବ୍ୟବସାୟୀ ମାନେ ଅନୁରୋଧ କରିଥିବା ବେଳେ ବ୍ରିଜର ମରାମତି କାମ ଆରମ୍ଭ ହେବା ଯୋଗୁଁ ସେମାନଙ୍କ ସୁରକ୍ଷାକୁ ନେଇ ସେଠାରୁ ହଟାଯିବ ବୋଲି ପୌର ପରିଷଦ ନିର୍ବାହୀ ଅଧିକାରୀ କୁଳଦୀପ କୁମାର କହିଛନ୍ତି।

# ଶାବର ଶ୍ରୀକ୍ଷେତ୍ରରେ ପଞ୍ଚକ ବ୍ରତ ଆରମ୍ଭ

କୋରାପୁଟ,୨।୧୧(ସମିସ): ଧର୍ମ ମାସ କାର୍ତ୍ତିକରେ ପଞ୍ଚକ ଅବସରରେ ଚଳଚଞ୍ଚଳ ହୋଇଉଠିଛି ଶାବର ଶ୍ରୀକ୍ଷେତ୍ର। ଭକ୍ତ ଶ୍ରଦ୍ଧାଳୁ ଓ ହବିଷ୍ୟାଳିଙ୍କ ଶୃଙ୍ଖଳିତ ଦର୍ଶନ ଲାଗି ବେଢା ଭିତରେ ବ୍ୟାପକ ବ୍ୟବସ୍ଥା କରାଯାଇଛି। ପୁଣ୍ୟ ମାସ କାର୍ତ୍ତିକର ପଞ୍ଚକ ଅବସରରେ ପୁଣ୍ୟ ଅର୍ଜନ ପାଇଁ ଶ୍ରୀ ଜଗନ୍ନାଥ ମନ୍ଦିର କୋରାପୁଟରେ ଭକ୍ତମାନେ ଭିଡ଼ ଲଗାଇଛନ୍ତି। ଏଥିପାଇଁ ଚଳଚଞ୍ଚଳ ହୋଇଉଠିଛି ଶାବର ଶ୍ରୀକ୍ଷେତ୍ର। ଭକ୍ତଙ୍କ ଗହଳଚହଳରେ ଭରି ଉଠିଛି ପରିବେଶ। ସେପଟେ ମାସ ଆରମ୍ଭରୁ ହବିଷ୍ୟାଳି ମା' ମାନେ କାର୍ତ୍ତିକ ବ୍ରତ ଆରମ୍ଭ କରିବା ସହ ହବିଷ୍ୟାନ୍ନ ଗ୍ରହଣ କରୁଛନ୍ତି। କାର୍ତ୍ତିକ ବ୍ରତଧାରୀ ହବିଷ୍ୟାଳି ମା'ମାନେ ବ୍ରତ ପାଳନ ସହ ଭଜନ କୀର୍ତନରେ ବ୍ରତୀ ରହୁଛନ୍ତି। ଅନ୍ୟପଟେ ପଞ୍ଚକ ଅବସରରେ ଆଜିଠାରୁ ଚାରି ଦିନ ଧରି ଅର୍ହନିଶ ଅଷ୍ଟପ୍ରହର ସହ ହରି ନାମ ସଂକୀର୍ତ୍ତନର ପ୍ରହର ଆରମ୍ଭ ହୋଇଛି। ଧର୍ମର ମାସ କାର୍ତିକରେ ମହିଳାମାନେ ଏକ ଲକ୍ଷ ସଳିତା ଘିଅକୁ ଜଳାଇ ଗୋଟେ ହାଣ୍ଡିରେ ପୁରାଇ



▶ ଲକ୍ଷେ ଦୀପ ଦାନ କଲେ ମହିଳା
▶ ରାଧା ଦାମୋଦର ବେଶରେ ଦର୍ଶନ ଦେଉଛନ୍ତି ମହାପ୍ରଭୁ

ଶାବର ଶ୍ରୀକ୍ଷେତ୍ର ଚାରି ପାଖରେ ବୁଲି ଶେଷରେ ଗୋଟେ ଜାଗାରେ ରଖିଥାନ୍ତି। ମହିଳାଙ୍କ କହିବା କଥା ପିତୃ ପୁରୁଷଙ୍କ ପାଇଁ ଏହି ପରମ୍ପରା ରହି ଆସିଛି। ବାର ମାସରେ ତେର ଜାତ ହୁଏ। ପବିତ୍ର କାର୍ତିକ ମାସରେ ମାନସିକ କରି ମୁଣ୍ଡରେ ତାଡିଆ ଧରି ପିତୃ ପୁରୁଷଙ୍କୁ ଶାନ୍ତି କରିଥାନ୍ତି। ପ୍ରତି ବର୍ଷ ଶାବର ଶ୍ରୀକ୍ଷେତ୍ରରେ ଏହି ପରମ୍ପରା କରାଯାଉଛି। ଚଳିତ ବର୍ଷ ୧୩ ଜଣ ମହିଳା ଏକ ଲକ୍ଷ ସଳିତା ଓ ଘିଅ ଦୀପ ଦାନ କରିଛନ୍ତି। ପୁଣ୍ୟତମ ମାସ କାର୍ତ୍ତିକ ମାସରେ ମହାପ୍ରଭୁଙ୍କ ରାଧାଦାମୋଦର ବେଶ, ଆକାଶ ଦୀପ ଓ ଆଳତି ଓ ବାଲୁକା ପୂଜା ସହ ମହାପ୍ରଭୁଙ୍କୁ ଦର୍ଶନ କରି ଭକ୍ତ, ଶ୍ରଦ୍ଧାଳୁ ଓ ହବିଷ୍ୟାଳି ନିଜକୁ ଧନ୍ୟ ମନେ କରୁଛନ୍ତି। ଭୋରୁ ୪ଟାରୁ ମନ୍ଦିର ଦ୍ୱାର ଫିଟା ଯାଇ ଭିତର ଶୋଧ, ମଙ୍ଗଳ ଆଳତି, ଓ ମଇଲମ ହୋଇ ବିଭିନ୍ନ ନୀତି ବଢ଼ିଛି। ପାହାନ୍ତିଆ ମଙ୍ଗଳ ଆଳତି ସହ ତୁଳସୀ ଚଉରା ରେ ବାଲୁକା ପୂଜା ଏବଂ ସନ୍ଧ୍ୟା ଆଳତି ସହ ଆକାଶ ଦୀପ ଦେଖିବା ପାଇଁ ଶାବର ଶ୍ରୀକ୍ଷେତ୍ର ଜଗନ୍ନାଥ ମନ୍ଦିରରେ ପ୍ରବଳ ଭିଡ ହେଉଛି। ଆଜି ପବିତ୍ର କାର୍ତିକ ମାସ ଶୁକ୍ଳପକ୍ଷ ଏକାଦଶୀ ତିଥି। ଏହି ପଞ୍ଚକ ବ୍ରତକୁ ଭୀଷ୍ମ ପଞ୍ଚକ ବା ବଗ ପଞ୍ଚକ ବୋଲି କୁହାଯାଏ। ପଞ୍ଚକ ବ୍ରତର ପ୍ରଥମ ଦିନରେ ଶାବର ଶ୍ରୀକ୍ଷେତ୍ରରେ ପଞ୍ଚକ ବ୍ରତଧାରି ମହାପ୍ରଭୁଙ୍କ ଦର୍ଶନ କରୁଛନ୍ତି। ଏନେଇ ହବିଷ୍ୟାଳି ମାନେ କହିଛନ୍ତି ଶାବର ଶ୍ରୀକ୍ଷେତ୍ରରେ ହବିଷ କରିବା ତାଙ୍କ ପାଇଁ ସୌଭାଗ୍ୟ। ମନ୍ଦିର ପ୍ରଶାସନ ତରଫରୁ ସମସ୍ତ ବ୍ୟବସ୍ଥା କରାଯାଇଛି। ପ୍ରତିଦିନ ବେଢା ଭିତରେ ପୂଜାର୍ଚ୍ଚନା ସହ ମହାପ୍ରଭୁଙ୍କ ଦର୍ଶନ କରି ଆନନ୍ଦ ମିଳୁଛି ବୋଲି ସେମାନେ କହିଛନ୍ତି।

# ଜଗନ୍ନାଥ ମନ୍ଦିରରେ ଆନନ୍ଦବଜାର ଉଦ୍‌ଘାଟିତ



ଟିକିରି,୨।୧୧(ସମିସ) : ରାୟଗଡ଼ା ଜିଲ୍ଲା କାଶିପୁର ବ୍ଲକ ଟିକିରି ସ୍ଥିତ ଜଗନ୍ନାଥ ମନ୍ଦିର ବେଢ଼ା ଭିତରେ ଆଜି ଆନନ୍ଦ ବଜାରଗୃହ ଉଦ୍‌ଘାଟିତ ହୋଇଯାଇଛି। ମନ୍ଦିର ପରିଚାଳନା କମିଟି ତଥା ଗ୍ରାମବାସୀଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଉଦ୍‌ଘାଟନ କାର୍ଯ୍ୟକ୍ରମରେ ଉତ୍କଳ ଆଲୁମିନା ୟୁନିଟ ହେଡ଼ ତଥା ସଭାପତି ରବି ନାରାୟଣ ମିଶ୍ର, ସହ ଧର୍ମିଣୀ, ପ୍ରଭା ମିଶ୍ର ,ସିଏସଆର ହେଡ୍ ଲୋପାମୁଦ୍ରା ମିଶ୍ର, ଦିଗନ୍ତ ମହାନ୍ତି, ମାଇନ୍ସହେଡ଼ ବିଜୟ ଚୌହାନ, ମନୋଜ ଦାଶ, ବିନୋଦ ପୂଜାରୀ, କାଶୀପୁରଥାନା ଅଧିକାରୀ ଦେବ ଦତ୍ତ ମଲ୍ଲିକ, ଟିକିରି ସରପଞ୍ଚ ଜଗବନ୍ଧୁ ମାଝୀ, ବ୍ଲକ ଅଧ୍ୟକ୍ଷ କଣ୍ଡ ମାଝୀଙ୍କ ସହିତ ମନ୍ଦିର କମିଟି କାର୍ଯ୍ୟକର୍ତ୍ତା ପ୍ରମୁଖ ଉପସ୍ଥିତ ଥିଲେ। ପଣ୍ଡିତ ରଞ୍ଜିତ ମିଶ୍ର ବେଦ ମନ୍ତ୍ର ଉଚ୍ଚାରଣ ପୂର୍ବକ ପୂଜାକାର୍ଯ୍ୟ କରିଥିଲେ। ଉତ୍କଳ ଆଲୁମିନା ଅନୁଦାନରେ ନିର୍ମିତ ଆନନ୍ଦ ବଜାରରେ ମନ୍ଦିର କାର୍ଯ୍ୟାଳୟ ,ଲକ୍ଷ୍ମୀ ଭଣ୍ଡାରଗୃହ ଏବଂ ଏକା ଥରକେ ଶତାଧିକ ଜଣ ପ୍ରସାଦ କଲାଭଳି ଭୋଜନାଳୟ ନିର୍ମାଣ କରାଯାଇଛି। ଏହି ଅବସରରେ ମନ୍ଦିର କମିଟି ପକ୍ଷରୁ ଉତ୍କଳ ଆଲୁମିନା ୟୁନିଟ ହେଡ୍‌ଙ୍କସହିତ କମ୍ପାନୀର ବରିଷ୍ଠ ଅଧିକାରୀଙ୍କୁ ସମ୍ବର୍ଦ୍ଧନା ଦିଆଯାଇଥିଲା। ପବିତ୍ର କାର୍ତ୍ତିକ ମାସରେ ପୁରୀ ଶ୍ରୀ ମନ୍ଦିରରୁ ଆସିଥିବା ଅବଢ଼ା, କାନିକା, ମହାପ୍ରସାଦ ଏବଂ ଅନ୍ନପ୍ରସାଦ ବ୍ୟବସ୍ଥା କରାଯାଇ ଥିଲା। ସ୍ଥାନୀୟ ଗ୍ରାମବାସୀଙ୍କ ସହିତ କମ୍ପାନୀ ଏବଂ ବିଭିନ୍ନ ବିଭାଗର ସରକାରୀ ଅଧିକାରୀ ଜଗନ୍ନାଥ ଦର୍ଶନ କରିବା ସହ ଆନନ୍ଦ ବଜାରରେ ପ୍ରସାଦ ପାଇଥିଲେ। ବରିଷ୍ଠ ନାଗରିକଙ୍କ ମଧ୍ୟରେ ସଦାନନ୍ଦ ପୂଜାରୀ, ଗଙ୍ଗାଧର ସାହୁ, ଉପେନ୍ଦ୍ର ପାତ୍ର,ସାହେବ ଦଣ୍ଡସେନା,ରାଜେନ୍ଦ୍ର ଦୁରିଆ, ବିନୋଦ କୁମାର ନାଏକ, ବିଜୟ ରତ୍ନ ଚୌଧୁରୀ ଡମ୍ବୁରୁସାହୁ, କେ.ପବନ କୁମାର ସହିତ ବଣିକ ସଂଘ କାର୍ଯ୍ୟକର୍ତ୍ତା ମନୋଜ ବେହେରାଙ୍କ ସହିତ ଗ୍ରାମର ବହୁ ଜଣ ମହିଳା ପୁରୁଷ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମକୁ ମନ୍ଦିର କମିଟି ସଭାପତି-ହର ପ୍ରସାଦ ନାୟକ, ଉପ ସଭାପତି ବିପ୍ର ଚରଣ ପୂଜାରୀ, ସମ୍ପାଦକ ହରିହର ମିଶ୍ର, କୋଷାଧ୍ୟକ୍ଷ କୈଳାସ ଚନ୍ଦ୍ର ନାଏକ, ଉପଦେଷ୍ଟା ବିଶ୍ୱନାଥ ପୂଜାରୀ, ବିଦ୍ୟାଧର ନାୟକ ପ୍ରମୁଖ ପରିଚାଳନା କରିଥିଲେ।

# ରାୟଗଡ଼ାରେ ହେବ ଫ୍ୟାସନ ଶୋ'




ରାୟଗଡ଼ା,୨।୧୧(ସମିସ): ଶିଳ୍ପ ଓ ସଂସ୍କୃତିରେ ସମୃଦ୍ଧ ରାୟଗଡ଼ା ଜିଲ୍ଲାର ପ୍ରତିଭାକୁ ଖୋଜି ଲୋକଲୋଚନକୁ ଆଣିବା ଉଦ୍ଦେଶ୍ୟରେ ବନ୍ନି କ୍ରିଏସନ ଆନୁକୂଲ୍ୟରେ ଏକ ଫେସନ ଶୋ'ର ଆୟୋଜନ କରାଯାଉଛି। ଆଜି ରାୟଗଡା ସହରର ବଂଶୀକ୍ରିଷ୍ଣା ଫଙ୍କସନ ହଲ ଠାରେ ଏହି କାର୍ଯ୍ୟକ୍ରମର ଉଦ୍‌ଘାଟନୀ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଏହି ଫେସନ ଶୋ'ରେ ପ୍ରତିଯୋଗିତା ଚାରି ଗୋଟି ବର୍ଗରେ ଆୟୋଜିତ ହେବ ବୋଲି ଆୟୋଜକ ମଣ୍ଡଳୀ ସୂଚନା ଦେଇଛନ୍ତ। ଆଜିର ଉଦଘାଟନୀ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ମୁମ୍ବାଇ ଫେମିନା ମିସ ଇଣ୍ଡିଆ ୨୦୧୯ ର ବିଜୟିନୀ ଶୀତଲ ସାହୁ ଯୋଗ ଦେଇଥିଲେ। ଅନ୍ୟତମ ଅତିଥି ଭାବେ ଲେଖକ, ନିର୍ଦ୍ଦେଶକ ଓ ପ୍ରଯୋଜକ ଗୋପି ଆନନ୍ଦ , ସମ୍ମାନିତ ଅତିଥି ଭାବେ ସାମ୍ବାଦିକ ଅମୂଲ୍ୟ ରତ୍ନ ସାହୁ , ଅତିଥି ଭାବେ ଜିଲ୍ଲା ସଂସ୍କୃତି ଅଧିକାରୀ ସୁସ୍ମିତା ବାଉରୀ, ବବିଲତା ସରାଫ , ଆଇରନ ଲେଡି ତଥା କ୍ୟାପଟେନ୍ ରୀତା ରାଣୀ ମିଶ୍ର ଓ ଅନ୍ୟତମ ସମ୍ମାନିତ ଅତିଥି ଭାବେ ବଚପନ ଶିକ୍ଷାନୁଷ୍ଠାନର ନିର୍ଦ୍ଦେଶିକା ସୁଶ୍ରିତା ଦାଶ ଓ ଲାୟନ୍ସ ଅପରାଜିତାର ସଭାପତି ଜି.ରାମକ୍ରିଷ୍ଣା ଯୋଗ ଦେଇଥିଲେ। ଆଜି ଉପସ୍ଥିତ ସଦସ୍ୟ ମାନେ ଫେସନ ଶୋ' ବ୍ରାଉଚରକୁ ଉଦ୍‌ଘାଟନ କରିଥିଲେ । ପ୍ରର୍ଯ୍ୟାୟ କ୍ରମେ ଫେସନ ଶୋ'ର ଅଡିଶନ ଆରମ୍ଭ ହେବ ଏବଂ ଗ୍ରାଣ୍ଡ ଫିନାଲେରେ ସମସ୍ତ ଚାରିଗୋଟି କ୍ୟାଟେଗରୀ ପାଇଁ ସର୍ବୋଚ୍ଚ ପ୍ରାର୍ଥୀନି ଚୟନ କରାଯିବ । ଆଜିର ଏହି କାର୍ଯ୍ୟକ୍ରମକୁ କେ.ମଧୁରବାଣୀ ଓ କୋରଡା ରଝିତା ଆୟୋଜନ କରିଥିବା ବେଳେ ବିଶାଖାପାଟଣାମର ଫେସନ ଅନୁଷ୍ଠାନ ଏନ୍‌ଲାଇଟ ଅନୁଷ୍ଠାନର ମୁଖ୍ୟ ସୁନିଲ ରେଡ୍ଡି ସହଯୋଗ କରିଥିଲେ। ଆଗକୁ ହେବାକୁ ଥିବା ପ୍ରତିଯୋଗିତାର ପ୍ରଥମ କ୍ୟାଟେଗରୀରେ ୫ ରୁ ୧୨ ବର୍ଷ ବୟସର ଉଦୀୟମାନ ଶିଶୁ ପ୍ରତିଭାମାନଙ୍କ ପାଇଁ ରଖାଯାଇଥିବା ବେଳେ ଦ୍ୱିତୀୟ କ୍ୟାଟେଗରୀ ୧୩ ରୁ ୧୭ ବର୍ଷ ବୟସର କିଶୋରୀ ପ୍ରତିଭା, ତୃତୀୟ କ୍ୟାଟେଗରୀ ୧୮ ବର୍ଷରୁ ବିବାହ ହୋଇନଥିବା ଯୁବ ପ୍ରତିଭା ଏବଂ ଶେଷ ୪ର୍ଥ କ୍ୟାଟେଗରୀ ବିବାହିତ ମହିଳାମାନଙ୍କ ପାଇଁ ସ୍ଥିର କରାଯାଇଛି ବୋଲି ଆୟୋଜକ ମଣ୍ଡଳୀ କହିଛନ୍ତି। ନାରୀ ମାନଙ୍କ ପାଇଁ ରାୟଗଡାରେ ଏଭଳି ଫେସନ ଶୋ' ପ୍ରଥମ ଥର ହେଉଥିବା ଜଣାପଡ଼ିଛି।

## ମଣ୍ଡେଇ ମହୋତ୍ସବ-୨୦୨୫

# 'ମଞ୍ଚ ନାଟକ' ପାଇଁ ପ୍ରସ୍ତୁତି ବୈଠକ

ନବରଙ୍ଗପୁର, ୨।୧୧(ସମିସ):




ନବରଙ୍ଗପୁର ଜିଲ୍ଲା ସଂସ୍କୃତି ପରିଷଦ ତରଫରୁ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସର ସ୍ଥିତ ଅଶୋକ ମେହେଟ୍ଟା ସମ୍ମିଳନୀ କକ୍ଷ ଠାରେ ମଣ୍ଡେଇ ମହୋତ୍ସବ-୨୦୨୫ 'ମଞ୍ଚ ନାଟକ'ର ସୁପରିଚାଳନା ନିମନ୍ତେ ଏକ ଗୁରୁତ୍ୱପୂର୍ଣ୍ଣ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଥିଲା। କମିଟିର ଅଧ୍ୟକ୍ଷ ତଥା ଅତିରିକ୍ତ ଜିଲ୍ଲାପାଳ (ସାଧାରଣ) ତପନ କୁମାର ଖୁଣ୍ଟିଆଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ମଞ୍ଚ ନାଟକ କାର୍ଯ୍ୟକ୍ରମ ସଦର ମହକୁମାସ୍ଥିତ ଶାସ୍ତ୍ରୀ ଭବନ (ଟାଉନ ହଲ) ଠାରେ ୩ ତାରିଖରୁ ୭ ତାରିଖ ମଧ୍ୟରେ ଆୟୋଜନ କରିବା ଲାଗି ନିଷ୍ପତି ଗ୍ରହଣ କରାଗଲା। ବାଲ୍ୟବିବାହ, ନାରୀ ଶିକ୍ଷା, ମହିଳା ସଶକ୍ତିକରଣ, ଅନ୍ଧବିଶ୍ୱାସ, ନିଶା ନିବାରଣ ଭଳି ସମାଜ ପାଇଁ ବାର୍ତ୍ତାବହନ କରୁଥିବା ନାଟକକୁ ସାମିଲ କରାଯିବା ସହ ରାଜନୈତିକ କିମ୍ବା ଧାର୍ମିକ ଆରୋପ-ପ୍ରତ୍ୟାରୋପଭିତ୍ତିକ ନାଟକକୁ ସମ୍ପୂର୍ଣ୍ଣ ବାଦ୍ ଦିଆଯିବା ନିମନ୍ତେ ସମସ୍ତ ଉପସ୍ଥିତ ସଭ୍ୟ ସଭ୍ୟା ମତ ଉପସ୍ଥାପନ କରିଥିଲେ। ଚଳିତ ବର୍ଷର ମଞ୍ଚ ନାଟକ ମହୋତ୍ସବ ପ୍ରତିଯୋଗିତାମୂଳକ ନ ହୋଇ ପ୍ରଦର୍ଶନ ଭିତ୍ତିକ ହେବା ସହ ପରିବେଷଣ କରିଥିବା ଦଳମାନଙ୍କୁ ଉପଢୌକନ ଦେଇ ସମ୍ମାନିତ କରାଯିବ ଏବଂ ପ୍ରତ୍ୟେକ ଦଳକୁ ନୂତନ ବର୍ଦ୍ଧିତ ପ୍ରଯୋଜନା ରାଶି ବାବଦରେ ୫ ହଜାର ଟଙ୍କା ପ୍ରଦାନ କରାଯିବା ନିଷ୍ପତ୍ତି କୁ ସମସ୍ତ ସଦସ୍ୟ ଏକ ମତ ହୋଇଥିଲେ। ପାଣ୍ଡୁଲିପିର ଦସ୍ତାବିଜ ନଭେମ୍ବର୨୦ ତାରିଖ ସୁଦ୍ଧା ଜିଲ୍ଲା ସଂସ୍କୃତି ଅଧିକାରୀଙ୍କ କାର୍ଯ୍ୟାଳୟରେ ଦାଖଲ କରିବାକୁ ପଡ଼ିବ। ପ୍ରଦର୍ଶନ ସମୟ ସର୍ବାଧିକ ୧ ଘଣ୍ଟା (୪୫ ମିନିଟ ମୁଖ୍ୟ) ଏବଂ କଳାକାର ସଂଖ୍ୟା ସର୍ବମୋଟ ୨୦ ଜଣ ରଖାଯିବ। ଜିଲ୍ଲାର ପ୍ରତ୍ୟେକ ବ୍ଲକ ଓ ପୌରପାଳିକାରୁ ଗୋଟିଏ ଲେଖାଏଁ ନାଟକ ଦଳ ଆଣିବା ଉପରେ ପ୍ରାଧାନ୍ୟ ଦେବା ଲାଗି କମିଟି ସଦସ୍ୟମାନଙ୍କୁ ଅଧ୍ୟକ୍ଷ ନିର୍ଦ୍ଦେଶ ଦେଇଥିଲେ। ବୈଠକରେ ସହକାରୀ ଜିଲ୍ଲାପାଳ ଆଶୁତୋଷ ପାତ୍ର, ଜିଲ୍ଲା ସଂସ୍କୃତି ଅଧିକାରୀ ଘାସିଆ ହରିଜନଙ୍କ ସହ କମିଟିର ସମସ୍ତ ସଭ୍ୟ ଓ ସଭ୍ୟା ଯଥା ମନୋଜ କୁମାର ପଟ୍ଟନାୟକ, ଜ୍ୟୋତି ପରିଛା, ଜଗନ୍ନାଥ ବେହେରା, ବୁଲୁ ହୋତା, ଦୁର୍ଗା ପ୍ରସାଦ ପାଢ଼ୀ, ଦିଲ୍ଲୀପ କୁମାର ହୋତା,ଦେବଦାସ ମହାଙ୍କୁଡ, ଜି ଭି ଭି ରବି ପ୍ରସାଦ, ଦୁର୍ଗା ପ୍ରସାଦ ପ୍ରଧାନ, ବିକ୍ରମ ଦାସ, ଆଲୋକ ସାହୁ , ଫାଲଗୁନୀ ପାତ୍ର, ଯୁଗୋଳ କିଶୋର ତ୍ରିପାଠୀ, ପ୍ରଭାସିନୀ ମହାନ୍ତି, ଜି ପ୍ରକାଶ ସାମନ୍ତରାୟ ପ୍ରମୁଖ ଉପସ୍ଥିତ ଥିଲେ। ବୈଠକ କାର୍ଯ୍ୟକ୍ରମର ସର୍ବୋତ୍ତମ ପରିଚାଳନା ପାଇଁ ଶାସ୍ତ୍ରୀ ଭବନର ବୈଷୟିକ ଦିଗ (ଧ୍ୱନି, ଆଲୋକ) ଏବଂ ବ୍ୟବସ୍ଥା ଉପରେ ଗୁରୁତ୍ୱ ଦିଆଯାଇଥିଲା। ଏହି ମହୋତ୍ସବର ସୁଚାରୁ ଓ ସଫଳ ଆୟୋଜନ ପାଇଁ ପାଞ୍ଚ ଗୋଟି ଆନ୍ତଃକମିଟି ଗଠନ କରାଯାଇ ଏହାର ସଦସ୍ୟମାନଙ୍କୁ ଦାୟିତ୍ୱ ପ୍ରଦାନ କରାଗଲା। ଶେଷରେ ଜିଲ୍ଲା ସଂସ୍କୃତି ଅଧିକାରୀ ଉପସ୍ଥିତ ସମସ୍ତ ସଭ୍ୟ ଓ ସଭ୍ୟାଙ୍କୁ ଧନ୍ୟବାଦ ଅର୍ପଣ କରି ବୈଠକ ଶେଷ କରିଥିଲେ। ଏହି କାର୍ଯ୍ୟକ୍ରମକୁ ଜିଲ୍ଲା ସଂସ୍କୃତି କାର୍ଯ୍ୟାଳୟର କନିଷ୍ଠ ସହାୟକ ଏ ପ୍ରକାଶ ସାହୁ ଏବଂ ସହଯୋଗୀ କର୍ମଚାରୀ ଏ. ସନ୍ତୋଷ କୁମାର ପ୍ରମୁଖ ସହଯୋଗ କରିଥିଲେ।


**Format C-2**

(For political party to publish in website, newspapers, TV)

**Declaration about criminal antecedents of candidates set up by the Party**

*(As per the judgement dated 25th September, 2018 of Hon'ble Supreme Court in WP (Civil) No. 536 of 2011 (Public interest Foundation & Ors. Vs. Union of India & Anr.)*

Name of the Political Party : **BIJU JANATA DAL**

*Name of Election : **BYE-ELECTION TO THE STATE LAGISLATIVE ASSEMBLY OF ODISHA -2025**

Name of State : **ODISHA**

| 1 | 2 | 3 | 4 | | 5 | | |
|---|---|---|---|---|---|---|---|
| Sl. No | Name of Constituency | Name of Candidate | (A) Pending criminal cases | | (B) Details about cases of conviction for criminal offence(s) | | |
| | | | Name of court, Case No. & status of the case(s) | Section of the Acts concerned & brief description of offence(s) | Name of Court & date(s) of order(s) | Description of offence(s) & Punishment imposed | **Maximum Punishment Imposed.** |
| 1 | **71- NUAPADA** ASSEMBLY CONSTITUENCY | **SMT. SNEHANGINI CHHURIA** | **I. S.D.J.M, Bargarh; CT No- 83/ 2025; Bargarh Town PS Case No-36/2025; Awaiting for Final Form**<br>**II. S.D.J.M., Bargarh, CT No-84/2025; Bargarh Town PS Case No-37/2025; Awaiting for Final Form**<br>**III. S.D.J.M., Bargarh, CT No-86/2025; Bargarh Rural PS Case No-11/2025; Awaiting for Final Form**<br>**IV. S.D.J.M., Bargarh, CT No-89/2025; Bargarh Town PS Case No-38/2025; Awaiting for Final Form** | I. U/s 126(2) 189(2) 190, 285, 61(2) B.N.S; Wrongfully restraining any person; Being member of an unlawful assembly; Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards.<br>II. U/s 126(2) 189(2) 190, 285, 61(2) B.N.S r/w U/s 4 PDPP Act.; Wrongfully restraining any person; Being member of an unlawful assembly, Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards; r/w u/s 4 mischief causing damage to public property by fire or explosive substance PDPP Act.<br>III. U/s 126(2) 189(2) 190, 285, 61(2) B.N.S r/w U/s 4 PDPP Act.; Wrongfully restraining any person, Being member of an unlawful assembly; Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards; r/w u/s 4 mischief causing damage to public property by fire or explosive substance PDPP Act.<br>IV. U/s 126(2) 189(2) 190, 285, 61(2) B.N.S r/w U/s 4 PDPP Act.; Wrongfully restraining any person; Being member of an unlawful assembly; Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards; r/w u/s 4 mischief causing damage to public property by fire or explosive substance PDPP Act. | **NA** | **NA** | **NA** |


*In the case of election of Council of States or election to legislative Council by MLAs, mention the election concerned in place of constituency.

**Sd/-**
**(Bhrugu Baxipatra)**
**Senior General Secretary,**
**Biju Janata Dal, Odisha**

N. B. -The above information may be given by the candidate for the necessary action at the end of Party.

ସକାଳ
THE SAKALA

# ସମ୍ପାଦକୀୟ



ଦୁର୍ନୀତି ଯେକୌଣସି ଦେଶର ବିକାଶରେ ସବୁଠାରୁ ବଡ଼ ବାଧକ।
-ଲାଲ ବାହାଦୂର ଶାସ୍ତ୍ରୀ

## ଭାରତ ପାଖରେ ସୁଯୋଗ

ଆକ୍ରମଣାତ୍ମକ ଆଭିମୁଖ୍ୟ ପାଇଁ ପରିଚିତ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏବେ ରକ୍ଷଣାତ୍ମକ ମୁଦ୍ରାରେ ଅବତୀର୍ଣ୍ଣ ହୋଇଛନ୍ତି। ଚପଳମତି ଟ୍ରମ୍ପଙ୍କ ଏହି ସ୍ୱଭାବ ପରିବର୍ତ୍ତନ ପଛର କାରଣ ହଠାତ୍ ଠଉରାଇବା କଷ୍ଟକର ହୋଇଥିଲେ ମଧ୍ୟ ଦୁଇଟି କାରଣକୁ କୂଟନୀତିଜ୍ଞମାନେ ଅନୁମାନ କରୁଛନ୍ତି। ପ୍ରଥମତଃ, ଦଣ୍ଡ-ଭେଦ ସାମରିକ ନୀତିରେ ନୋବେଲ ଶାନ୍ତି ପୁରସ୍କାର ପାଇବାରେ ବିଫଳ ହେବା ପରେ ଏବେ ଟ୍ରମ୍ପ ବାଣିଜ୍ୟ ସହଯୋଗର ସାମ-ଦାମ ନୀତି ଆପଣେଇଛନ୍ତି। ଏଣୁ କଠୋର ଶୁଳ୍କ ଯୁଦ୍ଧକୁ ପରିହାର କରି ଚୀନ୍ ପାଇଁ କୋହଳ ବାଣିଜ୍ୟ ନୀତି ଘୋଷଣା କରିଛନ୍ତି। ସେହିପରି ଭାରତ ସମ୍ପର୍କରେ ଆମେରିକାର ଆଭିମୁଖ୍ୟ ହଠାତ୍ ବଦଳି ଯାଇଛି। ଟ୍ରମ୍ପ ସବୁଠାରୁ ଉଚ୍ଚା ଦରରେ ଭାରତର ଉତ୍ପାଦ ଉପରେ ଶୁଳ୍କ କଷିଥିବା ବେଳେ ଚବାହାର ବନ୍ଦର ପରିଚାଳନାରେ ଲଗାଇଥିବା କଟକଣାକୁ ଛଅମାସ ପାଇଁ କୋହଳ କରିଛନ୍ତି। ନିକଟରେ ଆମେରିକା ଭାରତ ସହିତ ଦଶବର୍ଷିଆ ପ୍ରତିରକ୍ଷା ଚୁକ୍ତି ମଧ୍ୟ ସ୍ୱାକ୍ଷର କରିଛି। ଏହାଦ୍ୱାରା ସବୁରାଷ୍ଟ୍ର ସହିତ ସୁସମ୍ପର୍କ ସ୍ଥାପନ ଜରିଆରେ ବିଶ୍ୱ ଶାନ୍ତି ପ୍ରତିଷ୍ଠାରେ ଆଗ୍ରହୀ ଥିବା ଟ୍ରମ୍ପ ପ୍ରମାଣିତ କରିବାକୁ ଚାହୁଁଥିବେ। ଯଦି ଟ୍ରମ୍ପଙ୍କ ଏହି ଉଦ୍ଦେଶ୍ୟ ମହତ୍, ସ୍ଥାୟୀ ଓ ବାସ୍ତବ ହୋଇଥାଏ ତେବେ ବିଶ୍ୱ ପାଇଁ ମଙ୍ଗଳକର। ଅପରପକ୍ଷରେ ବନ୍ଧୁତ୍ୱ ଓ କୋହଳ ନୀତିର ହାତ ବଢ଼ାଇ ଚୀନ୍ ଓ ଭାରତକୁ ରୁଷ୍‌ଠାରୁ ଅଲଗା କରିବାରେ ଟ୍ରମ୍ପଙ୍କ ମସୁଧାକୁ ମଧ୍ୟ ଅସ୍ୱୀକାର କରାଯାଇପାରିବ ନାହିଁ।

ଟ୍ରମ୍ପଙ୍କ ସ୍ୱଭାବ ଓ ନୀତି ପରିବର୍ତ୍ତନ ପଛରେ ଯାହା ବି କାରଣ ଥାଉ ନା କାହିଁକି ଏଥିରେ କିନ୍ତୁ ଭାରତ ପାଇଁ ଏକ ବଡ଼ ସୁଯୋଗ ରହିଛି, ଯାହାକୁ କେନ୍ଦ୍ର ସରକାର ହାତଛଡ଼ା କରିବେ ନାହିଁ ବୋଲି ବିଶ୍ୱାସ। ଆଣବିକ ପରୀକ୍ଷଣ ବିରୋଧରେ ଆମେରିକା ଯେଉଁ ବୈଶ୍ୱିକ କଟକଣା ଲାଗୁ କରିଥିଲା ତାହାକୁ ପ୍ରତ୍ୟାହାର କରିବା ସହିତ ୧୯୯୨ ମସିହା ପରେ ପ୍ରଥମ ଥର ପାଇଁ ପୁଣି ଥରେ ନିଜେ ଆଣବିକ ପରୀକ୍ଷଣ କରିବ ବୋଲି ଟ୍ରମ୍ପ ପ୍ରଶାସନ ଘୋଷଣା କରିଛି। ତେଣୁ ଦଶବର୍ଷିଆ ପ୍ରତିରକ୍ଷା ଚୁକ୍ତି ସମ୍ପାଦନ ଅବସରରେ ଏହି ଦିଗଟିକୁ ଅଧିକ ଗୁରୁତ୍ୱ ଦେଲେ ଭାରତ ପ୍ରତିରକ୍ଷା ଓ ସବୁଜ ଶକ୍ତି ଉତ୍ପାଦନ କ୍ଷେତ୍ରରେ ଆହୁରି ସଶକ୍ତ ହୋଇପାରିବ। ବିଶେଷକରି ୧୯୯୮ ମେ ୧୧ ତାରିଖରେ ପୋଖରାନ୍ ୨ ଆଣବିକ ପରୀକ୍ଷଣ ପରେ ଭାରତ ଉପରେ ଆମେରିକା ଲଗାଇଥିବା କଟକଣାକୁ ଆଂଶିକ ପ୍ରତ୍ୟାହାର କରିଥିଲେ ମଧ୍ୟ ଅଣୁ ଅସ୍ତ୍ର ଉତ୍ପାଦନ ଉପରେ କଟକଣା ବଳବତ୍ତର ରହିଛି।

୨୦୦୭ ରେ ଭାରତ ଆମେରିକା ସହିତ ସ୍ୱାକ୍ଷର କରିଥିବା '୧୨୩ ଚୁକ୍ତିନାମା'ର ସର୍ତ୍ତ ଅନୁଯାୟୀ ଆମେରିକା ସହିତ ପୂର୍ଣ୍ଣ ସହଯୋଗ କଲେ ଯାଇ ଭାରତକୁ ଆଣବିକ ଅସ୍ତ୍ର ପରୀକ୍ଷଣର ଅନୁମତି ମିଳିବ। ତେଣୁ ଏବେ ସୁଯୋଗକୁ ହାତଛଡ଼ା ନ କରି ଅଣୁଅସ୍ତ୍ରର ଅଧିକ ପରୀକ୍ଷଣ କରିବା ଲାଗି ଭାରତ ଆମେରିକାକୁ ମନାଇବାକୁ ପଡ଼ିବ। କାରଣ ଏବେ ଉଭୟ ଚୀନ୍ ଓ ପାକିସ୍ତାନ ପଟରୁ ଯେଉଁଭଳି ଆଣବିକ ଆକ୍ରମଣ ଆଶଙ୍କା ବଢ଼ୁଛି, ତାହାକୁ ପ୍ରତିହତ କରିବା ଲାଗି ଭାରତର ଅଣୁ ଅସ୍ତ୍ର କ୍ଷମତା ପର୍ଯ୍ୟାପ୍ତ ନୁହେଁ। ଭାରତ ପ୍ରଥମେ ନିଜ ଆଡ଼ୁ ଅଣୁ ଅସ୍ତ୍ର ପ୍ରୟୋଗ କରିବ ନାହିଁ ବୋଲି ସଂକଳ୍ପ ନେଇଛି; କିନ୍ତୁ ଶକ୍ତି ପ୍ରଦର୍ଶନ ଜରିଆରେ ଶତ୍ରୁ ପକ୍ଷକୁ ଭୟଭୀତ କରିବା ପାଇଁ ଅଣୁ ଅସ୍ତ୍ରର ଅଧିକ ପରୀକ୍ଷଣ ଆଜିର ଆବଶ୍ୟକତା।

## ଆପଣା କଲା କର୍ମମାନ

ନିଜେ କରୁଥିବା କର୍ମର ପରିଣତି ପ୍ରତି ସାବଧାନ ନ ହେଲେ ତା'ର ଫଳ ନିଜେ ହିଁ ଭୋଗ କରିବାକୁ ପଡ଼େ। ବାରମ୍ବାର ତାଗିଦ, ଅନୁରୋଧ, ପରାମର୍ଶ ସତ୍ତ୍ୱେ ଆସୁରିକ ଆନନ୍ଦ ଉପଭୋଗ ପାଇଁ ଲଗାମହୀନ ବାଣ ଫୁଟାଇବା ପରେ ଦିଲ୍ଲୀ ଏକ ବିଷାକ୍ତ ଗ୍ୟାସ୍‌ଚାମ୍ବରରେ ପରିଣତ ହୋଇଛି। ପରିସ୍ଥିତି ଏପରି ହୋଇଛି ଯେ ସ୍ୱର୍ଶକାତର ରୋଗୀମାନେ ଦିଲ୍ଲୀ ଛାଡ଼ି କିଛିଦିନ ବାହାରେ ରହିବାକୁ ଡାକ୍ତରମାନେ ପରାମର୍ଶ ଦେଇଛନ୍ତି। ଅଦୂରଦର୍ଶିତା ଓ ବେପରୱା ମାନସିକତା ନିଜ ପାଇଁ କିଭଳି ବିପତ୍ତି ଓ ପରିଣତି ଆଣିପାରେ ତାହା ଦିଲ୍ଲୀ ବାୟୁ ସ୍ଥିତି ପୁଣି ଥରେ ସମସ୍ତଙ୍କୁ ଚେତାବନୀ ଦେଇଛି।

ଉଦ୍‌ବେଗଜନକ କଥା ହେଉଛି ଦିଲ୍ଲୀ ସ୍ଥିତି ଦେଖିବା ଓ ଶୁଣିବା ପରେ ମଧ୍ୟ କେହି ଚେତୁନାହାନ୍ତି। ନିଜ ଗୋଡ଼ରେ ନିଜେ କୁରାଢ଼ି ମାରିବା ନ୍ୟାୟରେ କଟକଣାକୁ ଉଲ୍ଲଙ୍ଘନ କରି ବାଣ ଫୁଟାଇ ପରିବେଶକୁ ପ୍ରଦୂଷିତ କରୁଛନ୍ତି। ପୁରାଣ ଶାସ୍ତ୍ରକାରମାନେ କହିଛନ୍ତି ଏ ହାତରେ କଲା କର୍ମ ଫଳ ସେ ହାତରେ ନେବ। କିନ୍ତୁ ଦିଲ୍ଲୀ ଭଳି ପ୍ରଦୂଷିତ ସହରମାନଙ୍କର ସଂଖ୍ୟାବହୁଳ ଆସୁରିକ ଆନନ୍ଦଭୋଗୀଙ୍କ ଯୋଗୁଁ ସୃଷ୍ଟ ପ୍ରଦୂଷିତ ପରିବେଶ ସଂଖ୍ୟାଲଘୁ ନିରୀହ ଲୋକଙ୍କୁ ଯନ୍ତ୍ରଣା ଦେଉଛି। ଏକ ସର୍ବେକ୍ଷଣ ଅନୁଯାୟୀ, ଦିଲ୍ଲୀ ରାଜଧାନୀ ଅଞ୍ଚଳରେ ପ୍ରାୟ ୭୫ ପ୍ରତିଶତ ପରିବାର ଭୂତାଣୁ ଦ୍ୱାରା ସଂକ୍ରମିତ ହୋଇଥିବା ବେଳେ ପ୍ରତି ପରିବାରର ଏକାଧିକ ସଦସ୍ୟ ଶ୍ୱାସ, ଚର୍ମ, କିଡ୍‌ନୀ, ଥଣ୍ଡା, କାଶ, ଜ୍ୱର ଭଳି ରୋଗରେ ପୀଡ଼ିତ। ଏସବୁ ସଂକ୍ରମଣ ଓ ରୋଗ ପଛରେ କେବଳ ବାଣ ଜନିତ ପ୍ରଦୂଷଣ ହିଁ ଦାୟୀ ବୋଲି ବିଶେଷଜ୍ଞମାନେ ଏକମତ ହୋଇଛନ୍ତି। କିନ୍ତୁ ଚେଇଁ ଶୋଇଥିବା ଲୋକକୁ ଯେପରି ଉଠାଇବା ପ୍ରୟାସ ନିରର୍ଥକ, ବାଣ ନ ଫୁଟାଇବାକୁ ପରାମର୍ଶ ସେପରି ମୂଲ୍ୟହୀନ ପ୍ରମାଣିତ ହୋଇଛି।

ଇତିମଧ୍ୟରେ ଦିଲ୍ଲୀ ସରକାର କୃତ୍ରିମ ବର୍ଷା ଜରିଆରେ ବାୟୁପ୍ରଦୂଷଣକୁ କିଛିମାତ୍ରାରେ ହ୍ରାସ କରିବାର ପ୍ରୟାସ କରିଛନ୍ତି; ଯାହା ପୂର୍ଣ୍ଣମାତ୍ରାରେ ସଫଳ ହୋଇପାରିନାହିଁ। କିନ୍ତୁ ଏଥିପାଇଁ ଯେଉଁ ଖର୍ଚ୍ଚ ହେଲା ତାହା ଭରଣା କରିବ କିଏ? ଏଭଳି କ୍ଷେତ୍ରରେ ସରକାର କିମ୍ବା ପ୍ରଶାସନ ଚାହିଁଲେ ମଧ୍ୟ କିଛି କରିପାରିବେ ନାହିଁ। ଯଦି ଜଣେ ନିଜ ହାତରେ ନିଜ ଜିଭକୁ କାଟି ବସିବ ତାକୁ ବା ଜଗିବ କିଏ ଓ କାହିଁକି? ସହର ଗାଁ ଛାଡ଼ି ଚାଲିଯିବା ସମସ୍ୟାର ସମାଧାନ ନୁହେଁ। ଏଭଳି ଘଟଣାର ପୁନରାବୃତ୍ତି ମଧ୍ୟ ଅବାଞ୍ଛନୀୟ। ଯିଏ ସମସ୍ୟା ସୃଷ୍ଟି କରୁଛି ତା' ପାଖରେ ହିଁ ସମାଧାନ ଅଛି। କିନ୍ତୁ ଏଥିପାଇଁ ଅଙ୍ଗୀକାରବଦ୍ଧତା କାହିଁ?

# ଓଡ଼ିଶାରେ ଶୀତଳଭଣ୍ଡାର: ସମସ୍ୟା ଓ ସମ୍ଭାବନା

ବିଦ୍ୟାଧର ମହାରଣା

ପ୍ରଥମ ଭାଗରେ ଆମେ ଆଲୋଚନା କରିଥିଲେ ଶୀତଳଭଣ୍ଡାର ଅଭାବ ସମସ୍ୟା କିପରି ଓଡ଼ିଶାର କୃଷି ବିକାଶ ପାଇଁ ଅନ୍ତରାୟ ସୃଷ୍ଟି କରୁଛି ଏବଂ ଆଳୁ, ପିଆଜ ଓ ଅନ୍ୟାନ୍ୟ ପଚନଶୀଳ ସାମଗ୍ରୀ ପାଇଁ ପଡ଼ୋଶୀ ରାଜ୍ୟ ଉପରେ ନିର୍ଭରଶୀଳତା ବୃଦ୍ଧି ପାଉଛି। ୨୦୧୫ରେ ଆରମ୍ଭ କରାଯାଇଥିବା ଆଳୁ ମିଶନ୍ ଅସଫଳ ହେବାର ଅନ୍ୟ ଏକ ମୁଖ୍ୟ କାରଣ ହେଉଛି ଶୀତଳଭଣ୍ଡାର ଅଭାବ, ଯାହାକି ସିଏଜି ତାଙ୍କ ରିପୋର୍ଟରେ ଉଲ୍ଲେଖ କରିଛନ୍ତି। ଏବେ ରାଜ୍ୟରେ ୩୬ଟି ଶୀତଳଭଣ୍ଡାର କାର୍ଯ୍ୟକ୍ଷମ ରହିଛି। ଅପରପକ୍ଷରେ ଡେରାସ, ଏରସମା ଓ ରଙ୍ଗେଇଲୁଣ୍ଡାଠାରେ ଥିବା ଶୀତଳଭଣ୍ଡାର ଖାଲିପଡ଼ିଛି। ପର୍ଯ୍ୟାପ୍ତ ଶୀତଳୀକରଣ ଅଭାବରୁ ପଚନଶୀଳ ସାମଗ୍ରୀର ଅତିକମ୍‌ରେ ୩୦% ଅପଚୟ ହେଉଛି।

ଏବେ ଆମ ରାଜ୍ୟରେ ଶୀତଳଭଣ୍ଡାର ଅଭାବ ପଛରେ ଥିବା କାରଣ ଓ ସମସ୍ୟାଗୁଡ଼ିକ ବିଷୟରେ ଆଲୋଚନା କରିବା। ପ୍ରଥମ ସମସ୍ୟା ହେଉଛି ଶୀତଳଭଣ୍ଡାରଗୁଡ଼ିକର ଅତ୍ୟଧିକ ପରିଚାଳନା ଖର୍ଚ୍ଚ। ୫୦୦୦ ଟନ୍ କ୍ଷମତାବିଶିଷ୍ଟ ଶୀତଳଭଣ୍ଡାର ପାଇଁ ଜମିର ମୂଲ୍ୟ ବ୍ୟତୀତ ଖର୍ଚ୍ଚ ଟନ୍ ପ୍ରତି ୭୦୦୦ ଟଙ୍କା ହିସାବରେ ୩.୫ କୋଟି ଟଙ୍କା ହେବ। ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ ଯୋଜନାରେ ୫୦% ରିହାତି ମିଳିଲେ ମଧ୍ୟ ଅବଶିଷ୍ଟ ପୁଞ୍ଜିନିବେଶ ବ୍ୟକ୍ତିଗତ ସ୍ତରରେ କଷ୍ଟସାଧ୍ୟ। ଏଥିସହିତ ବିଦ୍ୟୁତ ଓ ପରିଚାଳନା ଖର୍ଚ୍ଚ ଅଲଗା। ଏହି ବିପୁଳ ଖର୍ଚ୍ଚକୁ ଚାଷୀମାନେ ବହନ କରିବାକୁ ଅମଙ୍ଗ ହେବା ସ୍ୱାଭାବିକ। ଦ୍ୱିତୀୟରେ ଘରୋଇ ଶୀତଳଭଣ୍ଡାରଗୁଡ଼ିକ ବର୍ଷସାରା ପନିପରିବା ସାଇତି ନରଖି କେବଳ ୪-୫ ମାସ ଆଳୁ ରଖିବା ଫଳରେ ଏବଂ ଅଧିକ ବିଦ୍ୟୁତଖର୍ଚ୍ଚ ଯୋଗୁଁ କ୍ଷତିର ସମ୍ମୁଖୀନ ହେଉଛନ୍ତି। ଖର୍ଚ୍ଚ ଭରଣା କରିବାକୁ କେତେକ ତେନ୍ତୁଳି ମଞ୍ଜି ଇତ୍ୟାଦି ଜଙ୍ଗଲଜାତ ଦ୍ରବ୍ୟ ରଖିବାକୁ ବାଧ୍ୟ ହେଉଛନ୍ତି।

ତୃତୀୟ ସମସ୍ୟା ହେଲା, ରାଜ୍ୟର ପନିପରିବା, ଫଳ ଓ ଅଣ୍ଡା ଇତ୍ୟାଦି ଉତ୍ପାଦନ ସ୍ଥଳ ଓ ଶୀତଳଭଣ୍ଡାର ସ୍ଥଳ ମଧ୍ୟରେ ସମନ୍ୱୟର ଅଭାବ। ବର୍ତ୍ତମାନ ସମ୍ବଲପୁର ଜିଲ୍ଲାରେ ୬, କଟକ ଜିଲ୍ଲାରେ ୩, ଖୋର୍ଦ୍ଧା ଜିଲ୍ଲାରେ ୫, କୋରାପୁଟ ଜିଲ୍ଲାରେ ୩, ବାଲେଶ୍ୱର, ବଲାଙ୍ଗୀର, ମୟୂରଭଞ୍ଜ ଓ ପୁରୀରେ ୨ଟି ଲେଖାଏଁ ଏବଂ ଅନୁଗୁଳ, ବରଗଡ଼, ଭଦ୍ରକ, ଗଞ୍ଜାମ, ଯାଜପୁର, ଝାରସୁଗୁଡ଼ା, କେନ୍ଦୁଝର, ମାଲକାନଗିରି, ରାୟଗଡ଼ା, ନବରଙ୍ଗପୁର ଓ ସୁନ୍ଦରଗଡ଼ ଜିଲ୍ଲାରେ ଗୋଟିଏ ଲେଖାଏଁ ଶୀତଳଭଣ୍ଡାର କାର୍ଯ୍ୟକ୍ଷମ। ଅନ୍ୟ ୧୧ ଟି ଜିଲ୍ଲାରେ ଶୀତଳଭଣ୍ଡାର ଆଦୌ ନାହିଁ। ଏହାର ଅର୍ଥ ହେଲା ଉତ୍ପାଦନ କ୍ଷେତ୍ର ଅନୁସାରେ ରାଜ୍ୟରେ ଶୀତଳଭଣ୍ଡାର ସ୍ଥାପନ ହୋଇନାହିଁ। ରାଜ୍ୟରେ ଯେଉଁ ଅଞ୍ଚଳରେ ଆଳୁ ଓ ପନିପରିବା ଅଧିକ ଉତ୍ପାଦନ ହୁଏ ସେଇଠି ଶୀତଳ ଭଣ୍ଡାର ଅଧିକ ଆବଶ୍ୟକ। ଆମେ ଦେଖିଛୁ ପଶ୍ଚିମବଙ୍ଗ, ମହାରାଷ୍ଟ୍ର ଓ ମଧ୍ୟପ୍ରଦେଶ ଇନ୍ଦୋର ଅଞ୍ଚଳରେ ଫସଲ କ୍ଷେତ୍ର ନିକଟରେ ଶୀତଳଭଣ୍ଡାର ନିର୍ମାଣ କରାଯାଇଛି। ଏହାଫଳରେ ବର୍ଷସାରା ଶୀତଳଭଣ୍ଡାରଗୁଡ଼ିକ କାର୍ଯ୍ୟକରୁଛି ଏବଂ ପରିବହନ ଖର୍ଚ୍ଚ କମ୍ ହେଉଛି। ଆମ ରାଜ୍ୟରେ କିନ୍ତୁ ବାସ୍ତବ ଚିତ୍ର ଅଲଗା।

ଭାରତ ସରକାରଙ୍କ ଖାଦ୍ୟ ପ୍ରକ୍ରିୟାକରଣ ମନ୍ତ୍ରାଳୟ ଦେଶରେ ୩୯୪ ଶୀତଳୀକରଣ ପ୍ରକଳ୍ପ ପାଇଁ ସହାୟତା ଦେଇଥିଲେ ମଧ୍ୟ ଓଡ଼ିଶାକୁ କଟକ, ବାଲେଶ୍ୱର, ଖୋର୍ଦ୍ଧା, ସମ୍ବଲପୁର ଓ ବଲାଙ୍ଗିର ପାଇଁ ମାତ୍ର ୮ ଗୋଟି ପ୍ରକଳ୍ପ ମଞ୍ଜୁର କରିଛନ୍ତି ଏବଂ ଏଥିରୁ ଏଯାଏଁ ୪ଟି ନିର୍ମାଣ ହୋଇସାରିଛି। ଏପରି ଭୌଗୋଳିକ ଦୂରତ୍ୱ ଯୋଗୁଁ ଚାଷୀମାନେ ଶୀତଳଭଣ୍ଡାରରେ ନିଜର ଉତ୍ପାଦ ସାଇତିବା ପାଇଁ ବହୁ ଦୂରକୁ ଯିବାକୁ ହେବ। ଏପରିକି ଚାଷୀମାନେ ପଡ଼ୋଶୀ ରାଜ୍ୟ ଉପରେ ନିର୍ଭର କରୁଛନ୍ତି। ଉତ୍ତରପ୍ରଦେଶରେ ୨୪୮୮, ଗୁଜରାଟରେ ୧୦୨୩, ପଞ୍ଜାବରେ ୭୭୦, ମହାରାଷ୍ଟ୍ରରେ ୬୬୫, ପଶ୍ଚିମବଙ୍ଗରେ ୫୧୭ ଓ ବିହାରରେ ୩୧୬ ଶୀତଳ ଭଣ୍ଡାର ଥିବା ବେଳେ ଓଡ଼ିଶାରେ ମାତ୍ର ୩୬ଟି ରହିଛି। କାର୍ଯ୍ୟକ୍ଷମ ଥିବା ୩୬ ଶୀତଳଭଣ୍ଡାରରେ ପ୍ରାୟ ୧୭୨୦୦୦ ଟନ୍ ଆଳୁ ସାଇତି ରଖିହେବ।

ଚତୁର୍ଥ ସମସ୍ୟା ହେଉଛି ଓଡ଼ିଶାରେ ପ୍ରାକୃତିକ ବିପର୍ଯ୍ୟୟ ଲାଗି ରହିବା ଯୋଗୁଁ ଶୀତଳଭଣ୍ଡାର କ୍ଷତିଗ୍ରସ୍ତ ହୁଏ। ଆବଶ୍ୟକ ଜେନେରେଟର ନଥିଲେ ବହୁ ଅସୁବିଧା ଲାଗିରହେ। ଶେଷ ସମସ୍ୟାଟି ହେଉଛି ସଚେତନତା ଏବଂ ସରକାରୀ ସହଯୋଗ ଅଭାବରୁ ବହୁ ଘରୋଇ ଉଦ୍ୟୋଗୀ ଶୀତଳଭଣ୍ଡାର ପାଇଁ ଆଉ ବିଶେଷ ଆଗ୍ରହ ପ୍ରକାଶ କରୁନାହାନ୍ତି। ବିଦ୍ୟୁତ୍ ଶକ୍ତି ଖର୍ଚ୍ଚ ବଢ଼ୁଥିବାରୁ ସେମାନେ ଅଧିକ ବିଦ୍ୟୁତ୍ ରିହାତି ପାଇଁ ଦାବି କରୁଛନ୍ତି।

ବର୍ତ୍ତମାନ ଆଲୋଚନା କରିବା ସମ୍ଭାବନାର ବିଭିନ୍ନ ଦିଗ ଉପରେ। ରାଜ୍ୟ ସରକାର ଇତିମଧ୍ୟରେ ରାଜ୍ୟର ଶୀତଳଭଣ୍ଡାର ଅଭାବ ପୂରଣ ପାଇଁ ୨୫୨ କୋଟି ଟଙ୍କାର ବ୍ୟୟ ଅଟକଳ ସହିତ ଏକ ନୂତନ ନୀତି ପ୍ରଣୟନ କରିଛନ୍ତି। ଏହାଦ୍ୱାରା ଆଗାମୀ ୫ ବର୍ଷରେ ୫୮ ଶୀତଳଭଣ୍ଡାର ପ୍ରତି ସବଡିଭିଜନରେ ସ୍ଥାପନ କରାଯିବ। ରାଜ୍ୟର କୃଷକ ତଥା ଉଦ୍ୟୋଗୀମାନେ ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ ଯୋଜନାରେ କୃଷି ଋଣ ଓ ରିହାତି ପାଇବାର ବ୍ୟବସ୍ଥା କରିଛନ୍ତି। ଉଦ୍ୟୋଗୀ ଗୋଟିଏ ୫୦୦୦ ଟନ୍ କ୍ଷମତା ବିଶିଷ୍ଟ ଶୀତଳଭଣ୍ଡାର ପାଇଁ ଜମିମୂଲ୍ୟ ବ୍ୟତୀତ ୫.୮୫ କୋଟି ଟଙ୍କା ବ୍ୟୟ କରିବେ। ୧୦୦୦ ଟନ୍ କ୍ଷମତା ବିଶିଷ୍ଟ ଶୀତଳଭଣ୍ଡାର ପାଇଁ ପ୍ରାୟ ୨.୭୫ କୋଟି ଟଙ୍କା ଆବଶ୍ୟକ। ଏଥିପାଇଁ ସେମାନେ ପ୍ରକଳ୍ପ ଉପରେ ବ୍ୟାଙ୍କ ଋଣ ନେଇପାରିବେ। ସାଧାରଣ ବର୍ଗ ୬ କୋଟି ସ୍ଥାୟୀ ଖର୍ଚ୍ଚ ପର୍ଯ୍ୟନ୍ତ ୫୦% ରିହାତି ଏବଂ ମହିଳା ଓ ଅନୁସୂଚିତ ବର୍ଗ ୬.୫ କୋଟି ସ୍ଥାୟୀ ଖର୍ଚ୍ଚ ପର୍ଯ୍ୟନ୍ତ ୬୦% ରିହାତି ପାଇପାରିବେ। ଶୀତଳଭଣ୍ଡାର ପାଇଁ ୧୨୦ କିଲୋୱାଟ୍ ବିଦ୍ୟୁତ ଶକ୍ତି ବାବଦରେ ଯାହା ଖର୍ଚ୍ଚ ହେବ ତାହାର ୫୦% ତାରିଫ ସାତବର୍ଷ ପର୍ଯ୍ୟନ୍ତ ଦେବେ। କୃଷି ଉଦ୍ୟୋଗୀ ଶୀତଳଭଣ୍ଡାର ସ୍ଥାପନ ପାଇଁ ବ୍ୟାଙ୍କଋଣ ନେଲେ ସୁଧ ଉପରେ ୬% ଛାଡ଼। ଦୁଇ କୋଟି ଋଣ ପର୍ଯ୍ୟନ୍ତ କେନ୍ଦ୍ରୀୟ କୃଷି ଭିତ୍ତିଭୂମି ପାଣ୍ଠିରୁ ଏବଂ ରାଜ୍ୟ ସରକାରଙ୍କଠାରୁ ମିଳିବାର ବ୍ୟବସ୍ଥା ରହିଛି। ଅଚଳାବସ୍ଥାରେ ଥିବା ଶୀତଳଭଣ୍ଡାର କାର୍ଯ୍ୟକ୍ଷମ ପାଇଁ ୧.୫ କୋଟି ଟଙ୍କା ପର୍ଯ୍ୟନ୍ତ ସହାୟତା ବ୍ୟବସ୍ଥା ମଧ୍ୟ ରହୁଛି। ରାଷ୍ଟ୍ରୀୟ ଉଦ୍ୟାନ ବୋର୍ଡ ମଧ୍ୟ ୫୦୦୦-୧୦୦୦୦ ଟନ୍ ବିଶିଷ୍ଟ ଶୀତଳଭଣ୍ଡାର ପାଇଁ ବ୍ୟାଙ୍କ୍ ଋଣ ଉପରେ ୩୫-୫୦% ରିହାତି ଦେଉଛନ୍ତି।

ବହୁମୁଖୀ ଶୀତଳଭଣ୍ଡାରଗୁଡ଼ିକରେ ପନିପରିବା ହିସାବରେ ଆଳୁ, କୋବି, ପିଆଜ, କାକୁଡି, ଟମାଟୋ, ତରଭୁଜ, ଛତୁ; ଫଳ ହିସାବରେ ଆମ୍ବ, କମଳା, ଡାଳିମ୍ବ; ଦୁଗ୍ଧ ଜାତ ଦ୍ରବ୍ୟ ହିସାବରେ କ୍ଷୀର, ଛେନା, ଦହି ଓ ଆଇସ୍‌କ୍ରିମ ଏବଂ ମାଛ, ମାଂସ, ଅଣ୍ଡା ଇତ୍ୟାଦି ରଖାଯାଇପାରିବ। ଏଥିପାଇଁ ତାପମାନ ୨୫ ଡିଗ୍ରୀରୁ ବିଯୁକ୍ତ ୨୫ ଡିଗ୍ରୀ ସେଲସିୟସ ନିୟନ୍ତ୍ରଣ କରିବାକୁ ହେବ। ଏପରି ବହୁମୁଖୀ ଶୀତଳଭଣ୍ଡାର ବର୍ଷସାରା କାର୍ଯ୍ୟକ୍ଷମ ରହିବ। କିନ୍ତୁ କେବଳ ଆଳୁ ସାଇତା ପାଇଁ ନିର୍ମିତ ଶୀତଳଭଣ୍ଡାର ବର୍ଷରେ ମାତ୍ର ୪-୫ ମାସ କାର୍ଯ୍ୟକ୍ଷମ ରହୁଥିବାରୁ ଏହା ଗ୍ରହଣୀୟ ନୁହେଁ।

ଆଳୁ ଓ ପନିପରିବା ଚାଷ ସହିତ ଶୀତଳଭଣ୍ଡାରଗୁଡ଼ିକର ସମନ୍ୱୟ ରହିବା ଜରୁରୀ। ଆମ ରାଜ୍ୟରେ କନ୍ଧମାଳ, ସୁନ୍ଦରଗଡ଼, କୋରାପୁଟ, କେନ୍ଦ୍ରାପଡ଼ା ଓ କଟକ ଜିଲ୍ଲାରେ ପ୍ରାୟ ୧୨, ୪୪୪ ହେକ୍ଟର ଜମିରେ ଆଳୁ ଚାଷ ହୋଇ ୨୬୩୦୦୦ ଟନ୍ ଅମଳ ହୁଏ। ଅନୁଗୁଳ, ବଲାଙ୍ଗୀର, କଳାହାଣ୍ଡି ଓ ସୁନ୍ଦରଗଡ଼ ଜିଲ୍ଲାରେ ୩୬୨୦୦ ହେକ୍ଟର ଜମିରୁ ପ୍ରାୟ ୪.୧୯ ଲକ୍ଷ ଟନ୍ ପିଆଜ ଅମଳ ହୁଏ। ଅନୁଗୁଳ, ବଲାଙ୍ଗୀର, ଢେଙ୍କାନାଳ, ଗଞ୍ଜାମ, କଳାହାଣ୍ଡି, କନ୍ଧମାଳ, କେନ୍ଦୁଝର, କୋରାପୁଟ, ମୟୂରଭଞ୍ଜ ଓ ସୁନ୍ଦରଗଡ଼ ଜିଲ୍ଲାରେ ପ୍ରାୟ ୭.୬୫ ଲକ୍ଷ ହେକ୍ଟର ଜମିରେ ପନିପରିବା ଚାଷ ହୋଇ ୧୦୮.୮୪ ଟନ୍ ଅମଳ ହୁଏ। ଉପକୂଳ ଜିଲ୍ଲାମାନଙ୍କରେ କ୍ଷୀର, ଅଣ୍ଡା ଓ ମାଛ ଉତ୍ପାଦନ ବେଶୀ ହୁଏ। ସୁତରାଂ ଉକ୍ତ ଜିଲ୍ଲାଗୁଡ଼ିକରେ ସମ୍ପୃକ୍ତ ଉତ୍ପାଦକୁ ବିଚାର କରି ଶୀତଳଭଣ୍ଡାର ସ୍ଥାପନ କରାଯିବା ଆବଶ୍ୟକ।

ପ୍ରତି ଜିଲ୍ଲା ପାଇଁ ଗୋଟିଏ ଉତ୍ପାଦ କଥା ସରକାର ଚିନ୍ତା କରୁଛନ୍ତି। ଶୀତଳଭଣ୍ଡାର ନିକଟରୁ ସହରାଞ୍ଚଳଗୁଡ଼ିକୁ ଏହିସବୁ ଦ୍ରବ୍ୟ ଯୋଗାଣ ପାଇଁ ଶୀତଳୀକରଣ ଶୃଙ୍ଖଳ ବ୍ୟବସ୍ଥା କରାଯିବା ମଧ୍ୟ ଜରୁରୀ। ପଞ୍ଚାୟତ ସ୍ତରରେ କ୍ଷୁଦ୍ର ସୌରଶକ୍ତି ଚାଳିତ ଶୀତଳଭଣ୍ଡାର କରି ଏକୀଭୂତ ଶୀତଳୀକରଣ ଶୃଙ୍ଖଳ ମାଧ୍ୟମରେ ବିଭିନ୍ନ ଜାଗାକୁ ପରିବହନ କରାଯାଇ ପାରିବ। ଏଥିପାଇଁ ବ୍ୟାପକ ସଚେତନତାର ଆବଶ୍ୟକତା ରହିଛି। ୫ ଟନ୍ କ୍ଷମତା ବିଶିଷ୍ଟ ମିନି ଶୀତଳଭଣ୍ଡାର ପ୍ରାୟ ୭.୯୦ ଲକ୍ଷ ଟଙ୍କାରେ ଏବଂ ୧ ଟନ୍ କ୍ଷମତା ବିଶିଷ୍ଟ ସୌରଶକ୍ତି ସମ୍ପନ୍ନ ଶୀତଳଭଣ୍ଡାର ୧.୨୫ ଲକ୍ଷ ଟଙ୍କାରେ ହୋଇପାରିବ। ଆମ ରାଜ୍ୟର ଅନ୍ୟୂନ ୩୦୦୦ ପଞ୍ଚାୟତରେ ଏପରି ମିନି ଶୀତଳଭଣ୍ଡାର ସ୍ଥାପନ କରାଗଲେ ଏଗୁଡ଼ିକୁ ବ୍ଲକସ୍ତରୀୟ ଶୀତଳଭଣ୍ଡାର ସହିତ ଏକୀକୃତ କରାଯାଇ ପାରିବ। ରାଜ୍ୟ ସରକାର ଯେପରି ଫସଲ ବିବିଧିକରଣ ପାଇଁ ପ୍ରୋତ୍ସାହନ ଦେଉଛନ୍ତି ଏକୀକୃତ ଶୀତଳୀକରଣ ଶୃଙ୍ଖଳ କାର୍ଯ୍ୟ କରାଗଲେ ଆମ ରାଜ୍ୟ ଆଳୁ, ପିଆଜ ଓ ପନିପରିବା କ୍ଷେତ୍ରରେ ଆତ୍ମନିର୍ଭରଶୀଳ ହୋଇପାରିବ।(ସମାପ୍ତ)

ଭୁବନେଶ୍ୱର, ମୋ: ୯୪୩୭୦୭୧୧୯୦

# ପରିଣାମ ନୁହେଁ, ପ୍ରୟାସ ହିଁ ପ୍ରଶଂସାଯୋଗ୍ୟ

ମାନସ କୁମାର କର

ଚୀନର ହୁଇ ପ୍ରଦେଶର ଏକ ଭିଡିଓ ବର୍ତ୍ତମାନ ସାମାଜିକ ଗଣମାଧ୍ୟମରେ ଘୂରି ବୁଲୁଛି। ଭିଡିଓରେ ଏକ ପରିବାର ତାଙ୍କ ପୁଅକୁ ପରୀକ୍ଷାରେ କମ୍ ନମ୍ବର ମିଳିଥିବାରୁ ଖୁସି ପାଳନ କରୁଥିବାର ଦେଖାଯାଉଛି। ଏହି ଦୃଶ୍ୟ ଆଜିର ପ୍ରତିଯୋଗିତାମୂଳକ ଦୁନିଆରେ ଏକ ଭିନ୍ନ ଦୃଷ୍ଟିକୋଣ ଉପସ୍ଥାପନ କରୁଛି, ଯେଉଁଠାରେ ପିଲାମାନଙ୍କର ଖୁସି ଏବଂ ମାନସିକ ସ୍ୱାସ୍ଥ୍ୟ ପ୍ରାୟତଃ ପରୀକ୍ଷା ନମ୍ବର ଆଧାରିତ ହୋଇଥାଏ। ସେତେବେଳେ ଭିଡିଓରେ ଜଣେ ମାଆ ତିନି ପିଲାଙ୍କ ସହିତ ଘରେ ପ୍ରବେଶ କରନ୍ତି, ସେମାନଙ୍କର ପରୀକ୍ଷାପତ୍ର ଧରି। ପିଲାମାନଙ୍କର ପିତା, ବୃତ୍ତିରେ ଜଣେ ଶିଶୁ ବିଶେଷଜ୍ଞ, ଖୁସିରେ ଘୋଷଣା କରନ୍ତି ଯେ ଯେତେ କମ ନମ୍ବର ଥିଲେ ମଧ୍ୟ ପିଲାଟି ପାସ୍ କରିଛି ଏବଂ ଏହା ପ୍ରକୃତ ଗର୍ବର ମୁହୂର୍ତ୍ତ।

ଶିକ୍ଷାର ମୌଳିକ ଉଦ୍ଦେଶ୍ୟ କ'ଣ, ଏହି ପ୍ରଶ୍ନ ଆଜି ପୂର୍ବ ଅପେକ୍ଷା ଅଧିକ ପ୍ରାସଙ୍ଗିକ। ଶିକ୍ଷା କେବଳ ପ୍ରତିଯୋଗିତାମୂଳକ ପରୀକ୍ଷାରେ ସଫଳତାର ଏକ ମାଧ୍ୟମ ନା ଏକ ସୁଦୃଢ଼, ସମ୍ବେଦନଶୀଳ ଏବଂ ଆତ୍ମବିଶ୍ୱାସୀ ବ୍ୟକ୍ତିତ୍ୱ ଗଠନର ଏକ ମାଧ୍ୟମ? ଯେତେବେଳେ ଆମେ ସଚ୍ଚୋଟ ଭାବରେ ଏହି ପ୍ରଶ୍ନର ଉତ୍ତର ଦେଉଛୁ, ସେତେବେଳେ ଆମର ବର୍ତ୍ତମାନର ଶିକ୍ଷା ବ୍ୟବସ୍ଥାର ମୌଳିକ ତ୍ରୁଟିଗୁଡ଼ିକ ସ୍ପଷ୍ଟ ହୋଇଯାଏ ଯେ ଆମେ ଶିକ୍ଷାକୁ ଏକ ଯାନ୍ତ୍ରିକ ପ୍ରକ୍ରିୟାରେ ପରିଣତ କରିଦେଇଛୁ, ଯେଉଁଠାରେ ପିଲାମାନେ କେବଳ ମାର୍କ ତିଆରି ମେସିନ୍ ପାଲଟିଛନ୍ତି। ଭାରତ ସମେତ ବିଶ୍ୱର ଅନେକ ଦେଶରେ ଶିକ୍ଷାଗତ ଉତ୍କର୍ଷତା ସଫଳତାର ଏକମାତ୍ର ମାପକାଠି ପାଲଟିଛି। ପିତାମାତାମାନେ ପିଲାମାନଙ୍କୁ ସେମାନଙ୍କର ଅପୂର୍ଣ୍ଣ ସ୍ୱପ୍ନର ଭାର ଦେଇ ଚାପ ଦିଅନ୍ତି ଏବଂ ସାମାଜିକ ଆଶାର ଚାପ ଏତେ ଭାରୀ ହୋଇଯାଏ ଯେ ପିଲାମାନେ ଏହା ତଳେ ପଡ଼ିଯାଆନ୍ତି। ପରୀକ୍ଷା ଫଳାଫଳ ଦିନ ଯେଉଁ ଚାପ ଏବଂ ଭୟର ବାତାବରଣ ଦେଖାଯାଏ ତାହା ଏକ ଯୁଦ୍ଧକ୍ଷେତ୍ରଠାରୁ କମ୍ ନୁହେଁ।

ଅନେକ ପରିବାରରେ ପିଲାମାନଙ୍କୁ ପଡ଼ୋଶୀ ଏବଂ ସମ୍ପର୍କୀୟଙ୍କ ତୁଳନାରେ କମ୍ ନମ୍ବର ପାଇଁ ଅପମାନିତ କରାଯାଏ। କେତେକ ସମୟରେ ଶାରୀରିକ ଭାବରେ ଦଣ୍ଡ ମଧ୍ୟ ଦିଆଯାଏ। ଏହି ପ୍ରକ୍ରିୟାରେ ଆମେ ଭୁଲିଯାଉଛୁ ଯେ ଆମେ ଏକ ସମ୍ବେଦନଶୀଳ ମନକୁ ଭାଙ୍ଗି ଦେଉଛୁ, ଯାହାର ଦୀର୍ଘକାଳୀନ ପରିଣାମ ବିନାଶକାରୀ ହୋଇପାରେ। ମନୋବିଜ୍ଞାନଗତ ଗବେଷଣା ନିରନ୍ତର ଭାବରେ ଦର୍ଶାଉଛି ଯେ ଅତ୍ୟଧିକ ଶିକ୍ଷାଗତ ଚାପ ପିଲାମାନଙ୍କ ମଧ୍ୟରେ ଚିନ୍ତା, ଅବସାଦ ଏବଂ କମ ଆତ୍ମସମ୍ମାନର କାରଣ ହୁଏ। ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ରିପୋର୍ଟ ସୂଚିତ କରୁଛି ଯେ ଯୁବପିଢ଼ିଙ୍କ ମଧ୍ୟରେ ମାନସିକ ସ୍ୱାସ୍ଥ୍ୟ ସମସ୍ୟା ବୃଦ୍ଧି ପାଉଛି ଏବଂ ଶିକ୍ଷାଗତ ଚାପ ଏକ ପ୍ରମୁଖ କାରଣ। ଯେତେବେଳେ ପିଲାମାନେ ଅନୁଭବ କରନ୍ତି ଯେ ସେମାନଙ୍କ ପିତାମାତାଙ୍କ ପ୍ରେମ ସର୍ତ୍ତମୂଳକ, ଯେ ସେମାନେ ଭଲ ନମ୍ବର ପାଇଲେ ହିଁ ଅନୁମୋଦନ ପାଇବେ, ସେମାନଙ୍କର ଆତ୍ମବିଶ୍ୱାସ ଗଭୀର ଭାବରେ କ୍ଷତିଗ୍ରସ୍ତ ହୁଏ। ଏହି କ୍ଷତି ଜୀବନବ୍ୟାପୀ ରହିଥାଏ ଏବଂ ସେମାନଙ୍କ ବ୍ୟକ୍ତିଗତ ଓ ବୃତ୍ତିଗତ ଜୀବନକୁ ପ୍ରଭାବିତ କରେ।

ଆମର ଶିକ୍ଷା ବ୍ୟବସ୍ଥାର ସବୁଠାରୁ ବଡ଼ ବିଡ଼ମ୍ବନା ହେଉଛି ଏହା ସମାନତାକୁ ପ୍ରୋତ୍ସାହିତ କରେ, ଯେତେବେଳେ ପ୍ରକୃତି ବିବିଧତାରେ ବିଶ୍ୱାସ କରେ। ହାୱାର୍ଡ ଗାର୍ଡନରଙ୍କ ବହୁବିଧ ବୁଦ୍ଧିମତ୍ତାର ତତ୍ତ୍ୱ ଅନୁସାରେ ବୁଦ୍ଧିମତ୍ତା ଅନେକ ରୂପରେ ଆସିଥାଏ। ଭାଷାଗତ, ତାର୍କିକ, ଗାଣିତିକ, ସ୍ଥାନିକ, ଶାରୀରିକ-ଗତିଗତ, ଆନ୍ତର୍ବ୍ୟକ୍ତିଗତ ଏବଂ ଆନ୍ତଃବ୍ୟକ୍ତିଗତ ବୁଦ୍ଧିମତ୍ତା ସବୁ ସମାନ ଭାବରେ ଗୁରୁତ୍ୱପୂର୍ଣ୍ଣ। ଆମେ ଆମର ପିଲାମାନଙ୍କର ସଫଳତାକୁ ଅନ୍ୟମାନଙ୍କ ସହିତ ତୁଳନା କରିବାରେ ବ୍ୟସ୍ତ। ଏହା କେବଳ ପିଲାମାନଙ୍କ ମଧ୍ୟରେ ହୀନମନ୍ୟତାର ଭାବନା ସୃଷ୍ଟି କରେ ନାହିଁ, ବରଂ ସେମାନଙ୍କୁ ଏହି ବାର୍ତ୍ତା ମଧ୍ୟ ପଠାଏ ଯେ ସେମାନଙ୍କର ନିଜସ୍ୱ ପରିଚୟ ଗୁରୁତ୍ୱପୂର୍ଣ୍ଣ ନୁହେଁ; କେବଳ ଅନ୍ୟମାନଙ୍କ ଅପେକ୍ଷା ଭଲ ହେବା ଗୁରୁତ୍ୱପୂର୍ଣ୍ଣ। ଏହି ମାନସିକତା ଅସୁସ୍ଥ ଏବଂ ଜୀବନସାରା ପିଲାମାନଙ୍କୁ ପ୍ରଭାବିତ କରେ।

ଆମର ଶିକ୍ଷା ବ୍ୟବସ୍ଥା କେବଳ ପ୍ରଥମ ଦୁଇ ପ୍ରକାରର ବୁଦ୍ଧିମତ୍ତାକୁ ଚିହ୍ନିଥାଏ, ଯେତେବେଳେ ଅନ୍ୟ ପ୍ରତିଭାକୁ ଅଣଦେଖା କରିଥାଏ। ଏହି ବ୍ୟବସ୍ଥାରେ ଜଣେ ପ୍ରତିଭାବାନ କଳାକାର, ଖେଳାଳି କିମ୍ବା ସଂଗୀତଜ୍ଞ କେବଳ ଗଣିତରେ କମ୍ ନମ୍ବର ରଖିଥିବା ଯୋଗୁଁ ବିଫଳ ଭାବେ ଚିତ୍ରିତ ହୋଇପାରନ୍ତି। ଏହା କେବଳ ଅନ୍ୟାୟ ନୁହେଁ ବରଂ ସମାଜ ପାଇଁ କ୍ଷତିକାରକ। କାରଣ ଆମେ ଅଗଣିତ ପ୍ରତିଭାକୁ ନଷ୍ଟ କରୁ। ଶିଶୁମାନଙ୍କ ଉପରେ ଏହି ଚାପର ଆଉ ଏକ ଦିଗ ହେଉଛି ସାମାଜିକ ତୁଳନା। ସାମାଜିକ ଗଣମାଧ୍ୟମ ଯୁଗରେ ଏହି ସମସ୍ୟା ଆହୁରି ଗମ୍ଭୀର ହୋଇଛି। ଯେଉଁ ପିତାମାତାମାନେ ସେମାନଙ୍କ ପିଲାମାନଙ୍କର ସଫଳତା ପ୍ରଦର୍ଶନ କରୁଛନ୍ତି ସେମାନେ ବୁଝିବା ଗୁରୁତ୍ୱପୂର୍ଣ୍ଣ ଯେ ସେମାନେ ସେମାନଙ୍କ ପିଲାମାନଙ୍କର ଶୈକ୍ଷିକ ସଫଳତା ସହିତ ନିଜର ଦୋଷ ପୂରଣ କରିବାକୁ ଚେଷ୍ଟା କରିବା ଉଚିତ୍ ନୁହେଁ। ପିଲାମାନଙ୍କୁ ଉତ୍ସାହିତ କରିବା, ଚିହ୍ନିବା ଏବଂ ସମର୍ଥନ କରିବା ଯେକୌଣସି ମହଙ୍ଗା ପ୍ରଶିକ୍ଷଣ ଅପେକ୍ଷା ଅଧିକ ମୂଲ୍ୟବାନ। ଯେତେବେଳେ ପିଲାମାନେ ଅନୁଭବ କରନ୍ତି ଯେ ସେମାନଙ୍କ ପିତାମାତା କେବଳ ଫଳାଫଳ ନୁହେଁ, ସେମାନଙ୍କ ପ୍ରୟାସକୁ ମୂଲ୍ୟ ଦିଅନ୍ତି, ସେମାନେ କଠିନ ପରିଶ୍ରମ କରନ୍ତି ଏବଂ ଭଲ ପ୍ରଦର୍ଶନ କରନ୍ତି।

ଯେତେବେଳେ ପିଲାମାନେ ଖୁସି ଏବଂ ଆତ୍ମବିଶ୍ୱାସୀ ହୁଅନ୍ତି ସ୍ୱାଭାବିକ ଭାବରେ ଭଲ ପ୍ରଦର୍ଶନ କରନ୍ତି। ଖୁସି ହେଉଛି ସଫଳତାର ମୂଳଦୁଆ, ଏହାର ଫଳାଫଳ ନୁହେଁ। ଆମକୁ ବୁଝିବାକୁ ପଡ଼ିବ ଯେ ମାର୍କସିଟରେ ମୁଦ୍ରିତ ନମ୍ବର ପିଲାର ସମ୍ଭାବନା କିମ୍ବା ଭବିଷ୍ୟତ ନିର୍ଣ୍ଣୟ କରେ ନାହିଁ। ପ୍ରକୃତ ସଫଳତା ଭାବପ୍ରବଣ ସନ୍ତୁଳନ, ସାମାଜିକ ଦକ୍ଷତା, ନୈତିକ ମୂଲ୍ୟବୋଧ ଏବଂ ଆତ୍ମବିଶ୍ୱାସରେ ରହିଛି।

କୋଣାର୍କ, ମୋ: ୭୩୮୧୩୮୨୨୧୦

# ଆମ ବୃକ୍ଷଲତା ଆମ ଜୀବନ

ପ୍ରକୃତି-ପରିବେଶ

## ମୁଥା ଘାସ

ସୌଭାଗ୍ୟସୁନ୍ଦର

ମୁଥା ହେଉଛି ଦକ୍ଷିଣ ଏସିଆ, ଆଫ୍ରିକା, ଦକ୍ଷିଣ ଏବଂ ମଧ୍ୟ ୟୁରୋପ (ଫ୍ରାନ୍ସ ଓ ଅଷ୍ଟ୍ରିଆର ଉତ୍ତର) ରେ ବଢ଼ୁଥିବା ଏକ ଛୋଟ ଘାସ। ମୁଥା ଏକ ଆକ୍ରମଣାତ୍ମକ ଘାସ, କିନ୍ତୁ ପାରମ୍ପରିକ ଔଷଧରେ ଏକ ଶକ୍ତିଶାଳୀ ଉଦ୍ଭିଦ ଭାବରେ ବିବେଚିତ।

ମୁଥା ଏକ ବହୁବର୍ଷୀୟ ଘାସ, ଯାହା ୭-୪୦ ସେମି ପର୍ଯ୍ୟନ୍ତ ଲମ୍ବ ହୋଇଥାଏ। ଏହାର କାଣ୍ଡ ଭୂତଳେ ସମାନ୍ତରାଳ ଭାବରେ ପ୍ରସାରିତ ହୁଏ, ଯାହାକୁ ରାଇଜମ୍ କୁହାଯାଇଥାଏ। କାଣ୍ଡର ଗଣ୍ଠିରୁ ଭୂତଳେ ବଲବ୍ ଆକାରର ସୁଗନ୍ଧିତ କନ୍ଦ ସୃଷ୍ଟି ହେବା ବେଳେ ଊର୍ଦ୍ଧ୍ୱ ମୁଖ ହୋଇ ଭୂପୃଷ୍ଠ ଆଡ଼କୁ ପତ୍ର ବଢ଼େ। କନ୍ଦରୁ ସରୁ ସରୁ ସୂତା ଖିଅ ଭଳି ଚେର ସୃଷ୍ଟି ହୁଏ। ପତ୍ରଗୁଡ଼ିକ ରେଖୀୟ, ଗଛର ମୂଳରୁ ଉତ୍ପନ୍ନ ହୁଏ, ପ୍ରାୟ ୫-୨୦ ସେମି ଲମ୍ବ। ଏକ ଲମ୍ବା ଡେମ୍ଫର ଶୀର୍ଷରେ ଫୁଲଗୁଡ଼ିକ ଧାରଣ କରିଥାଏ, ଯାହ ଦ୍ୱୈତଲିଙ୍ଗୀ ଅଟେ। ଫଳଗୁଡ଼ିକ ତ୍ରିକୋଣୀୟ।

ପ୍ରାଚୀନ ଭାରତୀୟ ଆୟୁର୍ବେଦିକ ଔଷଧ ଚରକ ସଂହିତାରେ (ପ୍ରାୟ ୧୦୦ ଖ୍ରୀଷ୍ଟାବ୍ଦ) ମୁଥା ବିଷୟରେ ଉଲ୍ଲେଖ କରାଯାଇଛି। ଏହାକୁ ପ୍ରାଚୀନ ଗ୍ରୀକ୍ ଚିକିତ୍ସକ ଥିଓଫ୍ରାଷ୍ଟସ୍, ପ୍ଲିନି ଦି ଏଲ୍ଡର୍ ଓ ଡାୟୋସ୍କୋରାଇଡ୍ସ ଔଷଧ ଓ ସୁଗନ୍ଧି ଉଭୟ ଭାବରେ ବ୍ୟବହାର କରିଥିଲେ। ପ୍ରାଥମିକ ଡିସମେନୋରିଆ ବା ଯନ୍ତ୍ରଣାଜନକ ଋତୁସ୍ରାବ ଚିକିତ୍ସା ପାଇଁ ଏହାକୁ ଚୀନ୍ ପାରମ୍ପରିକ ଔଷଧରେ ବ୍ୟବହୃତ କରାଯାଏ। ଆରବୀୟମାନେ ପାରମ୍ପରିକ ଭାବରେ ପୋଡ଼ାଜଳା ଘା' ଚିକିତ୍ସା ପାଇଁ ଏହାର କନ୍ଦ ବ୍ୟବହାର କରୁଥିବା ଜଣାଯାଏ। କନ୍ଦର ଆଣ୍ଟିବ୍ୟାକ୍ଟେରିଆଲ୍ ଗୁଣ ଥିବା ଜଣାଯାଏ, ଯେଉଁଥିପାଇଁ ପ୍ରାୟ ୨୦୦୦ ବର୍ଷ ପୂର୍ବେ ସୁଦାନରେ ଦାନ୍ତ କ୍ଷୟକୁ ରୋକିବା ପାଇଁ ଏହାର ବ୍ୟବହାର କରାଯାଉଥିଲା।

ଭାରତରେ ପାରମ୍ପରିକ ଭାବରେ ଏହାକୁ ମୁଣ୍ଡବିନ୍ଧା, ଋତୁସ୍ରାବ ଅନିୟମିତା, ମାଂସପେଶୀ ଓ ଯନ୍ତ୍ରଣା, ଫୁଲା, ଚର୍ମ ଜ୍ୱଳନ, ଫୋଟକା, କ୍ଷତ, କୀଟ ପତଙ୍ଗ କାମୁଡ଼ା, ଅଜୀର୍ଣ୍ଣ, ପତଳା ଝାଡ଼ା, ଅବସାଦ, ନିଦ୍ରାହୀନତା ଆଦି ରୋଗର ଚିକିତ୍ସା ପାଇଁ ବ୍ୟବହାର କରାଯାଏ। ମୁଥା ପ୍ରାକୃତିକ ଭାବରେ ହରମୋନ ସନ୍ତୁଳନ ବଜାୟ ରଖିବାରେ ଏବଂ ମାନସିକ ସନ୍ତୁଳନ ଓ ଏକାଗ୍ରତା ରକ୍ଷା କରିବାରେ ସାହାଯ୍ୟ କରେ। ଏଥିରେ କର୍କଟ ପ୍ରତିରୋଧୀ କ୍ଷମତା ମଧ୍ୟ ରହିଛି। ମୁଥା କ୍ଷତିକାରକ ଜୀବାଣୁ ଓ ସଂକ୍ରମଣ ନିରୋଧୀ। କେତେକ ସ୍ଥାନରେ ଏହା ହର୍ବାଲ୍ ଚା'ରେ ବ୍ୟବହୃତ ହୁଏ।

କନ୍ଦ ହେଉଛି ଏକ ଗୁରୁତ୍ୱପୂର୍ଣ୍ଣ ପୁଷ୍ଟିକର ଉତ୍ସ। ଏହା ଆଦିମ ଜନଜାତି ହାଣ୍ଟେର-ଗେଦରର ବା ଶିକାରୀ-ସଂଗ୍ରହକଙ୍କ ତଥା ଚାଷୀଙ୍କ ପାଇଁ ଏକ ମୁଖ୍ୟ କାର୍ବୋହାଇଡ୍ରେଟ୍ ବା ଶର୍କରା ଜାତୀୟ ଖାଦ୍ୟ ଉପାଦାନ। ଏହା ବର୍ତ୍ତମାନ ବଜାରରେ ପାଉଡର ଓ କ୍ୟାପସୁଲ୍ ଆକାରରେ ଉପଲବ୍ଧ। ମୁଥାର ରାଇଜୋମ ଓ କନ୍ଦରେ ବିଭିନ୍ନ ଜୈବିକ ସକ୍ରିୟ ଯୌଗିକ ରସାୟନ ଯେପରିକି ସେସ୍କ୍ୱିଟରପେନ୍ସ, ଫ୍ଲାଭୋନଏଡ୍ସ, ଟେର୍ପେନୋଏଡ୍ସ, କାଡାଲିନ୍, ସାଇପ୍ରୋଟିନ୍, ମୁଷ୍ଟାକୋନ୍, ରୋଟୁଣ୍ଡିନ୍, ଭାଲେନସିନ୍, କ୍ୟାମ୍ପଫେରୋଲ୍, ଲ୍ୟୁଟୋଲିନ୍, କ୍ୱେରସେଟିନ୍, ପାଚୌଲେନୋନ୍, ଆଇସୋପାଚୌଲେନୋନ୍, ସୁଜିଓନିଲ୍ ଆସେଟେଟ୍, ସେଲ୍ୟୁଲୋଜ୍ ଟ୍ରାଇଆସେଟେଟ୍, ସୁଗେବିଓଲ୍ ଓ ପଲିଫେନୋଲ୍ସ ଗଛିତ ଥାଏ।

ଦ୍ରୁତ ବୃଦ୍ଧି ଓ ତୃଣକ ତତ୍ତ୍ୱ ପାଇଁ ମୁଥାକୁ 'ବିଶ୍ୱର ସବୁଠାରୁ ଖରାପ ବା ଦୁଷ୍ଟ ଘାସ' ବୋଲି କୁହାଯାଇଥାଏ। ଏହା ବିଶ୍ୱବ୍ୟାପୀ ୫୦ ରୁ ଅଧିକ ଫସଲକୁ ଆକ୍ରମଣ କରୁଥିବା ଅଭିଯୋଗ ରହିଛି। ଚାଷଜମିରେ ଏହାକୁ ନିୟନ୍ତ୍ରଣ କରିବାରେ କଷ୍ଟ ହୁଏ, କାରଣ ଏହାର ଭୂଗର୍ଭସ୍ଥ କନ୍ଦର ଅଧିକାଂଶ ତୃଣନାଶକ ରାସାୟନିକ ପ୍ରତି ଦୃଢ଼ ପ୍ରତିରୋଧୀ। ଉଦ୍ୟାନରେ ଘାସ ଉପାଡ଼ି ଟାଣିବା ବେଳେ ସାଧାରଣତଃ ମୂଳ ଛିଣ୍ଡି ଭାଙ୍ଗିଯାଏ, କନ୍ଦ ମାଟିରେ ରହିଯାଏ, ଯେଉଁଠାରୁ ନୂତନ ଗଛ ଶୀଘ୍ର ବାହାରିଥାଏ। ହଳ କରିବା ଦ୍ୱାରା କ୍ଷେତରେ କନ୍ଦ ବିକ୍ଷିପ୍ତ ହୁଏ, ଯାହା ଆକ୍ରମଣକୁ ଆହୁରି କ୍ଷୀପ୍ର କରିଥାଏ। ଏହା ପ୍ରାୟତଃ ଅନାବନା ଜମି ଏବଂ ଫସଲ କ୍ଷେତରେ ବଢ଼ିଥାଏ। ଏହା କୌଣସି ଗଛର ଛାଇ ସହ୍ୟ କରେ ନାହିଁ। ଗ୍ଲାଇଫୋସେଟ୍, ହାଲୋସଲଫ୍ୟୁରନ୍-ମିଥାଇଲ୍ ଲନ୍, ୨, ୪-ଡାଇକ୍ଲୋରୋଫେନୋକ୍ସିଆସେଟିକ୍ ଏସିଡ୍ (୨, ୪-ଡି) ଚରା ଭୂମି ଏବଂ ମଲ୍‌ଚର ଫସଲରେ ବାରମ୍ବାର ପ୍ରୟୋଗ ଦ୍ୱାରା କିଛି କନ୍ଦ ନିୟନ୍ତ୍ରଣ ହୋଇପାରେ।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୨୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଭାରତ ମାଟିରୁ ସବୁଠୁ...

ଏହା ଭାରତୀୟ ମହାକାଶ ବିଜ୍ଞାନୀମାନଙ୍କ ପାଇଁ ସବୁଠାରୁ ବଡ଼ ଉପଲବ୍ଧି। ଏଲଭିଏମ୍୩ ରକେଟ 'ବାହୁବଳୀ' ରକେଟ ରୂପେ ପରିଚିତ।

ଏହାପୂର୍ବରୁ ଇସ୍ରୋ ଚନ୍ଦ୍ରଯାନ-୩ ମିସନରେ ୩୯୦୦ କିଲୋ ଓଜନର ଉପଗ୍ରହ ମହାକାଶକୁ ପଠାଇଥିଲା। ତେବେ ମହାକାଶକୁ ପଠାଯାଇଥିବା ସବୁଠାରୁ ଓଜନିଆ ଉପଗ୍ରହ ହେଉଛି ଆମେରିକାର ଇକୋଷ୍ଟାର ୨୪ (ଜୁପିଟର-୩)। ଏହାର ଓଜନ ୯,୦୦୦ କିଲୋ ଥିଲା। ଏହା ସ୍ପେସ୍ଏକ୍ସ ଫାଲକନ ରକେଟ୍‌ରେ ଉତକ୍ଷେପଣ କରାଯାଇଥିଲା। ପୂର୍ବରୁ ଇସ୍ରୋ ସାଧାରଣତଃ ଓଜନିଆ ଉପଗ୍ରହ ଫ୍ରେଞ୍ଚ ଗଏନାରୁ ୟୁରୋପୀୟ ସ୍ପେସପୋର୍ଟରୁ ଉତକ୍ଷେପଣ କରିଥାଏ। ଏଥର କିନ୍ତୁ ପ୍ରଥମଥର ପାଇଁ ଇସ୍ରୋ ଭାରତ ମାଟିରୁ ୪.୪ ଟନ୍‌ର ଉପଗ୍ରହ ଲଞ୍ଚ୍ କରିଛି। ପୂର୍ବରୁ ୨୦୧୮ ଡିସେମ୍ବର ୫ରେ ଏରିଆନ- ୫ ରକେଟ୍ ଦ୍ୱାରା ଫ୍ରେଞ୍ଚ୍ ଗଏନାରୁ ୫,୮୫୪ କେଜି ଓଜନର ଜିଏସ୍ଏଟି-୧୧ ଲଞ୍ଚ୍ କରିଥିଲା। ଏହା ଇସ୍ରୋର ଏପର୍ଯ୍ୟନ୍ତ ସବୁଠୁ ଓଜନିଆ ଉପଗ୍ରହ ଥିଲା।

ଆଜିର ସଫଳତା ପରେ ଇସ୍ରୋ ପକ୍ଷରୁ କୁହାଯାଇଛି ଯେ ଗଗନଯାନ ଅଭିଯାନରେ ବାହୁବଳୀ ସହାୟକ ହେବ।

### ଆଜି ପ୍ରଚାରକୁ...

ନୂଆପଡ଼ା ନିର୍ବାଚନମଣ୍ଡଳୀରେ ବେଶ୍ ଗୁରୁତ୍ୱପୂର୍ଣ୍ଣ। ଏହା କୋମନା ବ୍ଲକ ଅଞ୍ଚଳରେ ଆସୁଥିଲେ ହେଁ ନୂଆପଡ଼ା ବ୍ଲକର ସୀମାବର୍ତ୍ତୀ ଅଞ୍ଚଳ ହୋଇଥିବାରୁ ଏଠାରେ ସମାବେଶ ଦୁଇଟି ବ୍ଲକ ଉପରେ ବ୍ୟାପକ ପ୍ରଭାବ ପକାଇବ। ସେହିପରି ନୂଆପଡ଼ା ନିର୍ବାଚନମଣ୍ଡଳୀରେ କୋମନା ବ୍ଲକରେ ସର୍ବାଧିକ ଭୋଟର ଅଛନ୍ତି। ଏପରିକି କୋମନା ବ୍ଲକରେ ଅଧିକ ସଂଖ୍ୟାରେ ଭୋଟ ପାଉଥିବା ଦଳ ନୂଆପଡ଼ାରେ ବାଜିମାତ କରୁଥିବାର ଅତୀତର ଟ୍ରାକ ରେକର୍ଡ ରହିଛି। ତେଣୁ ବିଜେଡି ନେତୃତ୍ୱ ଏଠାରେ ସଭା କରି ଦୁଇବ୍ଲକର ଭୋଟରଙ୍କୁ ନିଜ ସପକ୍ଷରେ ଆଣିବା ପାଇଁ ଯୋଜନା ପ୍ରସ୍ତୁତ କରିଥିବା କୁହାଯାଉଛି।

ଅପରପକ୍ଷେ ସ୍ଥାନୀୟ ଲୋକଙ୍କ ମତ ଅନୁଯାୟୀ ନୂଆପଡ଼ାରେ ପ୍ରଚାରରେ ବିଜେଡି ଆଗୁଆ ରହିଛି। ସ୍ଥାନୀୟ ନେତାଙ୍କ ମତାମତ ଆଧାରରେ ଦଳ ରଣନୀତି ପ୍ରସ୍ତୁତ କରୁଥିବା ବେଳେ ତଦନୁଯାୟୀ ପ୍ରଚାରକୁ କ୍ରିୟାଶୀଳ କରାଯାଉଛି। ଛୋଟ ଛୋଟ ସଭା ଏବଂ ଘରକୁ ଘର କ୍ୟାମ୍ପେନକୁ ବିଜେଡି ଗୁରୁତ୍ୱ ଦେଉଥିବା ବେଳେ ନବୀନଙ୍କ ପ୍ରଚାର ବିଜେଡିକୁ ଏହି ଦୁଇବ୍ଲକରେ ଆହୁରି ମଜବୁତ୍ କରିବ। ଆସନ୍ତାକାଲି ବିଜେଡିର ସଭା ଉପନିର୍ବାଚନର ଫଳାଫଳ ନେଇ ନିଶ୍ଚିତଭାବେ ଏକ ପୂର୍ବାଭାଷ ପ୍ରଦାନ କରିବ ବୋଲି ମତ ଦେଇଛନ୍ତି ସ୍ଥାନୀୟ ରାଜନୈତିକ ସମୀକ୍ଷକ।

### କ୍ରାଇମ୍‌ବ୍ରାଞ୍ଚ୍‌କୁ ଧରାପକାଇ...

କର୍ମଚାରୀ ତା ଲିଙ୍କ୍‌ରେ ରହି ଏଥିରେ ସହଯୋଗ କରୁଥିଲେ? ଏହି ମାମଲାରେ ଗିରଫ ହୋଇଥିବା ଅନ୍ୟତମ ଅଭିଯୁକ୍ତ ମୁନ୍ନା ମହାନ୍ତିକୁ ସେ କିପରି ଆଉ କେବେ ଠାରୁ ଜାଣିଛି? ବୋଲି ବିଭିନ୍ନ ପ୍ରଶ୍ନ କରାଯାଇଥିଲା। କିଛି ପ୍ରଶ୍ନର ସେ ଉତ୍ତର ଦେଇଥିଲା ଓ କିଛି ପ୍ରଶ୍ନର ଉତ୍ତର ଦେବାକୁ ମନା କରିଥିଲା। ତେବେ ପୁଲିସ ଜେରା ସମୟରେ ତାର ଅନେକ କଥା ପରସ୍ପର ବିରୋଧୀ ରହିଥିଲା। ଏହାପରେ କ୍ରାଇମ୍‌ବ୍ରାଞ୍ଚ ମୁନ୍ନା ଏବଂ ଶଙ୍କରଙ୍କୁ ମୁହାଁମୁହିଁ ଜେରା କରିଥିଲା। ତେବେ ଉଭୟଙ୍କୁ ଜେରା ସମୟରେ କେଉଁ ପ୍ରଶ୍ନ କରାଯାଇଥିଲା ତାହା ସ୍ପଷ୍ଟ ହୋଇନାହିଁ। ସେହିଭଳି ଲୋକନାଥ ଓ ସୌମ୍ୟା ପ୍ରିୟଦର୍ଶନୀଙ୍କୁ ମଧ୍ୟ ପଚରାଉଚରା କରାଯାଇଥିବା ଖବର ମିଳିଛି।

ମୁନ୍ନା ମହାନ୍ତି, ସୌମ୍ୟା ପ୍ରିୟଦର୍ଶନୀ ଓ ଲୋକନାଥଙ୍କୁ କ୍ରାଇମବ୍ରାଞ୍ଚ ଶନିବାର ଠାରୁ ରିମାଣ୍ଡରେ ଆଣିଛି। ଆସନ୍ତାକାଲି ଶଙ୍କରକୁ ଗଞ୍ଜାମ ନିଆଯିବ ଓ କୋର୍ଟରେ ହାଜର କରି ରିମାଣ୍ଡରେ ନେବାକୁ କ୍ରାଇମବ୍ରାଞ୍ଚ ଆବେଦନ କରିବ। ଗିରଫ ବେଳେ କ୍ରାଇମ୍‌ବ୍ରାଞ୍ଚ ଶଙ୍କରଠାରୁ ଠାରୁ କିଛି କାଗଜପତ୍ର ସହ ୩ଟି ଫୋନ୍ ଜବତ କରିଛି। କାଗଜପତ୍ର ଏବଂ ଫୋନ୍‌କୁ କ୍ରାଇମ୍‌ବ୍ରାଞ୍ଚ ଟିମ୍ ତନ୍ନ ତନ୍ନ କରି ଯାଞ୍ଚ କରାଯାଇଛି। ଧରା ପଡ଼ିବା ପୂର୍ବରୁ କିଛି ୱାର୍ଟସପ୍ ଚାର୍ଟକୁ ଶଙ୍କର ଡିଲିଟ୍ କରିଥିବା ସୂଚନା ମିଳିଛି। ଏଣୁ କ୍ରାଇମ୍‌ବ୍ରାଞ୍ଚ ଏହି ଫୋନ୍ ଗୁଡ଼ିକୁ ଯାଞ୍ଚ ପାଇଁ ଫରେନ୍ସିକ୍‌କୁ ପଠାଇବ ବୋଲି ଜଣାପଡ଼ିଛି। ପୁନଶ୍ଚ କ୍ରାଇମ୍‌ବ୍ରାଞ୍ଚ ଗତକାଲି ଶଙ୍କରକୁ ଧରିବା ବେଳେ ଏକ ଫର୍ଚୁନର୍ ଗାଡି ଜବତ କରିଥିଲା। ତେଣୁ ତାଙ୍କ ଆଉ କେଉଁ ସ୍ଥାନରେ ସମ୍ପତ୍ତି ରହିଛି ତାହାର ଏକ ତାଲିକା ପ୍ରସ୍ତୁତି କରିବାରେ ଲାଗିଛି।

ଏଠାରେ ଉଲ୍ଲେଖଯୋଗ୍ୟ ଯେ ଏହି ମାମଲାରେ ଶଙ୍କର ପୃଷ୍ଟିକୁ ମିଶାଇ ମୋଟ ୧୦ ଦଲାଲଙ୍କୁ ଗିରଫ କରିଛି କ୍ରାଇମବ୍ରାଞ୍ଚ। ଏହି ମାମଲାରେ ପୂର୍ବରୁ ଗିରଫ ହୋଇଥିବା ୧୧୪ ଜଣ ପରୀକ୍ଷାର୍ଥୀଙ୍କୁ ଜାମିନ ପରେ ସେମାନେ ଜେଲରୁ ମୁକୁଳି ସାରିଛନ୍ତି। କିନ୍ତୁ ୯ ଦଲାଲ ଏବେ ବି ଜେଲ ରହିଛନ୍ତି। ମୋଟ ଗିରଫଦାରୀ ସଂଖ୍ୟା ୧୨୪ରେ ପହଁଚିଛି।

### ପରଲୋକରେ ମସଲା...

ମଧୁପାଟଣା ଶିଳ୍ପାଞ୍ଚଳଠାରେ ଓମ୍ ଅୟେଲ୍ ଏଣ୍ଡ ଫ୍ଲୋର ମିଲ୍ସ ଲିମିଟେଡ୍ (ରୁଚି ଉଦ୍ୟୋଗ) ପ୍ରତିଷ୍ଠା କରିଥିଲେ। ଚଳିତବର୍ଷ ରାଜ୍ୟର ଏହି ସଫଳ ଅନୁଷ୍ଠାନ ରଥଯାତ୍ରା ଦିନ ତା'ର ସୁବର୍ଣ୍ଣ ଜୟନ୍ତୀ ସମାରୋହ ପାଳନ କରିଥିଲା। ଶରତ ବାବୁ ଛାତ୍ର ଜୀବନରେ ଜଣେ ଭଲିବଲ୍ ଓ କବାଡ଼ି ଖେଳାଳୀ ଭାବେ ସୁନାମ ଅର୍ଜନ କରିଥିଲେ ଏବଂ ରାଜ୍ୟ କବାଡ଼ି ଦଳର କ୍ୟାପଟେନ୍ ମଧ୍ୟ ଥିଲେ। ଓଡ଼ିଶା ରାଜ୍ୟ କବାଡ଼ି ଆସୋସିଏସନ୍‌ର ସଭାପତି ଭାବେ ଏହି କ୍ରୀଡ଼ାର ବିକାଶ ପାଇଁ ସେ ଅନେକ କାର୍ଯ୍ୟକ୍ରମ ହାତକୁ ନେଇଥିଲେ। ଓଡ଼ିଶାର ମସଲା ଶିଳ୍ପର ଜନକ ଭାବରେ ପରିଚିତ ଡ. ସାହୁ ସବୁବେଳେ ଓଡ଼ିଶାର ସ୍ୱାଭିମାନ, ରାଜ୍ୟର ଶିଳ୍ପର ପ୍ରଗତି ଓ ବିକାଶ ଏବଂ ଖାଦ୍ୟପ୍ରକ୍ରିୟାକରଣ ଶିଳ୍ପକ୍ଷେତ୍ରରେ ଏକ ବୈପ୍ଳବିକ ପରିବର୍ତ୍ତନ ଆଣିବା ପାଇଁ ନୂଆ ନୂଆ ଜ୍ଞାନକୌଶଳର ଉପଯୋଗ କରୁଥିଲେ। ରାଜ୍ୟ ସରକାରଙ୍କ ସହଯୋଗରେ ରାମଦାସପୁର ଠାରେ ନୂଆ ମସଲା ଓ ପାସ୍ତା କାରଖାନା ପ୍ରତିଷ୍ଠା କରିଥିଲେ। ରାଜ୍ୟସରକାର ଶିଳ୍ପର ବିକାଶ ପାଇଁ ତାଙ୍କୁ ପ୍ରଥମ ସ୍ୱାଭିମାନ ସମ୍ମାନରେ ସମ୍ମାନିତ କରିବା ସହିତ ସେ ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ନିକଟରୁ ଅନେକ ପୁରସ୍କାର ଓ ସମ୍ମାନ ଗ୍ରହଣ କରିଥିଲେ। ଶିଳ୍ପର ବିକାଶ ପାଇଁ ସେ ଶିଳ୍ପୋଦ୍ୟୋଗୀ ବନ୍ଧୁମାନଙ୍କ ସହିତ ମିଶି ଓସ୍‌ମେ ଅନୁଷ୍ଠାନ ଗଢ଼ିବା ସହିତ ବିଭିନ୍ନ ଅନୁଷ୍ଠାନର ଶିଳ୍ପ ଉପଦେଷ୍ଟା ଭାବରେ ମଧ୍ୟ ଦାୟିତ୍ୱ ନିର୍ବାହ କରିଥିଲେ। ବିଭିନ୍ନ ସମୟରେ ଜର୍ମାନୀ, ଇଟାଲୀ, ଫ୍ରାନ୍ସ, ଇଂଲଣ୍ଡ, ଅଷ୍ଟ୍ରେଲିଆ, ସୁଇଜରଲ୍ୟାଣ୍ଡ, ଆମେରିକା, କାନାଡ଼ା, ସିଙ୍ଗାପୁର, ଦକ୍ଷିଣକୋରିଆ, ଓମାନ ସମେତ ୩୦ରୁ ଉର୍ଦ୍ଧ୍ୱ ଦେଶରେ ଆୟୋଜିତ ଅନେକ ଆନ୍ତର୍ଜାତିକ ପ୍ରଦର୍ଶନୀରେ ମଧ୍ୟ ଅଂଶଗ୍ରହଣ କରିଥିଲେ। ୧୯୯୯ ମସିହାରେ ଇଟାଲୀ ଓ ଦକ୍ଷିଣକୋରିଆ ସହଯୋଗରେ ଓଡ଼ିଶାର ପ୍ରଥମ ପାସ୍ତା ଉଦ୍ୟୋଗ ପ୍ରତିଷ୍ଠା କରିଥିଲେ। ରାଜ୍ୟର ମାଟ୍ରିକ୍ ଟପ୍ପର, ଶ୍ରେଷ୍ଠ ବିଦ୍ୟାର୍ଥୀ ଓ ପ୍ରତିଭାବାନ ଓଡ଼ିଆମାନଙ୍କୁ ସମ୍ମାନିତ କରିବା ପାଇଁ ଡ. ସାହୁ ରୁଚି ପ୍ରତିଭା ସମ୍ମାନ ସମାରୋହ ଜରିଆରେ ଏକ ଅଭିନବ କାର୍ଯ୍ୟକ୍ରମ ଆରମ୍ଭ କରିଥିଲେ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଡ. ସାହୁଙ୍କ ବିୟୋଗରେ ଗଭୀର ଶୋକପ୍ରକାଶ କରିଛନ୍ତି। ଶୋକବାର୍ତ୍ତାରେ ମୁଖ୍ୟମନ୍ତ୍ରୀ ଲେଖିଛନ୍ତି ଯେ, ରୁଚି ଫୁଡ୍‌ଲାଇନ୍‌ର ପ୍ରତିଷ୍ଠାତା ଡ. ସାହୁଙ୍କ ବିୟୋଗରେ ସେ ଗଭୀର ଭାବେ ଦୁଃଖିତ। ଓଡ଼ିଶାର ଉଦ୍ୟୋଗଜଗତ ପାଇଁ ଏହା ଏକ ଅପୂରଣୀୟ କ୍ଷତି ବୋଲି କହିଛନ୍ତି। ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ମଧ୍ୟ ତାଙ୍କ ଶୋକବାର୍ତ୍ତାରେ ଓଡ଼ିଶାର ଶିଳ୍ପ ତଥା ପରିଚୟକୁ ବିଶ୍ୱପ୍ରସାରୀ କରିବାରେ ତାଙ୍କର ଅବଦାନ ସର୍ବଦା ସ୍ମରଣୀୟ ରହିବ ବୋଲି କହିଛନ୍ତି।

ଆସନ୍ତାକାଲି ସୋମବାର ତାଙ୍କ ମରଶରୀର ବିମାନଯୋଗେ ଆସି ସକାଳେ ଭୁବନେଶ୍ୱର ବିମାନବନ୍ଦରଠାରେ ପହଞ୍ଚିବ ଏବଂ ଶୋଭାଯାତ୍ରାରେ କଟକ କାଜିଡ଼ିହ ବାସଭବନରେ ପହଞ୍ଚିବା ପରେ ମଧୁପାଟଣା ଶିଳ୍ପାଞ୍ଚଳସ୍ଥିତ ରୁଚି ପାସ୍ତା ଭିଲେଜଠାରେ ପୂର୍ବାହ୍ନ ୧୧ ଘଟିକାରେ ସର୍ବସାଧାରଣଙ୍କ ଶେଷ ଦର୍ଶନ ପାଇଁ ରଖାଯିବ।

### ୧୫ ମାସରେ...

ତେବେ ଯାତ୍ରୀ ଏବଂ ଯାତ୍ରୀଙ୍କ ସାମଗ୍ରୀ କେତେ ସୁରକ୍ଷିତ ତାକୁ ନେଇ ଉଠିଛି ପ୍ରଶ୍ନ। ସେହିଭଳି ବସ୍ ଯାତ୍ରୀଙ୍କ ରାତ୍ରୀ ରହଣି ଦୃଷ୍ଟିରୁ ଏଠାରେ ଡର୍ମିଟୋରି ବ୍ୟବସ୍ଥା ରହିଥିଲେ ମଧ୍ୟ ସରକାର ବଦଳିବା ପରେ ଆଉ ବେଡ୍ ପଡ଼ି ପାରି ନାହିଁ। ଫଳରେ ଦୂରଦୂରାନ୍ତକୁ ଯିବା ପାଇଁ ଅପେକ୍ଷା କରିଥିବା ଯାତ୍ରୀ ବାହାରେ ଚଟାଣରେ ଶୋଉଛନ୍ତି ଏବଂ ଅସାମାଜିକ ଲୋକଙ୍କ ଶିକାର ହେଉଛନ୍ତି। ବସ୍ ଟର୍ମିନାଲର ବଡ଼ ସମସ୍ୟା ହେଉଛି ଯାତ୍ରୀଙ୍କୁ ଖାଦ୍ୟ ସାମଗ୍ରୀଠାରୁ ଆରମ୍ଭ କରି ଅନ୍ୟାନ୍ୟ ଜିନିଷ ଯୋଗାଇ ଦେବା ପାଇଁ ୧୩୦ଟି ଦୋକାନ ଘର ତିଆରି କରାଯାଇଛି। କିନ୍ତୁ ଏପର୍ଯ୍ୟନ୍ତ ସେଗୁଡ଼ିକ ଆବଣ୍ଟନ କରାଯାଇପାରି ନାହିଁ। ଯାହାକୁ ନେଇ ବିବାଦ ଉପୁଜୁଥିବା ବେଳେ ତେଣେ ଯାତ୍ରୀମାନେ ପାଣି ବୋତଲ ପାଇଁ ମଧ୍ୟ ବସ୍‌ଷ୍ଟାଣ୍ଡ ବାହାରକୁ ଆସୁଛନ୍ତି।

### ପହିଲି ପଞ୍ଚୁକରୁ...

ନିୟମ ଯୋଗୁଁ ଏଭଳି ଅବ୍ୟବସ୍ଥା ହୋଇଥିବା ଅଭିଯୋଗ କରି ପ୍ରଶାସନ ଓ ପୁଲିସ ଉପରେ ଅସନ୍ତୋଷ ଝାଡ଼ିଛନ୍ତି ଶ୍ରଦ୍ଧାଳୁ। ସ୍ଥିତି ଏମିତି ଅଣାୟତ୍ତ ହୋଇଥିଲା ଯେ ପୁଲିସ ନିରୁପାୟ ହୋଇ ସିଂହଦ୍ୱାର ସମ୍ମୁଖରେ ସେବାୟତଙ୍କ ପାଇଁ ଉଦ୍ଦିଷ୍ଟ ରାସ୍ତାରେ ଭକ୍ତଙ୍କୁ ଛାଡ଼ିବାକୁ ବାଧ ହୋଇଥିଲା। ସେହିପରି ଶେଡ୍ ଭିତରେ ଅପେକ୍ଷାରତ ଶ୍ରଦ୍ଧାଳୁଙ୍କୁ ପିଇବା ପାଣି ମିଳି ନଥିବା ବେଳେ ଏକାଧିକ ଜାଗାରେ ଫ୍ୟାନ ମଧ୍ୟ ଚାଲୁନଥିଲା। ଏମିତି ନାନାପ୍ରକାର ଅବ୍ୟବସ୍ଥା ଫଳରେ ତିକ୍ତ ଅନୁଭୂତି ନେଇ ଫେରିଛନ୍ତି ଶହଶହ ଶ୍ରଦ୍ଧାଳୁ।

ପଞ୍ଚୁକ ପୂର୍ବରୁ କୁହାଯାଇଥିଲା ଯେ ସମସ୍ତ ପ୍ରକାର ବ୍ୟବସ୍ଥା ହୋଇଛି। ଭକ୍ତମାନେ ଯେପରି ଶୃଙ୍ଖଳିତ ଭାବେ ଦର୍ଶନ କରିବେ, ସେ ଦିଗରେ ଜିଲ୍ଲା ପ୍ରଶାସନ, ଶ୍ରୀମନ୍ଦିର ପ୍ରଶାସନ ଏବଂ ପୁଲିସ ପ୍ରଶାସନ ସମନ୍ୱୟ ରଖି ସମସ୍ତ ପଦକ୍ଷେପ ନେଇଛନ୍ତି। ଦର୍ଶନ ବ୍ୟବସ୍ଥାକୁ ଶୃଙ୍ଖଳିତ କରିବା ଲାଗି କେବଳ ଗୋଟିଏ ଦ୍ୱାର(ସିଂହଦ୍ୱାର)ରେ ପ୍ରବେଶ ହେବ ଏବଂ ବାକି ତିନିଦ୍ୱାରରେ ଶ୍ରଦ୍ଧାଳୁ ପ୍ରସ୍ଥାନ କରିବେ ବୋଲି କୁହାଯାଇଥିଲା। ହେଲେ ଠିକଣା ବେଳକୁ ସବୁ ଫେଲ୍ ମାରିଥିଲା। କେବଳ ସିଂହଦ୍ୱାରରେ ପ୍ରବେଶ ଅନୁମତି ଥିବାରୁ ଧାଡ଼ି ମାର୍କେଟ୍ ଛକ ପର୍ଯ୍ୟନ୍ତ ଲମ୍ବିଯାଇଥିଲା। ସ୍ଥିତିକୁ ଦେଖି ଅପରାହ୍ଣରେ ବ୍ୟାରିକେଡ୍‌କୁ ଆହୁରି ବଢ଼ାଇଥିଲା ପ୍ରଶାସନ। ଫଳରେ ଅସ୍ଥାୟୀ ବ୍ୟାରିକେଡ୍‌ରେ ଘଣ୍ଟାଘଣ୍ଟା ଧରି ଚିପିଚାପି ହୋଇ ଠିଆ ହୋଇଥିଲେ ବୃଦ୍ଧବୃଦ୍ଧା, ମହିଳା, ଶିଶୁ। ଆନନ୍ଦବଜାରରେ ବି ଚରମ ବିଶୃଙ୍ଖଳା ଦେଖିବାକୁ ମିଳିଥିଲା। ଅବଢ଼ା ଏବଂ ଶୁଖିଲି ଭୋଗ ବିକ୍ରେତାମାନେ ଅବ୍ୟବସ୍ଥିତ ଢଙ୍ଗରେ ବସିଥିଲେ। ଫଳରେ ବୋଝିଆମାନେ ମହାପ୍ରସାଦ ନେଇ ଯିବା ବେଳେ ରଖିବା ପାଇଁ ନାକେଦମ୍ ହୋଇପଡୁଥିଲେ।

ଏହି ଅବ୍ୟବସ୍ଥାକୁ ନେଇ ଜଣେ ବରିଷ୍ଠ ନାଗରିକ ଗଣମାଧ୍ୟମ ସମ୍ମୁଖରେ ସରକାରଙ୍କ ଉପରେ ଅସନ୍ତୋଷ ଝାଡ଼ିଥିଲେ। କହିଥିଲେ, ଛି... ଏ ସରକାର ଛି...। ବରିଷ୍ଠ ନାଗରିକଙ୍କ ପାଇଁ କୌଣସି ପ୍ରକାର ସୁବିଧା ହୋଇନି। ଧାଡ଼ିରେ ୫ଘଣ୍ଟା ଛିଡ଼ା ହେବା ପରେ ଆମେ ଦର୍ଶନ ନ କରି ଫେରିଯାଉଛୁ। ସରକାରକୁ କ'ଣ ଏଇଥିପାଇଁ ଜିତାଇଥିଲୁ, ଆମ ଜୀବନ ଧିକ୍ କହି ଘରକୁ ପଳାଇଥିଲେ।

**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**

**AFFIDAVIT**

By virtue of an affidavit (No.3123) sworn before the Executive Magistrate, Khordha, dated - 16.10.2025. I, Rasmita Pradhan, W/o- Dillip Kumar Pradhan, At- Balipatana, PO- Kunjuri, PS- Khordha Sadar, Dist- Khordha, PIN- 752056, Odisha declare that I have changed my minor son's name from Sriman Subhrajit Pradhan to Subhrajit Pradhan. Henceforth, he shall be known as **Subhrajit Pradhan** (new name) for all purposes.

Rasmita Pradhan

**AFFIDAVIT**

By virtue of an affidavit sworn before Executive Magistrate Baramba, on dated 18.10.2025, I Susanta Kumar Dalua S/o- Kailash Chandra Dalua resident at Village- Gopinathpur, Po- Singhanathpitha, Ps- Badamba, Dist- Cuttack, Odisha, PIN- 754031, declare that I have changed my daughter's name from Bishnuptiya Dalua to Bishnupriya Dalua. Henceforth, she shall be known as **BISHNUPRIYA DALUA** for all future purposes.

**AFFIDAVIT**

By virtue of an affidavit sworn before Executive Magistrate Bhubaneswar on dated, 27.10.2025, I Lusi Baral, D/o- Sankar Baral, resident Village- Bhagabati Basti, Po- Bhoinagar, Ps- Kharvel Nagar, Dist- Khorda, Odisha, PIN- 751022 declare that I have changed my name from Lusai Barala to Lusi Baral . Henceforth I shall be known as **LUSI BARAL** for all future purposes.

**AFFIDAVIT**

By virtue of an affidavit sworn before the Executive Magistrate, Garadpur, I, Shrabani Mohanty, Vill.: Solapat, Po- Bedari, Ps- Patkura, Kendrapara here by declare that before marriage my name recorded as Shrabani Ray but after marriage my surname has missed. therefore Shrabani Ray and Shrabani Mohanty is one and the same person. Henceforth I shall be known as **Shrabani Mohanty** for all purposes.

658-B

E-Mail I.D.-eernbkdp@gmail.com
Tel.(06727)-220268
Fax No.(06727)-220862

**OFFICE OF THE SUPERINTENDING ENGINEER**
**KENDRAPARA (R&B) DIVISION-I, KENDRAPARA**
**GOVERNMENT OF ODISHA "e" procurement Notice (Short Notice)**
e-procurement Notice for Road works
**Bid Identification No. S.E., R & B KDP- 11/ 2025-26**

| | | | |
|---|---|---|---|
| 22. | No of work | :- | 01 no of Building work, 01 no of Drain work, 01 no of Culvert work |
| 23. | Estimated Cost | :- | ₹.66 lakhs to ₹. 89 lakhs (Approximately) |
| 24. | Period of completion | :- | 12 (Twelve) Months for Building work<br>6 (Six) Months for Drain and Culvert works |
| 25. | Date and time of sale and receipt of bid document | :- | From 11:00 AM of 04/11/2025 to 5:30 PM of 20/11/2025 |
| 26. | Last date / time of receipt of bids | :- | 5:30 PM of 20/11/2025 |
| 27. | Date and time of Opening of Bids | :- | 11.00 AM of 21/11/2025 |
| 28. | Name and address of the Officer Inviting Bid | :- | Superintending Engineer, Kendrapara (R&B) Division-I, Kendrapara |

Further details with any addendum, corrigendum, cancellation can be seen from the State Govt. portal "https://tendersorissa.gov.in

Superintending Engineer,
Kendrapara (R&B) Division-I

## ହାଇକୋର୍ଟଙ୍କ ନିର୍ଦ୍ଦେଶକୁ ବେଖାତିର
# ପୁଲିସ ଜରିଆରେ କଳାହାଣ୍ଡି ଜିଲ୍ଲା ଶିକ୍ଷା ଅଧିକାରୀଙ୍କୁ ନୋଟିସ ନିର୍ଦ୍ଦେଶ

କଟକ,୨/୧୧(ସମିସ): ଅନୁକମ୍ପାମୂଳକ ଚାକିରି ପାଇଁ ଆବେଦନ ପ୍ରସଙ୍ଗରେ ହାଇକୋର୍ଟଙ୍କ ନିର୍ଦ୍ଦେଶ ଅନୁପାଳନ ନ କରିବା କଳାହାଣ୍ଡି ଜିଲ୍ଲା ଶିକ୍ଷା ଅଧିକାରୀଙ୍କୁ ମହଙ୍ଗା ପଡ଼ିଛି। କାହିଁକି ଅଦାଲତ ଦେଇଥିବା ନିୟମକୁ କାର୍ଯ୍ୟକାରୀ କରାଯାଇନାହିଁ ସେ ସଂକ୍ରାନ୍ତରେ ଦୁଇ ସପ୍ତାହ ମଧ୍ୟରେ ଜବାବ ରଖିବାକୁ ପୁଲିସ ଜରିଆରେ ନୋଟିସ୍ ପଠେଇବାକୁ ହାଇକୋର୍ଟର ବିଚାରପତି ଜଷ୍ଟିସ୍ ଡି.କେ. ଶ୍ରୀପଦ ନିର୍ଦ୍ଦେଶ ଦେଇଛନ୍ତି। ପୁଲିସ ବ୍ୟକ୍ତିଗତ ଭାବେ ଏ ସଂକ୍ରାନ୍ତରେ ଜିଲ୍ଲା ଶିକ୍ଷା ଅଧିକାରୀ ଓ ଅନ୍ୟ ସମସ୍ତ ପ୍ରତିପକ୍ଷଙ୍କୁ ନୋଟିସ ଦେବାକୁ ବିଚାରପତି ନିର୍ଦ୍ଦେଶ ଦେବା ସହ ୩ କାର୍ଯ୍ୟ ଦିବସ ମଧ୍ୟରେ ଆବେଦନକାରୀଙ୍କୁ ପକ୍ଷ ରଖିବାକୁ ଅଦାଲତ ସୁଯୋଗ ଦେଇଛନ୍ତି।

ମାମଲାର ବିବରଣୀ ଅନୁସାରେ ଆବେଦନକାରୀ କ୍ଷଣପ୍ରଭା ନାୟକଙ୍କ ସ୍ୱାମୀ କଳାହାଣ୍ଡି ଜିଲ୍ଲା ଶିକ୍ଷା ଅଧିକାରୀଙ୍କ ଅଧୀନରେ କାର୍ଯ୍ୟ କରୁଥିଲେ। ମାତ୍ର କାର୍ଯ୍ୟରତ ଅବସ୍ଥାରେ ତାଙ୍କର ମୃତ୍ୟୁ ହୋଇଥିଲା। ସରକାରୀ ଆଇନ ଅନୁସାରେ ଚାକିରିରେ ଥିବା ଜଣେ ବ୍ୟକ୍ତିଙ୍କ ମୃତ୍ୟୁ ପରେ ତାଙ୍କ ଆଇନଗତ ଉତ୍ତରାଧିକାରୀଙ୍କୁ ନିଯୁକ୍ତି ଦେବାର ପ୍ରାବଧାନ ଥିବା ସତ୍ତ୍ୱେ କ୍ଷଣପ୍ରଭାଙ୍କୁ ଅନୁମ୍ପାମୂଳକ ନିଯୁକ୍ତି ଦିଆଯାଇ ନ ଥିଲା। ବିଳମ୍ବରେ ଆବେଦନ କରିଥିବାରୁ ତାଙ୍କ ଆବେଦନ ଗ୍ରହଣଯୋଗ୍ୟ ନୁହେଁ ବୋଲି କୁହାଯାଇଥିଲା। ଏହା ବିରୋଧରେ କ୍ଷଣପ୍ରଭା ନାୟକ ଆଇନଜୀବୀ ସତ୍ୟ ରଞ୍ଜନ ପତିଙ୍କ ଜରିଆରେ ହାଇକୋର୍ଟଙ୍କ ଦ୍ୱାରସ୍ଥ ହେଇଥିଲେ। ଅଦାଲତ ଗତ ଅଗଷ୍ଟ ୧୮ ତାରିଖରେ କ୍ଷଣପ୍ରଭା ନାୟକଙ୍କ ଆବେଦନକୁ ବିଚାର କରି ୮ ସପ୍ତାହ ମଧ୍ୟରେ ଆଦେଶ କାର୍ଯ୍ୟକାରୀ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ମାତ୍ର ଧାର୍ଯ୍ୟ ଅବଧି ମଧ୍ୟରେ କଳାହାଣ୍ଡି ଜିଲ୍ଲା ଶିକ୍ଷାଧିକାରୀ ଅଦାଲତ ନିର୍ଦ୍ଦେଶର ଅନୁପାଳନ କରି ନ ଥିଲେ। ତେଣୁ ଏହା ବିରୋଧରେ ଆବେଦନକାରୀ ଅଦାଲତ ଅବମାନନା ମାମଲା ରୁଜୁ କରିଥିଲେ।

**Format C-1**

(For candidate to publish in Newspapers, TV)

**Declaration about criminal cases**

***(as per the judgment dated 25th September, 2018 of Hon'ble Supreme Court in WP(Civil) No-536 of 2011 (Public Interest Foundation & Ors. Vs. Union of India & Anr.)***

**Name and address of candidate: Smt Snehangini Chhuria,**
**W/o-Durga Prasad Chhuria, At/Po-Dekulba,**
**Ps/Tah-Bheden, Dist-Bargarh**

**Name of Political Party: - BIJU JANATA DAL**

**(Independent candidate should write "Independent" here)**

**Name of Election: - BYE-ELECTION TO THE STATE LEGISLATIVE ASSEMBLY OF ODISHA-2025,**

**Name of Constituency: - 71-Nuapada Legislative Assembly**

**I, Smt Snehangini Chhuria** (name of candidate), a candidate for the above mentioned election, declared for public information the following details about my criminal antecedents:

**(A) Pending criminal cases**

| SL No | Name of Court | Case No. and dated | Status of case(s) | Section(s) of Acts concerned and brief description of offence(s) |
|---|---|---|---|---|
| 1 | **S.D.J.M, Bargarh** | **C.T No-83 of 2025 arising out of Bargarh Town PS Case No-36 dt 21/01/2025** | Awaiting for Final Form | U/s 126(2) 189(2) 190, 285, 61(2) B.N.S; Wrongfully restraining any person; Being member of an unlawful assembly; Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards. |
| 2 | **S.D.J.M, Bargarh** | **C.T No-84 of 2025 arising out of Bargarh Town PS Case No-37 dt 21/01/2025** | Awaiting for Final Form | U/s 126(2) 189(2) 190, 285, 61(2) B.N.S r/w U/s 4 PDPP Act.; Wrongfully restraining any person; Being member of an unlawful assembly, Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards; r/w u/s 4 mischief causing damage to public property by fire or explosive substance PDPP Act. |
| 3 | **S.D.J.M, Bargarh** | **C.T No-86 of 2025 arising out of Rural PS Case No-11 dt 21/01/2025** | Awaiting for Final Form | U/s 126(2) 189(2) 190, 285, 61(2) B.N.S r/w U/s 4 PDPP Act.; Wrongfully restraining any person, Being member of an unlawful assembly; Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards; r/w u/s 4 mischief causing damage to public property by fire or explosive substance PDPP Act. |
| 4 | **S.D.J.M, Bargarh** | **CT No- 89 of 2025 arising out of Bargarh Town PS Case No-38 dt 22/01/2025** | Awaiting for Final Form | U/s 126(2) 189(2) 190, 285, 61(2) B.N.S r/w U/s 4 PDPP Act.; Wrongfully restraining any person; Being member of an unlawful assembly; Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards; r/w u/s 4 mischief causing damage to public property by fire or explosive substance PDPP Act. |

**(B) Details about cases of conviction for criminal offences**

| SL No | Name of Court & date(s) of order(s) | Description of offence(s) & punishment imposed | Maximum punishment imposed |
|---|---|---|---|
| | NIL | NIL | NIL |
| | NIL | NIL | NIL |

***In the case of election to Council of State or election to Legislative Council by MLAs, mention the election concerned in place of name of constituency.**

**Sd/- Smt Snehangini Chhuria**

## ବଡ଼ ଏକାଦଶୀରେ ମନ୍ଦିରରେ ଭକ୍ତଙ୍କ ଭିଡ଼

ଗୁଡାରୀ,୨।୧୧ (ସମିସ): ହିନ୍ଦୁମାନଙ୍କର ବର୍ଷକ ବାର ମାସରୁ କାର୍ତ୍ତିକମାସକୁ ଧର୍ମ ମାସ ବୋଲି କୁହାଯାଏ ପଞ୍ଚକ ଶେଷ ପାଞ୍ଚଦିନ ଅବସରରେ ଗୁଡାରୀ ପାଇକ ସାହି ଏବଂ ବିଡି କୋଲନୀରେ ବଡ ଏକାଦୋଶୀରେ ଅଷ୍ଟପ୍ରହର ନାମ ଯଜ୍ଞ ଅନୁଷ୍ଠିତ ହୋଇଯାଇଛି। ଦୁଇଟି ସ୍ଥାନରେ ଶନିବାର ଦିନ ଅଧିବାସ ସହ କଳସୀ ସ୍ଥାପନ ମଣ୍ଡଳିକୁ ନିମନ୍ତ୍ରଣ କରାଯାଇଥିଲା। ରବିବାର ସକାଳ ୬ଟା ଠାରୁ ନାମ ସଂକୀର୍ତ୍ତନ ଆରମ୍ଭ ହୋଇଥିଲା। ମହିଳା ଏବଂ ହବିଶ୍ୟାଳି ମା ମାନେ ପବିତ୍ର ବଡ଼ ଏକାଦଶୀରେ ଶ୍ରୀ ମନ୍ଦିରରେ ଠାକୁରଙ୍କୁ ଦର୍ଶନ କରି ନିଜକୁ ଧନ୍ୟ ମନେ କରିଛୁ ବୋଲି କହିଛନ୍ତି। ଏଥସହ ପ୍ରତ୍ୟେକ ମନ୍ଦିରରେ ପ୍ରବଳ ଭିଡ଼ ଦେଖିବାକୁ ମିଳିଛି। ସୋମବାର ନଗର କିର୍ତ୍ତନ ମଙ୍ଗଳବାର ଦିନ ଅନ୍ନ ପ୍ରସାଦ ସେବନ ବ୍ୟବସ୍ଥା ରଖାଯାଇଛି ବୋଲି କମିଟି ତରଫରୁ କୁହାଯାଇଛି।

## ବଜରଙ୍ଗ ଦଳର ରକ୍ତଦାନ ଶିବିର

ରାୟଗଡ଼ା,୨।୧୧(ସମିସ): ରାୟଗଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିସରରେ ଥିବା ରକ୍ତ ଭଣ୍ଡାର ଠାରେ ହେଉଥିବା ରକ୍ତର ଆବଶ୍ୟକତାକୁ ପୁରଣ କରିବାକୁ ବଜରଙ୍ଗ ଦଳ ଆଗେଇ ଆସିଛି। ଏଥିପାଇଁ ରାୟଗଡ଼ା ବଜରଙ୍ଗ ଦଳ ପକ୍ଷରୁ ରାୟଗଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଠାରେ ଏକ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଏଥିରେ ରାୟଗଡ଼ା ବଜରଙ୍ଗ ଦଳର ଜିଲ୍ଲା ସହ ସଂଯୋଜକ ଶସ୍ୟଜ୍ୟୋତି ବେହେରା ,ନଗର ସଂଯୋଜକ ସଙ୍କର ବେହେରା,ନଗର ବଳ ଉପାସନା ପ୍ରମୁଖ ଗଣେଶ ବେହେରା, ବିଶ୍ୱହିନ୍ଦୁ ପରିଷଦ ସଭାପତି ଡ.ବାବୁ ରାଓ ମହାନ୍ତି, ବିଶ୍ୱହିନ୍ଦୁ ପରିଷଧ ଉପ ସଭାପତି ଆନନ୍ଦ ରାଓ, ସତସଙ୍ଗ ପ୍ରମୁଖ ସୁଶାନ୍ତ ପ୍ରଧାନ, ସମ୍ପାଦକ କୁନା ରମେଶ, ସହ ସମ୍ପାଦକ ଗୋପୀନାଥ ବ୍ରହ୍ମା,ପ୍ରାନ୍ତ ଉପ ସଭାପତି ପ୍ରଫୁଲ ଚନ୍ଦ୍ର ପାତ୍ର, ଦୁର୍ଗା ବହିନୀ ଜିଲ୍ଲା ସଂଯୋଜିକା ଆଶା ଭନିସିକା, ଅବଦୁଲ୍ କଲାମ ଫାଉଣ୍ଡେସନ ପ୍ରତିଷ୍ଠାତା ବୋଗିଲି ରାଜେଶ, କିରଣ କଣ୍ଡାଗିରି, ରାଜେନ୍ଦ୍ର ବେହେରା, ବିଶ୍ୱ ଭୂଷଣ ପଟନାୟକ ସହ ଅନ୍ୟ ସମସ୍ତ ସଦସ୍ୟ ସଭ୍ୟମାନେ ଉପସ୍ଥିତ ରହିଥିଲେ। ଏହି ରକ୍ତଦାନ ଶିବିରରେ ବଜରଙ୍ଗ ଦଳ ସଭ୍ୟମାନେ ସ୍ୱେଚ୍ଛାକୃତ ଭାବରେ ମୋଟ ୩୫ ୟୁନିଟ ରକ୍ତ ସଂଗ୍ରହ କରିଥିଲେ।

# ପଞ୍ଚାୟତ ୪ର୍ଥ ଶ୍ରେଣୀ କର୍ମଚାରୀଙ୍କ ଜିଲ୍ଲା ସମ୍ମିଳନୀ

ପାପଡାହାଣ୍ଡି,୨।୧୧(ସମିସ):



ଆଜି ପାପଡାହାଣ୍ଡି ପଞ୍ଚାୟତ ସମ୍ମିଳନୀ କକ୍ଷ ଠାରେ ନବରଙ୍ଗପୁର ଜିଲ୍ଲାସ୍ତରୀୟ ପଞ୍ଚାୟତ ଚତୁର୍ଥ ଶ୍ରେଣୀ କର୍ମଚାରୀଙ୍କ ଜିଲ୍ଲା ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଜିଲ୍ଲାର ସମସ୍ତ ପଞ୍ଚାୟତରୁ ଆସିଥିବା କର୍ମଚାରୀ ଏବଂ ରାଜ୍ୟସ୍ତରୀୟ ପଦାଧିକାରୀ ଅଂଶ ଗ୍ରହଣ କରି ସମସ୍ତଙ୍କ ଅସୁବିଧା ବିଷୟରେ ଜଣ ଜଣ କରି ପଚାରି ବୁଝିଥିଲେ। ଆଜିର ଏହି ମହରଗ ଦିନରେ କିପରି ସ୍ୱଳ୍ପ ଦରମାରେ କିଏ ମାସକୁ ୧୦୦୦ ରୁ ୨୦୦୦ ମଧ୍ୟରେ ଟଙ୍କା ପାଇ କିପରି ପରିବାର ଚଳାଉଛନ୍ତି ସମସ୍ତ ପଞ୍ଚାୟତରୁ ଆସିଥିବା କର୍ମଚାରୀ ସେମାନଙ୍କ ଦୁଃଖ ଏଠାରେ ପ୍ରକାଶ କରିଥିଲେ। ପୂର୍ବରୁ ରାଜ୍ୟ ସରକାରଙ୍କୁ ବିଭିନ୍ନ ସମୟରେ ସେମାନଙ୍କ ଦୁଃଖ ବିଷୟରେ ଲିଖିତ ଭାବେ ଜଣେଇଥିଲେ ମଧ୍ୟ ସରକାର କୌଣସି ପ୍ରକାର ସହଯୋଗ କରିନଥିବା ଅତି ଦୁଃଖର ସହିତ କହିଥିଲେ। ଅନେକ ବର୍ଷ ଧରି ପଞ୍ଚାୟତରେ କାମ କରିବା ପରେ ନା ଛାଡି ପାରୁଛନ୍ତି ନା ଅନ୍ୟତ୍ର କେଉଁଠି କାମକରି ପାରୁଛନ୍ତି, ଏହି ବୟସରେ ତାଙ୍କୁ କିଏ ବା କାମ ଦେବ ବୋଲି କହିଛନ୍ତି। ଆଜିର ଏହି ବୈଠକରେ ମୁଖ୍ୟ ଅତିଥି ରାଜ୍ୟ ସଂଯୋଜକ ଲକ୍ଷ୍ମୀ ନାରାୟଣ ସାହୁ, ମୁଖ୍ୟବକ୍ତା ରାଜ୍ୟ ସାଧାରଣ ସମ୍ପାଦକ ସୁବ୍ରତ କୁମାର ରାଉଳ, ସମ୍ମାନିତ ଅତିଥି ଖଗେଶ୍ୱର ଭଇଁସାଲ, ନବରଙ୍ଗପୁର ଜିଲ୍ଲା ଉପସଭାପତି ଲଛିମଧର ମାଝୀ, ସମ୍ପାଦକ ସୁବାସ ହରିଜନ, କୋଷାଧକ୍ଷ ଜୟଦାସ ପନକା, ନବରଙ୍ଗପୁରରୁ ହରି ଭତରା, ପାପଡାହାଣ୍ଡିରୁ ଈଶ୍ୱର ମାଝୀ, କୋଷାଗୁମଡ଼ାରୁ ଶାଗୁଣା ଭତରା, ଡାବୁଗାଁରୁ ଧନ ରନ୍ଧାରୀ, ଉମରକୋଟରୁ ଧରମଦାସ କୋଲାର, ଝରୀଗାଁରୁ ଜୟଦାସ ପନକା, ତେନ୍ତୁଳୀଖୁଣ୍ଟିରୁ ରମେଶ ଚୌଧୁରୀଙ୍କ ସମେତ ଜିଲ୍ଲାର ସମସ୍ତ ୧୮୯ ପଞ୍ଚାୟତରୁ ଚତୁର୍ଥ ଶ୍ରେଣୀ କର୍ମଚାରୀ ଯୋଗ ଦେଇ ଗଣମାଧ୍ୟମ ଉପରେ ଭରସା କରି ଖବର ପ୍ରସାରଣ କରିବାକୁ ଅନୁରୋଧ କରିଛନ୍ତି।

## ଶିକ୍ଷକଙ୍କୁ ସମ୍ବର୍ଦ୍ଧନା ଦେଲେ ଶିଷ୍ୟ



ମାଥିଲି,୨।୧୧(ସମିସ): ଶିକ୍ଷକ ପ୍ରତାପ ଚନ୍ଦ୍ର ରାୟ ମାଲକାନଗିରି ଜିଲ୍ଲା ମଙ୍ଗଳ ବିଭାଗ ଅଧିନରେ ପ୍ରଧାନଶିକ୍ଷକ ଭାବେ କାର୍ଯ୍ୟ କରିଥିବାବେଳେ ତାଙ୍କ ପାଖରେ ଶିକ୍ଷାଲାଭ କରିଥିବା ପ୍ରାୟ ଆଠଶହରୁ ଊର୍ଦ୍ଧ୍ୱ ଶିଷ୍ୟ ବର୍ତ୍ତମାନ ବିଭିନ୍ନ ପଦପଦବୀରେ ଅବସ୍ଥାପିତ।ଶୁକ୍ରବାର ତାଙ୍କ ଚାକିରି ଜୀବନର ଶେଷ ଦିବସ ଥିବା ବେଳେ ଏହି ଖବର ପାଇ ବିଭିନ୍ନ ସ୍ଥାନରେ ଥିବା ତାଙ୍କ ଶିଷ୍ୟ ଆସି ପହଞ୍ଚିଥିଲେ ପାଙ୍ଗାମ ହାଇସ୍କୁଲରେ। ଚାକିରି ଜୀବନ ଶେଷ ହେବା ପରେ ଶିକ୍ଷକ ଶ୍ରୀ ରାୟଙ୍କୁ ସୁସଜ୍ଜିତ ତୋରଣ, ଝୋଟି, ବାଣ ସହ ଫୁଲରେ ସୁସଜ୍ଜିତ ଗାଡି ସହିତ ବାଜା ତାଳେ ତାଳେ ଦୁରୁଆ ସଂପ୍ରଦାୟର ନିଆରା ନୃତ୍ୟ କରିଥିଲେ ତାଙ୍କ ଶିଷ୍ୟମାନେ। ଯାହା ଏକ ବାହାଘର ପଟୁଆରର ଭ୍ରମ ସୃଷ୍ଟି କରିଥିଲା ପାଙ୍ଗାମ ଗ୍ରାମରେ। ସଭା ଆୟୋଜନ କରାଯାଇ ବିଦାୟକାଳୀନ ସମ୍ବର୍ଦ୍ଧନା ଦିଆଯାଇଥିଲା। ମାଲକାନଗିରି ଜିଲ୍ଲା ମାଥିଲି ବ୍ଲକ୍ ପାଙ୍ଗାମ ଏହି ଘଟଣା ଚର୍ଚ୍ଚାର ବିଷୟ ହୋଇଛି।

# ଉପ-ନିବନ୍ଧକ କାର୍ଯ୍ୟାଳୟ ଉଦ୍‌ଘାଟିତ

ରାମନାଗୁଡ଼ା,୨।୧୧(ସମିସ):



ରାୟଗଡ଼ା ଜିଲ୍ଲା ରାମନାଗୁଡ଼ା ତହସିଲରେ ଉପ ନିବନ୍ଧନ କାର୍ଯ୍ୟାଳୟର ଉଦ୍‌ଘାଟନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଏ ନେଇ ଓଡିଶା ସରକାରଙ୍କ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ଅକ୍ଟୋବର ମାସ ୨୩ ତାରିଖ ଦିନ ଚିଠି କରିଥିଲେ। ଚଳିତ ମାସ ୧ ତାରିଖରୁ ଜମି କିଣାବିକାର ସମସ୍ତ କାଗଜପତ୍ର ପଞ୍ଜିକୃତ ହେବ ବୋଲି ତହସିଲ କାର୍ଯ୍ୟାଳୟ ତରଫରୁ ସୂଚନା ମିଳିଛି। ଶନିବାର ଦିନ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଅଭାସୀ ମାଧ୍ୟମରେ ଉଦଘାଟନ କରିଥିଲେ। ରାୟଗଡ଼ା ଜିଲ୍ଲା ରାମନାଗୁଡ଼ା ତହସିଲ କାର୍ଯ୍ୟାଳୟରେ ସତନ୍ତ୍ର ପ୍ରକୋଷ୍ଠ ଖୋଲି ଲୋକଙ୍କୁ ସେବା ଯୋଗାଇବା ନିମନ୍ତେ ତହସିଲ କାର୍ଯ୍ୟାଳୟ ପକ୍ଷରୁ ସମସ୍ତ ବ୍ୟବସ୍ଥା ପ୍ରସ୍ତୁତ ହେଉଥିବା ଜଣାପଡିଛି। ଆଗକୁ ଧୀରେ ଧୀରେ ପଞ୍ଜିକରଣ ପାଇଁ ସ୍ୱତନ୍ତ୍ର କାର୍ଯ୍ୟାଳୟ କରାଯିବ ବୋଲି ଜଣାପଡିଛି। ଏହା ପୂର୍ବରୁ ଜମିଜମା ପଞ୍ଜିକରଣ କାର୍ଯ୍ୟ ପାଇଁ ୨୫ କିଲୋମିଟର ଦୂର ଗୁଣୁପୁର ଉପଖଣ୍ଡ ଉପ ନିବନ୍ଧନ କାର୍ଯ୍ୟାଳୟକୁ ଦୌଡ଼ିବାକୁ ପଡୁଥିଲା। ରାମନାଗୁଡ଼ା ବ୍ଲକ୍‌ରେ ଉପ ନିବନ୍ଧନ ଶୁଭ ଉଦ୍‌ଘାଟନ କାର୍ଯ୍ୟକ୍ରମରେ ଗୁଣପୁର ଉପ ଜିଲ୍ଲାପାଳ ଦୁଧାଲ ଅଭିଷେକ ଦିଲୀପ, ଗୋଷ୍ଠୀ ଉନ୍ନୟନ ଅଧିକାରୀ ପ୍ରଦ୍ୟୁମ୍ନ ମଣ୍ଡଳ, ତହସିଲଦାର ପ୍ରାଣକୃଷ୍ଣ ପାଣିଗ୍ରାହୀ,ଆଇନଜୀବୀ ସରୋଜ କୁମାର ଦାଶ, ବ୍ଲକ ଉପାଧ୍ୟକ୍ଷା ଜାନକୀ ନିମାଲା, ଗୋଗୁପାଡୁ ସରପଞ୍ଚ ଶୋଭାବତୀ ମାଣ୍ଡାଙ୍ଗି, ଶୁଣ୍ଡିଧାମୁଣି ସମିତି ସଭ୍ୟ କମଳ ମୁଟିକା,ଗୁଲୁମୁଣ୍ଡା ସମିତି ସଭ୍ୟ ସୁରେନ୍ଦ୍ର ମାଣ୍ଡାଙ୍ଗୀ, ପେଣ୍‌କାମ ସମିତି ସଭ୍ୟ ଖମ୍ରେୟା ମାଣ୍ଡାଙ୍ଗୀଙ୍କ ସହ ବ୍ଲକ୍ ଏବଂ ତହସିଲ କାର୍ଯ୍ୟାଳୟର ସମସ୍ତ କର୍ମଚାରୀ ଉପସ୍ଥିତ ଥିଲେ। ରାଜ୍ୟ ସରକାର ଏହି ସୁବିଧା ନିଜ ବ୍ଲକରେ ଯୋଗାଇ ଦେଇଥିବାରୁ ରାମନାଗୁଡ଼ା ବ୍ଲକର ଲୋକେ ଖୁସି ପ୍ରକଟ କରିଛନ୍ତି। ଜମି ଜମା ପଞ୍ଜିକରଣ ବ୍ୟବସ୍ଥା ସପ୍ତାହରେ ମଙ୍ଗଳବାର ଏବଂ ଶୁକ୍ରବାର ଦିନ କରାଯିବ ବୋଲି ତହସିଲଦାର ପ୍ରାଣକୃଷ୍ଣ ପାଣିଗ୍ରାହୀ କହିଛନ୍ତି।

# ବ୍ଲକ୍‌ସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି'

ଚିତ୍ରକୋଣ୍ଡା,୨।୧୧(ସମିସ):



ମାଲକାନଗିରି ଜିଲ୍ଲା ଚିତ୍ରକୋଣ୍ଡା ବ୍ଲକ୍‌ର ବଡପଦରଠାରେ ବ୍ଲକ୍‌ସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି' ଅନୁଷ୍ଠିତ ହୋଇଯାଇଛି। ବଡ଼ପଦର ଉନ୍ନୀତ ଉଚ୍ଚ ବିଦ୍ୟାଳୟଠାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ପଞ୍ଚାୟତସ୍ତରରେ ଚୟନ ହୋଇ ଆସିଥିବା କୃତୀ ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା କରାଯାଇଥିଲା। କୃତି ଛାତ୍ରଛାତ୍ରୀଙ୍କୁ ଉଦ୍‌ଯାପନୀ ସଭାରେ ଅତିଥିମାନଙ୍କ ଦ୍ୱାରା ପୁରସ୍କାର ବିତରଣ କରାଯାଇଥିଲା। ସଭାପତି ଭାବେ ଗାୟତ୍ରୀ ଦେବୀ ବିଇଓ ଚିତ୍ରକୋଣ୍ଡା, ମୁଖ୍ୟଅତିଥି ଭାବେ ମାଲକାନଗିରି ଏଡିଏମ୍ ସୋମନାଥ ପ୍ରଧାନ, ମୁଖ୍ୟବକ୍ତା ଭାବେ ଦରଲାବେଡା ଏଚଏସଏସ ଅଧ୍ୟାପକ ଦିଲ୍ଲୀପ କୁମାର ଓଝା, ସମ୍ମାନିତ ଅତିଥି ଭାବେ ବସନ୍ତ ରଣା, ପ୍ରଫୁଲ ତ୍ରିପାଠୀ, ସ୍ୱପ୍ନା ଖିଲ, କିତୀଶ କୁମାର ସରକାର, ହେମନ୍ତ କୁମାର ନାୟକ, କୃପାସିନ୍ଧୁ ଅମ୍ବାଗୁଡିଆ, ଜ୍ୟୋତିରଞ୍ଜନ ଗୁଡ଼ିଆ, ସବିତା ତ୍ରିପାଠୀ ଯୋଗଦେଇଥିଲେ। ଏହି କାର୍ଯ୍ୟକ୍ରମରେ ବ୍ଲକ୍‌ର ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀ, ଶିକ୍ଷକଶିକ୍ଷୟିତ୍ରୀ, ଅଭିଭାବକ ଯୋଗଦେଇ ସହଯୋଗ କରିଥିଲେ। ନୀଳାଦ୍ରି କୁମାର ରାଉତ ସାମନ୍ତ, ଲିଳିତ କୁମାର ବେହେରା ଓ ଗଙ୍ଗାଧର ଖରା ମଞ୍ଚ ପରିଚାଳନା କରିଥିଲେ।

# ଜିଲ୍ଲାସ୍ତରୀୟ ବନ୍ଦନା କାର୍ଯ୍ୟଶାଳା



ରାୟଗଡ଼ା, ୨।୧୧(ସମିସ): ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର, ଗାୟତ୍ରୀ ନଗର, ରାୟଗଡ଼ା ଠାରେ ଜିଲ୍ଲା ସ୍ତରୀୟ ବନ୍ଦନା କାର୍ଯ୍ୟଶାଳା ଅନୁଷ୍ଠିତ ହୋଇଥିଲା। କାର୍ଯକ୍ରମରେ ଶ୍ୟାମ କୁମାର ଦାସ ମୁଖ୍ୟ ଅତିଥି ରୂପେ ଯୋଗ ଦେଇଥିଲେ। ଏଥି ସହିତ ପ୍ରାନ୍ତ ସଙ୍ଗୀତ ଶିକ୍ଷା ସଂଯୋଜକ ଜିତେନ୍ଦ୍ର କୁମାର ପଣ୍ଡା, କୋରାପୁଟ ବିଭାଗ ସହ ବିଭାଗ ନିରୀକ୍ଷକ ବିଷ୍ଣୁ ଚରଣ ଦାସ, ଭବାନୀପାଟଣା ସଂକୁଳ ପ୍ରମୁଖ ଜନାର୍ଦ୍ଦନ ବାଘ, ବିଦ୍ୟାଳୟ ପରିଚାଳନା ସମିତିର ସଭାପତି ମାଙ୍ଗିଲାଲ ଜୈନ ଓ ବିଦ୍ୟାଳୟର ପ୍ରଧାନ ଆଚାର୍ଯ୍ୟ ମନୋରଞ୍ଜନ ଦାସ ମଞ୍ଚାସୀନ ଅତିଥି ରୂପେ ଯୋଗ ଦେଇଥିଲେ। ଏଥି ସହିତ ରାୟଗଡ଼ା ଜିଲ୍ଲାର ବିଭିନ୍ନ ଶିଶୁ ମନ୍ଦିରରୁ ୨୪ ଜଣ ଗୁରୁମା ଓ ୬୨ ଜଣ ଶିଶୁ ଉପସ୍ଥିତ ଥିଲେ। ଶେଷରେ ବିଦ୍ୟାଳୟର ବରିଷ୍ଠ ଆଚାର୍ଯ୍ୟା ଭାରତୀ ପାତ୍ର ଧନ୍ୟବାଦ ପ୍ରଦାନ କରିଥିଲେ।

# ଶିକ୍ଷକଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା ଉତ୍ସବ



ରାୟଗଡା,୨।୧୧(ସମିସ): ରାୟଗଡ଼ା ସହରର ସ୍ଥାନୀୟ ଆରଏସଇଡ଼ବ୍ଲ୍ୟୁସି ପ୍ରାଥମିକ ବିଦ୍ୟାଳୟ ପରିସରରେ ଅବସରପ୍ରାପ୍ତ ଶିକ୍ଷକଙ୍କ ସମ୍ବର୍ଦ୍ଧନା ସଭା ଆଜି ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ଭଜନ ଲାଲ ମାଝୀ, ମୁଖ୍ୟ ବକ୍ତା ଭାବେ ଶଶୀଭୂଷଣ ପଟ୍ଟନାୟକ, ସମ୍ମାନୀତ ଅତିଥି ଭାବେ ଅବସରକାଳୀନ ଗୋଷ୍ଠୀ ଶିକ୍ଷାଧିକାରୀ ଭି ଭି ଭାସ୍କର ରାଓ, ପ୍ରଧାନ ଶିକ୍ଷୟିତ୍ରୀ ସନ୍ଧ୍ୟାରାଣୀ ମିଶ୍ର ଓ ଆୟୋଜକ ଇଶ୍?ର ଟିମିଟି ପ୍ରମୁଖ ମଞ୍ଚାସୀନ ଥିଲେ। ଶିକ୍ଷକତା ଏକ ପବିତ୍ର ବୃତ୍ତି। ମଣିଷ ତିଆରି କାରଖାନାର କୌଶଳୀ ବିନ୍ଧାଣୀ। ଶିକ୍ଷା କ୍ଷେତ୍ରରେ ଗଠନମୂଳକ ପରିବର୍ତ୍ତନ ନିମନ୍ତେ ସମସ୍ତ ଶିକ୍ଷକଙ୍କୁ କର୍ତ୍ତବ୍ୟନିଷ୍ଠ ହେବାସହ ସମାଜରେ ଏକ ଉଦାହରଣ ସୃଷ୍ଟି କରିବାକୁ ଅତିଥିବୃନ୍ଦ ଉତ୍ସାହିତ କରିଥିଲେ। ଏହି ଅବସରରେ ଛୟାଳିଶି ଜଣ ଅବସରପ୍ରାପ୍ତ ଶିକ୍ଷକଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା କାର୍ଯ୍ୟକ୍ରମକୁ ସସ୍ମିତା ମିଶ୍ର ସଂଯୋଜନାକରିଥିଲେ। ପ୍ରକାଶ ଥାଉକି ପ୍ରତିବର୍ଷ ଏଭଳି କାର୍ଯ୍ୟକ୍ରମ ଆୟୋଜନ କରି ଶିକ୍ଷକ ଈଶ୍ୱର ଟିମିଟି ଅନେକ ପ୍ରଶଂଶା ସାଉଁଟିଛନ୍ତି।

# ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା

ମୁନିଗୁଡ଼ା,୨।୧୧(ସମିସ): ରାୟଗଡ଼ା ଜିଲ୍ଲା ଜିଲ୍ଲା ମୁନିଗୁଡ଼ା ସ୍ନାତକ କଲେଜ ପଡ଼ିଆରେ ବ୍ଲକ ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା ୨୦୨୫ ଅନୁଷ୍ଠିତ ହୋଇଯାଇଛି। ମୁନିଗୁଡ଼ା ଗୋଷ୍ଠୀ



ଉନ୍ନୟନ ଅଧିକାରୀ କୃଷ୍ଣଚନ୍ଦ୍ର ଦଳପତିଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମର ଉଦ୍‌ଘାଟନୀ ଉତ୍ସବରେ ମୁଖ୍ୟ ଅତିଥିଭାବେ ମୁନିଗୁଡ଼ା ବ୍ଲକ ଅଧ୍ୟକ୍ଷା ଦୁଃଖିନୀ ନୁଣ୍ଡରୁକା ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଜିଲ୍ଲା ମତ୍ସ୍ୟ ଅଧିକାରୀ ସୁଶାନ୍ତ କୁମାର ଗୌଡ, ଗୋଷ୍ଠୀ ପ୍ରାଣୀ ସମ୍ପଦ ଅଧିକାରୀ ଶଙ୍କର ହିଆଲ, କୃଷି ଜିଲ୍ଲା ଅଧିକାରୀ ମୁନିଗୁଡ଼ା ପ୍ରକାଶ କୁମାର, ସହକାରୀ ମତ୍ସ୍ୟ ଅଧିକାରୀ ମୁନିଗୁଡ଼ା ବିଭୁ ଭୂଷଣ ଜେନା, ମୁନିଗୁଡ଼ା ଖ ଯୋନ ଜିଲ୍ଲା ପରିଷଦ ସଭ୍ୟା ମାଧବୀ କନ୍ଧାପାଣି ପ୍ରମୁଖ ଯୋଗ ଦେଇଥିଲେ। ମୁଖ୍ୟବକ୍ତା ଭାବେ ଯୁଗ୍ମ ନିର୍ଦ୍ଦେଶକ ଓଡିଶା ଜୈବିକ ଉତ୍ପାଦ ପ୍ରତିଷ୍ଠାନ ଭୁବନେଶ୍ୱର ନୋଡାଲ ଅଧିକାରୀ ସୁନୀଲ କୁମାର ପ୍ରଧାନ ଯୋଗ ଦେଇଥିଲେ। ମେଳାରେ ମତ୍ସ୍ୟ, ପାଣିସମ୍ପଦ ବିଭାଗ ସହ ଅନ୍ୟାନ୍ୟ ବିଭାଗୀୟ କାର୍ଯ୍ୟକ୍ରମର ୧୨ ଗୋଟି ପ୍ରଦର୍ଶନୀ ଷ୍ଟଲ୍ ପ୍ରଦର୍ଶନ ହୋଇଥିଲା। ସଫଳ ମତ୍ସ୍ୟ ଓ ପ୍ରାଣୀ ଚାଷୀ କନ୍ଧଗୋଡିଗୁଡ଼ାର ଇ. ବୀରଭଦ୍ର ରାଓ, ଲିଟିଗୁଡ଼ାର ସବିତା ସ୍ୱାଇଁ , ଜଗଦଲପୁର ବରଗାଁର ସାଧୁ ପୁଟେଲ, ରାଣୀପିଣ୍ଡା କୁଟୁରୁପାଲିର ଭକ୍ତ ରଞ୍ଜନ ସନିଗ୍ରାହି, ଇଚ୍ଛାପୁର କାସେରି ଗାଁର ନିଲାବତି ଗୌଡ, ଖଜୁରୀପଦର ଗାଁର ମୁଗୁରି କୀଲାକା, ବିରିପୁଡ଼ା ଗ୍ରାମ ମା' କଲାଶୁଣି ସ୍ୱୟଂ ସହାୟକ ଗୋଷ୍ଠୀ ଓ ସରଧପୁର ମା' ବିମଳା ସ୍ୱୟଂ ସହାୟକ ଗୋଷ୍ଠୀର ମହିଳା ମାନଙ୍କୁ ଏକ ହଜାର ଟଙ୍କା ମାନପତ୍ର ସହ ଉପଢୌକନ ଦେଇ ଅତିଥି ବୃନ୍ଦ ସମ୍ବର୍ଦ୍ଧିତ କରିଥିଲେ। ସହକାରୀ ବୈଷୟିକ କୃଷି ବିଭାଗ ମୁନିଗୁଡ଼ା ଉତ୍ତମ କୁମାର ଦାସ କାର୍ଯ୍ୟକ୍ରମର ସଂଯୋଜନା କରିଥିବା ବେଳେ ଅତିରିକ୍ତ ପ୍ରାଣୀ ଚିକିତ୍ସା ଅଧିକାରୀ ବିପ୍ର କର ଧନ୍ୟବାଦ ଅର୍ପଣ କରିଥିଲେ।

## ଗୃହ ନିର୍ମାଣ ପାଇଁ ବିଡିଓଙ୍କ ସଚେତନତା

ଅମ୍ବାଦଳା ୨।୧୧(ସମିସ) ଆବାସ ଗୃହ ପାଇଥିବା ହିତାଧିକାରୀଙ୍କ ନିକଟକୁ ଯାଇ ଘର ଘର ବୁଲି ସଚେତନ କରୁଛି ମୁନିଗୁଡ଼ା ବ୍ଲକ ପ୍ରଶାସନ। ସରକାର ଙ୍କ ତରଫରୁ ଆବାସ ଯୋଜନା ମାଧ୍ୟମରେ ଘରଟିଏ ପାଇବା ପାଇଁ ହିତାଧୀକାରୀ ଯୋଜନାରେ ସାମିଲ ହେବା ପରେ ମୁନିଗୁଡ଼ା ବ୍ଲକର ଅଧିକାଂଶ ଗ୍ରାମରେ ବିଷମ ପରିସ୍ଥିତି ଦେଖାଦେଇଛି। ୱାର୍କ ଅର୍ଡର ସହ ପ୍ରଥମ କିସ୍ତିର ଟଙ୍କା ଡିବିଟି ମାଧ୍ୟମରେ ପ୍ରାପ୍ତ ହେବା ପରେ ହିତାଧିକାରୀ ମାନେ ଘର ନିର୍ମାଣ କରୁନଥିବା ଦେଖିବାକୁ ମିଳିଛି। ମୁନିଗୁଡ଼ା ବିଡ଼ିଓ କୃଷ୍ଣଚନ୍ଦ୍ର ଦଳପତି ଘର ଘର ବୁଲି ହିତାଧୀକାରୀ ମାନଙ୍କୁ ସଚେତନ କରାଇବା ସହ ଯଥା ଶୀଘ୍ର ଗୃହ ନିର୍ମାଣ ପାଇଁ ନିର୍ଦ୍ଦେଶ ଦେଇଥିବା ଦେଖିବାକୁ ମିଳିଛି। ଘର ନିର୍ମାଣ କାମ ସମ୍ପୂର୍ଣ କରିବା, ଧାର୍ଯ୍ୟ ସମୟ ମଧ୍ୟରେ ଘର କାମ ସମ୍ପୂର୍ଣ କରିବା ଲାଗି ହିତାଧିକାରୀଙ୍କୁ ଉତ୍ସାହିତ କରିବା ନିମନ୍ତେ ସରକାର ଅନୁକମ୍ପା ମୂଳକ ରାଶି ମଧ୍ୟ ଘୋଷଣା କରିଛନ୍ତି ହେଲେ ମଧ୍ୟ ହିତାଧିକାରୀଙ୍କ ପକ୍ଷେ ଉତ୍ସାହ କମ୍‌ଥିବା ପ୍ରଶାସନ ପାଇଁ ମୁଣ୍ଡ ବ୍ୟଥାର କାରଣ ହୋଇଛି। ନିଜ ବ୍ଲକର ହିତାଧିକାରୀଙ୍କୁ ସଚେତନ କରିବା ପାଇଁ ଗୋଷ୍ଠୀ ଉନ୍ନୟନ ଅଧିକାରୀ କୃଷ୍ଣଚନ୍ଦ୍ର ଦଳପତି , ପଞ୍ଚାୟତ ନିର୍ବାହୀ ଅଧିକାରୀ ମାଧବ ମହାନନ୍ଦିଆ ଓ ବ୍ଲକର ଅନ୍ୟ କର୍ମଚାରୀ ଶୁକ୍ରବାର ଦିନ ମୁନିଗୁଡ଼ା ବ୍ଲକର ଡିମିରିଗୁଡ଼ା ପଞ୍ଚାୟତଠାରେ ପିଏମଏୱାଇ ଯୋଜନାରେ ସାମିଲ ଥିବା ହିତାଧିକାରୀଙ୍କ ସହ ଆଲୋଚନା କରିବା ସହ ଅସମ୍ପୂର୍ଣ୍ଣ ଥିବା ଘର ଗୁଡ଼ିକୁ ସଂପୂର୍ଣ୍ଣ କରିବା ପାଇଁ ଘରକୁ ଘର ଯାଇ ହିତାଧିକାରୀ ତଥା ଗ୍ରାମବାସୀଙ୍କ ଠାରୁ ଘର କାହିଁକି ଅସୁପୁର୍ଣ ରହିଲା, କେଉଁଠାରେ ସମସ୍ୟା ରହିଛି, ସେ ସମସ୍ତ ଦିଗ ପ୍ରତି ଆଲୋଚନା କରିଥିବା ବେଳେ ଗୃହ କାମ ଶୀଘ୍ର ସମ୍ପୂର୍ଣ କରିବା ନେଇ ହିତାଧିକାରୀଙ୍କୁ ଅନୁରୋଧ ମଧ୍ୟ କରିଥିଲେ। ଚଳିତ ମାସ ଶେଷ ସୁଦ୍ଧା ଯେଉଁ ହିତାଧୀକାରୀ ମାନେ ଆବାସ ଯୋଜନାରେ ପାଇଥିବା ଗୃହନିର୍ମାଣ ନକରିବେ ସେମାନଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ମୁନିଗୁଡ଼ା ବିଡ଼ିଓ ସୂଚନା ଦେଇଛନ୍ତି।

## ରେଳ ପ୍ରବନ୍ଧକଙ୍କୁ ଅମ୍ବାଦଳା ନାଗରିକ ମଞ୍ଚର ଦାବିପତ୍ର

ଅମ୍ବାଦଳା,୧।୧୧(ସମିସ): ଆଜି ସମ୍ବଲପୁର ମଣ୍ଡଳ ରେଳ ପ୍ରବନ୍ଧକ ସୁବାଷ ଚନ୍ଦ୍ର ଚୌଧୁରୀ କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ ବେଦାନ୍ତ ଗସ୍ତରେ ଯାଉଥିବା ବେଳେ ଅମ୍ବାଦଳା ନାଗରିକ ମଞ୍ଚ ପକ୍ଷରୁ ଏକ ଦାବିପତ୍ର ପ୍ରଦାନ କରାଯାଇଛି। ଅମ୍ବାଦଳା ରେଳ ଷ୍ଟେସନରେ ଦୀର୍ଘଦିନ ଧରି ଅବ୍ୟବସ୍ଥା ଲାଗିରହିଥିବା ବେଳେ ଟ୧୨୮୪୩/୧୨୮୪୪ ପୁରୀ-ଆଡି ଏକ୍ସପ୍ରେସ୍ / ଆଡି-ପୁରୀ ଏକ୍ସପ୍ରେସ୍ ,୧୮୧୦୭/୧୮୧୦୮, ରାଉରକେଲା ଇଣ୍ଟରସିଟି ଏକ୍ସପ୍ରେସର ଟ୍ରେନର ରହଣି। ଦୁଇ ଓ ତିନି ନମ୍ବର ପ୍ଲାଟ୍‌ର୍ ଫର୍ମ ବୈଷୟିକ ଭାବରେ ଯାତ୍ରୀମାନଙ୍କ ପାଇଁ ଉପଯୁକ୍ତ ହେଉ ନଥିବାରୁ ଯାତ୍ରୀବାହୀ ଟ୍ରେନ ଗୁଡ଼ିକୁ ୧ ନମ୍ବର ଓ ୪ ନମ୍ବର ପ୍ଲାଟଫର୍ମକୁ ବ୍ୟବହାର କରିବା ସହ ପ୍ଲାଟଫର୍ମ ୧ ରୁ ୪କୁ ସଂଯୋଗ ପାଇଁ କମ୍ ଉଚ୍ଚତା ବିଶିଷ୍ଟ ଉପପଥ ନିର୍ମାଣ, ପ୍ରତ୍ୟେକ ପ୍ଲାଟଫର୍ମରେ ଲିଫ୍ଟ ସୁବିଧା ସହ ଯାତ୍ରୀ ମାନଙ୍କ ସୁବିଧା ନିମନ୍ତେ ଡିସ୍ପ୍ଲେ ବ୍ୟବସ୍ଥା, ପ୍ଲାଟଫର୍ମ ୧ରୁ ୪ ପର୍ଯ୍ୟନ୍ତ ଭୂତଳ ରାସ୍ତା ଦେଇ ରାସ୍ତା ସଂଯୋଗୀକରଣ। ପ୍ଲାଟଫର୍ମରେ ଉପଯୁକ୍ତ ଆଲୋକୀକରଣ, ଶୌଚାଳୟ, ପାନୀୟ ଜଳ ଏବଂ ଅପେକ୍ଷା ହଲ୍ ସୁବିଧା। ଉଭୟ ଭୂତଳ ସେତୁରେ ଆଲୋକୀକରଣ ସୁବିଧା ବିଷୟରେ ଦାବିପତ୍ର ପ୍ରଦାନ କରିବା ସହ ଆଲୋଚନା କରିଥିଲେ। ଏହି ଦାବିପତ୍ର ପ୍ରଦାନ ଅବସରରେ ଅମ୍ବାଦଳା ନାଗରିକ ମଞ୍ଚ ପକ୍ଷରୁ ଏ. ଜଗନ୍ନାଥ ପ୍ରାସାଦ, ତ୍ରିନାଥ ପାତ୍ର, ସନ୍ତୋଷ ପାତ୍ର, ଦେବୀ ପ୍ରାସାଦ ମୁଖାର୍ଜୀ, ଆଶୀଷ ବଂସଲ୍, ବିଦ୍ୟାଧର ସାହୁ, ରବି ଦଳେଇ, ମୁକୁନ୍ଦ ତ୍ରିପାଠୀ, ସିକନ୍ଦର କୋଟା ଧର୍ମରାଜ୍ ପାତ୍ର କାର୍ତ୍ତିକ କୁଶୁଲିଆ ପ୍ରମୁଖଙ୍କ ସହ କଳାହାଣ୍ଡି, କନ୍ଧମାଳ ଅଞ୍ଚଳରେ ବହୁ ଲୋକ ଉପସ୍ଥିତ ରହିଥିଲେ।



# ଶିଶୁଙ୍କ ଆଇନଗତ ଅଧିକାର ନେଇ ଆଲୋଚନା



ରାୟଗଡ଼ା,୨।୧୧(ସମିସ): ରାୟଗଡ଼ା ଜିଲ୍ଲା ଆଇନ୍ ସେବା ପ୍ରାଧିକରଣର ଅଧ୍ୟକ୍ଷ ତଥା ଜିଲ୍ଲା ଦୌରା ଜଜ୍ ସତ୍ୟନାରାୟଣ ଷଡଙ୍ଗୀଙ୍କ ପରାମର୍ଶ କ୍ରମେ ଜିଲ୍ଲା ଆଇନ୍ ସେବା ପ୍ରାଧିକରଣ ଆନୁକୁଲ୍ୟରେ ଆଜି ଜିଲ୍ଲା ଆଇନ୍ ସେବା ପ୍ରାଧିକରଣର ସଚିବ ସୁବ୍ରତ ଆଚାର୍ଯ୍ୟଙ୍କ ଅଧ୍ୟକ୍ଷତାରେ ସ୍ଥାନୀୟ ସରକାରୀ ଉନ୍ନିତ ଉଚ୍ଚ ବିଦ୍ୟାଳୟ, ଗୁମ୍ମା ପରିସରରେ ଏକ ଆଇନ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଅତିଥି ମାନଙ୍କ ମଧ୍ୟରେ ରାୟଗଡ଼ା ବାର ଆସୋସିଏସନର ଆଇନଜୀବୀ ବିଶ୍ୱନାଥ ଗନ୍ତାୟତ, ସରକାରୀ ଉନ୍ନିତ ଉଚ୍ଚ ବିଦ୍ୟାଳୟ, ଗୁମ୍ମା ସ୍କୁଲର ଅଧ୍ୟକ୍ଷ ତଥା ପ୍ରଧାନ ଶିକ୍ଷୟିତ୍ରୀ ଓ ଅନ୍ୟ ଶିକ୍ଷକ, ଶିକ୍ଷୟିତ୍ରୀ ପ୍ରମୁଖ ମଞ୍ଚାସୀନ ଥିଲେ। ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଚିବ ଶ୍ରୀ ଆଚାର୍ଯ୍ୟ ଶିଶୁମାନଙ୍କ ଆଇନଗତ ଅଧିକାର ଉପରେ କହିଥିଲେ। ରାୟଗଡା ବାର ଆସୋସିଏସନର ଆଇନଜୀବୀ ବିଶ୍ୱନାଥ ଗନ୍ତାୟତ ବିଭିନ୍ନ ଅସୁବିଧା ସମୟରେ ଜିଲ୍ଲା ଆଇନ୍ ସେବା ପ୍ରାଧିକରଣର ଦ୍ୱାରସ୍ଥ ହେବା ପାଇଁ ସମସ୍ତ ଛାତ୍ରଛାତ୍ରୀଙ୍କୁ ବୁଝାଇଥିଲେ। କାର୍ଯ୍ୟକ୍ରମ ଶେଷରେ ଏକ ଖୋଲା ଆଲୋଚନାରେ ଉପସ୍ଥିତ ଅତିଥିମାନେ ଛାତ୍ର ଛାତ୍ରୀ ମାନଙ୍କର ବିଭିନ୍ନ ପ୍ରଶ୍ନର ଉତ୍ତର ରଖିଥିଲେ । ସରକାରୀ ଉନ୍ନିତ ଉଚ୍ଚ ବିଦ୍ୟାଳୟ, ଗୁମ୍ମା ସ୍କୁଲର ଛାତ୍ର ଛାତ୍ରୀ ଓ ଅତିଥି ମାନଙ୍କର ଉପସ୍ଥିତି ଏବଂ ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଚିବ ଶ୍ରୀ ଆଚାର୍ଯ୍ୟଙ୍କର ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ସଚେତନତା କାର୍ଯ୍ୟକ୍ରମଟି ସଫଳତାର ସହିତ ଶେଷ ହୋଇଛି।

# କୋରାପୁଟ କେନ୍ଦ୍ର ସମବାୟ ବ୍ୟାଙ୍କର ବାର୍ଷିକ ସାଧାରଣ ସଭା

ରାୟଗଡ଼ା,୨।୧୧(ସମିସ):




ରାୟଗଡ଼ାରେ ପ୍ରଥମ ଥର ପାଇଁ କୋରାପୁଟ କେନ୍ଦ୍ର ସମବାୟ ବ୍ୟାଙ୍କ ଲି. ୭୫ତମ ବାର୍ଷିକ ସାଧାରଣ ସଭା ସ୍ଥାନୀୟ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷ ଠାରେ ଆୟୋଜିତ ହୋଇଯାଇଛି। ଏହି ସଭାରେ ବ୍ୟାଙ୍କର ସଭାପତି ଇଂ. ଈଶ୍ୱର ଚନ୍ଦ୍ର ପାଣିଗ୍ରାହୀ ସଭାପତିତ୍ୱ କରି ବ୍ୟାଙ୍କ ଦ୍ୱାରା ଗ୍ରହଣ କରାଯାଇଥିବା ବିଭିନ୍ନ କାର୍ଯ୍ୟକ୍ରମ ଉପରେ ଆଲୋକପାତ କରିଥିଲେ। ବ୍ୟାଙ୍କର ସଂପାଦକ ଅତୁଲ୍ୟ କୁମାର ମଲ୍ଲିକ ନିର୍ଦ୍ଧାରିତ କାର୍ଯ୍ୟକ୍ରମ ଅନୁସାରେ ବାର୍ଷିକ ସାଧାରଣ ସଭାକୁ ପରିଚାଳନା କରିଥିଲେ। ବ୍ୟାଙ୍କର ଏଜିଏମ ହରିଶ୍ଚନ୍ଦ୍ର ବନାଗାଡି ସଭାର ଆଲୋଚିତ ବିଷୟବସ୍ତୁ ଗୁଡିକୁ ଉପସ୍ଥିତ ଅଂଶୀଦାର ମାନଙ୍କ ଅବଗତି ନିମନ୍ତେ ଉପସ୍ଥାପନା କରିଥିଲେ। ସେହିପରି ଚଳିତ ବର୍ଷର ବାର୍ଷିକ ବଜେଟରେ ଅବିଭକ୍ତ କୋରାପୁଟ ଜିଲ୍ଲାର ପ୍ରତି ବ୍ଲକରେ ପୁଣି ଆଉ ନୂଆ କେନ୍ଦ୍ର ସମବାୟର ଶାଖାଗୁଡିକ ଖୋଲାଯିବା ନିମନ୍ତେ ପ୍ରସ୍ତାବ ରଖାଯାଇଥିଲା। ଏଥିପ୍ରତି ସରକାରଙ୍କ ଦୃଷ୍ଟି ଆକର୍ଷଣ କରାଯିବ ବୋଲି ଆଲୋଚନା ହୋଇଥିଲା। ଅବିଭକ୍ତ କୋରାପୁଟ ଜିଲ୍ଲାର ୪ଟି ଜିଲ୍ଲାରେ ଚାଷୀମାନେ ବ୍ୟାଙ୍କରୁ ଋଣ ଯେପରି ସୁବିଧାରେ ପାଇପାରିବେ ଏବଂ ବ୍ୟକ୍ତିଗତ ଋଣ ମଧ୍ୟ ମିଳିପାରିବ ସେ ନେଇ ମଧ୍ୟ ଆଲୋଚନା ହୋଇଥିଲା। ଏହି କାର୍ଯ୍ୟକ୍ରମରେ ଉପନିବନ୍ଧକ ସମବାୟ ସମିତି ସମୂହ ରାୟଗଡ଼ା, ନବରଙ୍ଗପୁର ଓ ମାଲକାନଗିରି ଉପଖଣ୍ଡ, ବ୍ୟାଙ୍କର ଉପସଭାପତି ସୁଶ୍ରୀ ଦ୍ରୁପଦା ଉତରା, ବରିଷ୍ଠ ନିର୍ଦ୍ଦେଶକ ରମାକାନ୍ତ ରାଉଳ, ନିର୍ଦ୍ଦେଶକ ବି.ତିରୁପତି ତଥା ବ୍ୟାଙ୍କ ପରିଚାଳନା ପରିଷଦର ସମସ୍ତ ସଦସ୍ୟ ଓ ସଦସ୍ୟାବୃନ୍ଦ ଏବଂ ବ୍ୟାଙ୍କ ସହ ଅନୁବନ୍ଧିତ ଅଂଶୀଦାର ସମବାୟ ସମିତି ମାନଙ୍କ ଦ୍ୱାରା ମନୋନୀତ ପ୍ରତିନିଧିମାନେ ଅଂଶଗ୍ରହଣ କରିଥିଲେ।

● କୋରାପୁଟ ସାଂସ୍କୃତିକ ପରିଷଦର କର୍ମକର୍ତ୍ତା ନିର୍ବାଚନ

# ଶିବ ପ୍ରସାଦ ରଥ ପୁନର୍ବାର ସଭାପତି

କୋରାପୁଟ,୨।୧୧(ସମିସ): କୋରାପୁଟ ସାଂସ୍କୃତିକ ପରିଷଦର ନୂତନ କର୍ମକର୍ତ୍ତା ନିର୍ବାଚନ ଅନୁଷ୍ଠିତ ହୋଇଯାଇଛି। ରବିବାର ଅନୁଷ୍ଠିତ ସାଧାରଣ ପରିଷଦ ବୈଠକରେ ଶିବ ପ୍ରସାଦ ରଥଙ୍କୁ ପୁର୍ନବାର ସଭାପତି ଭାବେ ସର୍ବସମ୍ମତି କ୍ରମେ ମନୋନୀତ ହୋଇଛନ୍ତି। ସଂପାଦକ ଭାବେ ଅତନୁ ପଟ୍ଟନାୟକ ମନୋନିତ ହୋଇଥିବା ବେଳେ ରାଜେନ୍ଦ୍ର ମାଝୀ ଓ ମୀନା କୁମାରୀ ମାଛ (ଉପ ସଭାପତି), ସାଂଗଠନିକ ସଂପାଦକ କାଳୀ ପ୍ରସାଦ ଦାଶ, ଯୁଗ୍ମ ସମ୍ପାଦକ ମାଇକେଲ ଜନ୍ ଏବଂ ଦୁର୍ଗା ପ୍ରସାଦ ରଥ କୋଷାଧକ୍ଷ ଭାବେ ମନୋନୀତ ହୋଇଛନ୍ତି। ବରିଷ୍ଠ ସଦସ୍ୟ ଉମି ଡାନିଏଲ ଏବଂ ସଦାନନ୍ଦ ବେହେରା ନିର୍ବାଚନ ଅଧିକାରୀ ଭାବେ ଦାୟିତ୍ୱ ତୁଲାଇଥିଲେ। ପୁଣି ଥରେ ସଭାପତି ଭାବେ ମନୋନୀତ କରାଯାଇଥିବାରୁ ସଦସ୍ୟ ମାନଙ୍କୁ ଶ୍ରୀ ରଥ କୃତଜ୍ଞତା ଜଣାଇଛନ୍ତି। କୋରାପୁଟ ଜିଲ୍ଲାର କଳା, ସଂସ୍କୃତି ଏବଂ ସାହିତ୍ୟକୁ ପ୍ରୋତ୍ସାହିତ କରିବା ପାଇଁ ପରିଷଦର ନିରନ୍ତର ପ୍ରତିବଦ୍ଧତା ଉପରେ ମଧ୍ୟ ସେ ଗୁରୁତ୍ୱାରୋପ କରିଥିଲେ।

# ଗଞ୍ଜେଇ ଚୋରାଚାଲାଣ, ଦୁଇ ଗିରଫ

ରାୟଗଡ଼ା,୨।୧୧(ସମିସ):



ବେଆଇନ ଭାବେ ଗଞ୍ଜେଇ ଚୋରା ଚାଲାଣର ଚରାଭୂଇଁ ପାଲଟିଛି ରାୟଗଡ଼ା। ଗତକାଲି ରାୟଗଡ଼ାରୁ ବିଶାଖାପାଟଣମକୁ ଟ୍ରେନ ଯୋଗେ ଗଂଜେଇ ଚୋରା ଚାଲାଣ ପାଇଁ ଉଦ୍ୟମ କରୁଥିବା ଜଣେ ଅଭିଯୁକ୍ତ ଠାରୁ ୮କେଜି ୬୦୦ଗ୍ରାମର ଗଞ୍ଜେଇ ଜିଆରପି ପୋଲିସ ଜବତ କରିଥିବା ବେଳେ ପୁଣି ୨୪ ଘଣ୍ଟା ମଧ୍ୟରେ ରାୟଗଡ଼ା ରେଳ ଷ୍ଟେସନରେ ଆଜି ୨୨କେଜି ୪୦୦ଗ୍ରାମର ଗଞ୍ଜେଇ ଜବତ କରି ଜଣେ ମହିଳା ଓ ଜଣେ ପୁରୁଷ ଅଭିଯୁକ୍ତଙ୍କୁ ଗିରଫ ପରେ କୋର୍ଟଚାଲାଣ କରିଛି ରାୟଗଡ଼ା ସରକାରୀ ରେଳବାଇ ପୁଲିସ (ଜିଆରପିଏସ)। ଅଭିଯୁକ୍ତମାନେ ହେଲେ ଉତ୍ତରପ୍ରଦେଶର କାନପୁର ନଗର ଜିଲ୍ଲା ବାରା ଥାନା ଅନ୍ତର୍ଗତ ବାରାକାରି ଗ୍ରାମର ଶ୍ରୀଦେବୀ ଗୌତମ ଓରଫ ରିଙ୍କି ଗୌତମ (୪୦) ଓ କାନାଉଜ ଜିଲ୍ଲା ଦୋସନଗଡ ଥାନା ଅନ୍ତର୍ଗତ ହରିଶପୁର ଛିବ୍ରାମୋଉ ଗ୍ରାମର ୫୫ବର୍ଷିୟ ମୋହନ ଲାଲରଜବତ ବୋଲି ଜଣାପଡିଛି। ଆଜି ସମତା ଏକ୍ସପ୍ରେସ ଟ୍ରେନ ଯୋଗେ ଉଜ୍ୟେନକୁ ଏହି ଗଞ୍ଜେଇ ଚୋରା ଚାଲାଣ ପାଇଁ ଅଭିଯୁକ୍ତମାନେ ଟ୍ରେନକୁ ଅପେକ୍ଷା କରୁଥିଲେ। ଜବତ ଗଂଜେଇର ଆନୁମାନିକ ବଜାର ମୂଲ୍ୟ ୨ଲକ୍ଷ ୨୪ହଜାର ଟଙ୍କା ହେବ ବୋଲି ଜିଆରପି ପୋଲିସ ପକ୍ଷରୁ ସୂଚନା ମିଳିଛି। ଏନେଇ ଜିଆରପି ଡିଏସପି ପ୍ରଭାତ କୁମାର ତ୍ରିପାଠୀଙ୍କ ଠାରୁ ମିଳିଥିବା ସୂଚନା ପ୍ରକାରେ ରାୟଗଡ଼ା ରେଳ ଷ୍ଟେସନର ପ୍ଲାଟଫର୍ମ ନଂ ୫ରେ ଜିଆରପି ଥାନା ଅଧିକାରୀ ବିନୟ ପ୍ରକାଶ ମିଂଜ,ଏସଆଇ ସନ୍ତୋଷ ପରିଡା, ଏଏସଆଇ ମାଣିକ ଚନ୍ଦ୍ର ଗୌଡ଼, ହାବିଲଦାର ପି.କେ.ନାୟକ, ଆର.ମହାନ୍ତି ପ୍ରମୁଖ ପାଟ୍ରୋଲିଂ କରୁଥିବା ସମୟରେ ଶ୍ରୀଦେବୀ ଓ ମୋହନଲାଲଙ୍କ ଠାରେ ଥିବାକୁ ବ୍ୟାଗକୁ ସନ୍ଦେହ କରି ଯାଞ୍ଚ କରାଯାଇଥିଲା। ଯାଞ୍ଚ ସମୟରେ ବ୍ୟାଗରେ ଗଞ୍ଜେଇ ଥିବା ଜଣାପଡିବା ପରେ ଉଭୟଙ୍କୁ ଥାନାରେ ଅଟକ ରଖାଯାଇ ପଚରାଉଚୁରା ପରେ ମାଜିଷ୍ଟ୍ରେଟଙ୍କ ଉପସ୍ଥିତିରେ ଜବତ ଗଞ୍ଜେଇକୁ ଓଜନ କରାଯାଇଥିଲା। ଯେଉଁଥିରୁ ୨୨କେଜି ୪୦୦ଗ୍ରାମର ଗଞ୍ଜେଇ ବାହାରିଥିଲା। ଏ ନେଇ ଏନଡିପିଏସ ମାମଲାରେ ଦୁଇ ଅଭିଯୁକ୍ତଙ୍କୁ କୋର୍ଟ ଚାଲାଣ କରାଯାଇଥିବା ଡିଏସପି ଶ୍ରୀ ତ୍ରିପାଠୀ ସୂଚନା ଦେଇଛନ୍ତି।

# ଉମରକୋଟ ବ୍ଲକସ୍ତରୀୟ ଶିଶୁ ମହୋତ୍ସବ



ଉମରକୋଟ,୨।୧୧(ସମିସ): ନବରଙ୍ଗପୁର ଜିଲ୍ଲା ଉମରକୋଟ ବ୍ଲକ ସ୍ତରୀୟ ଶିଶୁ ମହୋତ୍ସବ ସୁରଭି ୨୦୨୫ ନୋଡାଲ ସଦାଶିବ ସୁକୁମାର ଉଚ୍ଚ ବିଦ୍ୟାଳୟ ପରିସରରେ ଉଦଯାପିତ ହୋଇଯାଇଛି। ସୁରଭି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଉମରକୋଟ ଗୋଷ୍ଠୀ ଉନ୍ନୟନ ଅଧିକାରୀ ମନୋଜ କୁମାର ମେହେର ଯୋଗ ଦେଇ କାର୍ଯ୍ୟକ୍ରମଟିକୁ ଶୁଭ ଉଦ୍‌ଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ଉମରକୋଟ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ସୁଶିଳା ଯୋଦ୍ଧାର, ପୁରୁଷୋତମ ମାଝୀ, ବିଆରସି ସି ଦେବେନ୍ଦ୍ର କୁମାର ବାଗ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମରେ ମନ୍ତ୍ରୀଙ୍କ ପ୍ରତିନିଧି ଅଶୋକ ପାଢ଼ୀ, ସାଂସଦ ପ୍ରତିନିଧି ରାମ କୃଷ୍ଣ ନାୟକ, ପୌର ଅଧକ୍ଷା ରାଧାଭତ୍ରା, ପଞ୍ଚାୟତ ସମିତି ଅଧକ୍ଷା ଶୁଶିଳା ମାଝୀ ଓ ଅନ୍ନପୂର୍ଣ୍ଣା ତ୍ରିପାଠୀ, ଏବିଓ ପୁରୁଷୋତ୍ତମ ମାଝୀ, ଦେବେନ୍ଦ୍ର ବାଘ , ଶୁଶିଳା ଯୋଦ୍ଧାର ପ୍ରମୁଖ ଯୋଗ ଦେଇଥିଲେ। ସଭାରେ ଈଶ୍ୱର ଚନ୍ଦ୍ର ମାଝୀ ସଭାପତିତ୍ୱ କରିଥିଲେ। ଜିଲ୍ଲାସ୍ତର ପ୍ରତିଯୋଗୀ ମାନଙ୍କୁ ପୁରସ୍କୃତ ପ୍ରଦାନ କରାଯାଇଥିଲା। ବନ୍ଧଗୁଡା ପ୍ରାଥମିକ ବିଦ୍ୟାଳୟ ସାଂସ୍କୃତିକ ଦଳ ଜିଲ୍ଲା ସ୍ତରକୁ ମନୋନୀତ ହୋଇଥିଲେ। ସମସ୍ତ ବିଦ୍ୟାଳୟର ସିଆରସିସି ଓ ଶିକ୍ଷକ ଶିକ୍ଷୟିତ୍ରୀ ଦାୟିତ୍ୱ ତୁଲାଇଥିଲେ। କାର୍ଯକ୍ରମ ଶେଷରେ କୃତି ଛାତ୍ରଛାତ୍ରୀଙ୍କୁ ଅତିଥି ମାନେ ପୁରସ୍କାର ଓ ମାନପତ୍ର ପ୍ରଦାନ କରିଥିଲେ।।

# ଶିକ୍ଷକଙ୍କ ଘରୁ ଚୋରି

ଲକ୍ଷ୍ମୀପୁର, ୨।୧୧(ସମିସ): କୋରାପୁଟ ଜିଲ୍ଲା ଲକ୍ଷ୍ମୀପୁର ଥାନା ସଦର ମହକୁମାର ଶାନ୍ତି ନଗର ସାହିର ସାଧୁ ତୁରୁକ ନାମକ ଜଣେ ଶିକ୍ଷକ ଘରୁ ଚୋରି ହୋଇ ଥିବା ଅଭିଯୋଗ ହୋଇଛି। ଶନିବାର ସନ୍ଧ୍ୟାରେ ପରିବାର ସହିତ ନିଜ ଗାଁ ବୁର୍ଜା କୌଣସି



କାରଣରୁ ଯାଇ ରାତିରେ ଏହି ସକାଳେ ପୁଣି ନିଜ ଘରକୁ ଫେରି ଥିଲେ। ଫେରି ଦେଖିଲା ବେଳକୁ ଘରେ କଳାକନା ବୁଲାଇ ଚାଲି ଯାଇଛନ୍ତି ଚୋର। ମୁଖ୍ୟ କବାଟର ତାଲା ଭାଙ୍ଗି ଘର ଭିତରେ ପଶି ଆଲମିରାକୁ ମଧ ଶାବଳ ଓ ହାତୁଡ଼ି ସାହାଯ୍ୟରେ ତାଡ଼ି ଲକର୍‌ରେ ଥିବା ୭୦ ହଜାର ଟଙ୍କା ଏବଂ ୬୦ ତୋଳା ରୂପା, ଏକ ଟଙ୍କା ରଖିବା କୁଣ୍ଡି ଭାଙ୍ଗି ଖୁଚୁରା ପଇସା ଛାଡ଼ି ନୋଟ ସବୁ ନେଇ ଯାଇଥିବା ଶ୍ରୀ ତୁରୁକ କହିଛନ୍ତି। ଚୋର ରାତିରେ ପଶି ଘର ସବୁ ଅଣ୍ଡାଳିଛି ଏବଂ ପାଇଖାନା ଘରେ ପଶି ପାଇଖାନା ମଧ କରିଛି। ବିନା ଦ୍ୱିଧାରେ ଚୋରି କରି ଫେରାର ହୋଇଯାଇ ଥିବା ଜଣାପଡ଼ିଛି। ଅଭିଯୋଗ ପାଇ ପୁଲିସ ଏହାର ଅନୁସନ୍ଧାନ ଚଳାଇଛି।

# ବିଶ୍ୱ ସଣ୍ଡେ ସ୍କୁଲ ଦିବସ ପାଳିତ

ପୋଡ଼ାଗଡ଼,୨।୧୧(ସମିସ): କୋରାପୁଟ ସଦର ବ୍ଲକ ଅନ୍ତର୍ଗତ ମସ୍ତିପୁଟ ପଞ୍ଚାୟତ ଅଧିନସ୍ଥ ବଙ୍ଗଳାଗୁଡା ଖ୍ରୀଷ୍ଟିୟ ଗ୍ରାମ ପଞ୍ଚାୟତଠାରେ ବିଶ୍ୱ ସଣ୍ଡେ ସ୍କୁଲ ଦିବସ ପାଳିତ ଯାଇଛି। ଏହି କାର୍ଯ୍ୟକ୍ରମ ସଣ୍ଡେ ସ୍କୁଲ ମୁଖ୍ୟ ମଣ୍ଟୁ ଭଦ୍ରା ଓ ଆସିଷ୍ଟାଣ୍ଟ ସୁଜାତାଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମ ଆରମ୍ଭର ଦୁଇଦିନ ଆଗରୁ ଗାଁକୁ ସ୍ୱଚ୍ଛ ରଖିବା ପାଇଁ ଗ୍ରାମର ସମସ୍ତ ସଣ୍ଡେ ସ୍କୁଲ ଛାତ୍ରଛାତ୍ରୀ ଓ ଯୁବକ ଯୁବତୀ ମିଶି ଗ୍ରାମର ଚତୁପାଶ୍ୱର୍ ସଫା କରିଥିଲେ। ଏହି ଗ୍ରାମ ସଫା କାର୍ଯ୍ୟକ୍ରମର ନେତୃତ୍ୱ ନେଇଥିଲେ ଯୁବକ ସଭାପତି ଯୋଗତେଲ ଭଦ୍ରା, ଯୁବତୀ ସଭାପତି ଆଶ୍ରିତା ଟାକ୍ରୀ। ସେହିପରି ପରିବେଶ ସୁରକ୍ଷା ସଚେତନ କାର୍ଯ୍ୟକ୍ରମ ମାଧ୍ୟମରେ ଛାତ୍ରଛାତ୍ରୀ ମାନଙ୍କୁ ଶିକ୍ଷା ଦେବା ସହ 'ମା କେ ନାମ ସେ ଏକ ପେଡ୍' କାର୍ଯ୍ୟକ୍ରମ କରାଯାଇ ୧୦୦ଟି ବିଭିନ୍ନ ଗଛ ନିକଟସ୍ଥ ଜଙ୍ଗଲଷରେ ରୋପଣ କରିଥିଲେ। ପୋଡ଼ାଗଡ ସେକ୍ସନ ଫରେଷ୍ଟର ଚିତ୍ତ ରଞ୍ଜନ ନାୟକ ଗ୍ରାମର ଯୁବକ ଯୁବତୀ ଓ ଛାତ୍ର ଛାତ୍ରୀ ମାନଙ୍କୁ ଚାରା ଦେଇଥିବା ଦେଖା ଦେଇଛି। ସେହିପରି କନିଷ୍ଠ ଓ ବରିଷ୍ଠ ଦୁଇ ବିଭାଗର ଛାତ୍ର ଛାତ୍ରୀ ମାନଙ୍କୁ ନେଇ ବିଭିନ୍ନ ପ୍ରତି ଯୋଗୀତା କରିଥିଲେ। ଏଥିରେ ଗ୍ରାମ୍ୟ ମଣ୍ଡଳୀ ମାଳିଂ ଯୋଡ଼ି ମଧ ଅଂଶ ଗ୍ରହଣ କରିଥିଲେ। ମାଳିଂ ଯୋଡ଼ି ଗ୍ରାମରେ ମଧ ବିଭିନ୍ନ ପ୍ରତିଯୋଗିତା କରାଯାଇଥିଲା। ରବିବାର ଦିନ ଉଭୟ ଗ୍ରାମର ଛାତ୍ରଛାତ୍ରୀ ଓ ଯୁବକ ଯୁବତୀକୁ ନେଇ ବଙ୍ଗଳା ଗୁଡା ଗିର୍ଜା ଗୃହରେ ପୁରସ୍କାର ବିତରଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ମୁଖ୍ୟ ଅତିଥି ଭାବେ ପେରିସ ପାଳକ ରେଭ ସାନ୍ଥୁନୁ କୁମାର ସୁନା ଗୁରୁ ଅଶ୍ୱପିନ ତୁରୁକ୍ ପ୍ରାଚୀନ ସଞ୍ଜୀବ କୁଳଦୀପ ବାୟଜଷ୍ଟ ପ୍ରାଚୀନ ମଙ୍ଗଳ ଦାନ ବେନିଆ ପ୍ରଧାନ ମଣ୍ଡଳୀର କୋଷାଧକ୍ଷ ଉପେନ୍ଦ୍ର ବେନିଆ ଗ୍ରାମ୍ୟ କୋଷାଧକ୍ଷ ସଞ୍ଜୟ ବେନିଆ ସଭାପତି ପ୍ରଦୀପ ବେନିଆ ସ୍ତ୍ରୀ ସମାଜ ସଭାନେତ୍ରୀ ମଞ୍ଜୁଲତା ଟାକ୍ରୀ ଉପ ସଭାପତି ପ୍ୟାରିସ ପ୍ରଫୁଲ୍ଲ ଭତ୍ରା ମାଳିଙ୍ଗ ଯୋଡ଼ି ଯୁବତୀ ଲେଜିନା ଖୋସଲା ପ୍ରମୁଖ ଉପସ୍ଥିତ ଥିଲେ। ଉକ୍ତ କାର୍ଯ୍ୟ ସମ୍ପୂର୍ଣ ପରିଚାଳନା କରିଥିଲେ ସାନ୍ଥୁନୁ ସୁନା ମଣ୍ଡଳୀ ପାଇକ ବିକାଶ ଖୋସଲା ଗ୍ରାମ୍ୟ ମଣ୍ଡଳୀ ସମ୍ପାଦକ ସଲିମ୍ ଖୋସଲା, ଏଲୋନ ବେନିଆ ଓ ପ୍ରେମଜିତ୍ ବେନିଆ ପ୍ରମୁଖ ମିଶି କାର୍ଯ୍ୟ ପରିଚାଳନା କରିଥିଲେ। କାର୍ଯ୍ୟକ୍ରମରେ ଆର୍ଥିକ ସହଯୋଗ କରିଥିଲେ ତାଲିମରେ ଥିବା ପ୍ରାଚୀନ ଦୟ ମିହିର ବେନିଆ ଅମୁନ ସନ ଭଦ୍ରା ଯୁବକ କରନ୍ କୁମାର ବେନ୍ୟା କାସ୍ୱାର ସନ ଭଦ୍ରା ମହିଳା ରଶ୍ମିତା ଖୋସଲା ଦୋଳି କନ୍ଦପାନ ସହ ବଙ୍ଗଳା ଗୁଡା ମଣ୍ଡଳୀ । ଏହି ବର୍ଷର ଶାନ୍ତିଶୃଙ୍ଖଳା ଛାତ୍ର ଭାବେ ନିଖିଲ କନ୍ଦ ପାନ ପାଇଥିଲେ। ଶେଷରେ ଉପସ୍ଥିତ ଅତିଥି ମାନେ ପରିବେଶ ସୁରକ୍ଷା ନିମନ୍ତେ ଏବର ଛାତ୍ରଛାତ୍ରୀ ଓ ଯୁବା ଯୁବତୀ ଆଗକୁ ଆସିବା ପାଇଁ ପରାମର୍ଶ ଦେଇଥିଲେ। ଶେଷରେ ଉପସ୍ଥିତ ଅତିଥି ଓ ମାଳିଂ ଯୋଡି ଛାତ୍ର ଛାତ୍ରୀ ଓ ଗ୍ରାମ୍ୟ ମଣ୍ଡଳୀର କର୍ମ କର୍ତ୍ତାଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ ତାଲିକା ପାଳକ ରେବ ସାନ୍ଥୁନୁ କୁମାର ସୁନା ଯୁବକ ଯୁବତୀ ଓ ସାଣ୍ଡେ ସ୍କୁଲ ମୁଖ୍ୟ ମଣ୍ଟୁ ଭଦ୍ରା।

# ମାନବିକତା ଦେଖାଇଲେ ପାଡୁଆ ଥାନା ଅଧିକାରୀ

ନନ୍ଦପୁର, ୨।୧୧ (ସମିସ): ଜଣେ ମାନସିକ ବିକୃତ ମହିଳା ଦୁର୍ଘଟଣାଗ୍ରସ୍ତ ଅବସ୍ଥାରେ ପଡି ରହିଥିବା ଦେଖି ୧୦୮ ଆମ୍ବୁଲାନ୍ସକୁ ଫୋନ କରି ନନ୍ଦପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପଠେଇ ମାନବିକତା ଦେଖାଇଛନ୍ତି ପାଡୁଆ ଥାନା ଅଧିକାରୀ। ଏହି ଘଟଣା ଦେଖିବାକୁ ମିଳିଛି ନନ୍ଦପୁର ବ୍ଲକ ପାଡୁଆ ଥାନା ଅଧୀନସ୍ଥ ତାଇନ୍ତର ଗାଁ ନିକଟରେ। ସୂଚନା ଅନୁଯାୟୀ ଗତକାଲି ରାତ୍ର ପ୍ରାୟ ୯ଟା ସମୟରେ ପାଡୁଆ ଥାନା ଅଧିକାରୀ ଅଶୋକ ବିଷୋଇ କୌଣସି କାମରେ ଯୋଗଦେଇ ଫେରୁଥିବା ବେଳେ ତାଇନ୍ତର ଗାଁ ନିକଟ ରାସ୍ତା କଡ଼ରେ ଜଣେ ମହିଳା ଅଜଣା ଗାଡି ଧକ୍କାରେ ଦୁର୍ଘଟଣାଗ୍ରସ୍ତ ହୋଇ ଅସହାୟ ଅବସ୍ଥାରେ ପଡି ରହିଥିଲେ। ସେ ୧୦୮ ଆମ୍ବୁଲାନ୍ସ ଯୋଗେ ନନ୍ଦପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠାଇଥିଲେ। ସେଠାରେ ମହିଳା ଜଣକ ମାନସିକ ବିକୃତି ଗ୍ରସ୍ତ ଥିବା ସ୍ପଷ୍ଟ ହୋଇଥିଲା ଏବଂ ତାଙ୍କର ପରିଚୟ ମଧ ମିଳିପାରିନଥିଲା। ପ୍ରାଥମିକ ଚିକିତ୍ସା ପରେ ତାଙ୍କୁ କୌଣସି ପ୍ରକାରେ ଅଧିକ ଚିକିତ୍ସା ଲାଗି କୋରାପୁଟ ବଡ଼ ଡ଼ାକ୍ତରଖାନାକୁ ସ୍ଥାନାନ୍ତର ପାଇଁ ଡାକ୍ତର ପରାମର୍ଶ ଦେଇଥିଲେ। ଏହିସମୟରେ ଖବର ପାଇ ସାମାଜିକ କର୍ମୀ ମୁନା ଦଳପତି ଓ ଦୁର୍ଗା ପ୍ରସାଦ ପାଢ଼ୀ ଉପସ୍ଥିତ ରହି ତାଙ୍କର ଚିକିତ୍ସା ତଦାରଖ କରିଥିଲେ। ପରାମର୍ଶ କ୍ରମେ ପୁନର୍ବାର ୧୦୮ ଆମ୍ବୁଲାନ୍ସ କୁ ଯୋଗାଯୋଗ ମଧ କରାଗଲା ହେଲେ, ସେ ଅସହାୟ ମହିଳା ସହ ଯିବ କିଏ ବୋଲି ଦ୍ୱନ୍ଦ ଉଠିଥିଲା। ତାଙ୍କ ସହ ଯିବା ଲାଗି ତାଙ୍କର କେହି ସମ୍ପର୍କୀୟ ବା ଜଣାଶୁଣା ବ୍ୟକ୍ତି ନଥିଲେ। ସେ ନେଇ ସ୍ୱାସ୍ଥ୍ୟ କେନ୍ଦ୍ର କାର୍ଯ୍ୟରତ ଡାକ୍ତର ପାଡୁଆ ଥାନା ଅଧିକାରୀଙ୍କ ସହ ଯୋଗାଯୋଗ କରିଥିଲେ। ପରିଶେଷରେ ସମାଜସେବୀ ମୁନା ଦଳପତି ନନ୍ଦପୁର ଥାନା ଆଇଆଇସି ମମତା ପଣ୍ଡା ଓ ଏଏସଆଇ ଗୁପ୍ତେଶ୍ୱର ଗୌଡ଼ଙ୍କ ସହ କଥାବାର୍ତ୍ତା କରି କୋରାପୁଟ ମେଡିକାଲ ଫାଣ୍ଡିର ଏଏସଆଇ ଫଲ୍ଗୁ ବାବୁଙ୍କ ସମ୍ପର୍କରେ ଆସି ତାଙ୍କ ଅଧସ୍ଥନ କର୍ମଚାରୀ କନେଷ୍ଟବଳ ଆନନ୍ଦ କୁମାର ଓ ହରିଶ୍ଚନ୍ଦ୍ର ଟାକିରି ସହଯୋଗରେ ସେହି ଅସହାୟ ମହିଳାଙ୍କୁ ସ୍ଥାନାନ୍ତର କରାଯାଇଥିଲା।

# ବିଧାୟକଙ୍କ ବିରୋଧରେ ଷଡ଼ଯନ୍ତ୍ର : କଂଗ୍ରେସ

ଖଇରପୁଟ,୨।୧୧(ସମିସ): ବିକଶିତ ଗାଁ ଓ ବିକଶିତ ଓଡ଼ିଶାକୁ ନେଇ ଏବେ ବି କମିନି ରାଜନୀତି ।ମାଲକାନଗିରି ଜିଲ୍ଲା ଚିତ୍ରକୋଣ୍ଡା ବିଧାୟକ ମଙ୍ଗୁ ଖିଲଙ୍କ ବିରୋଧରେ ଉଠିଥିବା ଅଭିଯୋଗ ନେଇ ରାଜନୈତିକ ମହଲରେ ଚର୍ଚ୍ଚା ଜୋର ଧରିଛି। ଏହି ଅଭିଯୋଗକୁ ନେଇ ଜିଲ୍ଲା କଂଗ୍ରେସ ତୀବ୍ର ଆପତ୍ତି ଜଣାଇ ଏହାକୁ ପୂରାପୁରି ଭାବେ ରାଜନୈତିକ ଷଡଯନ୍ତ୍ର ବୋଲି ଅଭିଯୋଗ କରିଛି। ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ତଥା ବିଧାୟକ ପ୍ରତିନିଧି ଗୋବିନ୍ଦ ପାତ୍ର କହିଛନ୍ତି ବିଧାୟକ ମଙ୍ଗୁ ଖିଲ ଜଣେ ଶାନ୍ତ, ସରଳ ଓ ଜନସେବାପରାୟଣ ନେତା। ସେ କେବେ ବି ମନମୁଖୀ ଭାବରେ କାମ କରିନାହାନ୍ତି। ଚିତ୍ରକୋଣ୍ଡା ଅଞ୍ଚଳରେ ଯେତେକି ବିକାଶମୂଳକ ପ୍ରକଳ୍ପ ଆସିଛି, ସେଗୁଡିକ ଗାଁ କମିଟି ଓ ସ୍ଥାନୀୟ ଲୋକଙ୍କ ସହ ଆଲୋଚନା କରି ଦିଆଯାଇଛନ୍ତି। ଆଜି ସମଗ୍ର ରାଜ୍ୟରେ ବିଜେପି ବିଧାୟକମାନେ ନିଜ ଦଳୀୟ କର୍ମୀମାନଙ୍କୁ କାମ ବଣ୍ଟନ କରୁଛନ୍ତି। ତାହା ସତ୍ତ୍ୱେ ବି ତାଙ୍କ ବିରୋଧରେ କେହି ଅଭିଯୋଗ ଉଠାନାହାନ୍ତି। କିନ୍ତୁ ଚିତ୍ରକୋଣ୍ଡା



ବିଧାୟକ ମଙ୍ଗୁ ଖିଲ ଙ୍କୁ କଂଗ୍ରେସ ଦଳର ଥିବାରୁ ବିରୋଧୀ ଶିବିର ତାଙ୍କ ଛବିକୁ ମଳିନ କରିବା ପାଇଁ ଏକ ଷଡ଼ଯନ୍ତ୍ର କରୁଛି। କଂଗ୍ରେସ ଖଇରପୁଟର ସହକାରୀ ଯନ୍ତ୍ରୀ ଦୁଷ୍ମନ୍ତ କୁମାର ବେହେରାଙ୍କୁ ମଧ ତାଗିଦ୍ କରିଛନ୍ତି।

# ଜିଲ୍ଲା ବିଦ୍ୟାଳୟ ସମୂହ ଖୋ ଖୋ ଓ କବାଡି ପ୍ରତିଯୋଗିତା




ନବରଙ୍ଗପୁର,୨।୧୧(ସମିସ): ୧୨ ତମ ଜିଲ୍ଲା ବିଦ୍ୟାଳୟ ସମୂହ (୧୪ ବର୍ଷରୁ କମ୍ ବାଳକ ବାଳିକାଓ ୧୭ ବର୍ଷରୁ କମ୍ ବାଳକ ବାଳିକା) ଖୋଖୋ ଓ କବାଡି ପ୍ରତିଯୋଗିତା ୨୦୨୫-୨୬ର ଉଦ୍‌ଘାଟନ ଉତ୍ସବ ରାଜା ଚୈତନ୍ୟ ନୋଡାଲ ସରକାରୀ ଉଚ୍ଚ ବିଦ୍ୟାଳୟ ନବରଙ୍ଗପୁର ଠାରେ ଅନୁଷ୍ଠିତ ହୋଇଯାଇଛି। ୧୦ଟି ବ୍ଲକର ମୋଟ ୫୮୩ ଜଣ ବାଳକ ଓ ବାଳିକା ଏଥିରେ ଭାଗ ନେଇଥିଲେ। ୫୭ ଜଣ ଶାରୀରିକ ଶିକ୍ଷକ ଶିକ୍ଷୟିତ୍ରୀ ଉପସ୍ଥିତ ରହି ଉକ୍ତ ଖେଳକୁ ପରିଚାଳନା କରିଥିଲେ। ଜିଲ୍ଲାର ସ୍ୱେଚ୍ଛାସେବୀ ଓ ଜେଆର୍‌ସି ଦଳ ଆବଶ୍ୟକ ସେବା ଯୋଗାଇ ଥିଲେ। ଜିଲ୍ଲା ଶିକ୍ଷା ଅଧିକାରୀ ଛତ୍ରପତି ସାହୁଙ୍କ ସଭାପତିତ୍ୱରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ( ସାଧାରଣ) ତପନ ଖୁଣ୍ଟିଆ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ଜିଲ୍ଲା ସୁଚନା ଓ ଲୋକ ସମ୍ପର୍କ ଅଧିକାରୀ ମନୋଜ କୁମାର ବେହେରା, ଜିଲ୍ଲା ସଂସ୍କୃତି ଅଧିକାରୀ ଘାସିଆ ହରିଜନ , ଜିଲ୍ଲା କ୍ରୀଡ଼ା ଅଧିକାରୀ ସୁଶାନ୍ତ କୁମାର ନାୟକ ଓ ଜିଲ୍ଲା ଶାରୀରିକ ଶିକ୍ଷା ଅଧିକାରୀ ପ୍ରଭାତ ପଟ୍ଟନାୟକ ଯୋଗଦେଇ ଥିଲେ। କ୍ରୀଡ଼ା ଶିକ୍ଷକ କିଶୋର ସିଲ୍, ମନୋରଞ୍ଜନ ପ୍ରହରାଜ, କିଶୋର ତ୍ରିପାଠୀ, ଗୋପାଳ କୃଷ୍ଣ ପଟ୍ଟନାୟକ,ମନୋଜ ପୂଜାରୀ, ହେମନ୍ତ ସାମଲ,ଜାତୀୟ ହୁସେନ,ଏ ବାଲାଜୀ, ସପନ ବୈରାଗୀ ଏବଂ ଜିଲ୍ଲାରୁ ଆସିଥିବା ସମସ୍ତ କ୍ରୀଡ଼ା ଶିକ୍ଷକ ଶିକ୍ଷୟିତ୍ରୀ ଉକ୍ତ କାର୍ଯ୍ୟକ୍ରମରେ ଯୋଗଦେଇଥିଲେ।

# ଆରଏସ୍‌ଏସ୍‌ର ଶତବାର୍ଷିକୀ ଉତ୍ସବ

ଜୟପୁର, ୨।୧୧(ସମିସ): କୋରାପୁଟ ଜିଲ୍ଲା ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘ (ଆରଏସଏସ)ଜୟପୁର ସହରରେ ବିଜୟା ଦଶମୀ ଉତ୍ସବ ସହ ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘର ପ୍ରତିଷ୍ଠାର ଶତବାର୍ଷିକ ପୂର୍ତ୍ତି ଅବସରରେ ଜିଲ୍ଲାସ୍ତରୀୟ ପଥ ସଂଞ୍ଚଳନ କାର୍ଯ୍ୟକ୍ରମ ରବିବାର ପୂର୍ବାହ୍ନରେ ଅନୁଷ୍ଠିତ ହୋଇଥିଲା। ସ୍ଥାନୀୟ ଦଶହରା ପଡିଆ ଠାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେପୋଡଶୀ ଛତିଶଗଡ ରାଜ୍ୟର ବସ୍ତର ଜିଲ୍ଲା ସଦ୍‌ଭାବନା ପ୍ରମୁଖ ରାଜ ବାହାଦୁର ସିଂ ରାଣା, ସମ୍ମାନିତ ଅତଥି ଭାବେ କୋରାପୁଟ ଜିଲ୍ଲା ସଂଘ ଚାଳକ ସନସାଇ ଗାଦବା, ଜିଲ୍ଲା ଶାରୀରିକ ପ୍ରମୁଖ ମାନସିଂ ଘେଉରିଆ ମଞ୍ଚାସୀନ ଥିଲେ। ପଥ ସଞ୍ଚଳନ କାର୍ଯ୍ୟଟି ଦଶହରା ପଡିଆରୁ ଆରମ୍ଭ ହୋଇ ପାରାବେଡା, ଗୋପବନ୍ଧୁ ନଗର, ଭାଦ୍ରାୟାସାହି, ବେଲରୋଡ, ନୀଳକଣ୍ଠେଶ୍ୱର ମନ୍ଦିର ରାସ୍ତା, ଲାଲସାହି, ସର୍ଦ୍ଦାର ବଲ୍ଲଭାଇ ପଟେଲ ମାର୍ଗ (ମୁଖ୍ୟ ରାସ୍ତା) ଦେଇ ପୁଣି ଦଶହରା ପଡିଆ ଠାରେ ସମାପ୍ତ ହୋଇଥିଲା। କାର୍ଯ୍ୟକ୍ରମରେ ସାରା ଜିଲ୍ଲାରୁ ୨୦୦୦ରୁ ଅଧିକ ସ୍ୱୟଂସେବକ ଯୋଗଦେଇଥିଲେ।

# ସାଇବର ସୁରକ୍ଷା ସଚେତନତା ଅଭିଯାନ

ରାୟଗଡ଼ା୨।୧୧(ସମିସ): ସାଇବର ଅପରାଧ ବୃଦ୍ଧି ପାଉଥିବାରୁ ରାୟଗଡା ଜିଲ୍ଲାରେ ଗତ ଅକ୍ଟୋବର ୧୯ ତାରିଖରୁ ଜିଲ୍ଲାରେ ବ୍ୟାପକ ସଚେତନତା କାର୍ଯ୍ୟକ୍ରମ ଗ୍ରହଣ କରାଯାଇଥିଲା। ଜିଲ୍ଲା ଆରକ୍ଷୀ ଅଧିକ୍ଷକ ସୁଶ୍ରୀ ସ୍ୱାତୀ. ଏସ.କୁମାରଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ଏକ ସଚେତନତା ପ୍ରଚାର ରଥ ମାଧ୍ୟମରେ ସାଂସ୍କୃତିକ କାର୍ଯ୍ୟକ୍ରମ କରି ପ୍ରତ୍ୟେକ ଥାନା ଅଞ୍ଚଳରେ ସଚେତନତା କାର୍ଯ୍ୟକ୍ରମ ଗ୍ରହଣ କରାଯାଉଛି। ଦାୟିତ୍ୱରେ ଥିବା ପୋଲିସ ଅଧିକାରୀ ଅଭିନାଶ ରେଡି ଏହାର ସଫଳ ଆୟୋଜନ କରିଥିଲେ। ଆଜି ଏହି ଅଭିଯାନର ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ରାୟଗଡା ସଦର ମହକୁମା ସ୍ଥିତ ସ୍ଥାନୀୟ ଗୋବିନ୍ଦ ଦେବ ଉଚ୍ଚ ବିଦ୍ୟାଳୟ ଖେଳ ପଡ଼ିଆ ଠାରେ ତିନୋଟି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ସକାଳ ୬ଟାରେ ୫ କିମି ଯାଏଁ ଯୁବକ ଯୁବତୀଙ୍କର ଗଣଦୌଡ଼ ଅନୁଷ୍ଠିତ ହୋଇଥିଲା। ଆରକ୍ଷୀ ଅଧିକ୍ଷକ ସୁଶ୍ରୀ ସ୍ୱାତୀ ଏସ କୁମାର ପତାକା ଦେଖାଇ ଏହାର ଶୁଭାରମ୍ଭ କରିଥିଲେ। କାର୍ଯ୍ୟକ୍ରମରେ ଅତିରକ୍ତ ଆରକ୍ଷୀ ଅଧିକ୍ଷକ ଅମୂଲ୍ୟ କୁମାର ଧର, ସ୍ୱସ୍ତିକ ପଣ୍ଡା, ଉପ ଆରକ୍ଷୀ ଅଧିକ୍ଷକ,ଉପଖଣ୍ଡ ପୋଲିସ ଅଧିକାରୀ,ଟାଉନ ଥାନା ଅଧିକାରୀ ଓ ସମସ୍ତ ଆରକ୍ଷୀ ବାହିନୀ ଯୋଗଦାନ କରିଥିଲେ। ସେହିପରି ପ୍ରଶାସନ ତରଫରୁ ସହକାରୀ ଜିଲ୍ଲାପାଳ ପ୍ରଫୁଲ୍ଲ ବେହେରା, ଜିଲ୍ଲା କ୍ରୀଡା ଅଧିକାରୀ ଶେଖ ଆଲେନୁର, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ବସନ୍ତ କୁମାର ପ୍ରଧାନ, ମହିଳା ମହାଦ୍ରାବ୍ୟାଳୟର ଏନସିସି ଅଧିକାରୀ ରିତାରାଣୀ ମିଶ୍ର, ଆଇନଜୀବୀ, ଭାରତୀୟ ଷ୍ଟେଟ ବ୍ୟାଙ୍କ ଅଧିକାରୀ ଓ ଅନ୍ୟାନ୍ୟ ମାନ୍ୟଗଣ୍ୟ



ଅତିଥି ଯୋଗଦାନ କରିଥିଲେ। ରୋଡ଼ ରନ୍ କାର୍ଯ୍ୟକ୍ରମ ପୁରୁଷ ବର୍ଗରେ ନେତ୍ରମଣୀ ଶବର ପ୍ରଥମ, ଶ୍ରୀକାନ୍ତ ପ୍ରସ୍କା ଦ୍ୱିତୀୟ ଓ ଚକିତ ଝୁଡିଆ ତୃତୀୟ ସ୍ଥାନ ହାସଲ କରିଥିଲେ। ସେହିପରି ମହିଳା ବର୍ଗରେ କୁମାରୀ ଲଳିତା ତିଆକା ପ୍ରଥମ, କୁମାରୀ ପିଙ୍କି ହିମିରିକା ଦ୍ୱିତୀୟ ଓ କୁମାରୀ ମୌସୁମୀ ମାଝୀ ତୃତୀୟ ସ୍ଥାନ ହାସଲ କରିଥିଲେ। ସେହିପରି ଅପରାହ୍ନ ସାଢେ ୪ଟାରେ ଆୟୋଜିତ ୱାକାଥନ କାର୍ଯ୍ୟକ୍ରମରେ ବହୁ ବରିଷ୍ଠ ନାଗରିକ ଉଭୟ ପୁରୁଷ ଓ ମହିଳା ଅଂଶ ଗ୍ରହଣ କରିଥିଲେ। ସନ୍ଧ୍ୟା ସମୟରେ ଓଡିଶାର ବିଶିଷ୍ଟ ହାସ୍ୟ ଅଭିନେତା ପ୍ରଭାକର ମିଶ୍ର ଓ କାଳୀ ରଥଙ୍କ ଦ୍ୱାରା କମେଡି ମାଧମରେ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।

# ନାଲ୍‌କୋ ଆନ୍ତଃ ବିଭାଗୀୟ ଫୁଟବଲ ଉଦ୍‌ଘାଟିତ



ଦାମନଯୋଡ଼ି,୨।୧୧(ସମିସ): ନାଲ୍‌କୋ ସ୍ପୋର୍ଟସ ସେଲ୍ ଆନୁକୂଲ୍ୟରେ ଶନିବାର ପୂର୍ବାହ୍ନରେ ଆନ୍ତଃ ବିଭାଗୀୟ ଫୁଟବଲ ପ୍ରତିଯୋଗିତା ଉଦ୍‌ଘାଟିତ ହୋଇଯାଇଛି। ସେକ୍ଟର୨ ସ୍ଥିତ ଡ. ବି.ଆର .ଆମ୍ବେଦକର ଷ୍ଟାଡିୟମରେ ନାଲ୍‌କୋ କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଭି.ଏସ.ଏସ. ଆନନ୍ଦ ମୁଖ୍ୟ ଅତିଥି ରୂପେ ଯୋଗଦେଇ ଏହାର ଉଦ୍‌ଘାଟନ କରିଥିଲେ। ମୁଖ୍ୟ ମହାପ୍ରବନ୍ଧକ ସଞ୍ଜୟ ଗୁପ୍ତା ଓ ସୁଗାତୋ ଆନନ୍ଦ ବାସୁଙ୍କ ସହିତ ନାଲ୍‌କୋ ସ୍ପୋର୍ଟସ ସେଲ ଅଧିକାରୀ ଅରୁଣ କୁମାର ମହାନ୍ତି ପ୍ରମୁଖ ସମ୍ମାନିତ ଅତିଥି ରୂପେ ଯୋଗ ଦେଇଥିଲେ। ଚଳିତ ବର୍ଷ ୭ଗୋଟି ଦଳ ଟୁର୍ଣ୍ଣାମେଣ୍ଟରେ ଅଂଶ ଗ୍ରହଣ କରିଛନ୍ତି। ମାଇନ୍ସ, ଅପରେସନ, ମେକାନିକାଲ,ଏସପିପି, ସର୍ଭିସେସ, ଇ.ଲେକ୍ଟ୍ରିକାଲ ଏବଂ କ୍ୟୁସି ଲ୍ୟାବ ଓ ଆରଏଣ୍ଡଡି ବିଭାଗ ପ୍ରତିଯୋଗିତାକୁ ଓହ୍ଲାଇଛନ୍ତି। ଆଗାମି ୫ ତାରିଖରେ ଏହାର ଉଦ୍‌ଯାପନୀ ଉତ୍ସବ ଅନୁଷ୍ଠିତ ହେବ। ରେଫରୀ ଅବିନାଶ କୁଲଦୀପ, ସନ୍ତୋଷ କୁମାର ପ୍ରଧାନ ଓ ପବିତ୍ର ଦିଶାରୀ ଖେଳ ପରିଚାଳନା କରୁଛନ୍ତି। ଉଦ୍‌ଘାଟନୀ ମ୍ୟାଚରେ ଏସପିପି ଦଳ ପ୍ରତିପକ୍ଷ କ୍ୟୁସି ଲ୍ୟାବ ଓ ଆରଏଣ୍ଡଡି ଦଳକୁ ୯-୦ ଗୋଲରେ ପରାସ୍ତ କରିଥିଲେ। ପବିତ୍ର ଗୌଡ଼ ୪ଟି ଓ ଗୋପବନ୍ଧୁ ଗୌଡ଼ ୩ଟି ଗୋଲ୍ ଦେଇଥିଲେ। ନାଲ୍‌କୋ ସ୍ପୋର୍ଟସ ସେଲ୍ ପକ୍ଷରୁ ଅଧିକାରୀ ଅରୁଣ କୁମାର ମହାନ୍ତିଙ୍କ ନେତୃତ୍ୱରେ ହରେକୃଷ୍ଣ ଏକୁଡୁ, ମୋହନ କଟିମ୍, କାଦୁ ଟୁଡୁ, ପୁତୁଲ ମହାକୁଡ଼, ସୁଶାନ୍ତ କୁମାର ହିକକ୍କା, ଗୌରାଙ୍ଗ ଦୋରା, ଗୌରୀ ବଡ଼ନାୟକ, ଲଳିତ ଗୌଡ଼ଙ୍କ ସହିତ ଅନ୍ୟ ସଦସ୍ୟ ଟୁର୍ଣ୍ଣାମେଣ୍ଟ ପରିଚାଳନା କରିଛନ୍ତି।

# ରାଜ୍ୟସ୍ତରୀୟ ଓକିଲ ସଂଘ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟ

କୋରାପୁଟ,୨।୧୧(ସମିସ): କୋରାପୁଟ ବାର ଆସସିଏସନ ପକ୍ଷରୁ ରାଜ୍ୟ ସ୍ତରୀୟ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟ ଉଦ†ାଟିତ ହୋଇଛି। ଆଜିଠାରୁ ୯ ତାରିଖ ପର୍ଯ୍ୟନ୍ତ ଏହି ଟୁର୍ଣ୍ଣାମେଣ୍ଟ ଚାଲିବ। ଏହାକୁ ଜିଲା ଜଜ୍ ପ୍ରଦୀପ କୁମାର ମହନ୍ତ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଉଦ†ାଟନ କରିଥିଲେ। ଅନ୍ୟ ମାନଙ୍କ ମଧ୍ୟରେ କୋରାପୁଟ ଅତିରିକ୍ତ ଜିଲ୍ଲା ଜଜ୍ ଡାକ୍ତର ଦୀପକ ରଞ୍ଜନ ସାହୁ , ଏସଡିଜେଏମ ସୁଶ୍ରୀ ସଂଗୀତା ଦାସ ଓ ସ୍ୱତନ୍ତ୍ର ମାଜିଷ୍ଟ୍ରେଟ ଗୟାଧର ପାଣିଗ୍ରାହୀ ଉପସ୍ଥିତ ଥିଲେ। ପ୍ରଥମ ମ୍ୟାଚ୍ ଗଜପତି ବାର ଆସୋସିଏସନ୍ ସହିତ ଜୟପୁର ବାର ଆସୋସିଏସନ୍ ମଧ୍ୟରେ ଖେଳା ଯାଇଥିଲା। ଗଜପତି ଦଳ ଟସ ଜିତି ଫିଲ୍ଡିଂ କରିବାକୁ ନିଷ୍ପତି ନେଇଥଲେ। ଜୟପୁର ଟିମ୍ ବ୍ୟାଟିଂ କରି ନିର୍ଦ୍ଧାରିତ ୨୦ ଓଭରରେ ପାଞ୍ଚ ୱିକେଟ ହରାଇ ୧୮୨ ରନ୍ ସଂଗ୍ରହ କରିଥିଲା। ଜବାବରେ ଗଜପତି ଟିମ୍ ୧୮.୨ ଓଭରରେ ୭୪ ରନରେ ଅଲ ଆଉଟ୍ ହୋଇଥିଲେ। ଅଲ ରାଉଣ୍ଡ ପ୍ରଦର୍ଶନ ପାଇଁ ଜୟପୁର ଟିମର ସୁବାଷ ରାଉତଙ୍କୁ ମ୍ୟାନ ଅଫ ଦ ମ୍ୟାଚ ଘୋଷଣା କରାଯାଇ ଥିଲା। ସେହିଭଳି ଦ୍ୱିତୀୟ ମ୍ୟାଚ୍ କଟକର ସିଏଟି ଏବଂ ଭୁବନେଶ୍ୱର ମଧ୍ୟରେ ଖେଳା ଯାଇଥିଲା। ଏହି ମ୍ୟାଚରେ କଟକ ଟସ୍ ଜିତି ପ୍ରଥମେ ଫିଲଡିଂ ନେଇଥିଲା।




ନିର୍ଦ୍ଧାରିତ ଷୋହଳ ଓଭରରେ ଭୁବନେଶ୍ୱର ଟିମ୍ ଚାରଟି ୱିକେଟ୍ ହରାଇ ୧୩୪ ରନ୍ ସଂଗ୍ରହ କରିଥିଲେ। ଜବାବରେ କଟକ ଟିମ୍ ନିର୍ଦ୍ଧାରିତ ୧୬ ଓଭରରେ ୮ ୱିକେଟ୍ ହରାଇ ମୋଟ ୯୧ ରନ୍ ସଂଗ୍ରହ କରିଥିଲେ। ଦ୍ୱିତୀୟ ମ୍ୟାଚ୍ ଭୁବନେଶ୍ୱର ଓକିଲ ସଂଘ ୪୩ ରନରେ ଜିତିଥିଲା। ଉତ୍କୃଷ୍ଟ ଖେଳ ପ୍ରଦର୍ଶନ ପାଇଁ ଭୁବନେଶ୍ୱର ବାର ଆସୋସିଏସନର ମୋହନ ସାହୁଙ୍କୁ ମ୍ୟାନ ଅଫ ଦି ମ୍ୟାଚ୍ ଘୋଷଣା କରାଯାଇଥିଲା। ଆଜିର ଏହି କାର୍ଯ୍ୟକ୍ରମରେ ଆୟୋଜକ କୋରାପୁଟ ଓକିଲ ସଂଘର ସମସ୍ତ ସଦସ୍ୟ ସଦସ୍ୟା ସହଯୋଗ କରିଥିଲେ। ଅମ୍ପାୟାର ଭାବେ ଓସିଏ ପାନଲ ଆମ୍ପାରିଙ୍ଗ ଅସିତ୍ ପଟ୍ଟନାୟକ ଓ ତୁଷାର ପଣ୍ଡା ଖେଳ ପରିଚାଳନା କରିଥିଲେ। କୋରାପୁଟ ବାର ଆସୋସିଏନର ସଭାପତି ପ୍ରଭାତ ମହାପାତ୍ର,ସମ୍ପାଦକ ସୁନୀଲ କୁମାର ଜେନା ଉପସଭାପତି କୃଷ୍ଣ ସ, ମିଡ଼ିଆ ପରାମର୍ଶ ଦାତା ଅଶୋକ କୁମାର ଷଡଙ୍ଗୀ, ବରିଷ୍ଠ ଓକିଲ ଟି ଏନ୍ ମୂର୍ତ୍ତି. ନିହାର ରଞ୍ଜନ ପଟ୍ଟନାୟକ, ଶରତ ଆଚାର୍ଯ୍ୟଙ୍କ ସମେତ କୋରାପୁଟ ଓକିଲ ସଂଘର ସମସ୍ତ ସଦସ୍ୟ ଓ ସଦ୍ୟାସ୍ୟା ଉପସ୍ଥିତ ଥିଲେ।

# ୫ କୋଟିର ଟ୍ରେଡିଂ ଠକେଇ: ମୁମ୍ବାଇରୁ ୨ଅଭିଯୁକ୍ତ ଗିରଫ

ଭୁବନେଶ୍ୱର,୨।୧୧(ସମିସ): ୫ କୋଟି ଟଙ୍କା ଟ୍ରେଡିଂ ଠକେଇ ଅଭିଯୋଗରେ କ୍ରାଇମ୍‌ବ୍ରାଞ୍ଚର ଅର୍ଥନୈତିକ ଅପରାଧ ଶାଖା ମୁମ୍ବାଇରୁ ୨ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ଗିରଫ ଅଭିଯୁକ୍ତମାନେ ହେଲେ ହିମାଂଶୁ ଶେଖର ବେହୁରା ଏବଂ ସୁନିଲ ରାୟ। କିଛି ନାମୀ ଟ୍ରେଡିଂ ସଂସ୍ଥାର କଣ୍ଟ୍ରାକ୍ଟ ହାସଲ କରିଥିବାର ଫେକ୍ କଣ୍ଟ୍ରାକ୍ଟ ପେପର ପ୍ରସ୍ତୁତ କରି ଏମାନେ ଲୋକଙ୍କୁ ନିବେଶ କରିବାକୁ ପ୍ରବର୍ତ୍ତାଉଥିଲେ। ଅଧିକ ସୁଧର ଲୋଭ ଦେଖାଇ ଟ୍ରେଡିଂ ପାଇଁ ମାର୍କେଟରୁ ବହୁ କୋଟି ଟଙ୍କା ଉଠାଇଥିଲେ। ହେଲେ ଟଙ୍କା ଦେଇ ନ ପାରିବାରୁ ନିବେଶକାରୀ ଖୋଳତାଡ଼ କରିବା ଆରମ୍ଭ କରିଥିଲେ। ଏହା ଜାଣିବା ପରେ ସେମାନେ ରାଜ୍ୟ ଛାଡ଼ି ଚାଲିଯାଇଥିଲେ। ଗତ ୧୪ ତାରିଖରେ ଏନେଇ ଅଭିଯୋଗ ହେବା ପରେ ଇଓଡବ୍ଲୁ ଏକ ମାମଲା ରୁଜୁ କରି ଏହାର ତଦନ୍ତ କରୁଥିଲା।

■ ଶ୍ରୀକାକୁଲମ୍ ଦଳାଚକଟାରେ ରଙ୍ଗଲା ରୁପାଙ୍କ ପ୍ରାଣହାନୀ

# ମୁଖ୍ୟମନ୍ତ୍ରୀଙ୍କ ଶୋକ, ୬ ଲକ୍ଷର ଅନୁକମ୍ପାମୂଳକ ସହାୟତା ଘୋଷଣା

ଭୁବନେଶ୍ୱର,୨।୧୧(ସମିସ): ଆନ୍ଧ୍ରପ୍ରଦେଶର ଶ୍ରୀକାକୁଲମ୍‌ସ୍ଥିତ ଭେଙ୍କଟେଶ୍ୱର ମନ୍ଦିର ଦଳଚକଟାରେ ଗଞ୍ଜାମ ଜିଲ୍ଲା ଗୁଡ଼ିଆପଦରର ରଙ୍ଗଲା ଦିନେଶଙ୍କ ଝିଅ ରୁପାଙ୍କ ପ୍ରାଣହାନି ଘଟଣାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗଭୀର ଶୋକ ପ୍ରକାଶ କରିବା ସହ ତାଙ୍କ ପରିବାର ବର୍ଗଙ୍କ ପ୍ରତି ସମବେଦନା ଜଣାଇଛନ୍ତି। ଏଥିସହ ମୃତକଙ୍କ ନିକଟତମ ଆତ୍ମୀୟଙ୍କ ପାଇଁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୬ ଲକ୍ଷର ଅନୁକମ୍ପାମୂଳକ ସହାୟତା ଘୋଷଣା କରିଛନ୍ତି।

■ ରାଜ୍ୟ ମାନବାଧିକାର ଆୟୋଗରେ ଅଭିଯୋଗ

# ଜବ୍‌କାର୍ଡଧାରୀଙ୍କୁ ମିଳୁନି କାମ

ଭୁବନେଶ୍ୱର,୨।୧୧(ସମିସ): କାଶୀପୁର ଗ୍ରାମ ବଡ଼ପାଟଣାର ଜବ୍‌କାର୍ଡଧାରୀଙ୍କୁ କାମ ମିଳୁନି। ସେମାନେ ଜିଲ୍ଲାପାଳ, ବିଡିଓ ଏବଂ ଅନ୍ୟ ଅଧିକାରୀଙ୍କୁ ଭେଟିଥିଲେ ମଧ୍ୟ କିଛି ସୁଫଳ ମିଳିପାରିନି। ଯେଉଁଥିପାଇଁ ଡିଆ ପଞ୍ଚାୟତର ଏକାଧିକ ଗ୍ରାମବାସୀ ରାଜ୍ୟ ମାନବାଧିକାର ଆୟୋଗଙ୍କ ନିକଟରେ ଦ୍ୱାରସ୍ଥ ହୋଇଛନ୍ତି। ମନରେଗା ଆଇନ ୨୦୦୫ ଅନୁସାରେ ଜବ୍‌କାର୍ଡଧାରୀଙ୍କୁ କାମ ଦେବା ବାଧ୍ୟତାମୂଳକ। ହେଲେ ଗ୍ରାମର ଅଧିକାରୀମାନେ ବିଭିନ୍ନ ପ୍ରକାର ମେସିନ ଲଗାଇ କାମ କରାଉଥିବା ବେଳେ ଲୋକଙ୍କୁ କାମ ଦେଉନାହାନ୍ତି। ଗ୍ରାମବାସୀ ବିଭିନ୍ନ ସରକାରୀ ଅଧିକାରୀଙ୍କ ଅଫିସ୍ ଦୌଡ଼ି ଦୌଡ଼ି ନୟାନ୍ତ ହେଲେଣି। କିନ୍ତୁ କିଛିବି ସୁଫଳ ମିଳିପାରୁନି। କାମ ପାଉ ନ ଥିବାରୁ ଗ୍ରାମବାସୀ ପରିବାର ପୋଷିବାରେ ସମସ୍ୟା ହେଉଛି। ଆଗକୁ ଏମିତି କାମ ନ ଦେଲେ ସେମାନଙ୍କ ପରିବାର ଭୋକଉପାସରେ ମୃତ୍ୟୁବରଣ କରିପାରନ୍ତି ବୋଲି କହୁଛନ୍ତି। ତେଣୁ ସେମାନଙ୍କୁ ନ୍ୟାୟ ଦେବା ପାଇଁ ଆୟୋଗଙ୍କ ନିକଟରେ ନିବେଦନ କରିଛନ୍ତି।

# ବିଶ୍ୱବିଦ୍ୟାଳୟରେ ଖୁବ୍‌ଶୀଘ୍ର ନିଯୁକ୍ତ ହେବେ ପରୀକ୍ଷା ନିୟନ୍ତ୍ରକ

ଭୁବନେଶ୍ୱର, ୨।୧୧(ସମିସ): ରାଜ୍ୟର ଏକାଧିକ ବିଶ୍ୱବିଦ୍ୟାଳୟରେ ନିୟମିତ ପରୀକ୍ଷା ନିୟନ୍ତ୍ରକ ନାହାନ୍ତି। ପରୀକ୍ଷା ପରିଚାଳନାରେ ବିଳମ୍ବ ହେବା ସହ ବହୁ ସମୟ ପରେ ଯାଇ ପରୀକ୍ଷା ଫଳ ପ୍ରକାଶ ପାଉଛି। ପିଲାଙ୍କ ଶିକ୍ଷାରେ ଏହା ସିଧାସଳଖ ପ୍ରଭାବ ପକାଉଛି। ଏପରିକି, ବିଳମ୍ବିତ ପରୀକ୍ଷା ଫଳ ପାଇଁ ନାମ ଲେଖାଇନପାରି ଗୋଟିଏ ଶିକ୍ଷାବର୍ଷ ଧୋଇ ଯାଉଛି। ଏସବୁକୁ ବ୍ୟବସ୍ଥିତ କରିବା ପାଇଁ ଯୋଜନା କରିଛି ଉଚ୍ଚଶିକ୍ଷା ବିଭାଗ। ସମସ୍ତ ବିଶ୍ୱବିଦ୍ୟାଳୟରେ ନିୟମିତ ପରୀକ୍ଷା ନିୟନ୍ତ୍ରକ ନିଯୁକ୍ତି କରିବା ପାଇଁ ପଦକ୍ଷେପ ନେଇଛି। ଆସନ୍ତା ସପ୍ତାହରେ ଉଚ୍ଚଶିକ୍ଷା ବିଭାଗ ଅଧୀନରେ ଥିବା ସମସ୍ତ ୧୩ଟି ବିଶ୍ୱବିଦ୍ୟାଳୟରେ ପରୀକ୍ଷା ନିୟନ୍ତ୍ରକ ନିଯୁକ୍ତି କରିବ ବୋଲି ଜଣାପଡ଼ିଛି।

**୩ବର୍ଷ ଲେଖାଏଁ ରହିବ କାର୍ଯ୍ୟକାଳ**

ରାଜ୍ୟର ପ୍ରଥମ ଓ ସର୍ବପୁରାତନ ବିଶ୍ୱବିଦ୍ୟାଳୟ 'ଉତ୍କଳ'ରେ ନିୟମିତ ପରୀକ୍ଷା ନିୟନ୍ତ୍ରକ ନାହାନ୍ତି। ଭାରପ୍ରାପ୍ତ ପରୀକ୍ଷା ନିୟନ୍ତ୍ରକ ଥିବା କାରଣରୁ ପରୀକ୍ଷା ପରିଚାଳନା ବିଳମ୍ବ ହେଉଛି। ୨୦୨୪-୨୫ ଶିକ୍ଷାବର୍ଷରେ ପିଜି ଦ୍ୱିତୀୟ ସେମିଷ୍ଟାର ପରୀକ୍ଷାଫଳ ବିଳମ୍ବ ହେବା କାରଣରୁ ବ୍ୟାକ୍ ପେପର୍ ପରୀକ୍ଷା ଦେଇଥିବା ଅନେକ ଦ୍ୱିତୀୟ ବର୍ଷର ଛାତ୍ରଛାତ୍ରୀ କୃତକାର୍ଯ୍ୟ ହୋଇପାରି ନ ଥିଲେ। ଫଳରେ ଉଚ୍ଚଶିକ୍ଷା ପାଇଁ ଆଉ ବର୍ଷେ ଅପେକ୍ଷା କରିବାକୁ ପଡ଼ିଥିଲା। ଅନୁରୂପ ଭାବେ ପ୍ରଶ୍ନପତ୍ର ପ୍ରସ୍ତୁତ କରୁଥିବା ବିଶେଷଜ୍ଞଙ୍କୁ ମଧ୍ୟ ସେମାନଙ୍କ ପ୍ରାପ୍ୟ ଠିକ୍ ସମୟରେ ମିଳୁ ନଥିବା ଅଭିଯୋଗ ରହିଛି। ଫଳରେ ପ୍ରଶ୍ନପତ୍ର ପ୍ରସ୍ତୁତିରେ ସେମାନେ ଆଗ୍ରହ ପ୍ରକାଶ କରୁନଥିବାରୁ ପରୀକ୍ଷା ବିଳମ୍ବିତ ହେଉଛି। ଉତ୍କଳ ବିଶ୍ୱବିଦ୍ୟାଳୟ ପରି ସମସ୍ତ ବିଶ୍ୱବିଦ୍ୟାଳୟରେ ସମଦଶା ଲାଗି ରହିଛି। ଏହାକୁ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ଗୁରୁତ୍ୱର ସହ ନେଇ ନିୟମିତ ପରୀକ୍ଷା ନିୟନ୍ତ୍ରକ ନିଯୁକ୍ତି କରିବାକୁ ଅଣ୍ଟା ଭିଡ଼ିଛି। ସମସ୍ତ ବିଶ୍ୱବିଦ୍ୟାଳୟରେ ପରୀକ୍ଷା ନିୟନ୍ତ୍ରକ ପାଇଁ ୧୩ଜଣ ବରିଷ୍ଠ ଅଧ୍ୟାପକଙ୍କ ନାମ ମୁଖ୍ୟମନ୍ତ୍ରୀଙ୍କ ପାଖକୁ ପଠାଯାଇଛି। ଏପରିକି, ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ଏହାକୁ ସବୁଜ ସଙ୍କେତ ମିଳିଥିବା ଜଣାପଡ଼ିଛି। ସମସ୍ତଙ୍କ କାର୍ଯ୍ୟକାଳ ତିନି ବର୍ଷ ଲେଖାଏଁ ରହିବ। ଆସନ୍ତା ସପ୍ତାହରେ ବିଦ୍ଧିବଦ୍ଧ ଭାବେ ବିଜ୍ଞପ୍ତି ପ୍ରକାଶ ପାଇପାରେ ବୋଲି ଜଣାପଡ଼ିଛି।

## ୭ ମାସ ହେଲା ମିଳିନି ଦରମା

# ହସ୍ପିଟାଲ କୋଠାରୁ ଡେଇଁ ସିକ୍ୟୁରିଟି ଗାର୍ଡଙ୍କ ଆତ୍ମହତ୍ୟା

ନୂଆପଡ଼ା, ୨।୧୧(ସମିସ): ୭ମାସ ହେଲା ଦରମା ନ ମିଳିବାରୁ ୭ ମହଲା ହସ୍ପିଟାଲ କୋଠାରୁ ଡେଇଁ ଜୀବନ ହାରିଲେ ସିକ୍ୟୁରିଟି ଗାର୍ଡ। ନୂଆପଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଆଜି ଏପରି ଏକ ଅଭାବନୀୟ ଘଟଣା ଜିଲ୍ଲାବ୍ୟାପୀ ତୀବ୍ର ଆଲୋଡ଼ନ ସୃଷ୍ଟି କରିଛି। ମୃତକ ହେଲେ, ସ୍ଥାନୀୟ ସାଲେଭଟା ଗାଁର ଲଘୁତମ ସାହୁ(୩୫)। ଏହାକୁ ନେଇ

**ବିଜେଡି, କଂଗ୍ରେସ କର୍ମୀଙ୍କ ଆନ୍ଦୋଳନ**

ଘଟଣାସ୍ଥଳରେ ବିଜେଡି ଓ କଂଗ୍ରେସ ବିକ୍ଷୋଭ ପ୍ରଦର୍ଶନ କରିଛି। ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ଇସ୍ତଫା ଦାବି କରିବା ସହ ମୃତକଙ୍କ ପରିବାରକୁ କ୍ଷତିପୂରଣ ପ୍ରଦାନ କରିବାକୁ ଦାବି କରିଛନ୍ତି।

ସୂଚନାନୁସାରେ, ଲଘୁତମ ଦୀର୍ଘଦିନ ଧରି ହସ୍‌ପିଟାଲରେ ସିକ୍ୟୁରିଟି ଗାର୍ଡ ଭାବେ ଚାକିରି କରୁଥିଲେ। କୌଣସି କାରଣରୁ ସିକ୍ୟୁରିଟି ସଂସ୍ଥା ୭ ମାସ ତଳେ ତାଙ୍କୁ ଚାକିରିରୁ ବାହାର କରିଦେଇଥିଲା। ସେତେବେଳକୁ ସଂସ୍ଥା ତାଙ୍କର ୭ ମାସର ଦରମା ଦେଇନଥିଲା। ତେବେ ବକେୟା ଦରମା ଦେବାକୁ ଲଘୁତମ ବାରମ୍ବାର ସିକ୍ୟୁରିଟି ସଂସ୍ଥାର ଚକ୍କର୍ କାଟୁଥିଲେ ହେଁ କେହି ତାଙ୍କ କଥା ଶୁଣିନଥିଲେ। ଏପଟେ ଚାକିରି ହରାଇଥିବା ଲଘୁତମଙ୍କ ପକ୍ଷେ ଘର ଚଳାଇବା ଏକପ୍ରକାର ଅସମ୍ଭବ ହୋଇପଡ଼ିଥିଲା।




ଏଥିରେ ସେ ମାନସିକସ୍ତରରେ ପୂରା ଭାଙ୍ଗି ପଡ଼ିଥିଲେ। ଆଜି ସଂଧ୍ୟାରେ ସେ ହସ୍ପିଟାଲର ୭ମହଲା କୋଠାକୁ ଚଢ଼ି ଡେଇଁ ପଡ଼ିଥିଲେ। ଶବ୍ଦ ଶୁଣି ସ୍ଥାନୀୟ ଲୋକ ହସ୍ପିଟାଲ ପଛପଟକୁ ଯାଇ ଦେଖିବା ବେଳକୁ ତାଙ୍କର ମୃତ୍ୟୁ ହୋଇସାରିଥିଲା।

ଅପରପକ୍ଷେ, ଏହି ଖବର ପ୍ରଚାରିତ ହେବା ପରେ ହସ୍ପିଟାଲ ପରିସରରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା। ବିଜେଡି ପକ୍ଷରୁ ହରିଶ୍ଚନ୍ଦ୍ର ପଣ୍ଡା ନିଜ ସମର୍ଥକଙ୍କ ସହ ଘଟଣାସ୍ଥଳରେ ପହଞ୍ଚି ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ଏହି ଘଟଣାର ଉଚ୍ଚସ୍ତରୀୟ ତଦନ୍ତ ଦାବି କରିବା ସହ ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗଙ୍କ ଇସ୍ତଫା ଦାବି କରିଥିଲେ। ପରେ ଯୁବ ଓ ଛାତ୍ର ବିଜେଡି ତରଫରୁ ହସ୍‌ପିଟାଲ ପରିସରରେ ଧାରଣା ଦିଆଯାଇଥିଲା। ଏଥିରେ ଯୁବ ବିଜେଡି ସଭାପତି ଚିନ୍ମୟ ସାହୁ ଓ ଛାତ୍ର ବିଜେଡି ସଭାନେତ୍ରୀ ଇପସିତା ସାହୁଙ୍କ ସମେତ ବିଧାୟକ ପ୍ରାର୍ଥୀ ସ୍ନେହାଙ୍ଗିନୀ ଛୁରିଆ, ଦୀପାଳି ଦାସଙ୍କ ସମେତ ବହୁ ବିଜେଡି କର୍ମୀ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ସେହିପରି କଂଗ୍ରେସ ପକ୍ଷରୁ ମଧ୍ୟ ବିକ୍ଷୋଭ ପ୍ରଦର୍ଶନ କରାଯାଇଥିଲା। ପିସିସି ସଭାପତି ଭକ୍ତଚରଣ ଦାସ ଘଟଣାସ୍ଥଳରେ ପହଞ୍ଚି ଦାବି ଦୋହରାଇଥିବା ବେଳେ ବହୁସଂଖ୍ୟାରେ କଂଗ୍ରେସ କର୍ମୀ ଦୀର୍ଘ ସମୟ ଧରି ଧାରଣା ଦେଇଥିଲେ।



ଏହାକୁ ନେଇ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା. ମହେଶ୍ୱର ତ୍ରିପାଠୀଙ୍କୁ ପଚାରିବାରୁ ସେ କହିଛନ୍ତି ଯେ ଲଘୁତମଙ୍କୁ ମଝିରେ ସମ୍ପୃକ୍ତ ସର୍ଭିସ୍ ପ୍ରୋଭାଇଡର୍ କିଛି ମାସ ତଳେ ଚାକିରିରୁ ବରଖାସ୍ତ କରିଥିଲା। ପରେ ପୁଣି ଚାକିରି ଦେଇଥିଲା। ତାଙ୍କର ମାସ ପୂରି ନଥିବା ହେତୁ ଦରମା ପାଇନଥିଲେ ବୋଲି ସେ କହିଛନ୍ତି। ଏହାକୁ ନେଇ ପୁଲିସ ତଦନ୍ତ କରୁଛି ବୋଲି କହିଛନ୍ତି।

# ଲାବ୍ ଟେକନିସିଆନ୍‌ଙ୍କ ସନ୍ଦେହଜନକ ମୃତ୍ୟୁ

ବାଲେଶ୍ୱର, ୨।୧୧(ସମିସ): ବାଲେଶ୍ୱର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ସେଣ୍ଟ୍ରାଲ ଲାବରୋଟାରୀରେ ଲାବ୍-ଟେକ୍ନିସିଆନ୍ ଭାବେ ପ୍ରଶିକ୍ଷଣ ନେଉଥିବା ଜଣେ ଛାତ୍ରଙ୍କ ଝୁଲନ୍ତା ମୃତଦେହ ତାଙ୍କ ଭଡ଼ାଘରୁ ଉଦ୍ଧାର ହୋଇଛି। ମୃତକ ହେଲେ, ବସ୍ତା ଥାନା ଅନ୍ତର୍ଗତ ଗୁଡ଼ିଖାଳର ଭାଗବତ ରାଉତଙ୍କ ପୁଅ କଳିଙ୍ଗ ରାଉତ। ତେବେ କଳିଙ୍ଗଙ୍କ ଏପରି ଅସ୍ୱାଭାବିକ ମୃତ୍ୟୁକୁ ତାଙ୍କ ପରିବାରଲୋକ ସହଜରେ ଗ୍ରହଣ କରିପାରିନାହାନ୍ତି। ପୁଅକୁ ହତ୍ୟା କରି ଆତ୍ମହତ୍ୟାର ରୂପ ଦେବାକୁ ଅପଚେଷ୍ଟା କରାଯାଇଛି ବୋଲି ସେ ଅଭିଯୋଗ କରିଛନ୍ତି।

ଦୁଇ ମାସ ହେବ କଳିଙ୍ଗ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ରକ୍ତଭଣ୍ଡାରରେ ଲ୍ୟାବ୍-ଆସିଷ୍ଟାଣ୍ଟ ଭାବେ ଇଣ୍ଟର୍ଣ୍ଣସିପ କରୁଥିଲେ। ସେ ମେଡିକାଲ ପାଖରେ ଏକ ଘରେ ଭଡ଼ାରେ ରହୁଥିଲେ। ଆଜି ସକାଳେ ଭଡ଼ାଘର ମଧ୍ୟରୁ ତାଙ୍କର ଝୁଲନ୍ତା ମୃତଦେହ ମିଳିଥିଲା।

**ହତ୍ୟା ଅଭିଯୋଗ ଆଣିଲେ ବାପା**

ପରିବାରଲୋକେ ଖବର ପାଇ ଘଟଣାସ୍ଥଳରେ ପହଞ୍ଚିଥିଲେ। ଭାଗବତଙ୍କ କହିବା ଅନୁସାରେ, ଗତକାଲି ପୁଅ ସହ କଥା ହୋଇଥିଲି, ସେ ରବିବାର ଘରକୁ ଯିବା କଥା କହିଥିଲା। ହେଲେ ରବିବାର ସକାଳେ ପୁଅ ଫୋନ ଉଠାଇ ନଥିଲା। ଦିନ ୧୧ଟାରେ ହାଇଦ୍ରାବାଦରେ ରହୁଥିବା ତା' ଭାଇ ନିକଟକୁ ଫୋନ ଯାଇଥିଲା ଯେ କଳିଙ୍ଗ ଦେହ ବହୁତ ଖରାପ ଅଛି। ପରିବାରଲୋକେ ତୁରନ୍ତ ମେଡିକାଲରେ ପହଞ୍ଚିବା ପରେ ସେଠାରେ ସେ ନଥିବା ବେଳେ ଭଡା ଘରକୁ ଯାଇଥିଲେ। ସେଠାରେ ଜାଣିବାକୁ ପାଇଥିଲେ ଯେ ତାଙ୍କ ପୁଅର ମୃତ୍ୟୁ ହୋଇଯାଇଛି। ତାଙ୍କ ପୁଅକୁ ଯେଉଁ ଦୁଇଜଣ ପିଲା ନେବା ଆଣିବା କରୁଥିଲେ। ସେମାନେ ଏବଂ ଘର ମାଲିକ ପୁଅକୁ ହତ୍ୟା କରି ଝୁଲାଇ ଦେଇଥିବା ନେଇ ବାପା ଭାଗବତ ଅଭିଯୋଗ କରିଛନ୍ତି। ଏ ସଂପର୍କରେ ସେ ସହଦେବଖୁଣ୍ଟା ଥାନାରେ ଏକ ଲିଖିତ ଅଭିଯୋଗ କରିଛନ୍ତି। ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଚଳାଇଛି।

## କେନ୍ଦ୍ରର ଦ୍ୱୈତ ନୀତିକୁ ନେଇ ଦ୍ୱନ୍ଦ୍ୱରେ ପହରିଆ ଜାତି

# ଛତିଶଗଡ଼ରେ ଆଦିବାସୀ; ଓଡ଼ିଶାରେ ପଛୁଆବର୍ଗ

ସିନାପାଲି,୨।୧୧ (ଶୁଭ୍ରାଂଶୁ ନାଏକ):

ଘଞ୍ଚ ସବୁଜ ବନାନୀ ଜଙ୍ଗଲର ପ୍ରକୃତି କୋଳରେ କେଉଁ ଆଦିମ ଯୁଗରୁ ରହି ଆସୁଛନ୍ତି ପହରିଆ ଜନଜାତି। ଏହି ଜନଜାତିକୁ କେନ୍ଦ୍ର ସରକାର ଆଦିବାସୀର ମାନ୍ୟତା ଦେଇ ନ ଥିବାରୁ ସେମାନେ ଅନେକ ଜନକଲ୍ୟାଣ ଯୋଜନାରୁ ବଞ୍ଚିତ ହେଉଛନ୍ତି ଓ ସୁବିଧା ସୁଯୋଗରୁ ବଞ୍ଚିତ ହେବାରୁ ସେମାନେ ଏବେ ଓଡ଼ିଶା ଛାଡ଼ି ଛତିଶଗଡ଼ମୁହାଁ ହୋଇଛନ୍ତି। ପହରିଆ ବର୍ଗର ଲୋକମାନଙ୍କ ଚାଲିଚଳଣି, ଭାଷା, ବେଶଭୂଷା, ଯାନିଯାତ୍ରା, ପର୍ବପର୍ବାଣୀ ସମେତ ଅନ୍ୟାନ୍ୟ ପାରମ୍ପରିକ ନୀତି ଭିନ୍ନ ଓ ଆଦିବାସୀ ମାନ୍ୟତା ପାଇବା ପାଇଁ ସବୁ ସର୍ତ୍ତକୁ ଏହି ବର୍ଗ ପୂରଣ କରିଛି। ମାତ୍ର ଓଡ଼ିଶାରେ ପହରିଆ ସମ୍ପ୍ରଦାୟର ଲୋକମାନେ ପଛୁଆ ବର୍ଗରେ ଥିବାବେଳେ ପଡ଼ୋଶୀ ଛତିଶଗଡ଼ରେ ପହରିଆଙ୍କୁ ଅନୁସୂଚୀତ ଜନଜାତି ମାନ୍ୟତା ମିଳିଛି। ଓଡ଼ିଶା ସୀମା ଆରପଟେ ଛତିଶଗଡ଼ରେ ପହରିଆମାନେ ଆଦିବାସୀମାନଙ୍କୁ ଦିଆଯାଇଥିବା ସୁବିଧା ସୁଯୋଗ ପାଉଛନ୍ତି; ମାତ୍ର ସୀମା ଏପଟେ ଥିବା ଓଡ଼ିଶାର ପହରିଆମାନେ ଏହି ସୁବିଧା ସୁଯୋଗରୁ ବଞ୍ଚିତ ହୋଇଛନ୍ତି।

ନୂଆପଡ଼ା ଓ କଳାହାଣ୍ଡି ଜିଲ୍ଲାର ବଣପାହାଡ଼ ଘେରା ଦୁର୍ଗମ ଅଞ୍ଚଳରେ ଏହି ଜନଜାତିର ଲୋକେ ବସବାସ କରିଛନ୍ତି। ସିନାପାଲି ବ୍ଲକର ନଙ୍ଗଲବୋର୍ଡ, ଖଇରପଦର ଘାଟମାଳ, ଝାରବନ୍ଧ, ନୂଆମାଳପଡ଼ା, ମଖାପଦର ସମେତ ନୂଆପଡ଼ା ଓ କଳାହାଣ୍ଡି ଜିଲ୍ଲାର ବଣ ଜଙ୍ଗଲ ଘେରା ଜଙ୍ଗଲ ଅଞ୍ଚଳରେ ବିଶେଷ ଭାବରେ ବସତି ସ୍ଥାପନ କରିଛନ୍ତି। ଏମାନଙ୍କ ମଧ୍ୟରୁ ଅଧିକାଂଶ ପରିବାର ଦାରିଦ୍ର୍ୟ ସୀମାରେଖା ତଳେ ରହିଛନ୍ତି କିଛି

**ଜନଜାତି ମାନ୍ୟତା ଦେବାକୁ ପୂର୍ବ ସରକାର ଲେଖିଥିଲା ଚିଠି**

**ବାରମ୍ବାର ଦାବି ସତ୍ତ୍ୱେ ବିଚାର କରୁନାହାନ୍ତି କେନ୍ଦ୍ର ସରକାର**

ଲୋକ ଜଙ୍ଗଲ ଜମିକୁ ଦଖଲ କରି ସେମାନେ ଚାଷ କାର୍ଯ୍ୟ କରୁଥିଲେ ମଧ୍ୟ ସେମାନଙ୍କୁ ଏହାର ପଟ୍ଟା ମିଳୁନାହିଁ। ଫଳରେ ସେମାନେ ସରକାରୀ ଯୋଜନାରୁ ସେମାନେ ବଞ୍ଚିତ ହେଉଛନ୍ତି ଓ ଆବାସ ପରି ଯୋଜନାରୁ ବାଦ୍ ପଡ଼ିଛନ୍ତି। ଜଙ୍ଗଲରୁ ବାଉଁଶ ସଂଗ୍ରହ କରି ବିଭିନ୍ନ ଉପକରଣ ପ୍ରସ୍ତୁତ କରି ବିକ୍ରି କରୁଛନ୍ତି ଓ ସେଥିରୁ ଲବ୍ଧ ଅର୍ଥରେ ପରିବାର ପ୍ରତିପୋଷଣ କରୁଛନ୍ତି। ବର୍ତ୍ତମାନ ଆଧୁନିକ ଯୁଗରେ ଏହି ଉପକରଣର ସେତେଟା ଚାହିଦା ନ ଥିବା ବେଳେ ପରିବାର ଚଳାଇବା କଷ୍ଟକର ହେବା ସହ କୌଳିକ ବୃତ୍ତି ବୁଡ଼ିବାକୁ ଯାଉଛି ବୋଲି ଏହି ଜନଜାତି ର ଲୋକେ ପ୍ରକାଶ କରିଛନ୍ତି।

ଏହି ସମ୍ପ୍ରଦାୟର ଲୋକମାନେ ଆଦିବାସୀ ମାନ୍ୟତା ପାଇଁ ବହୁବାର କେନ୍ଦ୍ର ସରକାର ଙ୍କ ନିକଟରେ ଦାବି ଜଣାଇ ଆସୁଥିବା ବେଳେ ଆଜି ପର୍ଯ୍ୟନ୍ତ ସୁଫଳ ମିଳିନାହିଁ। ଏହି ବର୍ଗକୁ ଆଦିବାସୀ ମାନ୍ୟତା ଦେବାକୁ ତତ୍କାଳୀନ ବିଜେଡି ସରକାର କେନ୍ଦ୍ର ନିକଟରେ ବାରମ୍ବାର ଦାବି କରିଥିଲେ ବି ତାହାକୁ କେନ୍ଦ୍ର ବିଚାରକୁ ନେଇନାହିଁ। ୨୦୨୩ ମସିହାରେ ଏହି ଲୋକମାନଙ୍କୁ ଆଦିବାସୀର ମାନ୍ୟତା ପାଇଁ ରାଷ୍ଟ୍ରପତିଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଥିଲା। ଏହାର ଅନୁସନ୍ଧାନ ପାଇଁ କେନ୍ଦ୍ର ଆଦିବାସୀ ମନ୍ତ୍ରଣାଳୟ ଏକ ପ୍ରତିନିଧି ଦଳ ଓଡ଼ିଶାକୁ ପଠାଇଥିଲା। ୨୦୨୩ ମାର୍ଚ୍ଚ ୨୫ ତାରିଖରେ ଭୁବନେଶ୍ୱରସ୍ଥ ରାଜ୍ୟ ଅତିଥି ଭବନରେ ପ୍ରତିନିଧି ଦଳ ବିଭିନ୍ନ ଅଧିକାରୀଙ୍କ ସହ ଆଲୋଚନା କରିଥିଲା। ସମ୍ପୃକ୍ତ ପ୍ରତିନିଧିମାନେ ତାଙ୍କର ରିପୋର୍ଟ କେନ୍ଦ୍ର ସରକାରଙ୍କ ନିକଟରେ ଦାଖଲ କରିବାର ୨ ବର୍ଷ ବିତିଥିଲେ ବି ଏଯାଏ ପହରିଆଙ୍କୁ ଜନଜାତି ମାନ୍ୟତା ମିଳିନାହିଁ। ସେହିପରି ଗତମାସରେ ମୁଖ୍ୟମନ୍ତ୍ରୀଙ୍କୁ ମଧ୍ୟ ଏହି ବର୍ଗର ଲୋକମାନେ ଭେଟି ଦାବି ଦୋହରାଇଛନ୍ତି।

■ ପୁଲିସ ଏସ୍‌ଆଇ ପରୀକ୍ଷା କେଲେଙ୍କାରୀ ମାମଲା

# ଖାଲି ହେଲା ବ୍ରହ୍ମପୁର ଜେଲର ୪ ୱାର୍ଡ

ବ୍ରହ୍ମପୁର, ୨।୧୧(ସମିସ): ପୁଲିସ ଏସ୍‌ଆଇ ପରୀକ୍ଷା କେଲେଙ୍କାରୀ ମାମଲାର ସମସ୍ତ ୧୧୪ଜଣ ଚାକିରି ଆଶାୟୀଙ୍କୁ ବ୍ରହ୍ମପୁର ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟ ଜାମିନ ପ୍ରଦାନ କରିଥିଲେ। ସେଥିମଧ୍ୟରୁ ପ୍ରଥମେ ୯୪ ଏବଂ ପରେ ୧୮ ଜଣ ସର୍ତ୍ତମୂଳକ ଜାମିନରେ ମୁକୁଳିଥିବା ବେଳେ ଶନିବାର ଆଉ ୨ଜଣ ମୁକୁଳିଛନ୍ତି। ଏହି ମାମଲାରେ ଗିରଫ ସମସ୍ତ ଚାକିରି ଆଶାୟୀ ୧୧୪ଜଣ ମୁକୁଳିବା ପରେ ଜେଲ୍‌ର ଗୋଟିଏ ପୁରୁଣା ୱାର୍ଡ ସମେତ ୩ଟି ନୂଆ ୱାର୍ଡ ଖାଲି ହୋଇଛି।

୧୧୪ ଚାକିରି ଆଶାୟୀଙ୍କ ସମେତ ମୋଟ ୧୨୩ଜଣ ଗିରଫ ହୋଇଥିଲେ। ଶଙ୍କର ପ୍ରୁଷ୍ଟି ଗିରଫ ହେବା ପରେ ଏହି ସଂଖ୍ୟା ୧୨୪କୁ ବୃଦ୍ଧି ପାଇଛି। ପରୀକ୍ଷା ପାଇଁ ପ୍ରଶ୍ନପତ୍ର ପ୍ରସ୍ତୁତିଠାରୁ ଆରମ୍ଭ କରି ସମସ୍ତ ଗୋପନୀୟ କାର୍ଯ୍ୟ ପଞ୍ଚସପ୍ଟ କମ୍ପାନୀର ନିର୍ଦ୍ଦେଶକ ଥିବା ଶଙ୍କର ପ୍ରୁଷ୍ଟି କରୁଥିଲା ଏବଂ ସେହିଠାରୁ ହିଁ ସେ ପ୍ରଶ୍ନପତ୍ର ଲିକ୍ କରି ପରୀକ୍ଷା ପୂର୍ବରୁ ପିଲାଙ୍କୁ ପ୍ରସ୍ତୁତି କରିବାକୁ ଯୋଜନା କରିଥିବା ଅଭିଯୋଗ ହୋଇଥିଲା। ୧୧୪ଜଣ ପରୀକ୍ଷାର୍ଥୀଙ୍କ ସମେତ ୩ଜଣ ଦଲାଲ୍ ବିଶାଖାପାଟଣା ଯାଉଥିବା ବେଳେ ଆନ୍ଧ୍ରପ୍ରଦେଶର ଶ୍ରୀକାକୁଲମ୍‌ଠାରୁ ଗତ ସେପ୍ଟେମ୍ବର ୩୦ବିଳମ୍ବିତ ରାତିରେ ବ୍ରହ୍ମପୁର ଗୋଳନ୍ଥରା ଥାନା ପୁଲିସ୍ ଗିରଫ କରିଥିଲା। ପରେ ଆଉ ଦୁଇଜଣ ଦଲାଲ୍

**ଜାମିନରେ ମୁକୁଳିଲେ ଆଉ ୨ଚାକିରି ଆଶାୟୀ**

ବିଶ୍ୱରଞ୍ଜନ ବେହେରା ଓ ଅରବିନ୍ଦଙ୍କୁ ଗିରଫ କରିବା ପରେ ଗିରଫଦାରୀ ସଂଖ୍ୟା ୧୧୯ରେ ପହଞ୍ଚିଥିଲା। ଘଟଣାର ୧୭ ଦିନ ପରେ ମୁନା ସମେତ ତାର ସହଯୋଗୀ ଶ୍ରୀକାନ୍ତ ମହାରଣା ଓ ସୁକାନ୍ତ ମହାରଣାଙ୍କୁ ନୟାଗଡ଼ ଜିଲ୍ଲା ଦଶପଲ୍ଲାର ଏକ ଫାର୍ମ ହାଉସ୍‌ରୁ ଏବଂ ପିଲା ଯୋଗାଡ଼ କରୁଥିବା ପ୍ରିୟଦର୍ଶିନୀ ସାମଲଙ୍କୁ ଗିରଫ କରାଯାଇଥିଲା। ମୁନା ମହାନ୍ତି, ଲୋକନାଥ ସାହୁ ଓ ପ୍ରିୟଦର୍ଶିନୀ ସାମଲଙ୍କୁ କ୍ରାଇମବ୍ରାଞ୍ଚ ନଭେମ୍ବର ପହିଲାରୁ ୫ ତାରିଖ ପର୍ଯ୍ୟନ୍ତ ୫ ଦିନିଆ ରିମାଣ୍ଡରେ ନେଇ ଜେରା କରୁଛି।

# ବିପୁଳ ମାଓ ସମଗ୍ରୀ ଓ ବିସ୍ଫୋରକ ଜବତ

ମାଲକାନଗିରି, ୨।୧୧(ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ର ଗରିଆବନ୍ଧ ଜିଲ୍ଲାର ତିନୋଟି ଭିନ୍ନ ଜଙ୍ଗଲ ଅଞ୍ଚଳରେ ସର୍ଚ୍ଚ ଅପରେସନ୍ ସମୟରେ ନକ୍ସଲମାନେ ଲୁଚାଇ ରଖିଥିବା ବିସ୍ଫୋରକ, ବିପୁଳ ପରିମାଣର ମାଓ ସାମଗ୍ରୀ ପୁଲିସ ଜବତ କରିଛି। ତଥ୍ୟ ଅନୁସାରେ, ଗରିଆବନ୍ଧ ଜିଲ୍ଲାର ସାଇବିଙ୍କାଚର, କୋଡୋମାଲି ଏବଂ ଭୂତବେଡ଼ା ଜଙ୍ଗଲ ଅଞ୍ଚଳରେ ପୁଲିସ ପକ୍ଷରୁ ମାଓ ଦମନ ପାଇଁ ତଲାସି ଅଭିଯାନ ଜାରି ରହିଥିଲା। ଜଙ୍ଗଲଗୁଡ଼ିକରେ ମାଓବାଦୀମାନେ ଲୁଚାଇ ରଖିଥିବା ବହୁ ମାଓ ସାମଗ୍ରୀ ଓ ବିସ୍ଫୋରକ ସାମଗ୍ରୀକୁ ପୁଲିସ ଜବତ କରିଥିଲା। ଉଦ୍ଧାର ସାମଗ୍ରୀ ମଧ୍ୟରେ ୪ଟି କୁକର୍‌ବୋମା, ବିଦ୍ୟୁତ୍ ତାର, ବିସ୍ଫୋରକ ସାମଗ୍ରୀ ଏବଂ ମାଓବାଦୀଙ୍କ ନିତ୍ୟବ୍ୟବହୃତ ସାମଗ୍ରୀ ରହିଥିବା ଜଣାପଡ଼ିଛି। ଏନେଇ ଗରିଆବନ୍ଧ ଏସ୍‌ପି ନିଖିଲ ରାଖେଚା ସୂଚନା ଦେବା ସହ ପ୍ରକାଶ କରିଛନ୍ତି ଯେ ମାଓବାଦୀଙ୍କ କାର୍ଯ୍ୟକଳାପ ଉପରେ ନିରନ୍ତର ନଜର ରଖାଯାଇଛି। ସୁରକ୍ଷାବାହିନୀ ସେମାନଙ୍କ ପ୍ରତ୍ୟେକ କାର୍ଯ୍ୟକଳାପ ଉପରେ ନଜର ରଖିଛନ୍ତି ଏବଂ ଭବିଷ୍ୟତରେ ମଧ୍ୟ ସୁରକ୍ଷା ବାହିନୀର ସର୍ଚ୍ଚ ଅପରେସନ ଜାରି ରହିବ।

# ୨ ଲୁଟେରାଙ୍କୁ ରାସ୍ତାରେ ଚଲାଇ ପୁଲିସ ଜିମା

ବାଲେଶ୍ୱର,୨।୧୧(ସମିସ): ବାଲେଶ୍ୱର ଚାନ୍ଦିପୁର ଥାନା ଅଞ୍ଚଳର ପଟାପୋଲଠାରେ ଜଣେ ବ୍ୟବସାୟୀଙ୍କଠାରୁ ଟଙ୍କା ଲୁଟ୍ କରି ଫେରାର ହେଉଥିବା ଲୁଟେରାଙ୍କୁ ଗ୍ରାମବାସୀ କାବୁକରି ବାନ୍ଧି ରାସ୍ତାରେ ଚଲାଇ ଚଲାଇ ପୁଲିସ ଜିମା ଦେଇଛନ୍ତି।

ରବିବାର ପୂର୍ବାହ୍ନରେ ଚାନ୍ଦିପୁର ଥାନା ପଟାପୋଲ ଛକଠାରେ ତିନି ଜଣ ଅସାମାଜିକ ଖଣ୍ଡା, ଭୁଜାଲି ଦେଖାଇ ଜଣେ ବ୍ୟବସାୟୀଙ୍କଠାରୁ ଟଙ୍କା ଲୁଟ କରି ଫେରାର ହେବାକୁ ବସିଥିଲେ। ଏହି ସମୟରେ ସ୍ଥାନୀୟ ଲୋକେ ରୁଣ୍ଡ ହୋଇଯିବାରୁ ଜଣେ ଯୁବକ ଘଟଣାସ୍ଥଳରୁ ଫେରାର ହୋଇଯିବା ସହ ଅନ୍ୟ ଦୁଇ ଜଣ ଗ୍ରାମବାସୀଙ୍କ ହାବୁଡରେ




ପଡିଯାଇଥିଲେ। ଫଳରେ ଲୋକେ ସେମାନଙ୍କୁ କାବୁ କରିବା ସହ ସେମାନଙ୍କ ହାତକୁ ବାନ୍ଧି ବିଚ ରାସ୍ତାରେ ଚଲାଇଥିଲେ। ଚାନ୍ଦିପୁର ପୁଲିସ ଘଟଣା ସ୍ଥଳରେ ପହଁଚିବା ପରେ ଲୋକେ ଉକ୍ତ ଦୁଇ ଜଣ ଯୁବକଙ୍କୁ ପୁଲିସ ଜିମା ଦେଇଥିଲେ। ପୁଲିସ ଘଟଣାର ତଦନ୍ତ ଚଳାଇଛି।

## ଚର୍ଚ୍ଚାରେ ବ୍ରହ୍ମପୁର ମଣ୍ଡଳ କାରାଗାର

# ଏମ୍‌ଜେଏମ୍‌ସି ପାସ୍ କଲେ କଏଦୀ ବିମଳ

ବ୍ରହ୍ମପୁର, ୨।୧୧(ସମିସ): ଦୃଢ଼ ସଂକଳ୍ପ ଓ ଇଚ୍ଛାଶକ୍ତି ଆଗରେ ସବୁ ବାଧାବିଘ୍ନ ହାର୍ ମାନିଥାଏ। ଏହି ଉକ୍ତିକୁ ପ୍ରମାଣିତ କରି ଦେଖାଇଛନ୍ତି ବ୍ରହ୍ମପୁର ମଣ୍ଡଳ କାରାଗାରରେ ବନ୍ଦୀ ଜୀବନ ବିତାଉଥିବା ବିମଳ କୁମାର ମିଶ୍ର(୫୧)। ଏକ ନିର୍ଦ୍ଦିଷ୍ଟ ମାମଲାରେ ଦୋଷୀ ସାବ୍ୟସ୍ତ ହୋଇ ଆଜୀବନ ସଜା କାଟୁଥିବା ବିମଳ ସାମ୍ବାଦିକତା ଓ ଗଣଯୋଗାଯୋଗ (ଏମଜେଏମସି)ର ସ୍ନାତକୋତ୍ତର ଡିଗ୍ରୀ ପାଠ୍ୟକ୍ରମରେ ପାସ୍ କରିଛନ୍ତି। ସେ ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟରେ ଏହି ପାଠ୍ୟକ୍ରମରେ ୭.୪୯ ସିଜିପିଏ ସହ ପ୍ରଥମ ସ୍ଥାନରେ ପାସ୍ କରିଛନ୍ତି। ବ୍ରହ୍ମପୁର କାରାଗାରର ପୂର୍ବରୁ କୌଣସି କଏଦୀ ଏମଜେଏମସି ପାଠ୍ୟକ୍ରମ ପାସ୍ କରିନଥିବା ବେଳେ ପ୍ରଥମଥର ନିମନ୍ତେ ୫୧ବର୍ଷୀୟ ବିମଳ ଉକ୍ତ ସ୍ନାତକୋତ୍ତର ପାଠ୍ୟକ୍ରମରେ ଡିଗ୍ରୀ ହାସଲ କରିଛନ୍ତି।

ମଣ୍ଡଳ କାରାଗାରରେ ରହୁଥିବା ଅନ୍ତେଃବାସୀଙ୍କୁ ସମାଜର ମୁଖ୍ୟ ସ୍ରୋତରେ ସାମିଲ କରିବାକୁ ସରକାରଙ୍କ ପକ୍ଷରୁ ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଇଛି। ସେଥିମଧ୍ୟରୁ ମୁକ୍ତ ବିଶ୍ୱବିଦ୍ୟାଳୟରେ ମାଗଣା ବିଭିନ୍ନ ପାଠ୍ୟକ୍ରମରେ ନାମଲେଖା ସହ ସମସ୍ତ ପ୍ରକାର ପାଠ୍ୟପୁସ୍ତକ ସହାୟତା ପ୍ରଦାନ କରାଯାଉଛି। ଯାହାର ଫଳସ୍ୱରୂପ ବିମଳ ଏହି କୃତିତ୍ୱ ହାସଲ କରିବାବା ସହ ଡିଗ୍ରୀ ହାସଲ ସକ୍ଷମ ହୋଇଛନ୍ତି।

ସୂଚନାଯୋଗ୍ୟ, ବ୍ରହ୍ମପୁର ମଣ୍ଡଳ କାରାଗାରରେ ଦୀର୍ଘ ୯ବର୍ଷ ହେବ ଏକ ନିର୍ଦ୍ଦିଷ୍ଟ ମାମଲାରେ ଦୋଷୀ ସାବ୍ୟସ୍ତ ହୋଇ କୋଦଳା ଥାନା ଅଞ୍ଚଳର ବିମଳ ଆଜୀବନ ସଜା କାଟୁଛନ୍ତି। ବର୍ତ୍ତମାନ୍ ସେ ମଣ୍ଡଳ କାରାଗାରରେ ପାରାଲିଗାଲ ଭାଲ୍ୟୁଣ୍ଟର ଭାବେ କାର୍ଯ୍ୟ କରୁଛନ୍ତି। ସେ ନିୟମିତ ଶିକ୍ଷକ କାରଗାରରେ ରହିଥିବା ଶ୍ରେଣୀଗୃହକୁ ପରିଭ୍ରମଣ କରି ଅନ୍ୟାନ୍ୟ ବିଦ୍ୟାର୍ଥୀଙ୍କୁ ଶିକ୍ଷାଦାନ କରୁଛନ୍ତି। ଏହି କ୍ରମରେ ନିକଟରେ ପ୍ରକାଶିତ ପରୀକ୍ଷା ଫଳରେ ବିମଳ ପ୍ରଥମ ସ୍ଥାନରେ ପାସ କରିଥିବା ବ୍ରହ୍ମପୁର ମଣ୍ଡଳ କାରାଗାର ବରିଷ୍ଠ ଅଧୀକ୍ଷକ ଧୀରେନ୍ଦ୍ର ନାଥ ବାରିକ କହିଛନ୍ତି। ଅନ୍ୟପକ୍ଷରେ ଉଚ୍ଚଶିକ୍ଷା ଲାଭ କରିବା ସହ ଉଚ୍ଚଶିକ୍ଷିତ ଲକ୍ଷ୍ୟରେ ଅନ୍ତେଃବାସୀଙ୍କୁ ନିୟମିତ ଶିକ୍ଷା ଓ ସଚେତନତା କାର୍ଯ୍ୟକ୍ରମ ଜରିଆରେ ଉତ୍ସାହିତ କରାଯାଉଥିବା ମୁକ୍ତ ବିଶ୍ୱବିଦ୍ୟାଳୟର ଆଞ୍ଚଳିକ ଶାଖାର ସଂଯୋଜିକା ଶୀତଲ ପୂର୍ଣ୍ଣିମା କହିଛନ୍ତି। ଗତ ୨୦୨୨ ମସିହାରେ ଏହି ପାଠ୍ୟକ୍ରମରେ ୧୧ଜଣ ଅନ୍ତେଃବାସୀ ନାମ ଲେଖାଇଥିଲେ। ତନ୍ମଧ୍ୟରୁ ପ୍ରଥମ ବିଦ୍ୟାର୍ଥୀ ରୂପେ ବିମଳ ଶିକ୍ଷା ଶେଷ କରିବାରେ ସକ୍ଷମ ହୋଇଛନ୍ତି। ପୂର୍ବରୁ ଅନେକ ଅନ୍ତେଃବାସୀ ଏଠାରେ ଶିକ୍ଷାବର୍ଷ ଶେଷ କରିଥିଲେ ମଧ୍ୟ ପିଜି ପାଠ୍ୟକ୍ରମ ଶେଷ କରିବାରେ ବିମଳ ପ୍ରଥମ ବୋଲି ସେ କହିଛନ୍ତି।

# ଆଦର୍ଶ ଆଚରଣ ବିଧି ବେଳେ ସିଇଓଙ୍କ ଟେଣ୍ଡର ଆହ୍ୱାନ

ଭୁବନେଶ୍ୱର,୨।୧୧(ସମିସ): ନୂଆପଡ଼ା ବିଧାନସଭା ଉପନିର୍ବାଚନ ତାରିଖ ଘୋଷଣା ସହିତ ସମଗ୍ର ଜିଲ୍ଲାରେ ଆଦର୍ଶ ଆଚରଣ ବିଧି ଲାଗୁ ହୋଇଛି। ଏହି ଉପନିର୍ବାଚନ ସମ୍ବନ୍ଧୀୟ ଗଜେଟ୍ ନୋଟିଫିକେସନ୍ ଅକ୍ଟୋବର ୧୩ରେ ପ୍ରକାଶ ପାଇବା ପରେ ମଧ୍ୟ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ (ସିଇଓ)ଙ୍କୁ ରାଜ୍ୟ ସରକାର ଅତିରିକ୍ତ ଦାୟିତ୍ୱରୁ ମୁକ୍ତ କରି ନାହାନ୍ତି। ବରିଷ୍ଠ ଆଇଏଏସ୍ ଆର୍.ଏସ୍ ଗୋପାଳନ୍ ବର୍ତ୍ତମାନ ସିଇଓ ଭାବେ କାର୍ଯ୍ୟ କରୁଥିବା ବେଳେ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ଶସକ୍ତିକରଣ (ଏସ୍‌ଏସ୍‌ଇପିଡି) ବିଭାଗର ମଧ୍ୟ କମିସନର ତଥା ସଚିବ ଭାବେ କାର୍ଯ୍ୟରତ ଅଛନ୍ତି।

ଦ୍ୱୈତ ଦାୟିତ୍ୱରେ ରହି ଶ୍ରୀ ଗୋପାଳନ ଆଦର୍ଶ ଆଚରଣ ବିଧିର ଉଲ୍ଲଙ୍ଘନ କରିଥିବା ନେଇ ଅଭିଯୋଗ ଆସିଛି। କାରଣ ନୂଆପଡ଼ା ଉପନିର୍ବାଚନ ଘୋଷଣା ପରେ, ସିଇଓ ତଥା ଏସ୍‌ଏସ୍‌ଇପିଡି ବିଭାଗ ସଚିବ ଶ୍ରୀ ଗୋପାଳନ ପ୍ରାୟ ୪୦ କୋଟି ଟଙ୍କାର ଟେଣ୍ଡର ଜାରି କରିଛନ୍ତି। ଆଦର୍ଶ ଆଚରଣ ବିଧି ଲାଗୁ ହେବା ପରେ ଅର୍ଥାତ ଅକ୍ଟୋବର ୧୩ ତାରିଖରେ ଏହି ଟେଣ୍ଡର ଜାରି ହୋଇଛି। ଏଥିରେ ରାଜ୍ୟର ୩୦ଟି ଜିଲ୍ଲା ପାଇଁ ଭିନ୍ନକ୍ଷମ ଲୋକଙ୍କ ସାଧନ ସରଞ୍ଜାମ କିଣିବା ପାଇଁ ଟେଣ୍ଡର ହୋଇଛି। ଟେଣ୍ଡର ଦାଖଲର ଶେଷ ତାରିଖ ଅକ୍ଟୋବର ୩୧ ତାରିଖ ରହିଛି, ଯାହା ନିର୍ବାଚନ ଅଚରଣ ବିଧି ସମୟସୀମା ମଧ୍ୟରେ ପଡୁଛି। ଏହି ଟେଣ୍ଡର ସିଧାସଳଖ ଭାବରେ ନୂଆପଡ଼ାର ୪ ହଜାର ଭିନ୍ନକ୍ଷମ ଭୋଟରଙ୍କୁ ପ୍ରଭାବିତ କରିପାରେ ବୋଲି ଅଭିଯୋଗ ହୋଇଛି। ଶ୍ରୀ ଗୋପାଳନ ଏହି ଟେଣ୍ଡର କମିଟିର ମୁଖ୍ୟ ହୋଇଥିବାରୁ, ଏହା ସ୍ପଷ୍ଟ ଆଦର୍ଶ ଆଚରଣ ବିଧି ଉଲ୍ଲଙ୍ଘନ ବୋଲି ଅଭିଯୋଗ ହୋଇଛି।

ଭାରତ ନିର୍ବାଚନ ଆୟୋଗ (ଇସିଆଇ)ଙ୍କ ନିୟମାବଳୀ ଅନୁଯାୟୀ, ଯଦି କୌଣସି ଆଇଏଏସ୍ ମୁଖ୍ୟ

■ ଦ୍ୱୈତ ଦାୟିତ୍ୱରେ ରହି ଭିନ୍ନକ୍ଷମଙ୍କ ପାଇଁ ହୋଇଛି ଟେଣ୍ଡର
■ ଉପନିର୍ବାଚନରେ ଦିବ୍ୟାଙ୍ଗ ଭୋଟରଙ୍କୁ ପ୍ରଭାବିତ ଅଭିଯୋଗ
■ ଆଚରଣ ବିଧି ଉଲ୍ଲଙ୍ଘନ, ନିଷ୍ପକ୍ଷତା ଉପରେ ଉଠିଲା ପ୍ରଶ୍ନ

ନିର୍ବାଚନ ଅଧିକାରୀ ସହିତ ଅନ୍ୟ କୌଣସି ପଦବୀ ଧାରଣ କରୁଛନ୍ତି, ତେବେ ନିର୍ବାଚନ ସମୟରେ ସେମାନଙ୍କୁ ସେହି ଅନ୍ୟ ପଦବୀରୁ ମୁକ୍ତ କରାଯିବ। ଦ୍ୱେତ ଦାୟିତ୍ୱ ଧାରଣ କରିବା ଦ୍ୱାରା ସରକାରୀ ଯୋଜନା, ଆଇନଶୃଙ୍ଖଳା ଓ ସାମାଜିକ ସେବା ଇତ୍ୟାଦି ମାମଲାରେ ପ୍ରଭାବ ପକାଇ ନିର୍ବାଚନ ପ୍ରକ୍ରିୟାର ସ୍ୱଚ୍ଛତା ଉପରେ ପ୍ରଶ୍ନ ଉଠିବାର ଆଶଙ୍କ ରହୁଛି। ତେଣୁ ଇସିଆଇ ଏହି କ୍ଷେତ୍ରରେ ରାଜ୍ୟଗୁଡ଼ିକ ପାଇଁ ସ୍ପଷ୍ଟ ନିର୍ଦ୍ଦେଶନାମା ଜାରି କରିଥା'ନ୍ତି। ମାତ୍ର ବର୍ତ୍ତମାନ ଗୋପାଳନଙ୍କ ଦୁଇଟି ଦାୟିତ୍ୱ ଧାରଣ କରିବା ନିୟମ ବିରୋଧୀ ଓ ନୀତିବିରୋଧୀ ହୋଇଥିବା ସତ୍ତ୍ୱେ ରାଜ୍ୟ ସରକାର ଏଥିପ୍ରତି ଆଖିବୁଜି ଦେଇଥିବା ପରିଲକ୍ଷିତ ହୋଇଛି। ନୂଆପଡ଼ା ଭଳି ଏକ ଗୁରୁତ୍ୱପୂର୍ଣ୍ଣ ଉପନିର୍ବାଚନରେ ବିରୋଧୀ ଏକାଧିକବାର ନିର୍ବାଚନରେ ସ୍ୱଚ୍ଛତା ଓ ନିରପେକ୍ଷତାକୁ ନେଇ ପ୍ରଶ୍ନ କରୁଥିବା ବେଳେ ରାଜ୍ୟ ସରକାର ତାଙ୍କୁ ଶାସନ ସଚିବ ପଦରୁ ଅପସାରଣ ନ କରିବା ଲୋକମାନଙ୍କ ମଧ୍ୟରେ ଅନେକ ପ୍ରଶ୍ନ ଉଠାଇଛି।

ସୂଚନା ଥାଉ କି ଜଣେ ସିଇଓ ରାଜ୍ୟ ସରକାରଙ୍କ ସହିତ ଅନ୍ୟ କୌଣସି ବିଭାଗ ଦାୟିତ୍ୱରେ ରହିଥା'ନ୍ତି, ତେବେ ନିର୍ବାଚନ ଆୟୋଗ ସେହି ଅଧିକାରୀଙ୍କୁ ନିର୍ବାଚନ ଅବଧି ପାଇଁ ଅଣ-ସିଇଓ କର୍ତ୍ତବ୍ୟରୁ ମୁକ୍ତ କରିବାକୁ ନିର୍ଦ୍ଦେଶ ଦେବା ପୂର୍ବରୁ ରାଜ୍ୟ ସରକାରମାନେ ନିଜଆଡୁ ସେମାନଙ୍କୁ ଅନ୍ୟ ଦାୟିତ୍ୱରୁ ମୁକ୍ତ କରିଥା'ନ୍ତି। ହେଲେ ରାଜ୍ୟ ସରକାର ବର୍ତ୍ତମାନ ପର୍ଯ୍ୟନ୍ତ ଏହି କାର୍ଯ୍ୟ କରି ନାହାନ୍ତି। ନୂଆପଡ଼ା ବିଧାନସଭା ନିର୍ବାଚନମଣ୍ଡଳୀର ଚୂଡ଼ାନ୍ତ ଭୋଟର ତାଲିକା ପ୍ରକାଶ ପାଇଥିବା ବେଳେ ଏହି ନିର୍ବାଚନମଣ୍ଡଳୀରେ ୧,୭୮୬ ଜଣ ବରିଷ୍ଠ ଭୋଟର ଏବଂ ୩,୯୮୮ ଜଣ ଭିନ୍ନକ୍ଷମ ଭୋଟର ଅଛନ୍ତି। ସିଇଓଙ୍କ ଏହି ଟେଣ୍ଡର ପରେ ତାଙ୍କ ନିରପେକ୍ଷତା ଉପରେ ବିରାଟ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

## ଆଜିର ରାଶିଫଳ

**ମେଷ:** ବରିଷ୍ଠ ଅଧିକାରୀ ଆପଣଙ୍କ କାର୍ଯ୍ୟରେ ଖୁସି ହେବେ। ବ୍ୟବସାୟରେ ସମସ୍ୟା ଦୂର ହେବ। କୌଣସି କଥାକୁ ନେଇ ଚିନ୍ତାରେ ରହିବେ। ନୂଆ କାମରେ ପରିବାରର ସହଯୋଗ ମିଳିବ।

**ବୃଷ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। କାର୍ଯ୍ୟରେ ପଦୋନ୍ନତି ସମ୍ଭାବନା ରହିବ। ଛାତ୍ରଛାତ୍ରୀଙ୍କୁ ଶୁଭଫଳ ମିଳିବ। ଅଟକି ରହିଥିବା କାର୍ଯ୍ୟ ପୂରା ହେବ। ଘରେ ପୂଜାପାଠ ଆୟୋଜନ କରିବେ।

**ମିଥୁନ:** ନିଜ ଦାୟିତ୍ୱ ସୁଚାରୁରୂପେ ତୁଲାଇବେ। ଧନ ବ୍ୟୟର ଯୋଗ ରହିଛି। ଭାଇ, ଭଉଣୀଙ୍କ ମନୋମାଳିନ୍ୟ ଦୂର ହେବ। ରାଜନୀତିରେ ସଫଳତା ମିଳିବ।

**କର୍କଟ:** ଚାକିରିଆଙ୍କୁ ଧନ ପ୍ରାପ୍ତି ଯୋଗ ଅଛି। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ଯାନବାହନ କିଣିପାରନ୍ତି। କୌଣସି ଇଚ୍ଛା ପୂରଣ ହେବ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।

**ସିଂହ:** ଦୂର ସ୍ଥାନକୁ ଯାତ୍ରା କରିବେ। ନୂଆ ଲୋକଙ୍କ ସହ ସମ୍ପର୍କ ଘନିଷ୍ଠ ହେବ। ଅଧିକ ଖର୍ଚ୍ଚାନ୍ତ ହେବେ। ଛାତ୍ରଛାତ୍ରୀ ବିଦେଶ ଯାତ୍ରା କରିବେ।

**କନ୍ୟା:** ବନ୍ଧୁଙ୍କ ସହାୟତାରେ ଆୟର ନୂଆ ମାର୍ଗ ଉନ୍ମୁକ୍ତ ହେବ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ପୂଜାପାଠରେ ସାମିଲ ହେବେ। ପ୍ରେମ ଜୀବନରେ ମଧୁରତା ଆସିବ।

**ତୁଳା:** ପୈତୃକ ସମ୍ପତ୍ତିରେ ବିବାଦ ଦେଖା ଦେବ। ପୂର୍ବରୁ କରିଥିବା ନିବେଶରୁ ଲାଭ ମିଳିବ। ସରକାରୀ କ୍ଷେତ୍ରରେ ସଫଳତା ମିଳିବ। ଜୀବନସାଥୀଙ୍କ ସହଯୋଗ ମିଳିବ।

**ବିଛା:** ବ୍ୟାଙ୍କ ଚାକିରିଆଙ୍କୁ କୌଣସି ଖୁସି ଖବର ମିଳିବ। ପିଲାଙ୍କ ସହ ସମୟ ଅତିବାହିତ କରିବେ। ପରିବାର ସହ କୌଣସି ସ୍ଥାନକୁ ବୁଲିବାକୁ ଯିବେ। ସ୍ୱାସ୍ଥ୍ୟରେ ସୁଧାର ହେବ।

**ଧନୁ:** ଅର୍ଥ ସଞ୍ଚୟ କରିବେ। ଭବିଷ୍ୟତର କୌଣସି ଯୋଜନାକୁ ନେଇ ଚିନ୍ତାରେ ରହିବେ। ପାରିବାରିକ ଜୀବନ ସୁଖମୟ ହେବ। ଘରେ ମାଙ୍ଗଳିକ କାର୍ଯ୍ୟ ଅନୁଷ୍ଠିତ ହେବ।

**ମକର:** ସମୟ ପୂର୍ବରୁ କାର୍ଯ୍ୟ ଶେଷ କରିବେ। ବ୍ୟବସାୟରେ ପରିବର୍ତ୍ତନ ଆଣିବା ଲାଗି ଘରର ଗୁରୁଜନଙ୍କ ସହ ଆଲୋଚନା କରିବେ। ଜମି କିଣାବିକାକୁ ନେଇ ନୂଆ ଯୋଜନା କରିବେ।

**କୁମ୍ଭ:** ପ୍ରେମ ଜୀବନରେ ପ୍ରଗାଢ଼ତା ଆସିବ। ଭବିଷ୍ୟତ ଲାଗି ଅର୍ଥ ନିବେଶ କରିବେ। ଛାତ୍ରଛାତ୍ରୀ ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପ୍ରସ୍ତୁତି କରିବେ। ପଡ଼ୋଶୀଙ୍କ ସହ ମତାନ୍ତର ଦେଖା ଦେବ।

**ମୀନ:** ଭଜନ, କୀର୍ତ୍ତନରେ ସାମିଲ ହେବେ। କୌଣସି କାମରେ ପରିବାରର ସହଯୋଗ ମିଳିବ। ବିରୋଧୀଙ୍କଠାରୁ ଦୂରତ୍ୱ ରକ୍ଷା କରିବେ।

## ଆଜିର ଇତିହାସ

- ୧୯୪୮ - ପ୍ରଧାନମନ୍ତ୍ରୀ ଜବାହରଲାଲ ନେହରୁ ମିଳିତ ଜାତିସଂଘରେ ତାଙ୍କ ପ୍ରଥମ ଅଭିଭାଷଣ ରଖିଲେ।
- ୧୯୫୭ - ସୋଭିଏତ୍ ସଂଘ 'ଲାଇକା' ନାମକ କୁକୁରକୁ ମହାକାଶକୁ ପଠାଇଲା।
- ୧୯୫୮ - ପ୍ୟାରିସ୍‌ରେ ୟୁନେସ୍କୋ ଭବନର ଉଦ୍‌ଘାଟନ କରାଗଲା।
- ୨୦୦୪- ଜର୍ଜ ଡବ୍ଲୁ ବୁଶ୍ ଆମେରିକାର ରାଷ୍ଟ୍ରପତି ହେଲେ।

## ୧୮ ବର୍ଷ ପରେ ଏକାଠି ଗୋବିନ୍ଦା-ସଲମାନ



ନବେ ଦଶକର ସୁପରଷ୍ଟାର୍ ଗୋବିନ୍ଦା ତାଙ୍କର ଆଗାମୀ ଫିଲ୍ମକୁ ନେଇ ଚର୍ଚ୍ଚାରେ। ସେ ସଲମାନ୍‌ଙ୍କ ଫିଲ୍ମ 'ବ୍ୟାଟଲ୍ ଅଫ୍ ଗଲୱାନ୍'ରେ ନଜର ଆସିବେ। ଏଥିରେ ସେ ନିଶ ରଖିଥିବାର ଦେଖାଯିବେ। ହିରୋ ନମ୍ବର ୱାନ୍‌ଙ୍କର ନିଶ ରଖିଥିବା ଏହି ଫଟୋ ସାମାଜିକ ଗଣମାଧ୍ୟମରେ ବେଶ୍ ଭାଇରାଲ ହେଉଛି। ନିକଟରେ 'ବିଗ୍‌ବସ୍ ୧୯' ଶୋ'କୁ ଗୋବିନ୍ଦାଙ୍କ ପତ୍ନୀ ସୁନୀତା ଆହୁଜା ଆସିଥିଲେ। ଶୋ'ରେ ସଲମାନ୍ ଗୋବିନ୍ଦାଙ୍କ ସହ କାମ କରୁଛନ୍ତି ବୋଲି ଇଶାରା ଦେଇଥିଲେ। ଗୋବିନ୍ଦା ଏହି ଫିଲ୍ମର ସୁଟିଂ ମଧ୍ୟ ଆରମ୍ଭ କରି ଦେଇଛନ୍ତି। ଏଠାରେ ପ୍ରକାଶ ଥାଉ କି, ସଲମାନ୍ ଓ ଗୋବିନ୍ଦା ଏକାଠି ଶେଷଥର ପାଇଁ ୨୦୦୭ ମସିହାରେ 'ପାର୍ଟନର' ସିନେମାରେ ଦେଖାଯାଇଥିଲେ। ଏହି ଦୁହିଁଙ୍କ ଯୋଡ଼ି ଦର୍ଶକଙ୍କୁ ଖୁବ୍ ପସନ୍ଦ ଆସିଥିଲା। ସିନେମାଟି ବକ୍ସ ଅଫିସ୍‌ରେ ସୁପରହିଟ୍ ହୋଇଥିଲା। ଏବେ ପୁଣି ଥରେ ୧୮ ବର୍ଷ ପରେ ସଲମାନ ଏବଂ ଗୋବିନ୍ଦାଙ୍କୁ ବଡ଼ ପରଦାରେ ଏକାଠି ଦେଖିବାକୁ ମିଳିବ। 'ବ୍ୟାଟଲ୍ ଅଫ୍ ଗଲୱାନ୍'ରେ ଚିତ୍ରାଙ୍ଗଦା ସିଂହ, ଅଙ୍କୁର ଭାଟିଆ, ଅଭିଲାଷ ଚୌଧୁରୀ, ବିପିନ ଭରଦ୍ୱାଜ ପ୍ରମୁଖ ଦେଖାଯିବେ। ଅପୂର୍ବା ଲାଖିଆ ଏହାର ନିର୍ଦ୍ଦେଶନା ଦେଇଛନ୍ତି।

## 'ସିଙ୍ଗାପୁର' ନାମକରଣରେ କୃତଜ୍ଞତା ଜ୍ଞାପନ



ପାଲେଷ୍ଟାଇନର ଜଣେ ଦମ୍ପତି ନିଜ ପିଲାର ନାମକରଣକୁ ନେଇ ଚର୍ଚ୍ଚାରେ ଅଛନ୍ତି। ସମ୍ପୃକ୍ତ ଦମ୍ପତି ନିଜ ପିଲାର ନାଁ 'ସିଙ୍ଗାପୁର' ରଖିଛନ୍ତି। ତେବେ ଏଭଳି ନିଆରା ନାମକରଣ ପଛରେ କାରଣ ଥିବା ସେମାନେ କହିଛନ୍ତି। ହମଦାନ ହଦାଦ ଏବଂ ତାଙ୍କ ସ୍ତ୍ରୀଙ୍କୁ ଯୁଦ୍ଧ ସମୟରେ ସିଙ୍ଗାପୁରର ଏକ ଚ୍ୟାରିଟି ଲଗାତାର ଖାଦ୍ୟ ଯୋଗାଇ ଆସୁଥିଲା, ତାକୁ କୃତଜ୍ଞତା ଜଣାଇବା ପାଇଁ ସେମାନେ ନିଜ ପିଲାର ନାମକରଣ ଏଭଳି କରିଛନ୍ତି। ତେବେ ପିଲାଟିର ଜନ୍ମ ଅକ୍ଟୋବର ୧୬ରେ ହୋଇଛି। ପାଲେଷ୍ଟାଇନ୍‌ରେ 'ସିଙ୍ଗାପୁର' ନାଁରେ ଏହା ପ୍ରଥମ ଶିଶୁ। ହମଦାନ 'ଲଭ ଆଣ୍ଡ ସିଙ୍ଗାପୁର' ଦ୍ୱାରା ପରିଚାଳିତ ଏକ ସୁପ୍ କିଚେନରେ ରୋଷେୟା ଭାବେ କାମ କରନ୍ତି। ଏହା ଦୁଇବର୍ଷ ହେବ ଗାଜାରେ ରନ୍ଧା ଖାଦ୍ୟ ପ୍ରଦାନ କରି ଆସୁଛି। ହମଦାନ କହନ୍ତି, ତାଙ୍କ ସ୍ତ୍ରୀ ଗର୍ଭବତୀ ଥିବା ବେଳେ ସେ 'ଲଭ୍ ଆଣ୍ଡ ସିଙ୍ଗାପୁର' ଖାଦ୍ୟ ଖାଇ ଆସୁଥିଲେ। ଯୁଦ୍ଧ ଭଳି ପରିସ୍ଥିତିରେ ଏହା ଖାଦ୍ୟ ପ୍ରଦାନ କରିଥିବାରୁ ସେ ତାଙ୍କ ପିଲାର ନାଁ ସିଙ୍ଗାପୁର ରଖିବାର ନିଷ୍ପତ୍ତି ନେଲେ। ଅନ୍ୟପଟେ ସାମାଜିକ ଗଣମାଧ୍ୟମରେ 'ଲଭ୍ ଆଣ୍ଡ ସିଙ୍ଗାପୁର' ପକ୍ଷରୁ ପିଲାଟିର ଜନ୍ମ ପ୍ରମାଣପତ୍ରର ଫଟୋ ସାମାଜିକ ଗଣମାଧ୍ୟମରେ ସେୟାର୍ କରାଯାଇଛି। ଏନେଇ ଚ୍ୟାରିଟି ପକ୍ଷରୁ କୁହାଯାଇଛି, ଏହି ଘଟଣା ତା'ର ସ୍ୱେଚ୍ଛାସେବକ ଏବଂ ଯୁଦ୍ଧ ଭଳି ସ୍ଥିତିରେ ଜୀବିତ ରହିବା ପାଇଁ ସେମାନଙ୍କ ରୋଷେଇ ଉପରେ ନିର୍ଭର କରୁଥିବା ପରିବାରଗୁଡ଼ିକ ମଧ୍ୟରେ ଥିବା ବିଶେଷ ସମ୍ପର୍କକୁ ପ୍ରତିଫଳିତ କରିଛି। ଅନ୍ୟପଟେ ଚ୍ୟାରିଟି ମଧ୍ୟ ପିଲାଟିର ଦୀର୍ଘ ତଥା ସୁସ୍ଥ ନିରାମୟ ଜୀବନ କାମନା କରିଛି। ତା'ସହ ଯୁଦ୍ଧ ବିରତି ପରେ ପିଲାଟି ଏକ ଭଲ ଦୁନିଆରେ ବଡ଼ ହେବା ଆଶା ରଖିଛି।

## ଫଳାହାରରୁ ଜୀବନ ଗଲା



ଆଜିକାଲି ଲୋକେ ବିଭିନ୍ନ ପ୍ରକାର ଡାଏଟ୍‌କୁ ଆପଣାଇ ଓଜନ ହ୍ରାସ କରୁଛନ୍ତି। ହେଲେ ବେଳେବେଳେ ଏହା ସ୍ୱାସ୍ଥ୍ୟ ପକ୍ଷେ ବେଶ୍ ବିପଜ୍ଜନକ ସାବ୍ୟସ୍ତ ହୋଇଥାଏ। ଏହିପରି ଏକ ଖବର ଏବେ ସାମ୍ନାକୁ ଆସିଛି। ବାଲିର ଏକ ହୋଟେଲରେ ଥିବା କାରୋଲିନା କ୍ରଜିୟାକ ନାମକ ଜଣେ ୨୭ ବର୍ଷୀୟା ଯୁବତୀଙ୍କର ଅତ୍ୟଧିକ ଭୋକ ଯୋଗୁ ମୃତ୍ୟୁ ହୋଇଛି। କାରୋଲିନା ଅନେକ ଦିନରୁ ଫଳାହାର କରୁଥିଲେ। ମୃତ୍ୟୁ ବେଳକୁ ତାଙ୍କର ଓଜନ ୨୨ କେଜି ଥିଲା। କେବଳ ସେ ଖାଦ୍ୟରେ ଫଳକୁ ସାମିଲ କରି କୁପୋଷଣ ଶିକାର ହୋଇଥିଲେ। ମେଡିକାଲ ରିପୋର୍ଟ ଅନୁସାରେ, ସେ ଦୀର୍ଘଦିନ ଧରି କୁପୋଷଣର ଶିକାର ହୋଇ ଅଷ୍ଟିଓପୋରୋସିସ୍ ଏବଂ ଆଲବୁମିନରେ ପୀଡ଼ିତ ଥିଲେ। କାରୋଲିନା ବ୍ରିଟେନରେ ପଢ଼ିବା ବେଳେ ଯୋଗ ଏବଂ ଭେଗାନିଜିମ୍‌କୁ ଆପଣାଇ ଥିଲେ। ଏହା ହିଁ ତାଙ୍କୁ ଫଳାହାର ଡାଏଟ୍ ପ୍ରତି ଆକର୍ଷିତ କରିଥିଲା। ସେହିପରି ସୋସିଆଲ ମିଡିଆ ପୋଷ୍ଟ ତାଙ୍କର ବିଗୁଡ଼ିଥିବା ସ୍ୱାସ୍ଥ୍ୟାବସ୍ଥାକୁ ଦର୍ଶାଉଥିଲା। ତାଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ଦେଖି କାରୋଲିନାଙ୍କ ପରିବାର ଓ ସାଙ୍ଗସାଥୀ ଏହି ଡାଏଟ୍ ଗ୍ରହଣ କରିବାକୁ ମନା କରିଥିଲେ ବି ସେ ଏଥିରୁ ଓହରି ନ ଥିଲେ। ତେବେ ଫ୍ରୁଟାରିଆନ ଡାଏଟ୍ ହେଉଛି ଏକ ସୀମିତ ଭେଗାନ ଡାଏଟ। ଏଥିରେ କ୍ଷୀର, ଦହି ଭଳି ପ୍ରାଣୀଜାତ ଦ୍ରବ୍ୟ ସାମିଲ ନ ଥାଏ। ମୁଖ୍ୟତଃ ଫଳ ଖାଇବା ଉପରେ ଉକ୍ତ ଡାଏଟ୍ ଗୁରୁତ୍ୱ ଦିଏ। ଅନ୍ୟପଟେ ଶସ୍ୟ, ଡାଲି ଏବଂ କନ୍ଦମୂଳକୁ ସମ୍ପୂର୍ଣ୍ଣ ଭାବରେ ତ୍ୟାଗ କରାଯାଏ ନଚେତ୍ ଅଳ୍ପ ଖିଆଯାଏ। ଏଥିରେ ରନ୍ଧା ଖାଦ୍ୟ ଖାଇବାକୁ ବାରଣ ରହିଛି। ଫଳଗୁଡ଼ିକ ଶରୀରକୁ ଭିଟାମିନ୍ ଏବଂ ଆଣ୍ଟିଅକ୍ସିଡାଣ୍ଟ ପ୍ରଦାନ କରୁଥିବାବେଳେ ଏଥିରେ ପ୍ରୋଟିନ୍, ଚର୍ବି, କ୍ୟାଲସିୟମ୍, ଲୌହ, ଭିଟାମିନ୍ ବି-୧୨ ଏବଂ ଶରୀରକୁ ଶକ୍ତି ପ୍ରଦାନ କରିବା ଲାଗି ପର୍ଯ୍ୟାପ୍ତ କାର୍ବୋହାଇଡ୍ରେଟ୍‌ର ଅଭାବ ଥାଏ। ତା'ସହ ଏସବୁର ଅଭାବ ଅନ୍ତନଳୀର ଆସ୍ତରଣକୁ ଦୁର୍ବଳ ଏବଂ ଗତିକୁ ମନ୍ଥର କରିପାରେ ଏବଂ ଇଲେକ୍ଟ୍ରୋଲାଇଟ୍ ସ୍ତରକୁ ବିଗିଡ଼ିବା ସହିତ ଅନେକ ଅଙ୍ଗକୁ ସଙ୍କୁଚିତ କରିପାରେ। ତେଣୁ କେବଳ ଫଳଯୁକ୍ତ ଖାଦ୍ୟ ଦ୍ୱାରା ମେଟାବୋଲିଜିମ୍ ମନ୍ଥର ହୋଇଯିବା, ହାଡ଼ ଦୁର୍ବଳ ହୋଇଯିବା ଏବଂ ଅଙ୍ଗଗୁଡ଼ିକ ଅକାମୀ ହେବା ଆରମ୍ଭ କରେ। ଅନ୍ୟପଟେ ଅତ୍ୟଧିକ ଫଳ ଖାଇବାର ପ୍ରଭାବ ବିଷୟରେ ଡାକ୍ତର ମଧ୍ୟ ଚେତାବନୀ ଦେଇଛନ୍ତି। ସ୍ୱାସ୍ଥ୍ୟକୁ ବଜାୟ ରଖିବା ପାଇଁ ପର୍ଯ୍ୟାପ୍ତ କାର୍ବୋହାଇଡ୍ରେଟ୍, ପ୍ରୋଟିନ୍, ଚର୍ବି ଏବଂ ସୂକ୍ଷ୍ମ ପୋଷକ ତତ୍ତ୍ୱ ସହିତ ଏକ ସନ୍ତୁଳିତ ଖାଦ୍ୟ ଅତ୍ୟନ୍ତ ଜରୁରୀ ବୋଲି କୁହାଯାଇଛି।

## ପଞ୍ଚୁକ ବ୍ରତ



**କାର୍ତ୍ତିକ ଶୁକ୍ଳ ଏକାଦଶୀଠାରୁ ପୂର୍ଣ୍ଣିମା ପର୍ଯ୍ୟନ୍ତ ପାଳନ କରାଯାଏ 'ପଞ୍ଚୁକ'। କାର୍ତ୍ତିକ ମାସର ଶେଷ ପାଞ୍ଚଦିନ ପର୍ଯ୍ୟନ୍ତ ଏହି ବ୍ରତ ପାଳନ ହୋଇଥାଏ। ଏହା 'ମହାପଞ୍ଚକ', 'ବକପଞ୍ଚକ', ବା 'ଭୀଷ୍ମପଞ୍ଚକ' ନାଁରେ ମଧ୍ୟ ପରିଚିତ। ଅନେକ ଅଁଳା ନବମୀ, ରାଧାପାଦ ଦର୍ଶନଠାରୁ ସାତ ଦିନ ପର୍ଯ୍ୟନ୍ତ ପଞ୍ଚୁକ ବ୍ରତ ପାଳନ କରିଥାନ୍ତି।**

କାର୍ତ୍ତିକ ମାସ ଶେଷ ପାଞ୍ଚଦିନକୁ ସବୁଠୁ ପବିତ୍ର ଦିନ ବୋଲି କୁହାଯାଏ। ତେବେ ଯେଉଁ ବ୍ରତଧାରୀ କାର୍ତ୍ତିକ ବ୍ରତ ମାସ ସାରା ହବିଷ ପାଳନ କରିପାରି ନ ଥାନ୍ତି, ସେମାନେ ଏହି ପଞ୍ଚୁକ ପାଞ୍ଚଦିନ ନିଷ୍ଠାର ସହ ହବିଷ ପାଳନ କରିଥାନ୍ତି। ତେବେ ପଞ୍ଚୁକରେ ଶ୍ରୀକ୍ଷେତ୍ର ପୁରୀରେ ବହୁ ସଂଖ୍ୟକ ଶ୍ରଦ୍ଧାଳୁଙ୍କ ସମାଗମ ହୋଇଥାଏ। କେବଳ ସେତିକି ନୁହେଁ, ଶ୍ରୀମନ୍ଦିରରେ ସ୍ୱତନ୍ତ୍ର ନୀତି ଓ ସ୍ୱତନ୍ତ୍ର ବେଶରେ ମହାପ୍ରଭୁ ଦର୍ଶନ ଦେଇଥାନ୍ତି। ସେହିପରି ପଞ୍ଚୁକ ପାଞ୍ଚଦିନ ଯାକ ଲୋକମାନେ ଆମିଷ ତ୍ୟାଗ କରି ସାତ୍ତ୍ୱିକ ଆହର ଗ୍ରହଣ କରନ୍ତି। କିମ୍ବଦନ୍ତୀ ଅନୁସାରେ, ବଗ ମଧ୍ୟ ଏହି ପାଞ୍ଚଦିନ ଆମିଷ ତ୍ୟାଗ କରିଥାଏ। ସେଥିପାଇଁ ଏହାକୁ 'ବକ ପଞ୍ଚମୀ' କୁହାଯାଏ।

## କାର୍ତ୍ତିକ ପୂର୍ଣ୍ଣିମା

**କାର୍ତ୍ତିକ ମାସ ଶୁକ୍ଳ ପକ୍ଷରେ ପଡୁଥିବା ପୂର୍ଣ୍ଣିମାକୁ 'କାର୍ତ୍ତିକ ପୂର୍ଣ୍ଣିମା' କୁହାଯାଏ। ପୌରାଣିକ କାହାଣୀ ଅନୁସାରେ, ଏହିଦିନ ମହାଦେବ ତ୍ରିପୁରାସୁର ନାମକ ଏକ ଅସୁରକୁ ବଧ କରିଥିଲେ। ଏହି କାରଣରୁ କାର୍ତ୍ତିକ ପୂର୍ଣ୍ଣିମାକୁ 'ତ୍ରିପୁରା ପୂର୍ଣ୍ଣିମା' କୁହାଯାଏ।**



କାର୍ତ୍ତିକ ପୂର୍ଣ୍ଣିମାରେ ଭଗବାନ ବିଷ୍ଣୁ ମତ୍ସ୍ୟ ଅବତାର ଧାରଣ କରିଥିଲେ। ହିନ୍ଦୁ ପୁରାଣ ଅନୁସାରେ, ଏହିଦିନ ଧାର୍ମିକ ଦୃଷ୍ଟିରୁ ଖୁବ୍ ମହତ୍ତ୍ୱପୂର୍ଣ୍ଣ। ଏହି ଅବସରରେ କୌଣସି ପବିତ୍ର ନଦୀରେ ସ୍ନାନ ସାରି ଦାନ, ଧର୍ମ ସହ ଦୀପଦାନ କରିବାର ପରମ୍ପରା ବି ଅଛି। କୁହାଯାଏ, ଏଭଳି କରିବା ଦ୍ୱାରା ଲୋକଙ୍କ କଷ୍ଟ ଦୂର ହେବା ସହ ପାପ କ୍ଷୟ ମଧ୍ୟ ହୋଇଥାଏ। ପଦ୍ମ ପୁରାଣ, ସ୍କନ୍ଦ ପୁରାଣ ଓ ନାରଦ ପୁରାଣରେ କାର୍ତ୍ତିକ ପୂର୍ଣ୍ଣିମାରେ ଗଙ୍ଗା ସ୍ନାନର ମହତ୍ତ୍ୱ ସମ୍ପର୍କରେ କୁହାଯାଇଛି। ତା'ସହ ଭଗବାନ ବିଷ୍ଣୁଙ୍କ ପୂଜା ଦ୍ୱାରା କୃପା ପ୍ରାପ୍ତି ହୁଏ। ଏହିଦିନ ବୋଇତ ବନ୍ଦାଣର ପରମ୍ପରା ପାଳନ କରାଯାଏ।

ଅନ୍ୟପକ୍ଷରେ କାର୍ତ୍ତିକ ପୂର୍ଣ୍ଣିମାରେ ଡଙ୍ଗାଭସା ହୋଇଥାଏ। ଏହି ସମୟରେ 'ଆ କା ମା ବୈ...ପାନ ଗୁଆ ଥୋଇ...ପାନ ଗୁଆ ତୋର ମାସକ ଯାକ ଧର୍ମ ମୋର...' ଗୀତ ଗାଇ ପ୍ରତ୍ୟେକ ଓଡ଼ିଆ ଡଙ୍ଗା ଭସାନ୍ତି। କଦଳୀ ପଟୁରେ ଡଙ୍ଗା କରି ଭସା ଯିବାର ବିଶେଷ ମହତ୍ତ୍ୱ ଅଛି। ଡଙ୍ଗାଭସା ସହ କାର୍ତ୍ତିକ ମାସ ସମାପନ ହୋଇଥାଏ।

## ସଂସ୍କୃତି

## ବଡ଼ ଓଷା

**କାର୍ତ୍ତିକ ଶୁକ୍ଳ ତ୍ରୟୋଦଶୀ ତିଥିରେ ପାଳିତ ହୁଏ ବଡ଼ଓଷା। ଏହିଦିନ ଦେବ ଦେବ ମହାଦେବଙ୍କୁ ବିଶେଷ ପୂଜାର୍ଚ୍ଚନା କରାଯାଏ। ପଦ୍ମ ପୁରାଣ ଅନୁସାରେ, ବ୍ରହ୍ମାଙ୍କ ଅଭିଶାପରୁ ମୁକ୍ତି ପାଇବା ପାଇଁ ଇନ୍ଦ୍ରଦେବ ଧବଳେଶ୍ୱରଙ୍କ ନିକଟରେ ବଡ଼ଓଷା ବ୍ରତ ପାଳନ କରି କାର୍ତ୍ତିକ ପୂର୍ଣ୍ଣିମାରେ ବୁଡ଼ ପକାଇ ଶାପରୁ ମୁକ୍ତ ହୋଇଥିଲେ। କଟକ ଜିଲ୍ଲାର ଧବଳେଶ୍ୱରଙ୍କ ପୀଠରେ ବଡ଼ଓଷା ପର୍ବ ଆଡମ୍ବର ସହକାରେ ପାଳନ ହେଉଥିବା ବେଳେ ଏହାର ମୁଖ୍ୟ ଭୋଗ ହେଉଛି ଗଜପିଠା।**



ବଡ଼ଓଷାର କାହାଣୀ ପୁରାଣରେ ବର୍ଣ୍ଣିତ। ଏକଦା ଶିବଙ୍କ ପାଇଁ ନାରଦ ମୁନି କୈଳାସରେ ପହଞ୍ଚି ଥିଲେ। ମହାଦେବଙ୍କ ଦର୍ଶନ ସହ ଭକ୍ତଙ୍କ ଦୁଃଖ ଦୁର୍ଦ୍ଦଶା ସମ୍ପର୍କରେ ନାରଦ ମହାଦେବଙ୍କୁ ଅବଗତ କରାଇଲେ। ଏହାସହ ସେ ଭକ୍ତଙ୍କ ଦୁଃଖ ଲାଗି ଗୁହାରି କଲେ। ସେଇଠୁ କାର୍ତ୍ତିକ ଶୁକ୍ଳ ଚତୁର୍ଦ୍ଦଶୀରେ ଶିବ ଦର୍ଶନ କରି ବ୍ରତ ଧାରଣ କରିବାକୁ ମହାଦେବ କହିଲେ। ସେହି ଦିନଠାରୁ ବଡ଼ଓଷା ପାଳନ ହୋଇ ଆସୁଛି।

ଅନ୍ୟପଟେ ଏହିଦିନ ପ୍ରଭୁ ଧବଳେଶ୍ୱରଙ୍କ ବଡ଼ସିଂହାର ବେଶ ଅନୁଷ୍ଠିତ ହୁଏ। ଏହି ବେଶକୁ ଦର୍ଶନ କରିବା ଦ୍ୱାରା କୋଟି ପୁଣ୍ୟ ମିଳିଥାଏ ବୋଲି ବିଶ୍ୱାସ ରହିଛି। ଠାକୁରଙ୍କ ପାଖରେ ଗଜଭୋଗ ସହ ତରଣ ମଧ୍ୟ ଲାଗି କରାଯାଏ। ବ୍ରତଧାରୀ ଏହିଦିନ ନିର୍ଜଳା ଉପବାସ ରଖନ୍ତି। ସେହିପରି ବଡ଼ଓଷା ପରଦିନ ଅର୍ଥାତ୍ ପୂର୍ଣ୍ଣମୀ ଦିନ ଡଙ୍ଗା ଭସାଇ କାର୍ତ୍ତିକ ବ୍ରତ ଶେଷ କରନ୍ତି।

## ମାଣବସା ଗୁରୁବାର



**ନଭେମ୍ବର ୬ ତାରିଖରୁ ଆରମ୍ଭ ହେବ ପବିତ୍ର ମାର୍ଗଶିର ମାସ। ଏହା ହେଉଛି ଲକ୍ଷ୍ମୀଙ୍କ ଆରାଧନାର ମାସ। ଶାସ୍ତ୍ର ଅନୁସାରେ, ଏହି ମାସରେ ଶଙ୍ଖ ପୂଜାର ବିଶେଷ ମହତ୍ତ୍ୱ ରହିଛି। ସେହିପରି ଏହି ମାସ ମାଙ୍ଗଳିକ କାର୍ଯ୍ୟ ଲାଗି ଉତ୍ତମ। କୁହାଯାଏ, ଏହି ମାସରେ ବିବାହ କରିବା ଶୁଭଙ୍କର। କାରଣ ଉକ୍ତ ମାସରେ ଶ୍ରୀରାମ ଏବଂ ସୀତାଙ୍କର ବିବାହ ହୋଇଥିଲା ବୋଲି ଶାସ୍ତ୍ରରେ ବର୍ଣ୍ଣନା ରହିଛି। ମାର୍ଗଶିର ମାସରେ ଅନେକ ବ୍ରତ ଓ ପର୍ବ ମଧ୍ୟ ପଡ଼ିଥାଏ।**

ବିଶେଷକରି ଏ ମାସରେ ଓଡ଼ିଆ ଘରେ ମାଣବସା ଗୁରୁବାର ପାଳନ କରାଯାଏ। ମାଣବସା 'ମାଣ ଓଷା' ନାଁରେ ପରିଚିତ। ଧନଦେବୀ ଲକ୍ଷ୍ମୀ ମା'ଙ୍କ ପୂଜାର୍ଚ୍ଚନା ବିଶେଷ ଭାବେ କରାଯାଏ। ଲକ୍ଷ୍ମୀଙ୍କ ଆଗମନକୁ ଦୃଷ୍ଟିରେ ରଖି ଘରର ସ୍ୱଚ୍ଛତା ତଥା ପବିତ୍ରତାକୁ ଗୁରୁତ୍ୱ ଦିଆଯାଇ ଥାଏ। ନାରୀମାନେ ଦିନକ ପୂର୍ବରୁ ଘରେ ଲିପାପୋଛା କରନ୍ତି। ତା'ସହ ସୁନ୍ଦର ଝୋଟି ଚିତା ବି ପକାଇ ଥାନ୍ତି। ଗୁରୁବାର ଦିନ ବଡ଼ି ଭୋରରୁ ମହିଳାମାନେ ସ୍ନାନ ସାରି ଶୁଦ୍ଧତା ଓ ନିଷ୍ଠାର ସହ ଲକ୍ଷ୍ମୀ ପୂଜା କରନ୍ତି। ଖଟୁଲିରେ ଧାନମାଣ ବସାଯାଇ ପୂଜା କରିବାର ବିଧି ଅଛି। ପିଠାପଣା ମା'ଙ୍କ ପାଖରେ ଲାଗି ହୁଏ। ମହିଳାମାନେ ଏହାକୁ ବେଶ୍ ନିଷ୍ଠାର ସହ ପାଳନ କରନ୍ତି।



# କ୍ରୀଡ଼ା



ସକାଳ
THE SAKALA
www.sakalaepaper.com

### ଶେଫାଳି ବର୍ମା ପ୍ଲେୟର୍ ଅଫ୍ ଦି ଫାଇନାଲ୍, ଦୀପ୍ତି ଶର୍ମା ପ୍ଲେୟର୍ ଅଫ୍ ଦି ଟୁର୍ଣ୍ଣାମେଣ୍ଟ

# ମହିଳା କ୍ରିକେଟ ଦଳକୁ ପ୍ରଥମ ବିଶ୍ୱକପ୍ ଟାଇଟଲ

ନଭି ମୁମ୍ବାଇ,୨।୧୧(ଏଜେନ୍ସି): ଶେଫାଳି ବର୍ମା (୮୭ରନ୍, ୨ୱିକେଟ) ଓ ଦୀପ୍ତି ଶର୍ମା (୫୮ରନ୍, ୪ ୱିକେଟ)ଙ୍କ ଅଲରାଉଣ୍ଡ ସଫଳତା ବଳରେ ଭାରତ ପ୍ରଥମଥର ମହିଳା ବିଶ୍ୱକପ୍ ଦିନକିଆ କ୍ରିକେଟ ଚାମ୍ପିଅନ ହୋଇଛି। ନଭି ମୁମ୍ବାଇସ୍ଥିତ ଡିୱାଇ ପାଟିଲ ଷ୍ଟାଡିୟମ୍‌ରେ ରବିବାର ପେସାଦାର ଖେଳ ପ୍ରଦର୍ଶନ କରି ଭାରତ ତାହାର ପ୍ରତିଦ୍ୱନ୍ଦ୍ୱୀ ଦକ୍ଷିଣ ଆଫ୍ରିକା ୫୨ ରନ୍‌ରେ ପରାସ୍ତ କରିଛି। ଏହା ଫଳରେ ଭାରତ ତୃତୀୟ ଫାଇନାଲ ପଦାର୍ପଣରେ ପ୍ରଥମଥର ଟାଇଟଲ ଜିତିଛି। ପୂର୍ବରୁ ଦଳ ୨୦୦୫ ଓ ୨୦୧୭ରେ ରନର୍ସ ଅପ୍ ହୋଇଥିଲା। ଅନ୍ୟପକ୍ଷରେ ଦକ୍ଷିଣ ଆଫ୍ରିକା ପ୍ରଥମଥର ଫାଇନାଲ ଖେଳି ରନର୍ସ ଅପ୍‌ରେ ସନ୍ତୁଷ୍ଟ ହୋଇଥିଲା। ଏହି ମ୍ୟାଚ୍‌ରେ ଯୁବ ଓପନର ଶେଫାଳି ବର୍ମା ୭୮ ବଲ୍‌ରେ ୮୭ ଓ ଦୀପ୍ତି ଶର୍ମା ୫୮ ବଲ୍‌ରେ ୫୮ ରନ୍ କରିବା ଫଳରେ ପ୍ରଥମେ ବ୍ୟାଟିଂ କରିଥିବା ଭାରତ ନିର୍ଦ୍ଧାରିତ ୫୦ ଓଭରରେ ୭ ୱିକେଟ ହରାଇ ୨୯୮ ରନ୍ ସଂଗ୍ରହ କରିଥିଲା। ଜବାବରେ ଷ୍ଟାର ଖେଳାଳି ତଥା ଦକ୍ଷିଣ ଆଫ୍ରିକା ଅଧିନାୟକ ଲୌରା ୱଲଭାର୍ଟଙ୍କ ୧୦୧ ରନ୍ ସତ୍ତ୍ୱେ ଦକ୍ଷିଣ ଆଫ୍ରିକା ୪୫.୩ ଓଭରରେ ୨୪୬ ରନ୍ କରିବାକୁ ସମର୍ଥ ହୋଇଥିଲା। ୱଲଭାର୍ଟଙ୍କୁ ସାଥିଖେଳାଳିଙ୍କ ସମର୍ଥନ ମିଳି ନ ଥିଲା। ଭାରତ ପକ୍ଷରୁ ଶର୍ମା ୫ଟି ଓ ବର୍ମା ୨ଟି ୱିକେଟ ଅକ୍ତିଆର କରିଥିଲେ। ଶେଫାଳିଙ୍କୁ ଫାଇନାଲ୍‌ର ଓ ଦୀପ୍ତିଙ୍କୁ ଟୁର୍ଣ୍ଣାମେଣ୍ଟର ଶ୍ରେଷ୍ଠ ଖେଳାଳି ମନୋନୀତ କରାଯାଇଛି।

୨୯୯ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ଦକ୍ଷିଣ ଆଫ୍ରିକା ଆରମ୍ଭରୁ ଦ୍ରୁତଗତିରେ ରନ୍ ସଂଗ୍ରହ କରିଥିଲା। ପ୍ରଥମ ୱିକେଟରେ ୱଲଭାର୍ଟ ଓ ବ୍ରିଟ୍ସ ୫୧ ରନ୍ ଉଠାଇବା ପରେ ଦଳ ୯୭ ରନ୍‌ରେ ୫ ୱିକେଟ ହରାଇ ବିପଦରେ ପଡ଼ିଥିଲା। ୩୦ତମ ଓଭରରେ ଦଳ ୫ ୱିକେଟ ହରାଇ ୧୫୦ ରନ୍‌ରେ ପହଞ୍ଚିବା ପରେ ଗୋଟିଏ ପଟେ ଦୃଢ଼ତାର ସହ ବ୍ୟାଟିଂ କରୁଥିବା ୱଲଭାର୍ଟ ଓ ଆନେରୀ ଡେର୍କସେନ ୬୧ ବଲ୍‌ରୁ ୬୧ ରନ୍ ଉଠାଇ ଦଳକୁ ବିଜୟର ନିକଟତର କରାଇଥିଲେ। ୩୭ ବଲ୍‌ରେ ୩୫ ରନ୍ କରିଥିବା ଡେର୍କସେନ୍‌ଙ୍କୁ ବୋଲ୍ଡ କରି ଦୀପ୍ତି ଏହି ଯୋଡିକୁ ଭାଙ୍ଗିଦେଇଥିଲେ। ଏହା ପରେ ଅଧିନାୟକ ୱଲଭାର୍ଟଙ୍କ ସହ ଟୋଲେ ଟ୍ରାୟନ ଇନିଂସ ସଜାଡିବାକୁ ଉଦ୍ୟମ କରୁଥିଲାବେଳେ ୪୨ତମ ଓଭରରେ ଉଭୟଙ୍କୁ ଆଉଟ କରି ଦୀପ୍ତି ଶର୍ମା ଦକ୍ଷିଣ ଆଫ୍ରିକାର ଆଶାକୁ ଧୂଳିସାତ କରିଦେଇଥିଲେ। ଚଳିତ ଟୁର୍ଣ୍ଣାମେଣ୍ଟରେ କ୍ରମାଗତ ଦ୍ୱିତୀୟ ଶତକ ହାସଲ କରିଥିବା ୱଲଭାର୍ଟ ୯୮ ବଲ୍‌ରୁ ୧୧ ଚୌକା ଓ ୧ ଛକା ସହ ୧୦୧ ରନ୍‌ରେ ଆଉଟ ହୋଇଥିଲେ। ଏହି ଟୁର୍ଣ୍ଣାମେଣ୍ଟରେ ସେ ୫୭୧ ରନ୍ କରି ଟପ୍ ସ୍କୋରର ହୋଇଥିଲେ। ଭାରତ ପକ୍ଷରୁ ବ୍ୟାଟିଂରେ ଅର୍ଦ୍ଧଶତକ ହାସଲ କରିଥିବା ବର୍ମା ଓ ଶର୍ମା ମିଳିତ ଭାବେ ୭ଟି ୱିକେଟ ନେଇଥିଲେ। ଉଭୟ ସ୍ପିନର ହୋଇଥିଲାବେଳେ



ଦୀପ୍ତି ଶର୍ମା
୫୮ ରନ୍,
୫ ୱିକେଟ୍



ଶେଫାଳି ବର୍ମା
୮୭ ରନ୍,
୨ ୱିକେଟ୍

ଦୀପ୍ତି ଶର୍ମା ୩୯ ରନ୍‌ରେ ୫ଟି ଓ ଶେଫାଳି ବର୍ମା ୩୬ ରନ୍‌ରେ ୨ଟି ୱିକେଟ ନେଇ ଭାରତକୁ ଐତିହାସିକ ବିଜୟ ପ୍ରଦାନ କରିଥିଲେ।

ଟସ୍ ହାରି ପ୍ରଥମେ ବ୍ୟାଟିଂ କରିବା ପରେ ଭାରତ ଆରମ୍ଭରୁ କୌଣସି ସୁଯୋଗ ନ ଦେଇ ରନ୍ ସଂଗ୍ରହ କରିଥିଲା। ଦୁଇ ଓପନର ସ୍ମୃତି ମନ୍ଧାନା ଓ ଶେଫାଳି ବର୍ମା ଭଲ ବ୍ୟାଟିଂ କରି ପ୍ରଥମ ୱିକେଟରେ ୧୦୪ ରନ୍ ଉଠାଇଥିଲେ। ଏହି ଦୁଇ ବ୍ୟାଟର ପ୍ରତିପକ୍ଷ ଦଳର ସମସ୍ତ ବୋଲରଙ୍କୁ ଅତି ସହଜରେ ଖେଳୁଥିଲେ। କିନ୍ତୁ ୭ମ ବୋଲର ଭାବେ ବୋଲିଂ କରିବାକୁ ଆସି ବାମହାତୀ ସ୍ପିନର ଟୋଲେ ଟ୍ରାୟନ ୧୮ତମ ଓଭରରେ ଏହି ଯୋଡିକୁ ଭାଙ୍ଗିଦେଇଥିଲେ। ଟ୍ରାୟନଙ୍କ ବଲ୍‌କୁ କଟ୍ କରିବାକୁ ଯାଇ ମନ୍ଧାନା କଟ୍ ବିହାଇଣ୍ଡ ହୋଇଯାଇଥିଲେ। ସେ ୫୮ ବଲ୍‌ରୁ ୮ ଚୌକା ସହ ୪୫ ରନ୍ କରିଥିଲେ। ମନ୍ଧାନାଙ୍କ ଆଉଟ ପରେ ଶେଫାଳି ଓ ସେମିଫାଇନାଲ ହିରୋଇନ୍ ଜେମିମା ରୋଡ୍ରିଗ୍ସେଜ୍ ୬୨ ବଲ୍‌ରୁ ୬୨ ରନ୍ ଉଠାଇ ସ୍କୋରକୁ ଆଗକୁ ବଢ଼ାଇଥିଲେ। ଶେଫାଳି ୭୮ ବଲରୁ ୭ ଚୌକା ଓ ୨ଛକା ସହ ୮୭ ଓ ଜେମିମା ୩୭ ବଲ୍‌ରୁ ୨୪ ରନ୍ ଉଠାଇ ଆଉଟ ହୋଇଥିଲେ। ହରମନପ୍ରୀତ୍ ଓ ଦିପ୍ତି ଚତୁର୍ଥ ୱିକେଟରୁ ୫୨ ରନ୍ ଉଠାଇ ଦଳକୁ ଆଗକୁ ନେଇଥିଲେ। କିନ୍ତୁ ଏହି ସମୟରେ ଦକ୍ଷିଣ ଆଫ୍ରିକାର ବୋଲରମାନେ ଖେଳକୁ ନିୟନ୍ତ୍ରଣରେ ରଖିବା ପରେ ରନ୍ ସଂଗ୍ରହ ହାର କମିବା ସହ ୱିକେଟ ମଧ୍ୟ ଯାଇଥିଲା। ଗୋଟିଏ ପଟେ ଦୀପ୍ତି ଶର୍ମା ତିଷ୍ଠି ରହିଥିଲେ। ସେ ରିଚା ଘୋଷଙ୍କ ସହ ୭ମ ୱିକେଟରୁ ୪୭ ରନ୍ ଉଠାଇ ଦଳକୁ ୩୦୦ ରନ୍ ନିକଟକୁ ନେଇଯାଇଥିଲେ। କିନ୍ତୁ ଡି କ୍ଲେର୍କ ଶେଷ ଓଭରରେ ମାତ୍ର ୬ ରନ୍ ଦେବା ଫଳରେ ଭାରତ ୨୯୮ ରନ୍‌ରେ ଅଟକିଥିଲା। ଶେଷ ବଲ୍‌ରେ ରନ୍‌ଆଉଟ ହୋଇଥିବା ଦୀପ୍ତି ୫୮ ବଲରୁ ୫୮ ରନ୍ କରିଥିଲେ। ଏହା ମଧ୍ୟରେ ୩ଟି ଚୌକା ଓ ଗୋଟି ଛକା ରହିଥିଲା। ଦକ୍ଷିଣ ଆଫ୍ରିକାର ମିଡିୟମ୍ ପେସ୍ ବୋଲର ଆୟାବୋଙ୍ଗା ଖାକାଙ୍କୁ ସର୍ବାଧିକ ୩ଟି ୱିକେଟ ମିଳିଥିଲା। ଏହି ଟୁର୍ଣ୍ଣାମେଣ୍ଟରେ ଏକମାତ୍ର ବୋଲରଭାବେ ଘଣ୍ଟାପ୍ରତି ୧୩୦ କିଲୋମିଟରୁ ଅଧିକ ବେଗରେ ବୋଲିଂ କରୁଥିବା ମାରିଜାନ କାପ୍‌ଙ୍କୁ କୌଣସି ସଫଳତା ମିଳି ନ ଥିଲା।

## ମିତାଲିଙ୍କୁ ଟପିଲେ ମନ୍ଧାନା

ନଭି ମୁମ୍ବାଇ, ୨।୧୧ (ଏଜେନ୍ସି): ଦକ୍ଷିଣ ଆଫ୍ରିକା ବିପକ୍ଷ ମହିଳା ବିଶ୍ୱକପ୍ ଫାଇନାଲରେ ଭାରତ ସ୍ମୃତି ମନ୍ଧାନା ୪୫ ରନର ପାଳି ଖେଳି ଭାରତକୁ ଭଲ ପ୍ରାରମ୍ଭ ଦେଇଥିଲେ। ମନ୍ଧାନା ଏଥିସହ ଏହି ବିଶ୍ୱକପ୍‌ରେ ୯ଟି ମ୍ୟାଚ ଖେଳି ୫୪.୨୫ ହାରରେ ୪୩୪ ରନ ସଂଗ୍ରହ କରିଛନ୍ତି। ବିଶ୍ୱକପ୍‌ର ଏହି ସଂସ୍କରଣରେ ସର୍ବାଧିକ ରନ ସଂଗ୍ରହକାରୀ ବ୍ୟାଟର୍ ତାଲିକାରେ ସେ ଦକ୍ଷିଣ ଆଫ୍ରିକାର ଲୌରା ୱଲଭର୍ଟଙ୍କ ପଛକୁ ଦ୍ୱିତୀୟ ସ୍ଥାନରେ ରହିଛନ୍ତି। ଅପରପକ୍ଷରେ ଭାରତୀୟ ଭାବେ ମହିଳା ଦିନକିଆ ବିଶ୍ୱକପ୍‌ର ଗୋଟିଏ ସଂସ୍କରଣରେ ସର୍ବାଧିକ ରନ ସଂଗ୍ରହ କରିବାରେ ସେ ମିତାଲି ରାଜଙ୍କୁ ପଛରେ ପକାଇଦେଇଛନ୍ତି। ୨୦୧୭ ବିଶ୍ୱକପ୍‌ରେ ମିତାଲି ୪୦୯ ରନ କରିଥିଲେ। କିନ୍ତୁ ବିଶ୍ୱକପ୍‌ର ଗୋଟିଏ ସଂସ୍କରଣରେ ସର୍ବାଧିକ ରନ ସଂଗ୍ରହ କରିବାର ବିଶ୍ୱରେକର୍ଡ ଅଷ୍ଟ୍ରେଲିଆର ଆଲିସା ହେଲୀଙ୍କ ନାମରେ ରହିଛି। ୨୦୨୨ ବିଶ୍ୱକପ୍‌ରେ ହେଲୀ ୫୦୯ ରନ କରିଥିଲେ।

### ଇଣ୍ଡୋନେସିଆ ପାରା ବ୍ୟାଡ୍‌ମିଣ୍ଟନ: ପ୍ରମୋଦଙ୍କୁ ୨ ପଦକ

ଭୁବନେଶ୍ୱର, ୨।୧୧ (ସମିସ): ପାରାଅଲିମ୍ପିକ ଚାମ୍ପିଅନ ଓଡ଼ିଶାର ପ୍ରମୋଦ ଭଗତ ଇଣ୍ଡୋନେସିଆ ପାରା ବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟରେ ଦୁଇଟି ପଦକ ବିଜୟୀ ହୋଇଛନ୍ତି। ଏସଏଲ୍-୩ ଓ ଏସଏଲ୍-୪ କାଟାଗୋରୀର ପୁରୁଷ ଡବଲ୍ସରେ ପ୍ରମୋଦ ସ୍ୱର୍ଣ୍ଣ ପଦକ ସଫଳତା ପାଇଛନ୍ତି। ସୁକାନ୍ତ କଦମଙ୍କୁ ସାଥୀ କରି ଖେଳିଥିବା ପ୍ରମୋଦ ଫାଇନାଲରେ ୨୧-୧୬, ୨୧-୧୨ ସିଧାସଳଖ ଗେମରେ ଘରୋଇ ଇଣ୍ଡୋନେସିଆ



ଯୋଡ଼ି ଡିୱିୟୋକୋ ଓ ସେତିଆୱାନଙ୍କୁ ପରାସ୍ତ କରିଥିଲେ। ସେହିଭଳି ଏସଏଲ-୩ ଓ ଏସୟୁ-୫ କାଟାଗୋରୀର ମିକ୍ସଡ ଡବଲ୍ସରେ ମଧ୍ୟ ମନୀଷାଙ୍କୁ ସାଥୀ କରି ପ୍ରମୋଦ କାଂସ୍ୟ ପଦକ ବିଜୟୀ ହୋଇଥିଲେ। ଅପରପକ୍ଷରେ ଏହି ଟୁର୍ଣ୍ଣାମେଣ୍ଟରେ ଅଂଶଗ୍ରହଣ କରିଥିବା ଅନ୍ୟତମ ଓଡ଼ିଆ ଦୀପ୍ ରଞ୍ଜନ ବିଶୋୟୀ ଏସଏଲ୍-୩ ଓ ଏସଏଲ୍-୪ କାଟାଗୋରୀର ମିକ୍ସଡ ଡବଲ୍ସରେ କାଂସ୍ୟ ପଦକ ହାସଲ କରିଛନ୍ତି।

### ଅସ୍ମିତା ରଗ୍‌ବୀ ଲିଗ୍

## କିଟ୍, କିସ୍ ଓ ପାହାଡିଆନ ଚାମ୍ପିଅନ

ଯାଜପୁର,୨।୧୧(ସମିସ): କିଟ୍, କିସ୍ ଓ ପାହାଡିଆନ ଯାଜପୁର ଟାଉନରେ ଅନୁଷ୍ଠିତ ଅସ୍ମିତା ରଗ୍‌ବୀ ଲିଗ୍‌ରେ ଚାମ୍ପିଅନ ହୋଇଛନ୍ତି। ଯାଜପୁର ସ୍ପୋର୍ଟ୍ସ କମ୍ପ୍ଲେକ୍ସ ପରିସରରେ ଖେଳାଯାଇଥିବା ଏହି ଟୁର୍ଣ୍ଣାମେଣ୍ଟର ସିନିଅର ବିଭାଗରେ କିଟ୍ ଚାମ୍ପିଅନ ଓ ଫ୍ୟୁଚର ଷ୍ଟାର ରନର୍ସ ଅପ୍ ହୋଇଛି। ଜୁନିଅର ବିଭାଗରେ କିସ୍ ଚାମ୍ପିଅନ ଓ କିଟ୍ ରନର୍ସ ଅପ୍, ସବ୍‌ଜୁନିଅର ବିଭାଗରେ ପହାଡିଆନ୍ ଚାମ୍ପିଅନ ଓ ଯାଜପୁର ରଗ୍‌ବୀ ଆସୋସିଏସନ ରନର୍ସ ଅପ୍ ହୋଇଛନ୍ତି। ଏହି ଟୁର୍ଣ୍ଣାମେଣ୍ଟରେ କିଟ୍ ଓ କିସ୍ ଭଳି ସାଙ୍ଗଠନିକ ଦଳ ସମେତ ୨୨ଟି ଜିଲ୍ଲାରୁ ଟିମ୍ ଅଂଶଗ୍ରହଣ କରିଥିଲେ। ଭାରତ ସରକାର କ୍ରୀଡ଼ା ମନ୍ତ୍ରଣାଳୟ ଓ ରଗ୍‌ବୀ ଇଣ୍ଡିଆର ମିଳିତ ସହଯୋଗରେ ଏହି ଟୁର୍ଣ୍ଣାମେଣ୍ଟ ଆୟୋଜିତ ହୋଇଥିଲା। ଖେଳ ଶେଷରେ ଓଡ଼ିଶା ରଗ୍‌ବୀ ଫୁଟବଲ ଆସୋସିଏସନ (ଓର୍‌ଫା)ର ଯୁଗ୍ମ ତଥା ଯାଜପୁର ଜିଲ୍ଲା ରଗ୍‌ବୀ ଆସୋସିଏସନ ସମ୍ପାଦକ ଭରତ ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ପୁରସ୍କାର ବିତରଣ ଉତ୍ସବରେ ଏଭରେଷ୍ଟ ଆରୋହଣକାରୀ ଗଣେଶ ଜେନା ମୁଖ୍ୟ ଅତିଥି, ଆଡଭୋକେଟ ଫନୀନ୍ଦ୍ର ମିଶ୍ର, ଓର୍‌ଫା କୋଷାଧ୍ୟକ୍ଷ ଶକ୍ତିପ୍ରସାଦ ଦାସ ପ୍ରମୁଖ ସମ୍ମାନିତ ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ। ପୂର୍ବରୁ ଜିଲ୍ଲାପାଳ ଅମ୍ବରକୁମାର କର ଓ ଯାଜପୁର ବିଧାୟିକା ସୁଜାତା ସାହୁ ଏହି ପ୍ରତିଯୋଗିତାକୁ ଆନୁଷ୍ଠାନିକ ଉଦ୍‌ଘାଟନ କରିଥିଲେ। ଯାଜପୁର ଜିଲ୍ଲା କ୍ରୀଡ଼ାଅଧିକାରୀ ଫକୀର ମୋହନ ଟୁଡୁ, ଓରଫା ସମ୍ପାଦକ ସୁଶାନ୍ତ ସାହୁ, ଯାଜପୁର ଜିଲ୍ଲା ରଗ୍‌ବୀ ସଂଘ ସଭାପତି ନାରାୟଣ ସାହୁ, ସମାଜସେବୀ ତରୁଣକୁମାର ନନ୍ଦ ପ୍ରମୁଖ ଅତିଥିଭାବେ ଉପସ୍ଥିତ ଥିଲେ।

### ରଣଜୀ ଟ୍ରଫି: ଆନ୍ଧ୍ରପ୍ରଦେଶ ୪୭୫/୭

## ଓଡ଼ିଶାର ଫଲୋଅନ୍ ଡର

କଟକ,୨।୧୧(ସମିସ): ଚଳିତ ରଣଜୀ ଟ୍ରଫିର ୩ୟ ପର୍ଯ୍ୟାୟ ଲିଗ୍ ମ୍ୟାଚ୍ ଆରମ୍ଭ ହୋଇ ସାରିଥିଲେ ସୁଦ୍ଧା ଓଡ଼ିଶାର ଦୁର୍ବଳ ବ୍ୟାଟିଂ ପ୍ରଦର୍ଶନ ଜାରି ରହିଛି। ବାରବାଟୀ ଷ୍ଟାଡିୟମରେ ଖେଳାଯାଉଥିବା ଆନ୍ଧ୍ରପ୍ରଦେଶ ବିପକ୍ଷ ମ୍ୟାଚ୍‌ରେ ଓଡ଼ିଶା ଫଲୋଅନ ଦ୍ୱାରରେ ରହିଛି। ପ୍ରଥମେ ବ୍ୟାଟିଂ କରୁଥିବା ଆନ୍ଧ୍ରପ୍ରଦେଶ ୭ ୱିକେଟ ବିନିମୟରେ ୪୭୫ ରନ କରି ପାଳି ଘୋଷଣା କରିଥିଲା। ଜବାବରେ ଓଡ଼ିଶା ୨୯ ଓଭର ଖେଳି ୪ ୱିକେଟ ହରାଇ ୮୦ରନ ସଂଗ୍ରହ କରିଛି। ଓପନର ସ୍ୱସ୍ତିକ ସାମଲ ଖାତା ଖୋଲିବା ଆଗରୁ ପ୍ୟାଭିଲିୟନ ଫେରିଥିଲେ। ପ୍ରଥମଥର ରଣଜୀ ଟ୍ରଫି ଖେଳୁଥିବା ଗୌରବ ଚୌଧୁରୀ ୪୮ ରନରେ ଆଉଟ ହୋଇଥିଲେ। ପରେ ନାଇଟ ୱାଚମ୍ୟାନ ବାଦଲ ବିଶ୍ୱାଳ ୧ ଏବଂ ଅଧିନାୟକ ଶୁଭ୍ରାଂଶୁ ସେନାପତି ୬ ରନରେ କ୍ରିଜ ଛାଡ଼ିଥିଲେ। ଷ୍ଟମ୍ପ ଅପସାରଣ ବେଳକୁ ସନ୍ଦୀପ ପଟ୍ଟନାୟକ ୨୪ ଏବଂ ଗୋବିନ୍ଦ ପୋଦ୍ଦାର ୧ ରନରେ ଅପରାଜିତ ଅଛନ୍ତି। ଆନ୍ଧ୍ରପ୍ରଦେଶର କାଭୁରି ସେଇତେଜା ଓ ସୌରଭ କୁମାର



୨ଟି ଲେଖାଏ ୱିକେଟ ବାଣ୍ଟି ନେଇଛନ୍ତି। ଫଲୋଅନ ଏଡାଇବାକୁ ହେଲେ ଓଡ଼ିଶାକୁ ମୋଟ୍ ୩୨୫ରନ ସଂଗ୍ରହ କରିବାକୁ ହେବ। ତେବେ ପ୍ରମୁଖ ବ୍ୟାଟରଙ୍କ ବିଫଳତା ଯୋଗୁଁ ଘରୋଇ ପରିବେଶରେ ଦଳକୁ ଫଲୋଅନ ମିଳିପାରେ ବୋଲି ଅନୁମାନ କରାଯାଉଛି।

ପୂର୍ବରୁ ଅସମାପ୍ତ ପ୍ରଥମ ପାଳି ୨୨୨/୩ରୁ ଆନ୍ଧ୍ରପ୍ରଦେଶ ରବିବାର ଖେଳ ଆରମ୍ଭ କରି ୭ ୱିକେଟ୍‌ରେ ୪୭୫ ରନରେ ପାଳି ଘୋଷଣା କରିଥିଲା। ସେଖ୍ ରସିଦ ଏଠାରେ ପ୍ରଥମ ଶ୍ରେଣୀ କ୍ରିକେଟ କ୍ୟାରିୟରର ୪ର୍ଥ ଶତକ ହାସଲ କରିଥିଲେ। ୨୧ବର୍ଷୀୟ ରଶିଦ ୨୨୪ ବଲରୁ ୧୮ଟି ଚୌକା ସହାୟତାରେ ଅପରାଜିତ ୧୪୦ ରନର ପାଳି ଖେଳିଥିଲେ। ଅନ୍ୟମାନଙ୍କ ମଧ୍ୟରେ କରନ ସିନ୍ଦେ ୩୨, କେଭି ଶଶୀକାନ୍ତ ୪୬ ଏବଂ ସୌରଭ କୁମାର ୩୮ ବଲରୁ ୬୯ ରନର ଦ୍ରୁତ ପାଳି ଖେଳିଥିଲେ। ଓଡ଼ିଶା ପକ୍ଷରୁ ସମ୍ବିତ ବରାଳ ଏବଂ ଗୋବିନ୍ଦ ପୋଦ୍ଦାରଙ୍କୁ ୨ଟି ଲେଖାଏ, ରାଜେଶ ମହାନ୍ତି, ତରଣୀ ସ ଓ ବାଦଲ ବିଶ୍ୱାଳ ଗୋଟିଏ ଲେଖାଏ ୱିକେଟ ଅକ୍ତିଆର କରିଥିଲେ।

### ରାଜ୍ୟ ୧୫ ବର୍ଷରୁ କମ୍ ଓପନ ଚେସ୍

## ଆୟାବନ୍ତ ମହାନ୍ତି ଚାମ୍ପିଅନ



ଭୁବନେଶ୍ୱର,୨।୧୧(ସମିସ): ନୂଆପଲ୍ଲୀ ନାରାୟଣ ସ୍କୁଲର ଆୟାବନ୍ତ ମହାନ୍ତି ରାଜ୍ୟ ୧୫ ବର୍ଷରୁ କମ୍ ଓପନ ଚେସ ଚାମ୍ପିଅନ ହୋଇଛନ୍ତି। ଏହି ପ୍ରତିଯୋଗିତା ଓଡ଼ିଶା ରାଜ୍ୟ ଚେସ ସଂଘ ଆନୁକୂଲ୍ୟରେ ବଡଗଡ଼ କେନାଲ ରୋଡ୍‌ରେ ଥିବା ଓମ୍ ଗୁରୁକୂଳ ସ୍କୁଲ ପରିସରରେ ଆୟୋଜିତ ହୋଇଥିଲା। ଏଥିରେ ପ୍ରଭୁଜୀ ଇଂଲିଶ ମିଡିୟମ୍ ସ୍କୁଲ୍‌ର ମନୀଷ ରଞ୍ଜନ ଦାସ ରନର୍ସ ଅପ୍, ପଟିଆ ସେଣ୍ଟ ଜାଭିୟର ଇଣ୍ଟରନ୍ୟାସନାଲ ସ୍କୁଲର ଆୟୂଷ ଦାସ ତୃତୀୟ, କେଦାରଗୌରୀ ସେଣ୍ଟ ଜାଭିୟର ହାଇସ୍କୁଲ୍‌ର ଜ୍ୟୋତିରାଦିତ୍ୟ ରାଉତ ଚତୁର୍ଥ ଓ ୟୁନିଟ୍-୮ ଡିଏଭି ପବ୍ଲିକ୍ ସ୍କୁଲ୍‌ର ଆକାଶ ପ୍ରକାଶ ପଞ୍ଚମ ସ୍ଥାନ ଅଧିକାର କରିଥିଲେ। ଓମ୍ ଗୁରୁକୂଳ ପବ୍ଲିକ୍ ସ୍କୁଲ୍‌ର ଏମ୍‌ଡି ଲକ୍ଷ୍ମୀଧର ବେହେରା ଏହାକୁ ଉଦ୍‌ଘାଟନ କରିଥିଲାବେଳେ ପ୍ରିନ୍ସିପାଲ ମନୋରଞ୍ଜନ ବିଶ୍ୱାଳ ପୁରସ୍କାର ବିତରଣ ଉତ୍ସବରେ ମୁଖ୍ୟ ଅତିଥି ଥିଲେ। କନୋଜ ବେହୁରିଆ ଟୁର୍ଣ୍ଣାମେଣ୍ଟ ନିର୍ଦ୍ଦେଶକ ଦାୟିତ୍ୱରେ ରହିଥିଲାବେଳେ ଦେବାଶିଷ ପାଣିଗ୍ରାହୀ ଖେଳ ପରିଚାଳନା କରିଥିଲେ।

### ● ପ୍ରଥମ ଅନଅଫିସିଆଲ ଟେଷ୍ଟ

## ଦକ୍ଷିଣ ଆଫ୍ରିକା-ଏ'କୁ ହରାଇଲା ଭାରତ-ଏ'

ବେଙ୍ଗାଲୁରୁ,୨।୧୧(ଏଜେନ୍ସି): ଅଧିନାୟକ ଋଷଭ ପନ୍ତଙ୍କ ଦମ୍‌ଦାର ଇନିଂସ ଓ ତନୁସ କୋଟିଆନଙ୍କ ଚତୁର ବୋଲିଂ ବଳରେ ଏଠାରେ ରବିବାର ଶେଷ ହୋଇଥିବା ପ୍ରଥମ ଅନ୍‌ଅଫିସିଆଲ ଟେଷ୍ଟରେ ଭାରତ-ଏ ୩ ୱିକେଟରେ ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା-ଏ'କୁ ପରାସ୍ତ କରିଛି। ଏହି ମ୍ୟାଚ୍‌ର ପ୍ରଥମ ଇନିଂସରେ ୭୫ ରନ୍‌ରେ ଆଗୁଆ ରହିଥିଲେ ମଧ୍ୟ ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଇନିଂସରେ ୧୯୯ ରନ୍ କରିଅଲଆଉଟ ହୋଇଯାଇଥିଲା। ଏହା ଫଳରେ ୨୭୫ ରନ୍‌ର ବିଜୟ ଲକ୍ଷ୍ୟକୁ ଭାରତ-ଏ ୭୩.୧ ଓଭରରେ ୭ ୱିକେଟ ହରାଇ ହାସଲ କରିନେଇଥିଲା। ଦଳ ପକ୍ଷରୁ ଅଧିନାୟକ ଋଷଭ ପନ୍ତ୍ ସର୍ବାଧିକ ୯୦ ରନ୍ କରିବା ସହ ନିଜର ଫିଟନେସ ପ୍ରମାଣ କରିଛନ୍ତି। ଏହା ଫଳରେ ଆସନ୍ତା ଦକ୍ଷିଣ ଆଫ୍ରିକା ବିପକ୍ଷ ଟେଷ୍ଟ ସିରିଜ୍ ଲାଗି ସେ ପ୍ରସ୍ତୁତ ବୋଲି ସୂଚେଇ ଦେଇଛନ୍ତି। ପନ୍ତଙ୍କ ଦୃଢ଼ ବ୍ୟାଟିଂ କରି ଆଉଟ ହେଲା ବେଳକୁ ଦଳ ୧୭୨ ରନ୍‌ରେ ଅଧା ୱିକେଟ ହରାଇଥିଲା। କିନ୍ତୁ ଶେଷ ୩ ବ୍ୟାଟର ତନୁସ କୋଟିଆନଙ୍କ ୨୩, ଦୁଇ ବୋଲର ମାନବ ସୂତାରଙ୍କ ଅପରାଜିତ ୨୦



ଓ ଅଂଶୁଲ କାମ୍ବୋଜଙ୍କ ଅପରାଜିତ ୩୭ ରନ୍ ବଳରେ ୩ ୱିକେଟ ବାକିଥାଇ ଦଳ ବିଜୟୀ ହୋଇଥିଲା। ଦକ୍ଷିଣ ଆଫ୍ରିକାର ଉଭୟ ଇନିଂସରେ ୪ଟି ଲେଖାଏଁ ମୋଟରେ ୮ଟି ୱିକେଟ ନେଇଥିବା ମୁମ୍ବାଇ ଅଲରାଉଣ୍ଡର କୋଟିଆନ୍‌ଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଥିଲା। ଏଠାରେ ଦ୍ୱିତୀୟ ଅନ୍‌ଅଫିସିଆଲ ଟେଷ୍ଟ ନଭେମ୍ବର ୬ରୁ ଆରମ୍ଭ ହେବ।

### ଅର୍ଶଦୀପ ସିଂହ ଶ୍ରେଷ୍ଠ ଖେଳାଳି; ନଭେମ୍ବର ୬ରେ ଚତୁର୍ଥ ମୁକାବିଲା

# ତୃତୀୟ ଟି-୨୦ ଜିତିଲା ଭାରତ: ସିରିଜ୍ ବରାବର

ହୋବାର୍ଟ, ୨।୧୧ (ଏଜେନ୍ସି): ଅଲରାଉଣ୍ଡ ଖେଳ ପ୍ରଦର୍ଶନ କରି ଭାରତ ଏଠାରେ ରବିବାର ଅନୁଷ୍ଠିତ ଅଷ୍ଟ୍ରେଲିଆ ବିପକ୍ଷ ତୃତୀୟ ଟି-୨୦କୁ ୫ ୱିକେଟରେ ଜିତିନେଇଛି। ଏହା ଫଳରେ ୫ ମ୍ୟାଚ୍ ବିଶିଷ୍ଟ ସିରିଜ୍ ୧-୧ ବରାବର ସ୍ଥିତିକୁ ଆସିଯାଇଛି। ସିଡନୀରେ ଖେଳାଯାଇଥିବା ସିରିଜ୍‌ର ପ୍ରଥମ ମ୍ୟାଚ୍ ବର୍ଷା ଯୋଗୁଁ ବାତିଲ ହୋଇଥିଲା। ଏହା ପରେ ମେଲବୋର୍ଣ୍ଣରେ ଅନୁଷ୍ଠିତ ଦ୍ୱିତୀୟ ମ୍ୟାଚ୍‌କୁ ଅଷ୍ଟ୍ରେଲିଆ ୪ ୱିକେଟରେ ଜିତିନେଇଥିଲା। ଏବେ ସିରିଜ୍‌ର ଶେଷ ଦୁଇଟି ମ୍ୟାଚ୍ ଯଥାକ୍ରମେ ଗୋଲ୍ଡ କୋଷ୍ଟରେ ନଭେମ୍ବର ୬ ଓ ବ୍ରିସ୍‌ବେନ୍‌ରେ ନଭେମ୍ବର ୮ରେ ଖେଳାଯିବ। ହୋବାର୍ଟରେ ଖେଳାଯାଇଥିବା ତୃତୀୟ ଟି-୨୦ରେ ପ୍ରଥମେ ବ୍ୟାଟିଂ କରି ଅଷ୍ଟ୍ରେଲିଆ ୬ ୱିକେଟରେ ୧୮୬ ରନ୍ କରିଥିଲା। ଜବାବରେ ଭାରତ ୧୮.୩ ଓଭରରେ ୫ ୱିକେଟ ହରାଇ ବିଜୟ ଲାଗି ଆବଶ୍ୟକ ରନ୍ ସଂଗ୍ରହ କରିନେଇଥିଲା। ଅଷ୍ଟ୍ରେଲିଆ



ଇନିଂସରେ ୪ଓଭର ବୋଲିଂ କରି ୩୫ ରନ୍‌ରେ ୩ଟି ୱିକେଟ ନେଇଥିବା ଭାରତୀୟ ଫାଷ୍ଟ ବୋଲର ଅର୍ଶଦୀପ ସିଂହଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି।

ଅଷ୍ଟ୍ରେଲିଆ ପ୍ରଦତ୍ତ ୧୮୭ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ଭାରତ ବିସ୍ଫୋରକ ବ୍ୟାଟିଂ ଆରମ୍ଭ କରିଥିଲେ ମଧ୍ୟ ପାୱାର ପ୍ଲେ'ରେ ଦୁଇ ଓପନର ଅଭିଷେକ ଶର୍ମା ୧୬ ବଲ୍‌ରେ ୨୫ ଓ ଶୁବମନ ଗିଲ୍ ୧୨ ବଲ୍‌ରେ ୧୫ ରନ୍ କରି ଆଉଟ ହୋଇଥିଲେ। ଅଧିନାୟକ ସୂର୍ଯ୍ୟକୁମାର ଯାଦବ ୧୧ ବଲ୍‌ରେ ୨୪ ଓ ତିଳକ ବର୍ମା ୨୬ ବଲ୍‌ରେ ୨୯ ରନ୍ କରିଥିଲେ। ଅକ୍ଷର ପଟେଲ ୧୭ ରନ୍ କରି ସେମାନଙ୍କ ସହ ପାଭିଲିୟନ ଫେରିଥିଲେ। ୧୫ତମ ଓଭରରେ ଭାରତ ୧୪୫ ରନ୍‌ରେ ଅଧା ବା ୫ଟି ୱିକେଟ ହରାଇଥିଲା। ଏହି ସମୟରେ ଆଶ୍ଚର୍ଯ୍ୟଜନକ ଭାବେ ଅଷ୍ଟ୍ରେଲିଆ ଇନିଂସରେ ବୋଲିଂ କରି ନ ଥିବା ୱାଶିଂଟନ ସୁନ୍ଦର ଓ ସଞ୍ଜୁ ସାମସନଙ୍କ ସ୍ଥାନରେ ଖେଳିଥିବା ଜିତେଶ ଶର୍ମା ଆଉ କୌଣସି କ୍ଷତି ହେବାକୁ ଦେଇ ନ ଥିଲେ ଓ ୯ଟି ବଲ ବାକି ଥାଇ ଭାରତକୁ ବିଜୟୀ କରାଇଥିଲେ। ସୁନ୍ଦର ୨୩ ବଲ୍‌ରୁ ୩ ଚୌକା ଓ ୪ଛକା ସହ ୪୯ ଏବଂ ଜିତେଶ ୧୩ ବଲ୍‌ରୁ ୩ ଚୌକା ସହ ୨୨ ରନ୍‌ରେ ଅପରାଜିତ ରହିଥିଲେ। ଏମାନଙ୍କ ଅବିଭକ୍ତ ୬ଷ୍ଠ ୱିକେଟରେ ୨୫ ବଲ୍‌ରୁ ୪୩ ରନ୍ ମିଳିଥିଲା। ଜୋଶ ହାଜ୍‌ଲେଉଡ୍‌ଙ୍କ ବ୍ୟତୀତ ଖେଳିଥିବା ଅଷ୍ଟ୍ରେଲିଆର ପେସର ଏଠାରେ ସୁନ୍ଦର ବୋଲିଂ କରିଥିଲେ। ସେମାନଙ୍କ ମଧ୍ୟରୁ ନାଥାନ ଏଲିସଙ୍କୁ ସର୍ବାଧିକ ୩ଟି ୱିକେଟ ମିଳିଥିଲା।

ଦୀର୍ଘ ଦିନ ପରେ ଭାରତୀୟ ଅଧିନାୟକ ସୂର୍ଯ୍ୟକୁମାର ଯାଦବ ଏଠାରେ ଟସ୍ ଜିତିବା ପରେ ପ୍ରଥମେ ବ୍ୟାଟିଂ ଲାଗି ଅଷ୍ଟ୍ରେଲିଆକୁ ଆମନ୍ତ୍ରଣ କରିଥିଲେ। ଅଷ୍ଟ୍ରେଲିଆର ବ୍ୟାଟରମାନେ ଛୋଟିଆ ପଡ଼ିଆରୁ ମନ ଇଚ୍ଛା ବାଉଣ୍ଡାରୀ ମାରି ଯେପରି ଦ୍ରୁତ ହାରରେ ରନ୍ ସଂଗ୍ରହ କରିଥିଲେ ସେହିପରି ୱିକେଟ ମଧ୍ୟ ହରାଇଥିଲେ। ନଂ-୪ରେ ବ୍ୟାଟିଂ କରିଥିବା ଟିମ୍ ଡେଭିଡ୍‌ଙ୍କ କ୍ଲିନ୍ ଓ ହାର୍ଡ ହିଟ୍ ଭାରତକୁ ଅଡୁଆରେ ପକାଇଥିଲା। ସେ ୨୩ ବଲ୍‌ରେ ଅର୍ଦ୍ଧଶତକ ପୂରଣ କରିଥିଲାବେଳେ ୩୮ ବଲରୁ ୮ ଚୌକା ଓ ୫ଛକା ସହାୟତାରେ ସର୍ବାଧିକ ୭୪ ଓ ମାର୍କସ ଷ୍ଟୋଇନିସ ୩୯ ବଲରୁ ୬୪ ରନ୍ କରିଥିଲେ। ମାଥ୍ୟୁ ସର୍ଟଙ୍କ ୧୫ ବଲରୁ ୨୬ ରନ୍ ମଧ୍ୟ ବେଶ ଉପଯୋଗୀ ହୋଇଥିଲା। ଭାରତ ପକ୍ଷରୁ ଅର୍ଶଦୀପଙ୍କ ୩ ୱିକେଟକୁ ବାଦ୍ ଦେଲେ ଗୋଟିଏ ଓଭରରେ ବରୁଣ ଚକ୍ରବର୍ତ୍ତୀ ୨ଟି ଓ ଓଭର ପ୍ରତି ୧୪.୩୦ ହାରରେ ରନ୍ ଦେଇଥିବା ଶିବମ ଦୁବେ ଗୋଟିଏ ୱିକେଟ ପାଇଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS